- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-152 ♦FRIDAY ♦28 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୫୨ ♦ଶୁକ୍ରବାର ♦୨୮ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦




ଦୀପ୍ତି ଶର୍ମା ସବୁଠୁ ଦାମୀ

▶ପୃଷ୍ଠା ୧୨ ଦେଖନ୍ତୁ...

## ବିଧାନସଭାରେ ଜନପ୍ରତିନିଧିଙ୍କୁ ରାଷ୍ଟ୍ରପତିଙ୍କ ଗୁରୁମନ୍ତ୍ର

# ଉଚ୍ଚାରଣ, ଆଚରଣରେ ସଂଯମ ରହୁ

- ଗୃହରେ କ'ଣ କହୁଛନ୍ତି, କିପରି କହୁଛନ୍ତି ତାହା ସମସ୍ତେ ଜାଣି ପାରୁଛନ୍ତି
- ଏଠାକାର ଆତ୍ମୀୟ ପରିବେଶ ମୋତେ ଭାବପ୍ରବଣ କରିଦେଇଛି
- ଓଡ଼ିଶାରେ ନାରୀ ସଶକ୍ତିକରଣର ଏକ ପ୍ରାଚୀନ ପରମ୍ପରା ରହି ଆସିଛି
- ଓଡ଼ିଶା କୋଳରେ ପ୍ରକୃତି ସବୁ ପ୍ରକାରର ପ୍ରାଚୁର୍ଯ୍ୟ ଅଜାଡ଼ି ଦେଇଛି
- ଏହାର ସଦୁପଯୋଗ ଓଡ଼ିଶାକୁ ଅଗ୍ରଣୀ ପ୍ରଦେଶରେ ପରିଣତ କରିପାରିବ

■ ଭୁବନେଶ୍ୱର, ୨୭।୧୧ (ସମିସ): ବର୍ତ୍ତମାନ ଟେକ୍ନୋଲୋଜିର ସମୟ, ଜନ ପ୍ରତିନିଧି ଭାବେ ଆପଣମାନେ ସାରା ରାଜ୍ୟରେ ଚିହ୍ନାମୁହଁ। ଆପଣମାନଙ୍କର ବହୁ ପ୍ରଶଂସକ ଏବଂ ଅନୁଗାମୀ ମଧ୍ୟ ରହିଛନ୍ତି। ଆପଣମାନେ କଣ କରୁଛନ୍ତି, କହୁଛନ୍ତି ତାହା ଜାଣିବା ପାଇଁ ସେମାନେ ଉତ୍ସୁକ ଥାଆନ୍ତି। ତେଣୁ ଆପଣମାନଙ୍କର ଉଚ୍ଚାରଣ ଓ ଆଚରଣ ଉଭୟ ମୂଲ୍ୟବାନ। ନେତା ଯାହା କରିବେ ଜନତା ତାହାକୁ ଅନୁସରଣ କରିବେ। ତେଣୁ ଆପଣମାନେ ନିଜ ଆଚରଣ ଏବଂ ଉଚ୍ଚାରଣକୁ ସଂଯମ ରଖିବାର ଆବଶ୍ୟକତା ରହିଛି ବୋଲି ପରାମର୍ଶ ଦେଇଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ।

ବୁଧବାର ଅପରାହ୍ନରେ ବିଧାନସଭାକୁ ସମ୍ବୋଧନ କରି ରାଷ୍ଟ୍ରପତି କହିଛନ୍ତି ଯେ ଆଜି ଘରକୁ ଆସିଲା ପରି ଲାଗୁଛି। ଦେଶର ଏକାଧିକ ରାଜ୍ୟ, ରାଜ୍ୟ ବିଧାନସଭା, ବିଶ୍ୱର କେତେକ ଦେଶର ସଂସଦକୁ ସମ୍ବୋଧନ କରିବାର ସୁଯୋଗ ଲାଭ କରିଛି। ମାତ୍ର ଓଡ଼ିଶା ବିଧାନସଭାକୁ ସମ୍ବୋଧନ କରିବା ମୋ ପାଇଁ ଖୁସିର ବିଷୟ। ମୁଁ ଗାଁରୁ ଏକ ସାଧାରଣ ଝିଅ ହୋଇ ଆସିଥିଲି। ଏହି ଗୃହ ମୋତେ କଥା କୁହା ଶିଖାଇଛି। ଆଜି ମୁଁ ଯେଉଁଠି ଅଛି ତାହାର ସମସ୍ତ ଶ୍ରେୟ ଏହି ଗୃହର। ଯଦି ଓଡ଼ିଶାର ଜନସାଧାରଣ, ଜଗନ୍ନାଥଙ୍କର ଆଶୀର୍ବାଦ ନଥାନ୍ତା, ତାହେଲେ ମୁଁ ଆଜି ଯେଉଁଠି ଅଛି ସେଇଠି ପହଞ୍ଚି ପାରିନଥାନ୍ତି ବୋଲି ରାଷ୍ଟ୍ରପତି କହିଛନ୍ତି। ସେ ପୁଣି କହିଛନ୍ତି ଯେ ଏହି ଗୃହରେ ମୁଁ ବିଧାୟକ ଭାବେ ପ୍ରଶ୍ନ ପଚାରିଛି। ମନ୍ତ୍ରୀ ଭାବେ ବିଭିନ୍ନ ପ୍ରଶ୍ନର ଉତ୍ତର ମଧ୍ୟ ଦେଇଛି। ବିଭିନ୍ନ ସ୍ଥାୟୀ କମିଟିର ଅଧ୍ୟକ୍ଷ ତଥା ସଦସ୍ୟ ଭାବେ ମୁଁ ମୋର ଚିନ୍ତା ପ୍ରକଟ କରିବାର ସୁଯୋଗ ପାଇଛି।



ରାଷ୍ଟ୍ରପତି କହିଛନ୍ତି, ଓଡ଼ିଶା କେବଳ ଏକ ପ୍ରାଚୀନ ଭୂଖଣ୍ଡ କିମ୍ବା ଆଧୁନିକ ପ୍ରଦେଶ ନୁହେଁ। ଏହା ଏକ ମହତ୍ତ୍ୱପୂର୍ଣ୍ଣ ସାଂସ୍କୃତିକ ପ୍ରବାହ । ଭାଷା ଭିତ୍ତିରେ ଗଠିତ ପ୍ରଥମ ରାଜ୍ୟ ଓଡ଼ିଶା ▶ପୃଷ୍ଠା-୧୦


## ରାଷ୍ଟ୍ରପତିଙ୍କ ସାମଗ୍ରିକ ଜୀବନ ଅନୁକରଣୀୟ



ମହାମହିମ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆମ ବିଧାନସଭାରୁ ତାଙ୍କର ସକ୍ରିୟ ରାଜନୈତିକ ଜୀବନ ଆରମ୍ଭ କରିଥିଲେ। ସେ ନିଜର କଠୋର ଅଧ୍ୟବସାୟ ଓ ତ୍ୟାଗ ଫଳରେ ଦେଶର ସର୍ବୋଚ୍ଚ ସ୍ଥାନ ଅଳଙ୍କୃତ କରିଛନ୍ତି। ବିଧାୟକ, ମନ୍ତ୍ରୀ, ରାଜ୍ୟପାଳ ଏବଂ ରାଷ୍ଟ୍ରପତି ଭାବେ ସେ ଅନନ୍ୟ ଉଦାହରଣ ସୃଷ୍ଟି କରିଛନ୍ତି। ତାଙ୍କ ସାର୍ବଜନୀନ ଏବଂ ରାଜନୈତିକ ଜୀବନ ସମସ୍ତଙ୍କ ପାଇଁ ଅନୁକରଣୀୟ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି।

ବିଧାନସଭାରେ ରାଷ୍ଟ୍ରପତିଙ୍କ ସମ୍ବୋଧନ ପ୍ରରିପେକ୍ଷୀରେ ମୁଖ୍ୟମନ୍ତ୍ରୀ ନିଜ ଅଭିଭାଷଣ ରଖି କହିଥିଲେ ଯେ ଦୀର୍ଘ ୭୫ ବର୍ଷର ଓଡ଼ିଶା ବିଧାନ ସଭା ଇତିହାସରେ ପ୍ରଥମ ଥର ପାଇଁ ଦେଶର ପ୍ରଥମ ନାଗରିକ ବିଧାନସଭାକୁ ସମ୍ବୋଧନ ଓ ମାର୍ଗଦର୍ଶନ ସମସ୍ତଙ୍କ ପାଇଁ ଶିକ୍ଷଣୀୟ। ପ୍ରାୟ ଏକ ଚତୁର୍ଥାଂଶ ଜନଜାତି ସଂପ୍ରଦାୟଥିବା ରାଜ୍ୟ ଓଡ଼ିଶାର ସେହି ସଂପ୍ରଦାୟରୁ ଦେଶର ରାଷ୍ଟ୍ରପତି ▶ପୃଷ୍ଠା-୧୦

## ରାଷ୍ଟ୍ରପତି ଏ ମାଟିର ଗୌରବ ବୃଦ୍ଧି କରିଛନ୍ତି



ଏ ମାଟିର ଝିଅ ଆଜି ଦେଶର ରାଷ୍ଟ୍ରପତି, ଏଥିପାଇଁ ଏ ମାଟି ଗୌରବାନ୍ୱିତ। ଆହୁରି ଗର୍ବର କଥା ଯେ ସେ ତାଙ୍କର ରାଜନୈତିକ ଜୀବନ ୨୫ ବର୍ଷ ତଳେ ଓଡ଼ିଶା ବିଧାନସଭାରୁ ଆରମ୍ଭ କରିଥିଲେ। ଆଜି ସେ ଦେଶର ରାଷ୍ଟ୍ରପତି ହୋଇ ଏ ମାଟିର ଗୌରବ ବୃଦ୍ଧି କରିଛନ୍ତି ବୋଲି କହିଛନ୍ତି ବିରୋଧୀ ଦଳ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ।

ବିଧାନସଭାରେ ରାଷ୍ଟ୍ରପତିଙ୍କ ଉଦ୍‌ବୋଧନ ପୂର୍ବରୁ ନିଜ ଅଭିଭାଷଣରେ କହିଛନ୍ତି ଯେ ଓଡ଼ିଶା ଓ ଓଡ଼ିଶାବାସୀଙ୍କ ପାଇଁ ଏହା ଏକ ଗୌରବର ମୁହୂର୍ତ୍ତ। ଆମ ରାଜ୍ୟରୁ ଆସିଥିବା ଭାରତର ରାଷ୍ଟ୍ରପତି ଆଜି ଓଡ଼ିଶା ବିଧାନସଭାକୁ ସମ୍ବୋଧିତ କରୁଛନ୍ତି। ରାଷ୍ଟ୍ରପତିଙ୍କ ଅଭିଭାଷଣ, ଆମ ଦେଶ ବର୍ତ୍ତମାନ ସମ୍ମୁଖୀନ ହେଉଥିବା ଆହ୍ୱାନ ପରିପ୍ରେକ୍ଷୀରେ ବିଶେଷ ଗୁରୁତ୍ୱ ବହନ କରୁଛି। ବିବିଧତା ମଧ୍ୟରେ ଏକତା ହେଉଛି ଆମ ରାଷ୍ଟ୍ରର ସୌନ୍ଦର୍ଯ୍ୟ। ଭାରତୀୟ ରାଜନୀତିକୁ ▶ପୃଷ୍ଠା-୧୦

## ସାମାଜିକ ଗଣମାଧ୍ୟମରେ ଅଶ୍ଳୀଳତାକୁ ନେଇ ସୁପ୍ରିମକୋର୍ଟ ଚିନ୍ତିତ

# ୪ ସପ୍ତାହ ମଧ୍ୟରେ କଠୋର ନିୟମ ଆଣିବାକୁ ନିର୍ଦ୍ଦେଶ

■ ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ସାମାଜିକ ଗଣମାଧ୍ୟମରେ ଅଶ୍ଳୀଳ ବିଷୟବସ୍ତୁ (କଣ୍ଟେଣ୍ଟ)କୁ ନେଇ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି। ଏ ସମ୍ବନ୍ଧିତ ଦୁଇଟି ମାମଲାର ଶୁଣାଣି କରି ଗୁରୁବାର ବଡ଼ ନିର୍ଦ୍ଦେଶ ଦେଇଛନ୍ତି। ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରାଯାଉଥିବା ଫଟୋ, ଭିଡିଓ ଏବଂ ଅନ୍ୟ ସବୁ ବିଷୟବସ୍ତୁ ପାଇଁ କାହାକୁ ନା କାହାକୁ ଉତ୍ତରଦାୟୀ କରିବାକୁ ହେବ ବୋଲି ସର୍ବୋଚ୍ଚ ନ୍ୟାୟାଳୟ କହିଛନ୍ତି। ଏ ସମ୍ବନ୍ଧରେ ୪ ସପ୍ତାହ ମଧ୍ୟରେ ନୂଆ ଆଇନ ଆଣିବାକୁ କେନ୍ଦ୍ର ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାକୁ ଏସ୍‌ସି/ଏସ୍‌ଟି



### ନିଜ ଦାୟିତ୍ୱ ପ୍ରତି ସଚେତନ ରୁହନ୍ତୁ ୟୁଟ୍ୟୁବର୍

ଆଇନ ଭଳି କଠୋର କରିବାକୁ କୋର୍ଟ ପରାମର୍ଶ ଦେଇଛନ୍ତି। ସେହିପରି ଦିବ୍ୟାଙ୍ଗଙ୍କୁ ଅପମାନତି କରିବା ମାମଲାରେ 'ଇଣ୍ଡିଆଜ ଗଟ୍ ଲାଟେଣ୍ଟ'ର ଉପସ୍ଥାପକ ତଥା ୟୁଟ୍ୟୁବର ସମୟ ରୈନାଙ୍କୁ ନିଜ ଦାୟିତ୍ୱ ପ୍ରତି ସଚେତନ କରାଇଛନ୍ତି। ନିଜ ଶୋ'ରେ ଦିବ୍ୟାଙ୍ଗ ଲୋକଙ୍କ ସଫଳତାର କାହାଣୀ ଦେଖାଇବାକୁ ଏବଂ ଦିବ୍ୟାଙ୍ଗଙ୍କ ପାଇଁ ପାଣ୍ଠି ସଂଗ୍ରହ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ରୈନାଙ୍କୁ ପ୍ରଧାନ ବିଚାରପତି (ସିଜେଆଇ) ସୂର୍ଯ୍ୟକାନ୍ତ କହିଥିଲେ ଯେ ଆଗାମୀ ଶୁଣାଣି ପୂର୍ବରୁ କିଛି ଭଲ କାର୍ଯ୍ୟ କରି ଏଠାକୁ ଆସିବେ ବୋଲି ▶ପୃଷ୍ଠା-୧୦

# ରେକର୍ଡ ଭାଙ୍ଗିଲା ନଭେମ୍ବର ଶୀତ

■ ଭୁବନେଶ୍ୱର, ୨୭ ।୧୧ (ସମିସ): ରାଜ୍ୟକୁ ପୁଣି ଫେରିଛି ଶୀତ। ଦୁଇ ତିନି ଦିନ ହେବ ତାପମାତ୍ରାରେ କ୍ରମାଗତ ହ୍ରାସ ଫଳରେ ଥଣ୍ଡାର ପ୍ରଭାବ ବୃଦ୍ଧି ପାଇଛି।ଅନେକ ସ୍ଥାନରେ ସର୍ବନିମ୍ନ ତାପମାତ୍ରା ୧୦ ଡିଗ୍ରୀ ତଳକୁ ଖସିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ଝାରସୁଗୁଡ଼ାରେ ତାପମାତ୍ରା ସର୍ବନିମ୍ନ ତାପମାତ୍ରା ୮.୧ ଡିଗ୍ରୀକୁ ହ୍ରାସ ହୋଇଛି। ଗତ ୭୧ ବର୍ଷ ପରେ ନଭେମ୍ବର ମାସରେ ଝାରସୁଗୁଡ଼ାରେ ଶୀତ ରେକର୍ଡ ସ୍ତରକୁ ଖସିଛି। ସେହିପରି ଜି. ଉଦୟଗିରିରେ ତାପମାତ୍ରା ୭.୪ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ରାଉରକେଲା ୭.୭, ସେମିଳିଗୁଡ଼ା ୮.୬, କିରେଇ ୯.୩, ▶ପୃଷ୍ଠା-୧୦

- ୭୧ ବର୍ଷ ପରେ ଝାରସୁଗୁଡ଼ାରେ ପାରଦ ସର୍ବନିମ୍ନ ସ୍ତରରେ
- ଦୁଇ ଦିନ ମଧ୍ୟରେ ଆହୁରି ୩ ଡ଼ିଗ୍ରୀ ଖସିବ ତାପମାତ୍ରା
- ବଙ୍ଗୋପସାଗରରେ ସୃଷ୍ଟି ହେଲା ଆଉ ଏକ ବାତ୍ୟା 'ଡିଟୱା'
- ଓଡ଼ିଶା ଉପରେ ପ୍ରଭାବହୀନ, ରାଜ୍ୟକୁ ବହିବ ଥଣ୍ଡା ପବନ





| MODEL | 125 CF | NS 125 | 150 | N160 | NS 160 | NS 200 |
|---|---|---|---|---|---|---|
| 100% GST ଲାଭ | ₹7 963/-* | ₹9 240/-* | ₹10 059/-* | ₹11 424/-* | ₹11 636/-* | ₹12 943/-* |
| PF + ବୀମା ସଞ୍ଚୟ | ₹2 900/-* | ₹3 300/-* | ₹3 600/-* | ₹4 200/-* | ₹4 200/-* | ₹4 800/-* |
| ହ୍ୟାଟ୍-ଟ୍ରିକ୍ ସଞ୍ଚୟ | ₹10 863/-* | ₹12 540/-* | ₹13 659/-* | ₹15 624/-* | ₹15 836/-* | ₹17 743/-* |

10 YEAR WARRANTY | BAJAJ SECURE • AMC • ROAD SIDE ASSISTANCE | 72198 21111 | HDFC BANK | SHRIRAM Finance | IDFC FIRST Bank | BAJAJ AUTO CREDIT | L&T Finance | TATA CAPITAL Two Wheeler Loans

*ସର୍ତ୍ତ ଓ ନିୟମାବଳୀ ଲାଗିବ । ହ୍ୟାଟ୍-ଟ୍ରିକ୍ ସଞ୍ଚୟ 25 ନଭେମ୍ବର 2025 ଠାରୁ 25 ଡିସେମ୍ବର 2025 ପର୍ଯ୍ୟନ୍ତ ପ୍ରଯୁଜ୍ୟ । ଉଦ୍ଧୃତ ମୋଟ ସଞ୍ଚୟ ହେଉଛି 100% ଜିଏସ୍‌ଟି ବେନିଫିଟ୍ ରୁ ସଞ୍ଚୟ (ଏକ୍ସ ଶୋ-ରୁମ୍ ମୂଲ୍ୟ ଓ ତତ୍‌ଜନିତ ଆର୍‌ଟିଓ ଟ୍ୟାକ୍ସ ରେ), ଶୂନ୍ୟ ପ୍ରୋସେସିଙ୍ଗ ଫୀ ଓ 1 ବର୍ଷର ଓନ୍ ଡ୍ୟାମେଜ୍ ବୀମା (ଓଡି), ଶୂନ୍ୟ ପିଏଫ୍ ଏବଂ ଓଡି ରେ ସଞ୍ଚୟ ହୁଏତ ଫାଇନାନ୍‌ସର୍/ଇନ୍‌ସ୍ୟୋରର୍ ଉପରେ ନିର୍ଭର କରି ବିଭିନ୍ନ ଅଞ୍ଚଳରେ ଅଲଗା ହୋଇପାରେ । ଫାଇନାନ୍‌ସର୍ ଙ୍କ ନିଜସ୍ୱ ବିବେଚନା ଆଧାରରେ ଫାଇନାନ୍‌ସ । ଷ୍ଟଣ୍ଟଗୁଡ଼ିକ ଏକ୍ସପର୍ଟ ମାନଙ୍କ ଦ୍ୱାରା, ପେଶାଦାରମାନଙ୍କ ତତ୍ତ୍ୱାବଧାନରେ, ନିୟନ୍ତ୍ରିତ ଓ ଆବଦ୍ଧ ବାତାବରଣରେ, ଜନସାଧାରଣ ବା ପବ୍ଲିକ୍ ରୋଡ୍ ଠାରୁ ଅଲଗାରେ କରାଯାଇଛି । ଏସବୁ ଷ୍ଟଣ୍ଟ ନକଲ କରିବାର ଅପଚେଷ୍ଟା କରନ୍ତୁ ନାହିଁ ଏବଂ ସବୁବେଳେ ଟ୍ରାଫିକ୍ ଓ ସେଫ୍‌ଟୀ ନିୟମଗୁଡ଼ିକ ପାଳନ କରନ୍ତୁ ।

**Authorised Dealers for BAJAJ Auto Ltd.: Bhubaneswar: Lewis Road** MSB BAJAJ 7381088720 • **Nayapalli** BHARAT BAJAJ 7064406721 • **Patia** BHARAT BAJAJ 7381099444 • **Rasulgarh** BHARAT BAJAJ 9124717803 • **Phulnakhara** BHARAT BAJAJ 9124717805 • **Charichak** MSB BAJAJ 8018881850 • **Banki** MSB BAJAJ 9348819293 • **Balugaon BHARAT BAJAJ 73810 99441** • **Puri** MSB BAJAJ 7077735752 • **Pipili** MSB BAJAJ 7077735755 • **Cuttack: Badambadi SURAJ BAJAJ 8093066603** • **Shikharpur RASHMI BAJAJ 9237379210** • **Satichaura RASHMI BAJAJ 9237379211** • **Rahama** MAITREE BAJAJ 9668801781 • **Chandikhole** TARINI BAJAJ 9937310800 • **Pattamundai MAITREE BAJAJ 7064987720/9668801781**, • **Kendrapara** TARINI BAJAJ 8338944471 • RAJNAGAR MAITREE BAJAJ 7064987720/9668801781 • **Rajnagar** MAITREE BAJAJ 7064987720/9668801781 • **Nayagarh MSB BAJAJ 7790048130** • **Rajsunakhala** MSB BAJAJ 9668820967 • **Daspalla** MSB BAJAJ 7873925390 • **Phulbani** MSB BAJAJ 8917341979.




ସକାଳ
THE SAKALA
www.sakalaepaper.com

● ଦିଲ୍ଲୀ ପ୍ରଦୂଷଣକୁ ନେଇ ସୁପ୍ରିମକୋର୍ଟ ଅସହାୟ

# ବିଷବାୟୁରୁ ମୁକ୍ତି ଦେବା ପାଇଁ ଆମ ପାଖରେ ଯାଦୁର ଛଡ଼ି ନାହିଁ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଦିଲ୍ଲୀ-ଏନ୍‌ସିଆରରେ ପ୍ରଦୂଷଣରୁ ଜନତାଙ୍କୁ ତ୍ରାହି ମିଳୁନାହିଁ। ଲୋକେ ପ୍ରଦୂଷଣରେ ଅତିଷ୍ଠ ହୋଇ ଚାଲିଥିବାବେଳେ ସୁପ୍ରିମକୋର୍ଟ ଗୁରୁବାର ଏହି ମାମଲା ଉପରେ ଶୁଣାଣି କରି ସ୍ଥିତିକୁ ନେଇ ଅସହାୟତା ପ୍ରକାଶ କରିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ ଦିଲ୍ଲୀ-ଏନସିଆରକୁ



ବିଷ ବାୟୁରୁ ମୁକ୍ତି ଦେବା ଭଳି କୌଣସି ଯାଦୁର ଛଡ଼ି ସୁପ୍ରିମକୋର୍ଟଙ୍କ ପାଖରେ ନାହିଁ। ଏହା ଦିଲ୍ଲୀ ବାସୀଙ୍କ ପାଇଁ ବିପଜ୍ଜନକ ବୋଲି ଆମେ ଜାଣିଛୁ। ଏପରି କି ନିର୍ଦ୍ଦେଶ ଦେଲେ ବାୟୁ ତୁରନ୍ତ ସଫା ହୋଇଯିବ ତାହା ଜଣାନ୍ତୁ ବୋଲି ବରିଷ୍ଠ ଓକିଲ ଅପରାଜିତା ସିଂହଙ୍କୁ ଖଣ୍ଡପୀଠ ପଚାରିଛନ୍ତି। ସିଜେଆଇ କହିଥିଲେ ଯେ ଆମେ ବି ଦିଲ୍ଲୀ-ଏନ୍‌ସିଆରର ବାସିନ୍ଦା। ବିଚାରପତି ମଧ୍ୟ ଏହି ସ୍ଥିତିର ସମ୍ମୁଖୀନ ହେଉଛନ୍ତି। ଦିଲ୍ଲୀର ବାୟୁ ମାନ ସୂଚକାଙ୍କ (ଏକ୍ୟୁଆଇ) ବିଗିଡ଼ିବା ପଛରେ ଅନେକ କାରଣ ରହିଛି। କେବଳ ଗୋଟିଏ କାରଣକୁ କାରକ ଧରିବା ବହୁତ ବଡ଼ ଭୁଲ ହେବ। ସମସ୍ୟା କ'ଣ ତାହା ସମସ୍ତେ ଜାଣନ୍ତି। ପ୍ରଦୂଷଣର ସବୁ କାରଣ ସନ୍ଧାନ କରି ଏହାର ସମାଧାନ ଖୋଜିବା ଜରୁରୀ। ଡିସେମ୍ବର ୧ରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି ହେବ।

ବରିଷ୍ଠ ଓକିଲ ଅପରାଜିତା ସିଂହ କହିଥିଲେ ଯେ ଦିଲ୍ଲୀ ପ୍ରଦୂଷଣ ସ୍ୱାସ୍ଥ୍ୟ ଜନିତ ଜରୁରୀ ପରିସ୍ଥିତି ସୃଷ୍ଟି କରୁଛି। ଏହାର ସମାଧାନ କେବଳ କାଗଜପତ୍ରରେ ସୀମିତ ରହୁଛନ୍ତି। ତୃଣମୂଳସ୍ତରରେ କିଛି କାରାଯା ନାହିଁ। ଖଣ୍ଡପୀଠ କହିଥିଲେ ଯେ ଏହି ମାମଲା ଉପରେ କ'ଣ କରାଯାଇପାରିବ ତାହା ସୋମବାର ଦେଖାଯିବ। କେବଳ ଦୀପାବଳି ଭଳି ସ୍ୱତନ୍ତ୍ର ଦିନରେ ଏହି ମାମଲା ଉଠାଇଲେ ସମାଧାନ ବାହାରି ପାରିବ ନାହିଁ। ଶୀତ ପରେ ଏହି ମାମଲା ଶୀଥିଳ ହୋଇଯାଏ। ତେଣୁ ଏହାର ନିୟମିତ ଶୁଣାଣି ହେବା ଉଚିତ।

ଏହା ପୂର୍ବରୁ ବୁଧବାର ହୋଇଥିବା ଶୁଣାଣିରେ ସିଜେଆଇ ଦିଲ୍ଲୀ ପ୍ରଦୂଷଣକୁ ନେଇ ଚିନ୍ତା ପ୍ରକଟ କରିଥିଲେ। ମଙ୍ଗଳବାର ସନ୍ଧ୍ୟାରେ ଘଣ୍ଟାଏ ବାହାରେ ବୁଲିବାରୁ ଅସୁସ୍ଥ ହୋଇ ପଡ଼ିଥିବା କହିଥିଲେ। ଅନ୍ୟପଟେ ଦିଲ୍ଲୀ ସ୍ଥିତିରେ ସାମାନ୍ୟ ସୁଧାର ଆସିଛି। ଏଥିଯୋଗୁଁ ବୁଧବାର ଗ୍ରାପ-୩ କଟକଣାକୁ ହଟାଇ ଦିଆଯାଇଥିଲା। କର୍ମଚାରୀଙ୍କ ପାଇଁ ୱାର୍କ ଫ୍ରମ ହୋମ (ଡବ୍ଲ୍ୟୁଏଫଏଚ) ସୁବିଧାକୁ ହଟାଇ ଦିଆଯାଇଛି। ଭର୍ଚୁଆଲ ମୋଡରେ ସ୍କୁଲ୍‌ରେ ହେଉଥିବା କ୍ଲାସ ବନ୍ଦ କରିଦିଆଯାଇଛି। ତେବେ ପ୍ରଦୂଷଣକୁ ନେଇ ଦିଲ୍ଲୀ ସରକାର ଗମ୍ଭୀର ନାହାନ୍ତି। ପ୍ରତି ବର୍ଷ ଏଭଳି ସ୍ଥିତି ସୃଷ୍ଟି ହେଉଥିବାରୁ ସରକାରୀ ସ୍ତରରେ ଅବହେଳା ସ୍ପଷ୍ଟ ବାରି ହୋଇପଡୁଛି। ସରକାର କୌଣସି ଠୋସ ପଦକ୍ଷେପ ନେଉନାହାନ୍ତି। ପୂର୍ବରୁ କୃତ୍ରିମ ବର୍ଷା ଯୋଜନା ମଧ୍ୟ ଫେଲ୍ ମାରିଥିଲା। ବର୍ଷା ହେଉ ନ ଥିବାରୁ ସ୍ଥିତି ମଧ୍ୟ ଗମ୍ଭୀର ରହିଛି। ଲୋକେ ଘରୁ ବାହାରକୁ ବାହାରିବାକୁ ଡରୁଛନ୍ତି।

## ଦେଶର ପ୍ରଥମ ଘରୋଇ ଅର୍ବିଟାଲ ରକେଟ ଉନ୍ମୋଚନ କଲେ ମୋଦୀ



ନୂଆଦିଲ୍ଲୀ, ୨୭ ।୧୧(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁରୁବାର ଭିଡିଓ କନଫରେନ୍ସିଂ ମାଧ୍ୟମରେ ଦେଶର ପ୍ରଥମ ଘରୋଇ ଅର୍ବିଟାଲ ରକେଟ୍ ଉନ୍ମୋଚନ କରିଛନ୍ତି। ଏହି ରକେଟର ନାମ ବିକ୍ରମ-୧ ରଖାଯାଇଛି। ଏହାର ଉଚ୍ଚତା ୭ ମହଲା କୋଠା ସହିତ ସମାନ। ଅର୍ଥାତ ରକେଟର ଉଚ୍ଚତା ଅର୍ଥାତ ୨୬ମିଟର। ଏହି ରକେଟକୁ ଏକ ଘରୋଇ ସ୍ପେସ୍ କମ୍ପାନୀ 'ସ୍କାଏରୁଟ୍ ଏରୋସ୍ପେଶ୍' ନିର୍ମାଣ କରିଛି। ଏହାକୁ ୨୦୨୬ରେ ଲଞ୍ଚ୍ କରାଯିବ। ଏହି ରକେଟ ନିଜ ସହିତ ୩୦୦ କେଜି ଓଜନର ଉପଗ୍ରହ ଅନ୍ତରୀକ୍ଷ ନେବାକୁ ସକ୍ଷମ ବୋଲି କୁହାଯାଇଛି। ରକେଟକୁ ବାଦ୍ ଦେଲେ ପ୍ରଧାନମନ୍ତ୍ରୀ କମ୍ପାନୀର ଇନ୍‌ଫିନିଟି କ୍ୟାମ୍ପସର ମଧ୍ୟ ଉଦ୍‌ଘାଟନ କରିଛନ୍ତି। ଏହି କ୍ୟାମ୍ପସରେ ଏକାଧିକ ଲଞ୍ଚ୍ ଭେଇକଲର ଡିଜାଇନ୍, ଡେଭଲପମେଣ୍ଟ, ଇଣ୍ଟିଗ୍ରେସନ ଓ ଟେଷ୍ଟିଂର କାର୍ଯ୍ୟ କରାଯିବ। ଏହି କ୍ୟାମ୍ପସ ହାଇଦରାବାଦ୍‌ରେ ରହିଛି। ସ୍କାଇରୁଟ ଏରୋସ୍ପେଶ କମ୍ପାନୀକୁ ୨୦୧୮ରେ ପବନ ଚନ୍ଦନା ଓ ଭାରତ ଢାକ ସ୍ଥାପନ କରିଥିଲେ। ଏହି ଦୁଇଜଣ ଆଇଆଇଟି ପାସ୍‌ଆଉଟ୍ ଓ ପୂର୍ବତନ ଇସ୍ରୋ ବୈଜ୍ଞାନିକ।

## ଏକାଧିକ ବିବାହ କଲେ ୧୦ ବର୍ଷ ଜେଲ୍

ଗୌହାଟୀ, ୨୭ ।୧୧(ଏଜେନ୍ସି): ଆସାମ ବିଧାନସଭାରେ ବହୁ ବିବାହକୁ ରୋକିବା ପାଇଁ 'ପଲିଗାମୀ ବିଲ୍' ପାସ୍ ହୋଇଛି। ଏହି 'ଆସାମ ପ୍ରୋହିବିସନ ଅଫ୍ ପଲିଗାମୀ ବିଲ୍' ଅନୁସାରେ ଜଣେ ବ୍ୟକ୍ତି ଏକରୁ ଅଧିକ ବିବାହ କରିପାରିବେ ନାହିଁ। ତେବେ ଏହି ଆଇନ୍ ଷଷ୍ଠ ସିଡ୍ୟୁଲ ଅଞ୍ଚଳ ଓ ସିଡ୍ୟୁଲ ଟ୍ରାଇବ୍ ବର୍ଗ ଉପରେ ଲାଗୁ ହେବ ନାହିଁ। ଏହି କ୍ଷେତ୍ରରେ ଆଞ୍ଚଳିକ ପ୍ରଥାକୁ ଦୃଷ୍ଟିରେ ରଖି ଏପରି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ଗୁରୁବାର ଏହି ବିଲ୍ ପାସ୍ ହୋଇଛି। ଏହା ଅନୁସାରେ ଯଦି ଜୀବନସାଥି ଜୀବିତ ଅଛନ୍ତି ଓ ତାଙ୍କଠାରୁ ଆଇନଗତ ଭାବେ ଛାଡ଼ପତ୍ର ନିଆଯାଇନାହିଁ, ତେବେ ଅନ୍ୟ କାହା ସହ ବିବାହ କଲେ ତାହକୁ ଅପରାଧ ବୋଲି ବିବେଚନା କରାଯିବ। ଏଭଳି କ୍ଷେତ୍ରରେ ଜଣେ ବ୍ୟକ୍ତିଙ୍କୁ ୭ ବର୍ଷ ଜେଲ ଓ ଜୋରିମାନାରେ ଦଣ୍ଡିତ କରାଯିବ। ଏଥିସହ ପୀଡିତାଙ୍କୁ ୧.୪୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ରାଶି ଭାବେ ଦେବାକୁ ହେବ। ପୁଣି ଯଦି କୌଣସି ବ୍ୟକ୍ତି ନିଜର ପ୍ରଥମ ବିବାହକୁ ଲୁଚାଇ ଦ୍ୱିତୀୟ ବିବାହ କରିଛନ୍ତି, ତେବେ ତାଙ୍କୁ ୧୦ ବର୍ଷ ଜେଲଦଣ୍ଡ ହେବ।

## ହ୍ୱାଇଟ୍ ହାଉସ୍ ନିକଟରେ ଗୁଳିମାଡ଼; ୨ ଆହତ

ୱାଶିଂଟନ, ୨୭ ।୧୧(ଏଜେନ୍ସି): ଆମେରିକାରେ ବୁଧବାର ହ୍ୱାଇଟ୍ ହାଉସ୍ ନିକଟରେ ଗୁଳିକାଣ୍ଡ ଘଟିଛି। ଏଥିରେ ଦୁଇଜଣ ନ୍ୟାସନାଲ ଗାର୍ଡ ଆହତ ହୋଇଛନ୍ତି। ଏହି ଘଟଣାରେ ଆଫଗାନିସ୍ତାନର ଜଣେ ଶରଣାର୍ଥୀଙ୍କୁ ଗିରଫ କରାଯାଇଛି। ସୂଚନା ଅନୁସାରେ ଆକ୍ରମଣରେ ସାମିଲ ସଂଦୀଗ୍ଧର ହେଉଛି ୨୯ ବର୍ଷୀୟ ରହମାନୁଲା ଲାକନବାଲ। ସେ ୨୦୨୧ ଅଗଷ୍ଟରେ ଆଫଗାନିସ୍ତାନରୁ ଆମେରିକା ଆସିଥିଲା। ୨୦୨୫ରେ ତାକୁ ନାଗରିକତା ମିଳିଥିଲା। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହାକୁ ଆତଙ୍କବାଦୀ ଆକ୍ରମଣ ବୋଲି କହି ଆଫଗାନ ଶରଣାର୍ଥୀଙ୍କ ପ୍ରବେଶକୁ ନିଷିଦ୍ଧ ଘୋଷଣା କରିଛନ୍ତି।

ଚାପ ବଢ଼ାଉଛି ଏସ୍‌ଆଇଆର୍

# ୨୨ ଦିନରେ ୭ ରାଜ୍ୟରେ ୨୫ ବିଏଲ୍‌ଓଙ୍କ ମୃତ୍ୟୁ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଦେଶରେ ୧୨ଟି ରାଜ୍ୟରେ ଭୋଟର ତାଲିକାର ସ୍ୱତନ୍ତ୍ର ଯାଞ୍ଚ ତଥା ଏସଆଇଆର ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିପାଇଁ ବୁଥ୍ ଲେଭୁଲ ଅଫିସର (ବିଏଲଓ)ଙ୍କୁ ଦିନରାତି କାମ କରିବାକୁ ପଡୁଛି। ୧୨ ରାଜ୍ୟର ୫୧ କୋଟିରୁ ଅଧିକ ଭୋଟରଙ୍କ ପାଖରେ ପହଞ୍ଚୁଥିବା ବିଏଲଓଙ୍କ ଉପରେ ପ୍ରବଳ ଚାପର ସମ୍ମୁଖୀନ ହେଉଛନ୍ତି। ଦିନକୁ ୧୬ରୁ ୧୭ ଘଣ୍ଟା କାମ କରୁଛନ୍ତି। ଆଉ ଏହି କାର୍ଯ୍ୟଚାପ ଯୋଗୁଁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ି ଯାଉଛି ଏବଂ କେହି କେହି ଅବସାଦଗ୍ରସ୍ତ ହୋଇ ଜୀବନ ହାରୁଛନ୍ତି। ଏସ୍‌ଆଇଆର ପ୍ରକ୍ରିୟା ଆରମ୍ଭ ହେବାର ୨୨ ଦିନ ମଧ୍ୟରେ ୭ ରାଜ୍ୟରେ ୨୫ ବିଏଲଓ ପ୍ରାଣ ହରାଇଲେଣି। ତେବେ ପଶ୍ଚିମବଙ୍ଗରେ କେବଳ ୩୪ ବିଏଲଓଙ୍କ ମୃତ୍ୟୁ ହୋଇଥିବା କ୍ଷମତାସୀନ ଟିଏମ୍‌ସି ପକ୍ଷରୁ ଦାବି କରାଯାଇଛି। ଏହି ସବୁ ମୃତ୍ୟୁକୁ ନେଇ ପଶ୍ଚିମବଙ୍ଗ, ମଧ୍ୟପ୍ରଦେଷ ରାଜସ୍ଥାନ, ଉତ୍ତର ପ୍ରଦେଶରେ ରାଜନୀତି ଜୋର୍ ଧରିଛି। ଏହି ପ୍ରକ୍ରିୟାକୁ ବନ୍ଦ କରିବା ପାଇଁ ବିରୋଧୀ ଦାବି କରୁଛନ୍ତି। ସେହିପରି ନିର୍ବାଚନ କମିଶନ (ଇସି)ଙ୍କ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଏ ପର୍ଯ୍ୟନ୍ତ କାର୍ଯ୍ୟଚାପରେ କାହାର ମୃତ୍ୟୁ ହୋଇ ନ ଥିବା କୁହାଯାଇଛି।

■ ପଶ୍ଚିମବଙ୍ଗରେ ୩୪ ଜଣ ଜୀବନ ହାରିଥିବା ଟିଏମସିର ଦାବି
■ ମଧ୍ୟପ୍ରଦେଶରେ ୯, ୟୁପି-ଗୁଜରାଟରେ ୪ ଜଣ ଲେଖାଏଁ ମୃତ



ପଶ୍ଚିମବଙ୍ଗ ମନ୍ତ୍ରୀ ଅରୁପ ବିଶ୍ୱାସ କହିଛନ୍ତି ଯେ ଏସଆଇଆର ଯୋଗୁଁ ୩୪ ଲୋକ ଜୀବନ ହାରିଲେଣି। ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ କହିଛନ୍ତି ଯେ ଗଳାବାଟ ଦେଇ ଏନ୍‌ଆରସି ଲାଗୁ କରିବାକୁ ଏବଂ ଭୟର ସ୍ଥିତି ସୃଷ୍ଟି ପାଇଁ ଏସଆଇଆର କରାଯାଉଛି। ସେହିପରି ଟିଏମସି ଚାପରେ ଜାଲ୍ ଏବଂ ସନ୍ଦେହଜନକ ବ୍ୟକ୍ତିଙ୍କ ନାମ ତାଲିକାରେ ସାମିଲ କରାଯାଉଛି ବୋଲି ବିଜେପି ଆଇଟି ସେଲ୍ ମୁଖ୍ୟ ଅମିଲ ମାଲବୀୟ ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ ଏ ପର୍ଯ୍ୟନ୍ତ ମଧ୍ୟପ୍ରଦେଶରେ ସର୍ବାଧିକ ୯ ଜଣ, ଉତ୍ତର ପ୍ରଦେଶ ଓ ଗୁଜରାଟରେ ୪ ଜଣ ଲେଖାଏଁ, ପଶ୍ଚିମବଙ୍ଗ ଓ ରାଜସ୍ଥାନରେ ୩ ଜଣ ଲେଖାଏଁ ଏବଂ ତାମିଲନାଡୁ, କେରଳରେ ଜଣେ ଲେଖାଏଁ ବିଏଲଓ ପ୍ରାଣ ହରାଇଲେଣି।

ଉତ୍ତରପ୍ରଦେଶ ଗୋଣ୍ଡାର ବିଏଲଓ ତଥା ଶିକ୍ଷକ ବିପିନ ଯାଦବ ସୋମବାର ବିଷ ଖାଇ ଆତ୍ମହତ୍ୟା କରିଥିଲେ। ତାଙ୍କ ବାପା ପ୍ରଶାସନ ବିରୋଧରେ ଗୁରୁତର ଅଭିଯୋଗ ଲଗାଇ କହିଛନ୍ତି ଯେ ଓବିସି ଭୋଟରଙ୍କ ନାମ ହଟାଇବା ଏବଂ ସାଧାରଣ ବର୍ଗର ନାମ ବଢ଼ାଇବାକୁ ବିଡିଓ ପୁଅ ଉପରେ ଚାପ ପକାଇ ଥିଲେ। ଏପରି ମନା କରିବାରୁ ନିଲମ୍ବନ ଏବଂ ଗିରଫ ଧମକ ଦିଆଯାଇଥିଲା। ସେହିପରି ବୁଧବାର ବରେଲିର ବିଏଲଓ ସର୍ବେଶ ଗଙ୍ଗୱାର ପ୍ରାଣ ହରାଇ ଥିଲେ। ତାଙ୍କ ଭାଇ ଯୋଗେଶ କହିଥିଲେ ଯେ ଏସଆଇଆର ଚାପ ଯୋଗୁ ବେଶୀ ରାତି ପର୍ଯ୍ୟନ୍ତ କାମ କରିବାକୁ ପଡୁଥିଲା। ଫଳରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ି ଯାଇଥିଲା। ସେ ଛିଡ଼ା ହୋଇଥିବାବେଳେ ଅଚାନକ ଖସି ପଡ଼ି ପ୍ରାଣ ହରାଇ ଥିଲେ।

## ଏସ୍‌ଆଇଆର୍ ଆଳରେ ଭଉଣୀଙ୍କ ଜମିକୁ ନିଜ ନାମରେ କରିନେଲେ

ଲକ୍ଷ୍ନୌ, ୨୭।୧୧ (ଏଜେନ୍ସି): ଉତ୍ତର ପ୍ରଦେଶ ଫିରୋଜାବାଦରେ ଏସ୍‌ଆଇଆରକୁ ନେଇ ବଡ଼ ଠକେଇ ମାମଲା ସାମ୍ନାକୁ ଆସିଛି। ଏସଆଇଆର ବାହାନାରେ ଭଉଣୀର ଜମିକୁ ଭାଇ ନିଜ ନାମରେ କରାଇ ନେଇଛି। ଅଭିଯୁକ୍ତର ଭଉଣୀ ପାଠ ପଢ଼ାଲେଖା ଜାଣିନାହାନ୍ତି। ତେଣୁ ଭାଇର ଏହାର ସୁଯୋଗ ଉଠାଇ ଥିଲା। ଭଉଣୀକୁ ହରିୟାଣାର ଗୁରୁଗ୍ରାମକୁ ଡାକି ଏସଆଇଆର କାମ ପାଇଁ ତହସିଲ ଯାଇ ଦସ୍ତଖତ କରିବାକୁ କହିଥିଲା। ଏପରି ନ କଲେ ସରକାର ଦେଶରୁ ବାହାର କରିଦେବେ ବୋଲି ଧମକ ଦେଇଥିଲା। ତହସିଲରେ କୋଠା ଏବଂ ଦୋକାନକୁ ଭାଇକୁ ଗିଫ୍ଟରେ ଦେଉଛନ୍ତି କି ବୋଲି ମହିଳାଙ୍କୁ ପଚରା ଯାଇଥିଲା। ଗିଫ୍ଟର ଅର୍ଥ ବୁଝି ନ ପାରି ମହିଳା ହଁ କରି ଦସ୍ତଖତ କରିଦେଇଥିଲେ। ଏବେ ପୀଡ଼ିତା ସରତାଜ ଖାନମ ଏସଏସପି ଏବଂ କୋର୍ଟରେ ଅଭିଯୋଗ ଦାଏର କରିଛନ୍ତି। ରେଜେଷ୍ଟ୍ରି ରଦ୍ଦ କରିବାକୁ ନିବେଦନ କରିଛନ୍ତି।

ଅନ୍ୟପଟେ ଏସ୍‌ପି ମୁଖ୍ୟ ଅଖିଳେଶ ଯାଦବ ଗୁରୁବାର ଏସଆଇଆର ଫର୍ମ ପୂରଣ କରିଛନ୍ତି। କିଛି ତ୍ରୁଟି ଥିଲେ ଜଣାଇବାକୁ ସେ ଲୋକଙ୍କୁ ନିବେଦନ କରିଛନ୍ତି। ଏହା ମଧ୍ୟରେ ଗାଜିଆବାଦରେ ବିଏଲଓ ଡ୍ୟୁଟିରେ ମୁତୟନ ୨୧ ଜଣଙ୍କ ବିରୋଧରେ ଜିଲ୍ଲା ପ୍ରଶାସନ ଏତଲା ରୁଜୁ କରିଛି। ଏମାନଙ୍କ ମଧ୍ୟରେ ୪ ଶିକ୍ଷକ ସାମିଲ ଅଛନ୍ତି। ଗୋଣ୍ଡାରେ ବିଏଲଓ ବିପିନ ଯାଦବଙ୍କ ଆତ୍ମହତ୍ୟାକୁ ନେଇ ରାହୁଲ ସରକାରଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ଏସଆଇଆର ନାମରେ ପଛୁଆ, ଦଳିତ, ବଞ୍ଚିତ ବର୍ଗଙ୍କୁ ଭୋଟର ତାଲିକାରୁ ହଟାଯାଇ ବିଜେପି ନିଜ ମନଇଚ୍ଛା ତାଲିକା ପ୍ରସ୍ତୁତ କରୁଛି। ଗଣତନ୍ତ୍ରର ହତ୍ୟା ପାଇଁ ନିର୍ବାଚନ କମିଶନ ଦାୟୀ।

ସାମାଜିକ ଗଣମାଧ୍ୟମକୁ ବ୍ୟାପିଲା କର୍ଣ୍ଣାଟକ କଂଗ୍ରେସ କଳି

# ମୁଖ୍ୟମନ୍ତ୍ରୀ ସିଦ୍ଧରମୈୟା-ଉପମୁଖ୍ୟମନ୍ତ୍ରୀ ଡିକେ ମୁହାଁମୁହିଁ

ବେଙ୍ଗାଲୁରୁ, ୨୭।୧୧ (ଏଜେନ୍ସି): କର୍ଣ୍ଣାଟକ କଂଗ୍ରେସ କଳି ତୁଟିବାର ନା ଧରୁନି। ମୁଖ୍ୟମନ୍ତ୍ରୀ ପଦକୁ ନେଇ ଜାରି ଶୀତଳ ଯୁଦ୍ଧ ଖୋଲାଖୋଲି ଭାବେ ସାମ୍ନାକୁ ଆସିଛି। ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାର ଏବଂ ମୁଖ୍ୟମନ୍ତ୍ରୀଙ୍କ ମଧ୍ୟରେ ଜାରି ଶୀତଳ ଯୁଦ୍ଧ ଆଜି ସର୍ବସମ୍ମୁଖକୁ ଆସିଯାଇଛି। ଦୁଇ ନେତାଙ୍କ ମଧ୍ୟରେ ସାମାଜିକ ଗଣମାଧ୍ୟମରେ ବାକ୍‌ଯୁଦ୍ଧ ଆରମ୍ଭ ହୋଇଯାଇଛି। ଶିବକୁମାର ଗୁରୁବାର ସକାଳେ ପୋଷ୍ଟ କରି ଲେଖି ଥିଲେ ଯେ ଆମ ଶବ୍ଦ ଦୁନିଆର ସବୁଠାରୁ ବଡ଼ ଶକ୍ତି। ବିଚାରପତି ହୁଅନ୍ତୁ ଅବା ରାଷ୍ଟ୍ରପତି କିମ୍ବା ମୁଁ ସମସ୍ତେ ନିଜ




ପ୍ରତିଶ୍ରୁତି ପାଳନ କରିବା ଉଚିତ। ଅନ୍ୟପଟେ ସନ୍ଧ୍ୟାରେ ମୁଖ୍ୟମନ୍ତ୍ରୀ ପୋଷ୍ଟ କରି ଲେଖିଥିଲେ ଯେ ଶକ୍ତି କେବଳ ଶବ୍ଦରେ ନୁହେଁ, ବରଂ କାମ ଏବଂ ଜନତାଙ୍କ ପାଇଁ କରାଯାଇଥିବା ପ୍ରୟାସରେ ଥାଏ। ଲୋକଙ୍କ ପାଇଁ ବିଶ୍ୱକୁ ଉତ୍ତମ ବନାଇଲେ ଶବ୍ଦ ଶକ୍ତି ପାଲଟି ଯାଇଥାଏ। କର୍ଣ୍ଣାଟକ ଲୋକ ଯେଉଁ ଜନାଦେଶ ଦେଇଛନ୍ତି ତାହା କିଛି କ୍ଷଣ ଲାଗି ନୁହେଁ, ବରଂ ସମ୍ପୂର୍ଣ୍ଣ ୫ ବର୍ଷର ଦାୟିତ୍ୱ। କର୍ଣ୍ଣାଟକ ପାଇଁ ଆମର ପ୍ରତିଶ୍ରୁତି କୌଣସି ସ୍ଲୋଗାନ ନୁହେଁ, ବରଂ ସାରା ବିଶ୍ୱ ବୋଲି ସିଦ୍ଧରମୈୟା ଲେଖିଛନ୍ତି। ଏହାକୁ ଶିବକୁମାରଙ୍କ ପୋଷ୍ଟର ଜବାବ ଭାବେ ଦେଖାଯାଉଛି।

ଡିକେଙ୍କ ସମର୍ଥକ ବିଧାୟକଙ୍କ ଅନୁଯାୟୀ ୨୦୨୩ରେ ସରକାର ଗଠନ ହୋଇଥିବାବେଳେ ମୁଖ୍ୟମନ୍ତ୍ରୀ ପଦ ପାଇଁ ଅଢେଇ ବର୍ଷର ଡିଲ୍ ହୋଇଥିଲା। କିନ୍ତୁ ସିଦ୍ଧରମୈୟାଙ୍କ ସମର୍ଥକ ଏହାକୁ ମାନୁନାହାନ୍ତି। ଗତ ୨୦ ତାରିଖରେ ଅଢେଇ ବର୍ଷର ଅବଧି ଶେଷ ହେବା ପରେ ମୁଖ୍ୟମନ୍ତ୍ରୀ ପରିବର୍ତ୍ତନ ଚର୍ଚ୍ଚା ଜୋର ଧରିଥିଲା। ଏବେ କ୍ଷମତା ସନ୍ତୁଳନ ପାଇଁ ବୟାନବାଜି ଜାରି ରହିଛି। ଡିକେଙ୍କ ସମର୍ଥନରେ କିଛି ବିଧାୟକ ଦିଲ୍ଲୀ ଯାଇ ହାଇକମାଣ୍ଡଙ୍କୁ ଭେଟିଥିଲେ। କିନ୍ତୁ ମୁଖ୍ୟମନ୍ତ୍ରୀ ସିଦ୍ଧରମୈୟା ପଦ ଛାଡ଼ିବାକୁ ଚାହୁଁନାହାନ୍ତି। ସେ କ୍ୟାବିନେଟ ଅଦଳବଦଳ ଚାହୁଁଛନ୍ତି। କିନ୍ତୁ ଏହା ପୂର୍ବରୁ ମୁଖ୍ୟମନ୍ତ୍ରୀ ବଦଳା ଯାଉ ବୋଲି ଡିକେ ଦାବି କରୁଛନ୍ତି। ଏହାକୁ ନେଇ ଡିକେ କଂଗ୍ରେସ ନେତୃତ୍ୱଙ୍କୁ ସଙ୍କେତ ଦେଇ ପ୍ରତିଶ୍ରୁତି ପାଳନ କରିବାକୁ କହିଥିଲେ।

ଦିଲ୍ଲୀ ହାଇକୋର୍ଟଙ୍କ ନିର୍ଦ୍ଦେଶ

# କ୍ରିକେଟ ବେଟିଂରୁ ଲାଭ ଉପାର୍ଜନ ଅପରାଧ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଅନ୍ତର୍ଜାତୀୟ କ୍ରିକେଟ ବେଟିଂ ର୍ୟାକେଟ ସମ୍ବନ୍ଧିତ ୬ ଆବେଦନକୁ ଦିଲ୍ଲୀ ହାଇକୋର୍ଟ ଖାରଜ କରିଦେଇଛନ୍ତି। ଏହି ନେଟୱର୍କ ଅପରାଧ ଉପରେ ଛିଡ଼ା ହୋଇଥିଲା। ତେଣୁ ଏଥିରୁ ଉପାର୍ଜିତ ପ୍ରତ୍ୟେକ ଲାଭ ଅପରାଧ ବୋଲି ହାଇକୋର୍ଟ କହିଛନ୍ତି। କ୍ରିକେଟ ବେଟିଂ ସହ ଜଡ଼ିତ ମୁକେଶ କୁମାର, ଉମେଶ ଚୌଟାଲିଆ, ନରେଶ ବଂଶଲ, ଘନଶ୍ୟାମ ଭାଇ ପଟେଲ ଏବଂ ଅନ୍ୟମାନେ ଏହି ଆବେଦନ ଉପରେ ଆସିଛି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଜାରି କରିଥିବା ଅସ୍ଥାୟୀ ସମ୍ପତ୍ତି ଜବତ ଏବଂ ନୋଟିସକୁ ରଦ୍ଦ କରିବାକୁ ଦାବି କରାଯାଇଥିଲା। କ୍ରିକେଟ ବେଟିଂ ପିଏମଏଲଏରେ ଅପରାଧ ନୁହେଁ। ତେଣୁ ସମ୍ପତ୍ତିକୁ ବେଆଇନ ଧରାଯାଇପାରିବ ନାହିଁ ବୋଲି କୁହାଯାଇଥିଲା। ରାୟ



ଦେଇ ହାଇକୋର୍ଟ କହିଥିଲେ ଯେ ଆବେଦନକୁ ଖାରଜ କରାଯାଉଛି। ଏହି ର୍ୟାକେଟ ଅପରାଧ ଉପରେ ତିଷ୍ଠି ଥିଲା। ଡିଜିଟାଲ ଠକେଇ, ଜାଲ୍ କେୱାଇସି, ହାୱାଲା ଚେନ୍ ଏବଂ ବିନା କାଗଜପତ୍ରରେ ସୁପର ମାଷ୍ଟର ଲଗ୍‌ଇନ ଆଇଡି ମୁଖ୍ୟ ଅପରାଧର ମୂଳଦୁଆ ଥିଲା। ଏହି ସବୁ ବିଷାକ୍ତ ଗଛ ଭଳି। ଗଛ ବିଷ ହୋଇଥିଲେ, ଫଳ କେମିତି ବୈଧ ହୋଇଯିବ। ତେବେ କୋର୍ଟ ବେଟିଂକୁ ବିଷାକ୍ତ ଗଛ କହିନାହାନ୍ତି। ପିଏମଏଲଏ ଅଧିନରେ ଏହା ଅପରାଧ ନୁହେଁ। ଠକେଇ, ଜାଲ୍ ପରିଚୟ ପତ୍ର, ହାୱାଲା, ଜାଲ୍ ସିମ ଆଧାରିତ ଡିଜିଟାଲ ନେଟୱର୍କ ବିଷାକ୍ତ ବିଷ ଭଳି। ଏହା ମାଧ୍ୟମରେ ସୁପର ମାଷ୍ଟର ଆଇଡି କ୍ରୟ ଏବଂ ର୍ୟାକେଟ ପରିଚାଳନା କରାଯାଉଥିଲା। ଏହା ମାଧ୍ୟମରେ ମାରୁତି ଅହମଦାବାଦ ନେଟୱର୍କ ୨୦୧୪ ଡିସେମ୍ବରରୁ ୨୦୧୫ ମାର୍ଚ୍ଚ ମଧ୍ୟରେ ୨୪୬୯ କୋଟି ଟଙ୍କା ଆୟ କରିଥିଲା। ଏଥିରୁ ୬୦ କୋଟି ଆବେଦନକାରୀଙ୍କ ପାଖରେ ପହଞ୍ଚି ଥିଲା। ତେଣୁ ଇଡି ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି।

## ୧୫ ବର୍ଷ ପରେ ଚୀନ୍‌ରେ ରେଳ ଦୁର୍ଘଟଣା; ୧୧ ମୃତ

ବେଜିଂ, ୨୭ ।୧୧(ଏଜେନ୍ସି): ଚୀନର ଦାକ୍ଷିଣାତ୍ୟ ରାଜ୍ୟ ୟୁନାନ୍‌ରେ ଗୁରୁବାର ସକାଳେ ଏକ ଟ୍ରେନ୍ ଦୁର୍ଘଟଣାରେ ୧୧ ଜଣ ରେଳବାଇ କର୍ମଚାରୀଙ୍କ ମୃତ୍ୟୁ ହୋଇଛି। ଏଥିରେ ୨ଜଣ ଆହତ ମଧ୍ୟ ହୋଇଛନ୍ତି। ଭୂକମ୍ପ ସହିତ ଜଡିତ କ୍ଷତିର ଯାଞ୍ଚ କରାଯାଉଥିବା ବେଳେ ଟ୍ରେନ୍ ରେଳ କର୍ମଚାରୀଙ୍କ ଉପରେ ମାଡ଼ି ଯାଇଥିଲା। ଏହି ଦୁର୍ଘଟଣା କୁନମିଙ୍ଗ ସହରର ଲୁଓୟାଙ୍ଗଜେନ୍ ରେଳ ଷ୍ଟେସନରେ ଘଟିଥିଲା। ରେଳ କର୍ମଚାରୀମାନେ ଏକ ଟର୍ଣ୍ଣିଂ ଟ୍ରାକ୍‌ର ଅଂଶରେ କାର୍ଯ୍ୟ କରୁଥିଲେ। ଏତିକି ବେଳେ ଅଚାନକ ଟ୍ରେନ ଆସି ସେମାନଙ୍କୁ ଧକ୍କା ଦେଇଥିଲା। ୧୫ ବର୍ଷ ପରେ ଏହାକୁ ଚୀନ୍‌ର ପ୍ରଥମ ରେଳ ଦୁର୍ଘଟଣା ବୋଲି କୁହାଯାଉଛି। ଏହାପୂର୍ବରୁ ୨୦୧୧ରେ ଘଟିଥିବା ଟ୍ରେନ ଦୁର୍ଘଟଣାରେ ୪୦ ଲୋକ ମୃତ୍ୟୁବରଣ କରିଥିଲେ।

## ହାସିନାଙ୍କୁ ପୁଣି ୨୧ ବର୍ଷ ଜେଲ୍

ଢାକା, ୨୭ ।୧୧(ଏଜେନ୍ସି): ବାଂଲାଦେଶର ବିତାଡିତ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ସମସ୍ୟା ବଢ଼ିବାରେ ଲାଗିଛି। ବାଂଲାଦେଶର ଏକ କୋର୍ଟ ଗୁରୁବାର ତାଙ୍କୁ ୩ଟି ଦୁର୍ନୀତି ମାମଲାରେ ୨୧ ବର୍ଷ ଜେଲ ଦଣ୍ଡାଦେଶ ଦେଇଛନ୍ତି। ଏହାପୂର୍ବରୁ କୋର୍ଟ ତାଙ୍କୁ ଫାଶୀ ଦଣ୍ଡାଦେଶ ଦେଇଥିଲେ। କିନ୍ତୁ ଏଥର କୋର୍ଟ ତାଙ୍କୁ ସରକାରୀ ହାଉସିଂ ପ୍ରୋଜେକ୍ଟ ଓ ପୂର୍ବାଚଳ ପ୍ଲଟ୍ ଦୁର୍ନୀତିର ୩ଟି ମାମଲାରେ ଦଣ୍ଡିତ କରିଛନ୍ତି। ହସିନାଙ୍କ ପୁଅ ସଜିବ ୱାଜେଦ ଓ ଝିଅ ସାଇମା ୱାଜେଦଙ୍କୁ ମଧ୍ୟ ୫ ବର୍ଷ ଲେଖାଏ ଜେଲ ଦଣ୍ଡ ଶୁଣାଯାଇଛି। ଏହି ମାମଲାରେ ବାକି ଅନ୍ୟ ୨୦ ଅଭିଯୁକ୍ତଙ୍କ ମଧ୍ୟରୁ ୧୯ ଜଣଙ୍କୁ ଭିନ୍ନ ଭିନ୍ନ ଦଣ୍ଡାଦେଶ ହୋଇଛି। ଜଣେ ଅଭିଯୁକ୍ତଙ୍କୁ ନିର୍ଦ୍ଦୋଷରେ ଖଲାସ ମଧ୍ୟ କରାଯାଇଛି। ହସିନାଙ୍କ ଉପରେ ଏକ ଲକ୍ଷ ଟଙ୍କାର ଜରିମାନା ଲାଗୁ କରାଯାଇଛି। ଯଦି ସେ ଏହି ଜରିମାନ ଭରିବାରେ ସକ୍ଷମ ନ ହୁଅନ୍ତି ତେବେ ତାଙ୍କୁ ଅତିରିକ୍ତ ୧୮ ମାସ ଜେଲ ରହିବାକୁ ହେବ ବୋଲି କୋର୍ଟ କହିଛନ୍ତି। ତେବେ ହସିନା ଏହି ସବୁ ଅଭିଯୋଗକୁ ଖଣ୍ଡନ କରିଛନ୍ତି। ଏହି ସବୁ ଅଭିଯୋଗ ଭିତ୍ତିହୀନ, ଅମୂଳକ ଓ ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ ବୋଲି ହସିନା କହିଛନ୍ତି।

# ଇଣ୍ଡୋନେସିଆରେ ୩୦ ଦିନରେ ୧, ୪୦୦ ଭୂକମ୍ପ

ଜାକର୍ତ୍ତା, ୨୭ ।୧୧(ଏଜେନ୍ସି): ଇଣ୍ଡୋନେସିଆରେ ଗୁରୁବାର ଆସେ ରାଜ୍ୟ ନିକଟରେ ସୁମାତ୍ରା ଦୀପରେ ୬.୩ ତୀବ୍ରତାର ଭୂକମ୍ପ ଅନୁଭୂତ ହୋଇଛି। ଭୂକମ୍ପର କେନ୍ଦ୍ର ଭୂପୃଷ୍ଠର ୧୦ କିମି ତଳେ ଥିଲା। ଭୂକମ୍ପ ଦୃଷ୍ଟିକୋଣରୁ ସକ୍ରିୟ ଥିବା ଏହି ସମ୍ପୂର୍ଣ୍ଣ ଅଞ୍ଚଳ ଥରି ଉଠିଥିଲା। ସିନାବାଗର ପଶ୍ଚିମରୁ ୬୩ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା। ଫଳରେ ଏହି ଅଞ୍ଚଳରେ ଆତଙ୍କ ସୃଷ୍ଟି ହୋଇଥିଲା। ତେବେ ଏପର୍ଯ୍ୟନ୍ତ କୌଣସି କ୍ଷୟକ୍ଷତିର ସୂଚନା ମିଳିନାହିଁ। ଏଥିସହ ଇଣ୍ଡୋନେସିଆରେ ଗତ ୩୦ ଦିନ ମଧ୍ୟରେ ୬.୪ ତୀବ୍ରତା ପର୍ଯ୍ୟନ୍ତ ୧, ୪୦୦ଟି ଭୂକମ୍ପର ରେକର୍ଡ ହୋଇଛି ବୋଲି ୟୁନାଇଟେଡ ଷ୍ଟେଟ୍ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) ଓ ଭଲକାନୋ ଡିସ୍‌କଭରୀ ଡାଟା ତରଫରୁ କୁହାଯାଇଛି। ଇଣ୍ଡୋନେସିଆ ପ୍ରଶାନ୍ତ ମହାସାଗରର ଚାରିପଟେ ଥିବା 'ରିଙ୍ଗ ଅଫ୍ ଫାୟାର' ଉପରେ ଅବସ୍ଥିତ। ଏହା ବିଶ୍ୱର ସବୁଠାରୁ ବିପଜ୍ଜନକ ଭୂକମ୍ପ ହେଉଥିବା ସ୍ଥାନ ଉପରେ ସ୍ଥିତ। ଏହି ଅଞ୍ଚଳରେ ଥିବା ୧୫ଟି ବଡ଼-ବଡ଼ ଟେକ୍ଟୋନିକ ପ୍ଲେଟ ପରସ୍ପରକୁ ଧକ୍କା ଦେବା ସହ ଦୂରେଇ ମଧ୍ୟ ଯାଇଥାନ୍ତି। ବିଶ୍ୱର ୯୦ ପ୍ରତିଶତ ଭୂକମ୍ପ ଏହି ଅଞ୍ଚଳରେ ହିଁ ଆସିଥାଏ। ପ୍ରତିବର୍ଷ ଇଣ୍ଡୋନେସିଆରେ ଛୋଟବଡ଼ ଭୂକମ୍ପ ଆସିଥାଏ ଓ ଏହା କୌଣସି ବଡ଼ କଥା ନୁହେଁ। ସୁମାତ୍ରା ଦୀପ ତଳେ ଥିବା ଇଣ୍ଡୋ- ଅଷ୍ଟ୍ରେଲିଆନ ପ୍ଲେଟ ଧୀରେ-ଧୀରେ ଅର୍ଥାତ ପ୍ରତିବର୍ଷ ୫-୭ ସେଣ୍ଟିମିଟର ୟୁରେସିଆନ ପ୍ଲେଟ୍ ତଳକୁ ଧସିଯାଉଛି।



ଏହା ଦ୍ୱାରା ବହୁତ ଚାପ ସୃଷ୍ଟି ହୋଇଥାଏ। ଯେତେବେଳେ ଏହି ଚାପ ଏକଦମ ଆସିଛି ସେତେବେଳେ ଭୂକମ୍ପ ଆସିଥାଏ। ପୁଣି ସୁମାତ୍ରାରେ ଗ୍ରେଟ୍ ସୁମାତ୍ରା ଫଲ୍ଟ ନାମକ ଏକ ବଡ଼ ଫାଟ ମଧ୍ୟ ରହିଛି। ଏହା ଫଳରେ ପ୍ରାୟ ଭୂକମ୍ପର ଝଟ୍‌କା ଆସିଥାଏ। ଗତ କିଛିଦିନ ମଧ୍ୟରେ ଆସିଥିବା ୬.୬ ଓ ୬.୩ ତୀବ୍ରତାର ଭୂକମ୍ପ ଏହି କାରଣରୁ ହିଁ ଆସିଥିଲା। ପୂର୍ବରୁ ୨୦୦୪ରେ ସୁମାତ୍ରା ନିକଟରେ ୯.୧ ତୀବ୍ରତାର ଏକ ବଡ଼ ଭୂକମ୍ପ ଆସିଥିଲା ଓ ଏଥିରେ ୨ ଲକ୍ଷ ୩୦ ହଜାର ଲୋକ ମୃତ୍ୟୁବରଣ କରିଥିଲେ। ଏଥର କିନ୍ତୁ ୧୦ କିମି ଗଭୀରରେ ଭୂକମ୍ପର କେନ୍ଦ୍ର ଥିଲା। ଏଥିପାଇଁ ଭୂମି ଜୋରରେ ଥରି ଉଠିଥିଲା। କିନ୍ତୁ ସୁନାମୀର କୌଣସି ବିପଦ ନ ଥିଲା। କିଛିଦିନ ତଳେ ଆସିଥିବା ଘୂର୍ଣ୍ଣିବାତ୍ୟା ଓ ବନ୍ୟାରେ ଇଣ୍ଡୋନେସିଆରେ ବହୁତ କ୍ଷୟକ୍ଷତି ହୋଇଛି। ୮ ହଜାର ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ଏହାପରେ ଭୂକମ୍ପର ଝଟ୍‌କା ବାରମ୍ବାର ଆସୁଥିବାରୁ ଲୋକେ ବହୁତ ଭୟଭୀତ ଅବସ୍ଥାରେ ଅଛନ୍ତି। ଆଗକୁ ଆହୁରି ମଧ୍ୟ ଭୂକମ୍ପ ଝଟ୍‌କାର ଆଶଙ୍କା ରହିଛି ବୋଲି ବୈଜ୍ଞାନିକମାନ କହିଛନ୍ତି। ଇଣ୍ଡୋନେସିଆରେ ଭୂକମ୍ପ ଓ ବନ୍ୟା ପ୍ରତିବର୍ଷ ଆସିଥାଏ। ଏବେ ଜଳବାୟୁ ପରିବର୍ତ୍ତନ କାରଣରୁ ଅଧିକ ବର୍ଷା ଓ ଭୂକମ୍ପର ପ୍ରଭାବ ବଢ଼ିବାରେ ଲାଗିଛି ବୋଲି କୁହାଯାଉଛି।

# ଇମ୍ରାନ୍‌ଙ୍କୁ ନେଇ ଥମୁନି ଚର୍ଚ୍ଚା

ଇସଲାମାବାଦ୍, ୨୭ ।୧୧(ଏଜେନ୍ସି): ପାକିସ୍ତାନ ପୂର୍ବତନ ପ୍ରଧାନମନ୍ତ୍ରୀ ଇମ୍ରାନ ଖାନ୍‌ଙ୍କ ମୃତ୍ୟୁ ନେଇ ସାମାଜିକ ଗଣମାଧ୍ୟମରେ ଚର୍ଚ୍ଚା ଥମୁନାହିଁ। ୨୦୨୩ ଅଗଷ୍ଟରେ ତାଙ୍କୁ ରାୱଲପିଣ୍ଡିର ଅଡିଆଲ ଜେଲ୍‌ରେ ରଖାଯାଇଥିଲା। ତାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ଖରାପ ଅଛି ବୋଲି କେତେକ ଗଣମାଧ୍ୟମ ସେମାନଙ୍କ ରିପୋର୍ଟରେ ଉଲ୍ଲେଖ କରିଛନ୍ତି। ଗତ ୩ ସପ୍ତାହ ହେବ ଇମ୍ରାନଙ୍କ ୩ ଭଉଣୀ ତାଙ୍କୁ ଭେଟିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଜେଲ ପ୍ରଶାସନ ସେମାନଙ୍କୁ ଅନୁମତି ଦେଉନାହିଁ। ଫଳରେ ଇମ୍ରାନଙ୍କ ସ୍ୱାସ୍ଥ୍ୟାବସ୍ଥା ଠିକ୍ ନାହିଁ ବୋଲି ଅନୁମାନ କରାଯିବା ସହ ଗୁଜବ ପ୍ରସାରିତ ହୋଇଛି। ଇମ୍ରାନଙ୍କ ଭଉଣୀମାନେ ସତ କହିବାକୁ ଦାବି କରିଛନ୍ତି। ଏ ନେଇ ଦ୍ୱନ୍ଦ୍ୱ ବୃଦ୍ଧି ପାଇବା ଫଳରେ ଜେଲ ପ୍ରଶାସନ ତାଙ୍କ ସ୍ୱାସ୍ଥ୍ୟ ନେଇ ସ୍ପଷ୍ଟୀକରଣ ଦେଇଛନ୍ତି। ଇମ୍ରାନ ପୂରା ଠିକ୍



ଅଛନ୍ତି ବୋଲି ଜେଲ ପ୍ରଶାସନ କହିଛି। ଇମ୍ରାନଙ୍କ ପାର୍ଟି ପାକିସ୍ତାନ ତେହେରିକ-ଇ-ଇନ୍‌ସାଫ୍ (ପିଟିଆଇ) ତାଙ୍କ ସ୍ୱାସ୍ଥ୍ୟାବସ୍ଥା ନେଇ ପ୍ରଚାରିତ ହେଉଥିବା ଗୁଜବ ବିଷୟରେ ସ୍ପଷ୍ଟୀକରଣ ମାଗିଛି। ସେହିପରି ପରିବାରର ଲୋକଙ୍କ ସହ ଇମ୍ରାନଙ୍କୁ ସକ୍ଷାତ କରାଇବାର ବ୍ୟବସ୍ଥା କରିବାକୁ ମଧ୍ୟ ପାର୍ଟି ଦାବି କରିଛି। ଯଦି ଇମ୍ରାନଙ୍କର କିଛି ହୁଏ ତେବେ ତାକୁ ବରଦାସ୍ତ କରାଯିବ ନାହିଁ ବୋଲି ପାର୍ଟି ତରଫରୁ କୁହାଯାଇଛି। ପୂର୍ବରୁ ଜେଲ୍ ବାହାରେ ଧାରଣାରେ ବସିଥିବା ଇମ୍ରାନଙ୍କ ଭଉଣୀମାନଙ୍କ ଉପରେ ଲାଠିଚାର୍ଜ କରାଯାଇଥିଲା। ଗତ ଦୁଇବର୍ଷ ହେବ ସେ ଜେଲ୍‌ରେ ବନ୍ଦ ଅଛନ୍ତି। ଇସଲାମାବାଦ ହାଇକୋର୍ଟ ମଧ୍ୟ ଇମ୍ରାନଙ୍କୁ ତାଙ୍କ ପରିବାର ସହ ସାକ୍ଷାତ କରିବାକୁ ଅନୁମତି ଦେଇଛନ୍ତି। ଏହା ସତ୍ତ୍ୱେ ଜେଲ ପ୍ରଶାସନ ଅନୁମତି ଦେଉନାହିଁ ବୋଲି ଅଭିଯୋଗ ହେଉଛି।


ବିଧାନସଭାରେ ଅଭିଭାଷଣ ଅବସରରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ସ୍ୱାଗତ କରୁଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ


ଏକ ବିଶେଷ ମୁହୂର୍ତ୍ତରେ ନବୀନ ପଟ୍ଟନାୟକଙ୍କ ସହ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ

### ଆଜିଠୁ ଖୋଲିବ ମଣ୍ଡି

# ଏଯାଏ ମିଳିନି ଟୋକନ୍

ଭୁବନେଶ୍ୱର/ବରଗଡ଼, ୨୭ ।୧୧(ସମିସ): ଚଳିତ ଖରିଫ୍ ଋତୁର ଧାନକିଣା ପ୍ରକ୍ରିୟା ଆସନ୍ତାକାଲି ଅର୍ଥାତ୍ ଶୁକ୍ରବାରଠାରୁ ଆରମ୍ଭ ହେବ । ପ୍ରଥମ ଦିନରେ ବରଗଡ଼ ସମେତ ସମ୍ବଲପୁର ଜିଲ୍ଲାରୁ ଧାନ କିଣା ହେବ । ମାତ୍ର, ଏଯାଏ ଚାଷୀଙ୍କୁ ଟୋକନ୍ ମିଳିନାହିଁ । ତେଣୁ, ଆସନ୍ତାକାଲିଠାରୁ ଧାନକିଣା ଆରମ୍ଭ ହେବ ନା ନାହିଁ, ସେ ସମ୍ପର୍କରେ କୌଣସି ସ୍ୱଷ୍ଟତା ନ ଥିବାରୁ ସରକାରଙ୍କଠାରୁ ସ୍ୱଷ୍ଟୀକରଣ ଦାବି କରି ସଂଯୁକ୍ତ କୃଷକ ସଂଗଠନ ବରଗଡ଼ ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛି ।

ଓଡ଼ିଶାର ଭାତହାଣ୍ଡି କୁହାଯାଉଥିବା ବରଗଡ଼ ଜିଲ୍ଲାରୁ ଶୁକ୍ରବାରଠାରୁ ଧାନ କିଣା ପାଇଁ ଡିଏଲ୍‌ପିସି ବୈଠକରେ ନିଷ୍ପତ୍ତି ହୋଇଛି । ହେଲେ ଧାନ ବିକିବା ପାଇଁ ଚାଷୀଙ୍କୁ ଟୋକନ୍ ଦିଆଯାଇନାହିଁ । ଚାଷୀମାନେ ବିଭିନ୍ନ ମଣ୍ଡିରେ ହଜାରହଜାର କ୍ୱିଣ୍ଟାଲ୍ ଧାନ ଗଦା କଲେଣି । ମାତ୍ର କେବେ ସୁଦ୍ଧା ଚାଷୀଙ୍କୁ ଟୋକନ୍ ଦେଇ ଧାନ କିଣା ଆରମ୍ଭ କରିବେ, ସେନେଇ ସରକାର କୌଣସି ସ୍ୱଷ୍ଟ ସୂଚନା ଦେଉ ନାହାନ୍ତି । ଯାହାର ସୁଯୋଗ ନେଇ ଜିଲ୍ଲାରେ ଧାନ ମାଫିଆ ମାତିଲେଣି । ଚାଷୀଙ୍କ


ବରଗଡ଼ ଜିଲ୍ଲାପାଳଙ୍କୁ ଚାଷୀଙ୍କ ଦାବିପତ୍ର

ଆବଶ୍ୟକତା ଥିବାରୁ ସେମାନେ ବାଧ ହୋଇ ଦଲାଲମାନଙ୍କୁ କ୍ୱିଣ୍ଟାଲ ପିଛା ମାତ୍ର ୧୫ରୁ ୧୬ଶହ ମଧ୍ୟରେ ବିକ୍ରି କରିବାକୁ ବାଧ ହେଉଛନ୍ତି । ଅନୁରୂପ ଭାବେ ତ୍ରୁଟିପୂର୍ଣ୍ଣ ପଞ୍ଜୀକରଣ ନୀତି ପାଇଁ ବହୁ ଚାଷୀ ପଞ୍ଜୀକରଣ କରିପାରିନାହାନ୍ତି । ସାର ଏବଂ ଉନ୍ନତ ବିହନ ଏବଂ ଆଧୁନିକ ଜ୍ଞାନକୌଶଳ ଉପଯୋଗ କରି ଅଧିକ ଅମଳ ହେଉଥିଲେ ମଧ୍ୟ ବଳକା ଧାନ କିଣିବାକୁ ସରକାର ବ୍ୟବସ୍ଥା କରି ନଥିବାରୁ ଚାଷୀମାନେ ଆର୍ଥିକ କ୍ଷତିର ସମ୍ମୁଖୀନ ହେଉଛନ୍ତି । ଏଣୁ, ବଳକା ଧାନକିଣା ବ୍ୟବସ୍ଥା କରିବା ସହ ଧାନକିଣା ସମ୍ପର୍କରେ ସ୍ୱଷ୍ଟୀକରଣ ରଖିବାକୁ ସଂଯୁକ୍ତ କୃଷକ ସଂଗଠନ ପକ୍ଷରୁ ଅତିରିକ୍ତ ଜିଲ୍ଲାପାଳ ମଧୁଛନ୍ଦା ସାହୁଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି । ଅନ୍ୟଥା ବଡ଼ଧରଣର ଚାଷୀ ଆନ୍ଦୋଳନ କରିବା ପାଇଁ ସଂଗଠନ ପକ୍ଷରୁ ଚେତାବନୀ ଦିଆଯାଇଛି ।

ଅନୁରୂପ ଭାବେ ସମ୍ବଲପୁର ଜିଲ୍ଲାରେ ମଧ୍ୟ ସମାନ ଅବ୍ୟବସ୍ଥା ଲାଗି ରହିଥିବାରୁ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି । ଆସନ୍ତାକାଲିଠାରୁ ଧାନକିଣା ସ୍ୱାଭାବିକ ନ ହେଲେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ବିଭିନ୍ନ କୃଷକ ସଂଗଠନ ଚେତାବନୀ ଦେଇଛନ୍ତି ।

### ରାଜ୍ୟ ସରକାରଙ୍କୁ ହାଇକୋର୍ଟଙ୍କ ଝଟ୍‌କା

# ବିଧାୟକ, ସାଂସଦଙ୍କ ସୁପାରିସରେ ଶିକ୍ଷକ ବଦଳି ନିଷ୍ପତ୍ତି ରଦ୍ଦ

କଟକ, ୨୭।୧୧(ସମିସ): ବିଧାୟକ ଓ ସାଂସଦମାନଙ୍କ ସୁପାରିସ ଭିତ୍ତିରେ ଶିକ୍ଷକ ବଦଳି ନେଇ ରାଜ୍ୟ ସରକାରଙ୍କ ନିଷ୍ପତ୍ତିକୁ ଲାଗିଛି ହାଇକୋର୍ଟଙ୍କ ଝଟ୍‌କା । ନିଜ ନିର୍ବାଚନମଣ୍ଡଳୀର ୧୫ଜଣ ଶିକ୍ଷକଙ୍କ ବଦଳି ପାଇଁ ବିଧାୟକ ଓ ସାଂସଦ ସୁପାରିସ୍ କରିବା ସମ୍ପର୍କିତ ନିଷ୍ପତ୍ତି ତଥା ଗତ ମେ' ୧୩ରେ ବିଭାଗୀୟ ଯୁଗ୍ମ ସଚିବଙ୍କ ପକ୍ଷରୁ ଜାରି ହୋଇଥିବା ଚିଠିକୁ ହାଇକୋର୍ଟ ଆଜି ରଦ୍ଦ କରିଦେଇଛନ୍ତି । ଫକିର ମହାନନ୍ଦ, ରାହୁଲ ତ୍ରିପାଠୀ ଓ ଅନ୍ୟ ଶିକ୍ଷକମାନଙ୍କ ତରଫରୁ ରୁଜୁ ଆବେଦନଗୁଡ଼ିକର ଏକତ୍ର ଶୁଣାଣି କରି ଜଷ୍ଟିସ୍ ଦୀକ୍ଷିତ କ୍ରିଷ୍ଣା ଶ୍ରୀପଦ ଏପରି ରାୟ ପ୍ରକାଶ କରିଛନ୍ତି । ରାଷ୍ଟ୍ର ଗଠନ କ୍ଷେତ୍ରରେ ଶିକ୍ଷକମାନଙ୍କ ମହତ୍ତ୍ୱପୂର୍ଣ୍ଣ ଭୂମିକା ରହିଛି । ଏଣୁ, ସେମାନଙ୍କ ବଦଳି କ୍ଷେତ୍ରରେ ରାଜନୈତିକ ହସ୍ତକ୍ଷେପକୁ ହାଇକୋର୍ଟ ନାପସନ୍ଦ କରିଛନ୍ତି । ବିଶେଷକରି ବିଧାୟକ ଓ ସାଂସଦଙ୍କ ସୁପାରିସ କ୍ଷମତା ଦ୍ୱାରା ଶିକ୍ଷକ ଗୋଷ୍ଠୀ ସହ ରାଜନୈତିକ ଦଳ ଓ ବ୍ୟକ୍ତିଙ୍କ ମଧ୍ୟରେ ଏକ ନେକ୍ସସ୍ ସୃଷ୍ଟି ହେବ, ଯାହା ବ୍ୟବସ୍ଥା ପାଇଁ ଶୁଭଙ୍କର ନୁହେଁ ବୋଲି ହାଇକୋର୍ଟ ରାୟରେ ଉଲ୍ଲେଖ କରିଛନ୍ତି ।

ଯେଉଁ ଆବେଦନକାରୀ ଶିକ୍ଷକମାନେ ଅନ୍ତରୀଣ ରହିତାଦେଶ ବଳରେ ପୂର୍ବ ସ୍ଥାନରେ କାର୍ଯ୍ୟ କରୁଛନ୍ତି, ସେମାନେ ଏବେ ସେହିଠାରେ କାର୍ଯ୍ୟ କରିବେ । ତେବେ ଉକ୍ତ ସୁପାରିସ ଆଧାରରେ ଯେଉଁମାନଙ୍କ ବଦଳି ହୋଇଛି ଓ ସେମାନେ ନୂତନ ସ୍ଥାନରେ ଯୋଗ ଦେଇସାରିଛନ୍ତି, ସେମାନେ ୨୦୨୫-୨୬ ଶିକ୍ଷା ବର୍ଷ ଶେଷ ପର୍ଯ୍ୟନ୍ତ ସେଠାରେ କାର୍ଯ୍ୟ କରିବେ । ଏହାର ଏକ ସପ୍ତାହ ମଧ୍ୟରେ ସେହି ଶିକ୍ଷକମାନଙ୍କୁ ମୂଳ ସ୍ଥାନକୁ ଫେରାଇ ଅଣାଯିବ ବୋଲି ହାଇକୋର୍ଟ ସ୍ୱଷ୍ଟ କରିଛନ୍ତି । ମାମଲାର ଶୁଣାଣି ବେଳେ ଆବେଦନକାରୀଙ୍କ ପକ୍ଷରୁ ସୁପ୍ରିମକୋର୍ଟଙ୍କ ଟି. ସୁବ୍ରମଣ୍ୟମ ବନାମ କର୍ଣ୍ଣାଟକ ସରକାରଙ୍କ ରାୟକୁ ଉପସ୍ଥାପନ କରାଯାଇଥିଲା । ଏହି ରାୟଅନୁସାରେ, କେବଳ ମୁଖ୍ୟମନ୍ତ୍ରୀଙ୍କୁ ଛାଡ଼ିଲେ ମନ୍ତ୍ରୀମାନେ ମଧ୍ୟ ଏଭଳି ବଦଳି କରିବାର କ୍ଷମତା ଧାରଣ କରିନାହାନ୍ତି ବୋଲି ସ୍ୱଷ୍ଟ ହୋଇଥିଲା ।

ମାମଲାରୁ ପ୍ରକାଶ, ବିଧାୟକ ଓ ସାଂସଦମାନେ ନିଜ ନିର୍ବାଚନମଣ୍ଡଳୀର ୧୫ଜଣ ପର୍ଯ୍ୟନ୍ତ ଶିକ୍ଷକଙ୍କ ବଦଳି ପାଇଁ ସୁପାରିସ କରିପାରିବେ ବୋଲି ସରକାର ନେଇଥିବା ନିଷ୍ପତ୍ତିକୁ ବିଭାଗୀୟ ଯୁଗ୍ମ ସଚିବଙ୍କ ପକ୍ଷରୁ ଗତ ମେ' ୧୩ ତାରିଖରେ ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ଓ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ ଉଦ୍ଦେଶ୍ୟରେ ଏକ ପତ୍ର ଦିଆଯାଇଥିଲା । ବଦଳି ସୁପାରିସ ଜିଲ୍ଲା ସ୍ତରୀୟ ବଦଳି କମିଟି (ଡିଏଲଟିସି)କୁ ମେ' ୧୫ରୁ ଜୁନ୍ ୫ମଧ୍ୟରେ ପଠାଯିବା ପରେ କମିଟି କାର୍ଯ୍ୟକାରୀ କରିବ ବୋଲି ଉଲ୍ଲେଖ ଥିଲା । ଆବେଦନକାରୀ ଶିକ୍ଷକମାନଙ୍କୁ ମଧ୍ୟ ଅନୁରୂପ ଭାବ ସ୍ଥାନୀୟ ବିଧାୟକ ଓ ସାଂସଦଙ୍କ ସୁପାରିସକ୍ରମେ ବଦଳି କରାଯାଇଥିଲା । ଏପରିକି, ଆବେଦନକାରୀଙ୍କୁ ୧୦୦କି.ମି ଦୂରକୁ ବଦଳି ପାଇଁ ଆଦେଶ ଜାରି ହୋଇଥିଲା । ଏଭଳି ରାଜନୈତିକ ଉଦ୍ଦେଶ୍ୟପ୍ରଣୋଦିତ ବଦଳି ନିଷ୍ପତ୍ତି ପାଇଁ କୌଣସି କ୍ଷମତା କିମ୍ବା ଯଥାର୍ଥତା ନଥିବା ବେଳେ ବଦଳି ଆଦେଶକୁ ବେଆଇନ ଦର୍ଶାଇ ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । ମାମଲାର ଶୁଣାଣି କରି ହାଇକୋର୍ଟ ଅନ୍ତରୀଣ ରହିତାଦେଶ ଜାରି କରିବା ସହ ରାଜ୍ୟ ସରକାରଙ୍କୁ ଜବାବ ତଲବ କରିଥିଲେ । ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ପୁରୁଷୋତ୍ତମ ଚୁଳି, ରାମଦାସ ଆଚାରି, ସୁକାନ୍ତ ଦଳାଇ ଓ ଅନ୍ୟମାନେ ମାମଲା ପରିଚାଳନା କରୁଥିଲେ ।

### ମାଧ୍ୟମିକ ଶିକ୍ଷକ ଦମ୍ପତି ବଦଳିରେ ବିଳମ୍ବ

# ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଘେରଉ ଧମକ

ଭୁବନେଶ୍ୱର, ୨୭ ।୧୧(ସମିସ): ମାଧ୍ୟମିକ ବିଦ୍ୟାଳୟରେ କାର୍ଯ୍ୟରତ ଶିକ୍ଷକ ଦମ୍ପତିଙ୍କ ବଦଳିରେ ଚଳିତ ବର୍ଷ ଅହେତୁକ ବିଳମ୍ବ ହୋଇଛି । ପ୍ରାୟ ୬ ମାସରୁ ଅଧିକ ସମୟ ହେଲା ଆଶାୟୀମାନେ ଆବେଦନ କରିଥିଲେ ମଧ୍ୟ ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଇନି । ଏହାକୁ ନେଇ ସେମାନଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବା ସହ ଜାଣିଶୁଣି ବିଳମ୍ବ କରାଯାଉଥିବା ଅଭିଯୋଗ କରିଛନ୍ତି । ଆସନ୍ତା ୧୦ ଦିନ ମଧ୍ୟରେ ବଦଳି ନିର୍ଦ୍ଦେଶନାମା ପ୍ରକାଶ କରା ନ ଗଲେ ଗଣଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ସମ୍ମୁଖରେ ଅହୋରାତ୍ର ଧାରଣାରେ ବସିବେ ବୋଲି ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି ।

ମାଧ୍ୟମିକ ଶିକ୍ଷକଙ୍କ ବଦଳି କ୍ଷେତ୍ରରେ ଦମ୍ପତି ଶିକ୍ଷକଶିକ୍ଷୟିତ୍ରୀଙ୍କୁ ପ୍ରାଥମିକତା ଭିତ୍ତିରେ ବଦଳି ପ୍ରକ୍ରିୟା କରିବାର ପ୍ରାବଧାନ ରହିଛି । ହେଲେ, ଚଳିତବର୍ଷ ସେମାନଙ୍କୁ ଅଣଦେଖା କରି ଅନ୍ୟ ଶିକ୍ଷକଙ୍କର ବଦଳି ନିର୍ଦ୍ଦେଶନାମା ପ୍ରକାଶ ପାଇଛି । ଏପରିକି, ଆବେଦନକୁ ଦୀର୍ଘ ୬ମାସ ଅତିକ୍ରମ କରିଥିଲେ ମଧ୍ୟ ଗଣଶିକ୍ଷା ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଉନାହିଁ । ବଦଳି ନିୟମର ଏହା ଖୋଲା ଉଲ୍ଲଂଘନ । ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବିଭିନ୍ନ ଆଳ ଦେଖାଇ ସେମାନଙ୍କର ବଦଳି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରୁ ନଥିବା ସଂଘ ଅଭିଯୋଗ କରିଛି । ବାରମ୍ବାର ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ, ଗଣଶିକ୍ଷା ମନ୍ତ୍ରୀ, ଗଣଶିକ୍ଷା ସଚିବଙ୍କୁ ଜଣାଇଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ । ପ୍ରାଥମିକ ଦମ୍ପତି ଶିକ୍ଷକଙ୍କ ବଦଳି ହୋଇସାରିଥିବା ବେଳେ ମାଧ୍ୟମିକ ଶିକ୍ଷକଙ୍କ କ୍ଷେତ୍ରରେ କାହିଁକି ବିଳମ୍ବ କରାଯାଉଛି ବୋଲି ଶିକ୍ଷକମାନେ ପ୍ରଶ୍ନ କରିବା ସହ ୧୦ ଦିନ ମଧ୍ୟରେ ବଦଳି ପ୍ରକ୍ରିୟା ସାରିବାକୁ ଦାବି କରିଛନ୍ତି । ଅନ୍ୟଥା ଆବେଦନ କରିଥିବା ପ୍ରାୟ ୨ଶହରୁ ଅଧିକ ଦମ୍ପତି ଶିକ୍ଷକ ଶିକ୍ଷୟିତ୍ରୀ ସପରିବାର ଗଣଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ସମ୍ମୁଖରେ ଦିବାରାତ୍ର ଧାରଣାରେ ବସିବେ ବୋଲି ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘର ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ କହିଛନ୍ତି ।

### ଏସ୍‌ଆଇ ଚାକିରି ବିକ୍ରି ମାମଲା

# ୩ ଦିନିଆ ସିବିଆଇ ରିମାଣ୍ଡରେ ୪ ମଧ୍ୟସ୍ଥ

ଭୁବନେଶ୍ୱର,୨୭।୧୧(ସମିସ): ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ୪ଜଣ ମଧ୍ୟସ୍ଥଙ୍କୁ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଗୁରୁବାର ୩ଦିନିଆ ରିମାଣ୍ଡରେ ନେଇଛି । ଏହି ମଧ୍ୟସ୍ଥମାନେ ହେଲେ, ବିଶ୍ୱରଞ୍ଜନ ବେହେରା, ଲୋକନାଥ ସାହୁ, ଫଲିମ୍ ଅହମ୍ମଦ ଖାନ୍ ଏବଂ ବିଶ୍ୱରଞ୍ଜନ ହରିଶ୍ଚନ୍ଦନ । ଏମାନଙ୍କୁ ରିମାଣ୍ଡରେ ନେବା ପାଇଁ ସକାଳୁ ସିବିଆଇ ଟିମ୍ ଝାରପଡ଼ା ଜେଲରେ ପହଞ୍ଚିଥିଲା । ସବୁ ଔପଚାରିକତା ଶେଷ କରିବା ପରେ ୪ ଜଣଙ୍କୁ କଡ଼ା ସୁରକ୍ଷା ମଧ୍ୟରେ ସିବିଆଇ କାର୍ଯ୍ୟାଳୟକୁ ନିଆଯାଇଥିଲା । ଏମାନଙ୍କୁ ସିବିଆଇର ସ୍ୱତନ୍ତ୍ର ଟିମ୍ ଦିନତମାମ ଜେରା କରିଥିଲା । ଚାକିରି ବିକ୍ରି ସିଣ୍ଡିକେଟ୍ ସମ୍ପର୍କରେ ଏମାନଙ୍କଠାରୁ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିଥିବା ଜଣାଯାଇଛି ।

ମିଳିଥିବା ସୂଚନା ମୁତାବକ, ସିବିଆଇ ପରୀକ୍ଷା ଚାକିରି ବିକ୍ରି କରୁଥିବା କ୍ରାଇମ୍ ସିଣ୍ଡିକେଟ୍‌ର ପ୍ରତ୍ୟେକ ସଦସ୍ୟମାନଙ୍କୁ ଧରିବାକୁ ଏକ ଫୁଲପ୍ରୁଫ୍ ଯୋଜନା ପ୍ରସ୍ତୁତ କରିଛି । ଅଭିଯୁକ୍ତମାନଙ୍କୁ ୩ଟି ଶ୍ରେଣୀରେ ବିଭକ୍ତ କରାଯାଇଛି । ପ୍ରଥମ ଶ୍ରେଣୀରେ ରହିଛନ୍ତି ଚାକିରି ଆଶାୟୀ, ଯେଉଁମାନେ ଟଙ୍କା ଖର୍ଚ୍ଚ କରି ଚାକିରି ପାଇବାକୁ ଯୋଜନା କରିଥିଲେ । ୬ଦିନ ଧରି ଏମାନଙ୍କୁ ଜେରା କରାଗଲା । ଏହାପରେ ଏମାନଙ୍କଠାରୁ ଯାହା କିଛି ତଥ୍ୟ ମିଳିଲା, ତାହାକୁ ଆଧାର କରି ଦ୍ୱିତୀୟ ଶ୍ରେଣୀରେ ଥିବା ମଧ୍ୟସ୍ଥଙ୍କୁ ରିମାଣ୍ଡରେ ଆଣି ପଚରାଉଚରା କରାଯାଉଛି । ଏମାନଙ୍କଠାରୁ କ୍ରାଇମ୍ ସିଣ୍ଡିକେଟ୍ ସଦସ୍ୟଙ୍କ ସମ୍ପର୍କରେ ତଥ୍ୟ ସଂଗ୍ରହ କରାଯିବ । ଏହାପରେ ସିବିଆଇ କାର୍ଯ୍ୟାଳୟରେ ହାଜର ହେବେ ସିଣ୍ଡିକେଟ୍ ଜଣେ ଜଣେ ସଦସ୍ୟ । ଏଣୁ ସିବିଆଇ ତଦନ୍ତ ପ୍ରକ୍ରିୟା ତଳୁ ଉପର ଆଡ଼କୁ ଯାଉଛି ବୋଲି ନାମ ଗୋପନ ରଖିବା ସର୍ତ୍ତରେ ଜଣେ ଅଧିକାରୀ ସୂଚନା ଦେଇଛନ୍ତି ।

ଅନ୍ୟପକ୍ଷରେ, ରିମାଣ୍ଡରେ ଆସିଥିବା ଅଭିଯୁକ୍ତମାନେ ସିବିଆଇ କାର୍ଯ୍ୟାଳୟରେ ହାଜର ହେବା ପରେ ସେମାନଙ୍କୁ ଜେରା ପାଇଁ ସ୍ୱତନ୍ତ୍ର ଗୃହକୁ ନିଆଯାଇଥିଲା । ହେଲେ ଏହି ଗୃହରେ ୬ଘଣ୍ଟା ପର୍ଯ୍ୟନ୍ତ ସେମାନଙ୍କୁ ସମ୍ପୂର୍ଣ୍ଣ ଏକଲା ଛାଡ଼ି ଦିଆଯାଇଥିଲା । ଗୋଟିଏ ବି ପ୍ରଶ୍ନ ନ ପଚାରି ଦୂରରୁ ସେମାନଙ୍କ ହାବଭାବକୁ ଯାଞ୍ଚ କରୁଥିଲେ ସିବିଆଇ ଅଧିକାରୀ । ଏକୁଟିଆ ଘଣ୍ଟାଘଣ୍ଟା ଧରି ବସିବା ପରେ ଅଭିଯୁକ୍ତମାନେ ଛାନିଆ ହୋଇଯାଇଥିଲେ । ଯିଏ ମାନସିକସ୍ତରରେ ଭାଙ୍ଗି ପଡୁଥିଲା ଏବଂ ସିବିଆଇ ଆଗରେ ସବୁ କିଛି ମାନିଯିବ ବୋଲି ବିଶ୍ୱାସ ହୋଇଥିଲା, ସେମାନଙ୍କୁ ହିଁ ଜେରା ଆରମ୍ଭ କରାଯାଉଥିଲା । ସେମାନଙ୍କୁ ଆରମ୍ଭ ହେଉଥିଲା ପ୍ରକୃତ ଜେରା । ଗୋଟିଏ ପରେ ଗୋଟିଏ ପଶ୍ନ ପଚରାଯାଉଥିଲା ।

ସିବିଆଇର ପ୍ରଶ୍ନବାଣରେ ଘାଇଲା ହୋଇଯାଇଥିଲେ ରିମାଣ୍ଡରେ ଥିବା ଅଭିଯୁକ୍ତମାନେ । କେତେବେଳେ କାହାକୁ ଏକୁଟିଆ ଜେରା କରାଯାଉଥିଲା ତ ପୁଣି କେତେବେଳେ କଥା ନମିଶିବାରୁ କେତେବେଳେ ଏମାନଙ୍କୁ ଏକତ୍ର ଜେରା କରାଯାଉଥିଲା । ସିବିଆଇର ଗୋଟିଏ ଉଦ୍ଦେଶ୍ୟ ଥିଲା କ୍ରାଇମ୍ ସିଣ୍ଡିକେଟ୍ ସଦସ୍ୟଙ୍କ ନାଁ ସାମ୍ନାକୁ ଆଣିବା ଏବଂ ଏମାନଙ୍କ ବିରୋଧରେ ପ୍ରମାଣ ଯୋଗାଡ଼ କରିବା ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ବିଶ୍ୱରଞ୍ଜନ ବେହେରା ଏବଂ ଲୋକନାଥ ସାହୁଙ୍କୁ ଜେରା କରିବାର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଏହି ରାକେଟ୍‌ର ଟଙ୍କା କାରବାର ଉପରୁ ପରଦା ହଟାଇବା । ନିଲମ୍ବିତ କନ୍‌ଷ୍ଟେବଲ ବିଶ୍ୱରଞ୍ଜନ ଜେରା ବେଳେ ବହୁ ଗୁରୁତ୍ୱପୂର୍ଣ୍ଣ କଥା ସିବିଆଇକୁ କହିଛନ୍ତି ବୋଲି ଜଣାପଡ଼ିଛି । ସେ ସିବିଆଇ ଆଗରେ ବହୁ ଗୁମର ଖୋଲିଛନ୍ତି । ତାଙ୍କ ଘର ବାରଙ୍ଗ ଥାନା ଅଞ୍ଚଳରେ । ଚାକିରି କରିବାର କିଛି ବର୍ଷ ପରେ ସେ ଚାକିରି ବିକ୍ରି କ୍ରାଇମ୍ ସିଣ୍ଡିକେଟ୍ ସଂସ୍ପର୍ଶରେ ଆସିଥିଲେ । ବିଶ୍ୱରଞ୍ଜନ ବହୁ ମଧ୍ୟସ୍ଥଙ୍କ ସହ ଯୋଗାଯୋଗରେ ଥିଲେ । ସେ ୧୧୪ ଆଶାୟୀଙ୍କଠାରୁ ସାର୍ଟିଫିକେଟ୍ ଏବଂ ଚେକ୍ ସଂଗ୍ରହ କରିଥିଲେ । ଏହା ବଦଳରେ ସେ ପ୍ରଶ୍ନପତ୍ର ପ୍ରଦାନ କରିଥିଲେ ।

# ଟ୍ରେଡିଂ ଆଳରେ ୫୦ କୋଟି ଠକେଇ

ସମ୍ବଲପୁର, ୨୭।୧୧(ସମିସ): 'ମୁଁ ଆଇଟି ଏକ୍ସପର୍ଟ । ଟ୍ରେଡିଂ କ୍ଷେତ୍ରରେ ବହୁବର୍ଷ ହେଲାଣି କାମ କରୁଛି । ମୋତେ ଟଙ୍କା ଦିଅ, ପ୍ରଥମ ମାସରେ ମୂଳଧନର ୧୦ ପ୍ରତିଶତ ଦେଇଦେବି । ୬ମାସ ପରେ ବଡ଼ ଆକାରରେ ଟଙ୍କା ଫେରାଇଦେବି । ବ୍ୟାଙ୍କ କିମ୍ବା ଅନ୍ୟ କୌଣସି କ୍ଷେତ୍ରରେ ବିନିଯୋଗ କଲେ, ଏତେ ଲାଭ ପାଇବେନି । ମୋତେ ଟଙ୍କା ଦେଲେ କୋଟିପତି ହେବେ ।' ଏପରି ଲୋଭ ଦେଖାଇ ୫୦ କୋଟି ଟଙ୍କା ଠକି ନେଇଥିବା ଜଣେ ଧୂର୍ତ୍ତକୁ ସମ୍ବଲପୁର ସଦର ଥାନା ପୁଲିସ ଗିରଫ କରିଛି । ସେ ହେଲା, କ୍ଷେତରାଜପୁର ଥାନା ଚନ୍ଦନ ନଗରର ମଧୁସୂଦନ ବରାଇ(୩୬)କୁ ଗିରଫ କରିଛି । ମଧୁସୂଦନ ସଦର ଥାନା ଏନ୍‌ଏସ୍‌ସିବି କଲେଜ ଛକରେ 'ଏ ଆଣ୍ଡ ଏ' ଇଣ୍ଟରପ୍ରାଇଜେସ୍ ଇନ୍‌ଭେଷ୍ଟମେଣ୍ଟ ରିଟର୍ନ୍ସ ନାମକ ଏକ ସଂସ୍ଥା ଖୋଲି ଏପରି କାରବାର ଚଳାଇଥିଲା ବୋଲି ସମ୍ବଲପୁର ଏସପି ମୁକେଶ ଭାମୁ ସୂଚନା ଦେଇଛନ୍ତି । ପ୍ରାୟ ୪୭ଜଣ ଲୋକଙ୍କ ପାଖରୁ ଲକ୍ଷାଧିକ ମୋଟ ୫୦କୋଟି ଟଙ୍କା ଠକେଇ ହୋଇଥିବା ପୁଲିସ ଅନୁମାନ କରିଛି । ପୁଲିସ ତା' ନିକଟରୁ ଗୋଟିଏ ମୋବାଇଲ, ୬ଟି ସିପିୟୁ, ୬ଟି ମନିଟର୍, ଗୋଟିଏ ପ୍ରିଣ୍ଟର୍, ୫ଟି କି-ବୋର୍ଡ ସହ ୫ଟି ମାଉସ ଜବତ କରିଛି ।

ଏସ୍‌ପି ଶ୍ରୀ ଭାମୁ କହିଛନ୍ତି ଯେ ଏ ପର୍ଯ୍ୟନ୍ତ ୨୦କୋଟିର ବ୍ୟାଙ୍କ ଟ୍ରାଞ୍ଜାକ୍ସନ୍ ବାବଦରେ ପୁଲିସ ସୂଚନା ପାଇଛି । ଅଭିଯୁକ୍ତ ପୂର୍ବରୁ ଓଡ଼ିଶା ବାହାରେ ଏକ କମ୍ପାନୀର ଆଇଟି ସେକ୍ଟରରେ କାମ କରୁଥିଲା । ପରେ ଚାକିରି ଛାଡ଼ି ଟ୍ରେଡିଂ କ୍ଷେତ୍ରରେ ପ୍ରବେଶ କରିଥିଲା । ନିଜର ଡିମାଟ୍ ଆକାଉଣ୍ଟରେ ଲୋକଙ୍କ ଟଙ୍କା ଆଣି ବିନିଯୋଗ କରୁଥିଲା । ଗ୍ରାହକ ଦେଉଥିବା ଟଙ୍କାକୁ ରଖିବା ପରେ ସେମାନଙ୍କୁ ବଣ୍ଡ ପେପର୍ ମଧ୍ୟ ଦେଉଥିଲା । କିଛି ଲୋକଙ୍କୁ ପ୍ରାଥମିକ ପର୍ଯ୍ୟାୟରେ ଟଙ୍କା ଫେରାଇଥିବା ମଧ୍ୟ ସୂଚନା ରହିଛି । ଏଥିରେ ତାକୁ ଆଉ କିଛି ଯୁବକ ସହଯୋଗ କରୁଥିଲେ । ସେମାନଙ୍କୁ ଧରିବା ପାଇଁ ତନାଘନା ଚାଲିଛି । ସେହିଭଳି, କେଉଁ ପରିସ୍ଥିତିରେ ଲୋକମାନେ ଲକ୍ଷାଧିକ ଟଙ୍କା ବିନିଯୋଗ କରିବା ପାଇଁ ଦେଉଥିଲେ, ତାହା ଅଭିଯୁକ୍ତ ମଧୁସୂଦନକୁ ରିମାଣ୍ଡରେ ଆଣିଲେ ଜଣାପଡ଼ିବ ବୋଲି ଏସ୍‌ପି ଶ୍ରୀ ଭାମୁ କହିଛନ୍ତି ।

### ପ୍ରେମ ପାଇଁ ସାତଦରିଆ ପାରି

# ଓଡ଼ିଆ ବୋହୂ ହେଲେ ସ୍ଲୋଭାକିଆ ଯୁବତୀ

ପାରଳାଖେମୁଣ୍ଡି, ୨୭ ।୧୧ (ସମିସ): ପ୍ରେମ ମାନେନାହିଁ ସୀମା ସରହଦ, ବନ୍ଧବାଡ଼ । ଏହି ଉକ୍ତିକୁ ପ୍ରମାଣିତ କରି ଦେଖାଇଛନ୍ତି ସ୍ଲୋଭାକିଆର ଜଣେ ଯୁବତୀ । ପ୍ରେମ ପାଇଁ ସେ ସାତଦରିଆ ପାର ହୋଇ ଓଡ଼ିଶାରେ ପାଦ ଥାପିଛନ୍ତି । ହିନ୍ଦୁ ରୀତିନୀତିରେ ଜଣେ ଓଡ଼ିଆ ଯୁବକଙ୍କୁ ବିବାହ କରି ଓଡ଼ିଶାର ବୋହୂ ହୋଇଛନ୍ତି । ସେ ହେଲେ, ୟୁରୋପୀୟ ଦେଶ ସ୍ଲୋଭାକିଆର ଯୁବତୀ ଏନା । ଗଜପତି ଜିଲ୍ଲା ପାରଳାଖେମୁଣ୍ଡି ସହର ଉପକଣ୍ଠ ରାମଲିଙ୍ଗେଶ୍ୱର ମନ୍ଦିରରେ ସେ ପାରଳାଖେମୁଣ୍ଡିର ରାଜୀବ ମିଶାଲଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି ।

ରାଜୀବ ସିଙ୍ଗାପୁରରେ କାମ କରନ୍ତି । ଏକ ହସ୍ପିଟାଲରେ ଏନାଙ୍କ ସହ ତାଙ୍କର ଦେଖା ହୋଇଥିଲା । ପରବର୍ତ୍ତୀ ସମୟରେ ଉଭୟଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା । ଦୀର୍ଘ ବର୍ଷ ଧରି ରାଜୀବଙ୍କ ସଂସ୍ପର୍ଶରେ ରହିବା ପରେ ଏନା ଭାରତୀୟ ସଂସ୍କୃତି ଓ ପରମ୍ପରାକୁ ମଧ୍ୟ ଭଲ ପାଇ ବସିଥିଲେ । ଏ ସଂପର୍କରେ ଉଭୟ ନିଜ ନିଜ ପରିବାରଲୋକଙ୍କ ସହ ଆଲୋଚନା କରିବା ପରେ ହିନ୍ଦୁ ରୀତିନୀତି ଅନୁସାରେ ବିବାହ କରିବାକୁ ନିଷ୍ପତ୍ତି ନେଇଥିଲେ । ନିଷ୍ପତ୍ତି ଅନୁଯାୟୀ ବୁଧବାର ରାତିରେ ରାମଲିଙ୍ଗେଶ୍ୱର ମନ୍ଦିରରେ ହିନ୍ଦୁ ରୀତିନୀତିରେ ଦୁହିଁଙ୍କ ବିବାହ ସଂପନ୍ନ ହୋଇଥିଲା । ରାଜୀବଙ୍କ ପରିବାରଲୋକ ଏନାଙ୍କ ନାମକୁ ଭାରତୀୟ ନାମ ଅନୁସାରେ ଅନନ୍ୟା ଦେଇଛନ୍ତି । ଏହି ବିବାହ ଉତ୍ସବରେ ଉଭୟ ପକ୍ଷର ସମସ୍ତ ବନ୍ଧୁବାନ୍ଧବ ଓ ପ୍ରିୟଜନ ଉପସ୍ଥିତ ଥିଲେ ।



### ପାଟଣାରେ ମେଗା ଷ୍ଟିଲ୍ ପ୍ଲାଣ୍ଟକୁ ବିରୋଧ ଜାରି

# ରାତିଅଧରେ ପୁଲିସ-ଗ୍ରାମବାସୀ ହାତାହାତି

- ଲାଠିଚାର୍ଜ କରି ମୁକୁଳିଲା ପୁଲିସ
- ଗିରଫଦାରୀ ପ୍ରତିବାଦରେ ରାସ୍ତାରେ ଧାରଣା
- ପ୍ଲାଣ୍ଟ ବିରୋଧୀ ନେତାଙ୍କୁ ନିସର୍ତ୍ତ ଖଲାସ ଦାବି

କେନ୍ଦୁଝର, ୨୭।୧୧ (ସମିସ): କେନ୍ଦୁଝର ଜିଲ୍ଲାର ପାଟଣା ଅଞ୍ଚଳରେ ମେଗା ଷ୍ଟିଲ୍ ପ୍ଲାଣ୍ଟ ସ୍ଥାପନକୁ ସ୍ଥାନୀୟ ଲୋକ ବିରୋଧ କରିଆସୁଛନ୍ତି । ଏହାକୁ ନେଇ ସ୍ଥିତି ଏବେ ଦିନକୁ ଦିନ ଉଗ୍ର ହେବାରେ ଲାଗିଛି । ଗତ ରାତିରେ କାରଖାନା ବିରୋଧୀ ମଞ୍ଚର ୬ନେତାଙ୍କୁ ଗିରଫ କରିବାକୁ ଯାଇଥିବା ପୁଲିସକୁ ଗ୍ରାମବାସୀଙ୍କ ଆକ୍ରୋଶର ସମ୍ମୁଖୀନ ହେବାକୁ ପଡ଼ିଛି । ଉତ୍ତ୍ୟକ୍ତ ଗ୍ରାମବାସୀମାନେ ଏହି ଗିରଫଦାରୀକୁ ବେଆଇନ ଦର୍ଶାଇ ପୁଲିସ୍‌କୁ ଗାଁ ଦାଣ୍ଡରେ ଅଟକ ରଖିଥିଲେ । ପୁଲିସ-ଗ୍ରାମବାସୀଙ୍କ ମଧ୍ୟରେ ହାତାହାତି ପର୍ଯ୍ୟନ୍ତ କଥା ଯାଇଥିଲା । ତେବେ ସ୍ଥିତି ଜଟିଳ ହେବାରୁ ପୁଲିସ ମୃଦୁ ଲାଠିଚାଳନା କରି ଗ୍ରାମବାସୀଙ୍କୁ ଘଉଡ଼ାଇଥିଲା । ଏଥିରେ ଜଣେ ମହିଳା ପୁଲିସ ଓ କିଛି ଗ୍ରାମବାସୀ ଆହତ ହୋଇଥିବା ଜଣାପଡ଼ିଛି । ପରେ ପୁଲିସ ୬ ଅଭିଯୁକ୍ତଙ୍କୁ ଗିରଫ କରି ଥାନାକୁ ନେଇଥିଲା । ତୁରୁମୁଙ୍ଗା ଥାନା ଯମୁନାପଶି ଗ୍ରାମରେ ଏହି ଘଟଣା ଘଟିଛି । ଗିରଫ ଅଭିଯୁକ୍ତମାନେ ହେଲେ, କାରଖାନା ପ୍ରତିରୋଧ ମଞ୍ଚର ସମ୍ପାଦକ ବେଣୁଧର ସର୍ଦ୍ଦାର, ତାଙ୍କ ଭାଇ ଭୁବନାନନ୍ଦ ସର୍ଦ୍ଦାର, ମଞ୍ଚର




ଉପସଭାପତି ସରୋଜ କୁମାର ସିଂ, ରବୀନ୍ଦ୍ର ମାହାନ୍ତ, ବରିଷ୍ଠ କର୍ମୀ ଅନାମ ନାୟକ, ବୀରେନ୍ଦ୍ର ମହାକୁଡ଼ । ଆଜି ପୁଲିସ ସେମାନଙ୍କୁ କୋର୍ଟଚାଲାଣ କରିଛି ।

ଅପରପକ୍ଷେ, ଏହି ୬ ଜଣଙ୍କ ଗିରଫଦାରୀ ପ୍ରତିବାଦରେ ଆଜି ସକାଳ ପ୍ରାୟ ୧୦ଟାରେ ପ୍ଲାଣ୍ଟ ପ୍ରଭାବିତ ୧୨ଟି ଗାଁର ପ୍ରାୟ ୨ ହଜାର ମହିଳା ପୁରୁଷ ଏକାଠି ହୋଇ ହାତୀବାରି ଛକ ନିକଟରୁ ଏକ ରାଲିରେ ବାହାରିଥିଲେ । ତୁରୁମୁଙ୍ଗା ଥାନାଠାରୁ ୫ଶହ ମିଟର ଦୂରରେ ପୁଲିସ ସେମାନଙ୍କୁ ଅଟକାଇବାରୁ ସେମାନେ ତୁରୁମୁଙ୍ଗା ସର୍ଭିସ୍ ରୋଡ୍‌ରେ ଧାରଣା ଦେଇଥିଲେ । ଚାଷଜମିରେ ପ୍ଲାଣ୍ଟ ନିର୍ମାଣ ବନ୍ଦ, ପୋସ୍କୋ ସହ ଏମଓୟୁ ବାତିଲ, ରକ୍ତ ଦେବୁ ପଛେ ଭିଟା ମାଟି ଛାଡ଼ିବୁ ନାହିଁ ଆଦି ଲେଖାଥିବା ପ୍ଲା'-କାର୍ଡ ଧରି ଧାରଣାରେ ବସିଥିଲେ । ଅପରାହ୍ଣ ପ୍ରାୟ ସାଢ଼େ ୪ଟାରେ ଆନ୍ଦୋଳନକାରୀମାନେ ଧାରଣରୁ ଉଠିଥିଲେ ।

ସୂଚନାନୁଯାୟୀ, ପାଟଣା ବ୍ଲକ୍ ଚେମେଣା ଓ ଯମୁନାପଶି ପଞ୍ଚାୟତ ଅଞ୍ଚଳରେ ଦୁଇଟି କମ୍ପାନୀ ମିଳିତ ଭାବେ ଷ୍ଟିଲ୍ ପ୍ଲାଣ୍ଟ ସ୍ଥାପନ କରିବାକୁ ଯାଉଛନ୍ତି । ଏହାକୁ କାରଖାନା ପ୍ରତିରୋଧ ମଞ୍ଚ ବିରୋଧ କରିଆସୁଛି । ବେଣୁଧର ମଞ୍ଚର ସଂପାଦକ । କିଛି ଦିନ ତଳେ ଚେମଣା ଗ୍ରାମର ପ୍ରତାପ ଦାସ ସହ ୨ଜଣଙ୍କୁ ଅତର୍କିତ ଆକ୍ରମଣ ସହ ତାଙ୍କଠାରୁ ଜୋରଜବରଦସ୍ତ ଟଙ୍କା ଛଡ଼ାଇ ନେଇଯିବା, ମରଣାନ୍ତକ ଆକ୍ରମଣ ହୋଇଥିବା ନେଇ ତୁରୁମୁଙ୍ଗା ଥାନାରେ ଅଭିଯୋଗ ହୋଇଥିଲା । ପୁଲିସ ଏନେଇ ନମ୍ବର ୨୬୫/୨୦୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା । ଏହି ମାମଲାରେ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ପୁଲିସ ଗତ ରାତିରେ ଯମୁନାପଶି ଗାଁକୁ ଯାଇଥିଲା । କିନ୍ତୁ, କାରଖାନା ପ୍ରତିରୋଧ ମଞ୍ଚର ସ୍ୱରକୁ ଦବାଇବା ପାଇଁ ପୁଲିସ ଏଭଳି ମିଛ ମାମଲା କରି ଏହାର ସଦସ୍ୟଙ୍କୁ ଗିରଫ କରୁଥିବା ଅଭିଯୋଗ କରି ଗ୍ରାମବାସୀମାନେ ପୁଲିସର ବାଟ ଉଗାରିଥିଲେ । ଏହାକୁ ନେଇ ପୁଲିସ ଓ ଗ୍ରାମବାସୀଙ୍କ ମଧ୍ୟରେ ହାତାହାତି ହୋଇଥିଲା ।

ଅପରପକ୍ଷେ, ମଞ୍ଚର ଉପଦେଷ୍ଟା ତଥା ଏଆଇକେକେଏମଏସ୍ ରାଜ୍ୟ ସମ୍ପାଦକ କମ୍ରେଡ ରଘୁନାଥ ଦାସ ଓ ପ୍ରତିରୋଧ ମଞ୍ଚର ସଭାପତି ଘନଶ୍ୟାମ ମହାନ୍ତ ପୁଲିସର ଏଭଳି ଦମନକାରୀ ନୀତିକୁ ତୀବ୍ର ନିନ୍ଦା କରିଛନ୍ତି । ଅବିଳମ୍ବେ ବିନା ସର୍ତ୍ତରେ ପ୍ରତିରୋଧ ମଞ୍ଚର ସଦସ୍ୟମାନଙ୍କୁ ଖଲାସ କରିବାକୁ ସେମାନେ ଦାବି କରିନ୍ତି । ନଚେତ୍ ଆଗାମୀ ଦିନରେ ଆନ୍ଦୋଳନକୁ ଆହୁରି ତୀବ୍ର କରାଯିବ ବୋଲି ଚେତାବନୀ ଦେଇଛନ୍ତି । ଘଟଣାକୁ ନେଇ କାରଖାନା ପ୍ରସ୍ତାବିତ ଅଞ୍ଚଳରେ ଉତ୍ତେଜନା ଲାଗି ରହିଥିବାରୁ ପୁଲିସ୍ ତୀକ୍ଷ୍ଣ ନଜର ରଖିଛି ।

# ନାଟ୍ୟକାର ବିଭୂତିଭୂଷଣ ପଟ୍ଟନାୟକ ପୁରସ୍କୃତ



କଣାସ,୨୭।୧୧(ସମିସ): ପୁରୀ ଜିଲ୍ଲା କଣାସ ବ୍ଲକ୍ ବଡାସ ପଞ୍ଚାୟତ ବୈଦ୍ୟନାଥପାଟଣା ଗ୍ରାମରେ ଜନ୍ମ ଗ୍ରହଣ କରିଥିବା ନାଟ୍ୟକାର ତଥା ନାଟ୍ୟ ନିର୍ଦ୍ଦେଶକ ବିଭୂତିଭୂଷଣ ପଟ୍ଟନାୟକଙ୍କୁ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପକ୍ଷରୁ ବୁଧବାର ପୁରସ୍କୃତ କରାଯାଇଥିବା ଜଣାପଡ଼ିଛି। ଭୁବନେଶ୍ୱରଠାରେ ଅନୁଷ୍ଠିତ ଏକାଡେମୀ ଉତ୍ସବରେ ୨୦୨୪ ବର୍ଷ ପାଇଁ ଶ୍ରୀ ପଟ୍ଟନାୟକଙ୍କୁ ମନୋନୀତ କରାଯାଇ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ପୁରସ୍କୃତ କରିବା ସହିତ ତାଙ୍କର ଦୀର୍ଘ ନିରାମୟ ଜୀବନ କାମନା କରିଥିଲେ। ଶ୍ରୀ ପଟ୍ଟନାୟକ ଏକାଧାରରେ ଜଣେ ଶିକ୍ଷକ, ନାଟ୍ୟକାର, ନିର୍ଦ୍ଦେଶକ ଓ ସମାଜସେବୀ ଭାବରେ ପୁରସ୍କୃତ ହୋଇଥିବାବେଳେ ୨୦୨୦ରେ ଓଡ଼ିଶା ସାହିତ୍ୟ ଏକାଡେମୀ ଦ୍ୱାରା ମଧ୍ୟ ସମ୍ମାନିତ ହୋଇଥିଲେ।

● ମହିଳାଙ୍କ ନିମନ୍ତେ ଆଇନଗତ ବ୍ୟବସ୍ଥା ଓ ଅଧିକାର କର୍ମଶାଳା

# 'ସାମୂହିକ ସହଯୋଗରେ ରୋକାଯାଇପାରିବ ଲିଙ୍ଗଗତ ଭେଦଭାବ'

ସାକ୍ଷୀଗୋପାଳ,୨୭।୧୧(ସମିସ): ସତ୍ୟବାଦୀ ବ୍ଲକ୍ ମହିଳା ଓ ଶିଶୁ ବିକାଶ କାର୍ଯ୍ୟାଳୟ ପକ୍ଷରୁ ବ୍ଲକ୍ ସମ୍ମିଳନୀ ସଭାଗୃହରେ ମହିଳାଙ୍କ ନିମନ୍ତେ ଆଇନଗତ ବ୍ୟବସ୍ଥା ଓ ଅଧିକାର ଉପରେ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମ ମାଧ୍ୟମରେ ମୁଖ୍ୟତଃ ମହିଳାମାନଙ୍କ ଉପରେ ଲିଙ୍ଗଗତ ଭେଦଭାବକୁ ନେଇ ସମାଜରେ ଘଟୁଥିବା ହିଂସା ଏବଂ ଏହା ଉପରେ ଥିବା ସାମ୍ବିଧାନିକ ତଥା ଆଇନଗତ ବ୍ୟବସ୍ଥା ଉପରେ ଉପସ୍ଥିତ ଅତିଥି ଓ ଅଧିକାରୀମାନେ ଆଲୋଚନା କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ସତ୍ୟବାଦୀ ବ୍ଲକ୍ ଅଧକ୍ଷ ସୁନୀଲ କୁମାର ପଣ୍ଡା, ସମ୍ମାନିତ ଅତିଥି ରୂପେ ପୁରୀ ଜିଲ୍ଲା ସମାଜ କଲ୍ୟାଣ ବିଭାଗ ପକ୍ଷରୁ ସୁହାଗୀ ହେମ୍ବ୍ରମ, ଜିଲ୍ଲା ସଂଯୋଜକ ବିଦ୍ୟାଧର ମଲ୍ଲିକ, ସତ୍ୟବାଦୀ ବ୍ଲକ୍ ଅତିରିକ୍ତ ବିଡିଓ ସୁମିତ୍ରା ଜେନା, ସୁପରଭାଇଜର ପିୟୂଷମୟୀ ପଣ୍ଡା, ଜିଲ୍ଲା (ଓଏସ୍‌ସି) ଅଧିକାରୀ ବିଜୟଲକ୍ଷ୍ମୀ ବଡ଼ଜେନା, ଜିଲ୍ଲା ଶିଶୁ ସୁରକ୍ଷା ବିଭାଗ ପକ୍ଷରୁ ସନ୍ତୋଷ କୁମାର ସାହୁ, ଆଇନଜୀବୀ ମୋହନ ସୁନ୍ଦର ଜେନା ପ୍ରମୁଖ ଯୋଗଦେଇଥିଲେ। ସମାଜରେ ଲିଙ୍ଗଗତ ଭେଦଭାବକୁ ନେଇ ଘଟୁଥିବା ଘଟଣାକୁ ସାମୂହିକ ସହଯୋଗ ମାଧ୍ୟମରେ କିପରି ରୋକାଯାଇପାରିବ ଓ ଏଥିପ୍ରତି ରହିଥିବା ଆଇନଗତ ଦିଗ ଏବଂ ବ୍ୟବସ୍ଥା ଉପରେ ଉପସ୍ଥିତ ଅତିଥି, ଅଧିକାରୀମାନେ ଅନେକ ପରାମର୍ଶ ଦେଇଥିଲେ। ଜିଲ୍ଲା ସଂଯୋଜକ ବିଦ୍ୟାଧର ମଲ୍ଲିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବ୍ଲକ୍‌ରେ ଥିବା ସ୍ୱୟଂ ସହାୟକ ଗୋଷ୍ଠୀ, ଆଶା କର୍ମୀ, ଅନେକ କିଶୋରୀ ବାଳିକାଙ୍କ ସହ ସମସ୍ତ ଅଙ୍ଗନବାଡ଼ି ସୁପରଭାଇଜର, ଅଙ୍ଗନବାଡ଼ି କର୍ମୀମାନେ ଯୋଗଦେଇଥିଲେ।

● ଜିଲ୍ଲାସ୍ତରୀୟ ସମ୍ବିଧାନ ଦିବସ ପାଳିତ

# ସମ୍ବିଧାନ ଆମ ଦେଶର ସର୍ବୋଚ୍ଚ ଆଇନ



ପୁରୀ,୨୭।୧୧(ସମିସ): ସମ୍ବିଧାନ ହେଉଛି ଆମ ଦେଶର ସର୍ବୋଚ୍ଚ ଆଇନ, ଯାହା ସରକାର ଓ ନାଗରିକଙ୍କ ଅଧିକାର ଏବଂ କର୍ତ୍ତବ୍ୟ ପାଇଁ ଢାଞ୍ଚା ସ୍ଥାପନ କରିଥାଏ ବୋଲି କହିଛନ୍ତି ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା। ବୁଧବାର ଓସ୍ୱାନ ସମ୍ମିଳନୀ କକ୍ଷରେ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ବିଧାନ ଦିବସ ପାଳିତ ହୋଇଥିଲା। ଓସ୍ୱାନ ମୋଡ୍‌ରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସମସ୍ତ ବ୍ଲକ୍ ଓସ୍ୱାନ ହଲ୍‌ରେ ବିଡିଓ, ତହସିଲ୍‌ଦାର ଓ ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ। ଏହି ଅବସରରେ ଜିଲ୍ଲାପାଳ ଆମ ସମ୍ବିଧାନର ପ୍ରସ୍ତୁତି, ଗରିମା ଓ ମହତ୍ତ୍ୱ ସମ୍ପର୍କରେ ଆଲୋକପାତ କରି ଆମ ସମ୍ବିଧାନ ବିଶ୍ୱର ସବୁଠାରୁ ଦୀର୍ଘ ଲିଖିତ ଜାତୀୟ ସମ୍ବିଧାନ ବୋଲି କହିଥିଲେ। ଆମ ସମ୍ବିଧାନ ଏକ ସାର୍ବଭୌମ, ସମାଜବାଦୀ, ଧର୍ମ ନିରପେକ୍ଷ ଏବଂ ଗଣତାନ୍ତ୍ରିକ ରାଷ୍ଟ୍ର ଭାବେ ଆମକୁ ସ୍ୱୀକୃତି ଦେଇଛି। ୧୯୪୯ ନଭେମ୍ବର ୨୬ ତାରିଖରେ ଏହା ଗୃହୀତ ହେବା ସହ ୧୯୫୦ ଜାନୁଆରୀ ୨୬ରେ କାର୍ଯ୍ୟକାରୀ ହୋଇଥିଲା ବୋଲି ସେ କହିବା ସହ ସମସ୍ତଙ୍କୁ ସମ୍ବିଧାନ ଶପଥପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲାସ୍ତରୀୟ ଅଧିକାରୀମାନେ ଯୋଗଦେଇଥିଲେ।

# ଶିକ୍ଷକ ବିଦ୍ୟାଧର ସାହୁଙ୍କ ଶ୍ରଦ୍ଧାଞ୍ଜଳି ସଭା

କଣାସ,୨୭।୧୧(ସମିସ): କଣାସ ବ୍ଲକ୍ ସିରେଇ ଗ୍ରାମରେ ଜନ୍ମ ଗ୍ରହଣ କରିଥିବା ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ବିଦ୍ୟାଧର ସାହୁଙ୍କର ୭୩ ବର୍ଷ ବୟସରେ ହୃଦ୍‌ଘାତରେ ପରଲୋକ ହୋଇଯାଇଛି। ଗୁରୁବାର ତାଙ୍କ ଏକାଦଶାହ ଉପଲକ୍ଷେ ତାଙ୍କ ବାସଭବନରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଛି। ଶିକ୍ଷାବିତ୍ ଯୁଧିଷ୍ଠିର ସାମନ୍ତରାୟଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଶ୍ରଦ୍ଧାଞ୍ଜଳି ସଭାରେ ଶିକ୍ଷାବିତ୍ ବିଭୂତିଭୂଷଣ ପଟ୍ଟନାୟକ, ଭାଗିରଥୀ ମହାପାତ୍ର, ପୂର୍ଣ୍ଣଚନ୍ଦ୍ର ପ୍ରଧାନ, ଦେବଦତ୍ତ ପରିଡ଼ା, ବିଦ୍ୟାଧର ବିଶ୍ୱାଳ ପ୍ରମୁଖ ବହୁ ଶିକ୍ଷାବିତ୍ ଓ ବୁଦ୍ଧିଜୀବୀ ଯୋଗଦେଇଥିଲେ। ତାଙ୍କ ଜୀବନରେ ବିଭିନ୍ନ ବିଦ୍ୟାଳୟରେ ଶିକ୍ଷକତା କରି ବହୁ ସୁନାମ ଅର୍ଜନ କରିଥିବା ଓ ବିଭିନ୍ନ ଅନୁଷ୍ଠାନରେ ଯୋଗଦେଇ ସମାଜସେବାରେ ନିଜକୁ ଉତ୍ସର୍ଗ କରିଥିବା ସମ୍ପର୍କରେ ସୂଚନା ଦେଇଥିଲେ।

ଚାଲିଛି ଅଲିଭ୍ ରିଡ୍‌ଲେ କଇଁଛଙ୍କ ପ୍ରଜନନ ଋତୁ

# ସୁରକ୍ଷା କଟକଣା ଏବେ ବାଟବଣା



ଅସ୍ତରଙ୍ଗ,୨୭।୧୧(ସମିସ): ଆମର ଅତିଥି ବିରଳ ପ୍ରଜାତିର ସାମୁଦ୍ରିକ କଇଁଛ ଅଲିଭ୍ ରିଡ୍‌ଲେଙ୍କ ପ୍ରଜନନ ଋତୁ ଆରମ୍ଭ ହୋଇଯାଇଛି। ଗଭୀର ସମୁଦ୍ର ଭିତରେ ମିଳନରତ ଅଛନ୍ତି ହଜାର ହଜାର ଅଲିଭ୍ ରିଡ୍‌ଲେ କଇଁଛ। ଏହି ପରିପ୍ରେକ୍ଷୀରେ ସେମାନଙ୍କ ମିଳନ ଓ ଗଣ ଅଣ୍ଡାଦାନ ପାଇଁ ସମୁଦ୍ର ଉପକୂଳରେ ଯନ୍ତ୍ରଚାଳିତ ଡଙ୍ଗାରେ ମାଛଧରା ଉପରେ ବନ ବିଭାଗ ଓ ମତ୍ସ୍ୟ ବିଭାଗ ପକ୍ଷରୁ ୧୯୮୨ ଓମ୍‌ଫ୍ରା ଆଇନ ଅନୁଯାୟୀ ନଭେମ୍ବର ୧ରୁ ମେ' ପହିଲା ପର୍ଯ୍ୟନ୍ତ ୭ ମାସ ଧରି କଟକଣା ଜାରି କରାଯାଇଛି। ଏହା ଦ୍ୱାରା ଅସ୍ତରଙ୍ଗ ବ୍ଲକ୍ ଅନ୍ତର୍ଗତ ପ୍ରାୟ ୨୫ ହଜାର ମତ୍ସ୍ୟଜୀବୀଙ୍କ ସହିତ ପୁରୀ ଜିଲ୍ଲାର ୩ ଲକ୍ଷରୁ ଊର୍ଦ୍ଧ୍ୱ ପାରମ୍ପରିକ ତଥା ଅଣପାରମ୍ପରିକ ମତ୍ସ୍ୟଜୀବୀମାନେ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଜୀବିକା ହରାଉଛନ୍ତି। ଅଲିଭ୍ ରିଡ୍‌ଲେଙ୍କ ସୁରକ୍ଷା ପାଇଁ ୭ ମାସ ଧରି ସମୁଦ୍ର କୂଳରୁ ୨୦ କି.ମି. ସାମୁଦ୍ରିକ ଜଳ ସୀମାକୁ ନିଷିଦ୍ଧାଞ୍ଚଳ ଘୋଷଣା କରାଯାଇ ଯନ୍ତ୍ରଚାଳିତ ଟ୍ରଲର ଓ ଡଙ୍ଗା ଚଳାଚଳ ଉପରେ କଟକଣା ଜାରି କରାଯାଇଛି। କିନ୍ତୁ ବେଆଇନ ଭାବରେ ମାଳମାଳ ଟ୍ରଲର ସମୁଦ୍ର ଭିତରେ ପ୍ରବେଶ କରି ମାଛ ଧରୁଥିବା ନଜରକୁ ଆସୁଛି। ଏଠାରେ ସତେ ଯେମିତି ଲାଗୁଛି କଟକଣା ବାଟବଣା ହୋଇଯାଇଛି। ଏଥିପ୍ରତି ଦୃଷ୍ଟି ଦେଇ ଆଇନ ଉଲ୍ଲଂଘନକାରୀଙ୍କ ଉପରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ସାଧାରଣରେ ଦାବି ହେଉଛି।ଅଲିଭ୍ ରିଡ୍‌ଲେଙ୍କ ସୁରକ୍ଷା ପାଇଁ ରାଜ୍ୟ ସରକାରଙ୍କ ମତ୍ସ୍ୟଜୀବୀ ଓ ପଶୁ ସମ୍ପଦ ବିଭାଗ ପକ୍ଷରୁ ଜାରି ହୋଇଥିବା ନିର୍ଦ୍ଦେଶ ଅନୁସାରେ ଯନ୍ତ୍ରଚାଳିତ ଡଙ୍ଗାରେ ମାଛ ଧରୁଥିବା ସମସ୍ତ ଡଙ୍ଗା, ଟାପା ଓ ଟ୍ରଲର ଚଳାଚଳକୁ ଏହି ସାମୁଦ୍ରିକ ଜଳସୀମା ମଧ୍ୟରେ ପ୍ରବେଶ ନିଷେଧ କରାଯାଇଛି। ଏଥି ସହିତ କଇଁଛ ସୁରକ୍ଷା ପାଇଁ ବନ ବିଭାଗ, ସାମୁଦ୍ରିକ ମତ୍ସ୍ୟ ବିଭାଗ, ରାଜ୍ୟ ପୁଲିସ ଓ ତଟରକ୍ଷୀ ବାହିନୀକୁ ପ୍ରଭୂତ କ୍ଷମତା ଦିଆଯାଇଛି। ସୁଦୂର କୋଷ୍ଟାରିକାରୁ ୪୦ ହଜାର କିଲୋମିଟର ଜଳପଥ ଅତିକ୍ରମ କରି ଆମ ରାଜ୍ୟ ଉପକୂଳକୁ ଗଣ ଅଣ୍ଡାଦାନ ପାଇଁ ଏହି ବିରଳ ପ୍ରଜାତିର କଇଁଛ ପ୍ରତିବର୍ଷ ଆସୁଥିବାରୁ ସେମାନଙ୍କ ସୁରକ୍ଷା ଲାଗି ଅସ୍ତରଙ୍ଗ ଦେବୀ ମୁହାଁଣରୁ କେଳୁଣି ମୁହାଁଣ ପର୍ଯ୍ୟନ୍ତ ଅସ୍ତରଙ୍ଗ ବନାଞ୍ଚଳ ପକ୍ଷରୁ ସ୍ଥାନେ ସ୍ଥାନେ ଅସ୍ଥାୟୀ କଇଁଛ ସୁରକ୍ଷା ଶିବିର ନିର୍ମାଣ କରାଯାଇଛି। ଏହା ସହିତ ଅସ୍ତରଙ୍ଗ ବନାଞ୍ଚଳ ପକ୍ଷରୁ କଇଁଛ ସୁରକ୍ଷା ପାଇଁ ବନ କର୍ମଚାରୀଙ୍କୁ ନିୟୋଜିତ କରାଯାଇ ସମୁଦ୍ର ବେଳାଭୂମିରେ ସାମୁଦ୍ରିକ ଜଳସୀମା ଉପରେ ତୀକ୍ଷ୍ଣ ନଜର ରଖାଯାଉଥିବା ବେଳେ ବେଆଇନ ଭାବରେ ମାଳମାଳ ଟ୍ରଲର ସମୁଦ୍ର ଭିତରେ ମାଛ ଧରୁଥିବା ନଜରକୁ ଆସୁଛି; ଯେମିତି ଲାଗୁଛି କଟକଣା ଏଠି ବାଟବଣା ହୋଇଯାଇଛି। ଏଠାରେ ସୂଚନାଥାଉ କି, ବିଶ୍ୱର ୫ଟି ପ୍ରସିଦ୍ଧ ସ୍ଥାନ ମଧ୍ୟରୁ ଅଲିଭ୍ ରିଡ୍‌ଲେଙ୍କ ଗଣ ଅଣ୍ଡାଦାନ ପାଇଁ ଅସ୍ତରଙ୍ଗ ସାମୁଦ୍ରିକ ବେଳାଭୂମି ତୃତୀୟ ସ୍ଥାନ ଅଧିକାର ଥିବାରୁ ଗତବର୍ଷ ଅସ୍ତରଙ୍ଗ ବନଖଣ୍ଡ ଅଧୀନରେ ଥିବା ୫ଟି ହାଚେରୀରେ ବର୍ଷକୁ ବର୍ଷ ଅଣ୍ଡାଦାନ ପରିମାଣ କମିକମି ଯାଉଥିବା ଦେଖିବାକୁ ମିଳୁଛି। ଚଳିତ ବର୍ଷ କଇଁଛ ସୁରକ୍ଷା ପାଇଁ ବିଭାଗ ପକ୍ଷରୁ ଆଇନ ଉଲ୍ଲଂଘନକାରୀଙ୍କ ଉପରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ସାଧାରଣରେ ଦାବି ହେଉଛି।

# ସମ୍ବିଧାନ ପ୍ରସ୍ତାବନାର ସମୂହପାଠ



ସାକ୍ଷୀଗୋପାଳ,୨୭।୧୧(ସମିସ): ସତ୍ୟବାଦୀ ବ୍ଲକ୍ ଅନ୍ତର୍ଗତ ବିଶ୍ୱନାଥପୁର ପଞ୍ଚାୟତର ବ୍ରାହ୍ମଣପଡ଼ା ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ବୁଧବାର ସମ୍ବିଧାନ ଦିବସ ଅନୁଷ୍ଠିତ ହୋଇଯାଇଛି। ସମ୍ବିଧାନ ଦିବସ ଅବସରରେ ବିଦ୍ୟାଳୟର ଛାତ୍ରଛାତ୍ରୀ ଏବଂ ଅଭିଭାବକଙ୍କ ଦ୍ୱାରା ସମ୍ବିଧାନର ପ୍ରସ୍ତାବନା ପାଠ କରାଯାଇଥିଲା। ଛାତ୍ରଛାତ୍ରୀଙ୍କ ମଧ୍ୟରେ ବକ୍ତୃତା ଏବଂ ରଚନା ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ଏକ ଶପଥପାଠ ଅନୁଷ୍ଠିତ ହୋଇଥିଲା। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ରବି ନାରାୟଣ ମହାନ୍ତି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସହକାରୀ ଶିକ୍ଷୟିତ୍ରୀ ମାଳବିକା ସ୍ୱାଇଁ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

ସେହିପରି ଉତ୍କଳମଣି ଗୋପବନ୍ଧୁ ସ୍ମୃତି ମହାବିଦ୍ୟାଳୟ ସାକ୍ଷୀଗୋପାଳର ରାଜନୀତି ବିଜ୍ଞାନ ବିଭାଗ ଆନୁକୂଲ୍ୟରେ ବିଭାଗୀୟ ସମ୍ମିଳନୀ ଗୃହରେ ବୁଧବାର ସମ୍ବିଧାନ ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧକ୍ଷା ପ୍ରଫେସର ପୁଷ୍ପମିତ୍ରା ପଟ୍ଟନାୟକଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମଟି ପଣ୍ଡିତ ଗୋପବନ୍ଧୁ ଦାସ ଏବଂ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇ ଆରମ୍ଭ କରାଯାଇଥିଲା। ଅଧକ୍ଷା ପ୍ରଫେସର ପଟ୍ଟନାୟକ ନିଜ ଅଭିଭାଷଣରେ "ପ୍ରତ୍ୟେକ ଭାରତୀୟଙ୍କ ନିମନ୍ତେ ଭାରତର ସମ୍ବିଧାନ ଗୀତା ସଦୃଶ୍ୟ' ବୋଲି କହିଥିଲେ। ସେହିପରି ବିଭାଗର ମୁଖ୍ୟ ପ୍ରାଧାପକ ରତ୍ନାକର ସାହୁ "ସମ୍ବିଧାନର ମୂଳମନ୍ତ୍ର ଥିଲା ଅସ୍ପୃଶ୍ୟତାର ବିଲୋପ ଯେଉଁଥିରେ ଆମ୍ବେଦକରଙ୍କଠାରୁ ଆରମ୍ଭ କରି ଅନେକ ମହାପୁରୁଷଙ୍କ ବଳିଦାନର ଫଳ ହେଉଛି ଏହି ପବିତ୍ର ଗ୍ରନ୍ଥ' ବୋଲି ନିଜ ବକ୍ତ୍ୟବରେ ଅଭିବ୍ୟକ୍ତ କରିଥିଲେ। ଅନୁଷ୍ଠାନର ଆଡ୍‌ମିନିଷ୍ଟ୍ରେଟିଭ୍ ବରସାର ପ୍ରାଧାପକ ଧନୁର୍ଦ୍ଧର ମୁଦୁଲି ଏବଂ ଏକାଡେମିକ୍ ବରସାର ପ୍ରାଧାପକ ମନୋଜ ପରିଡ଼ା ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଛାତ୍ରଛାତ୍ରୀମାନଙ୍କୁ ସମ୍ବିଧାନ ସମ୍ବନ୍ଧରେ ସ୍ୱମତ ଉପସ୍ଥାପନା କରିଥିଲେ। ବିଭାଗୀୟ ଛାତ୍ରଛାତ୍ରୀ ଆଶିଷ, ଅମ୍ଳାନ, ଶ୍ରଦ୍ଧାଞ୍ଜଳି, ସୋନାଲି, ବର୍ଷା, ତୁଷାର ପ୍ରମୁଖ ସମ୍ବିଧାନ ଦିବସ ଅବସରରେ ନିଜ ନିଜର ବକ୍ତବ୍ୟ ରଖିଥିଲେ। ପ୍ରାରମ୍ଭରେ ବିଭାଗୀୟ ଅଧାପକ ଅମରନାଥ ପାଲ୍‌ଙ୍କ ତତ୍ତ୍ୱାବଧାନରେ ସଭାରେ ସମ୍ବିଧାନର ପ୍ରସ୍ତାବନାକୁ ସମୂହପାଠ ଅନୁଷ୍ଠିତ ହୋଇଥିଲା। ଅଧାପକ ବୈକୁଣ୍ଠ ମେହେର କାର୍ଯ୍ୟକ୍ରମ ପରିଚାଳନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ।

ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ

# ଅଧିକାରିଣୀ ପଦ ପୂରଣ ପାଇଁ ଦାବି

ଗମ୍ଭାରୀପଦା,୨୭।୧୧(ସମିସ): ମହିଳା ଓ ଶିଶୁ କଲ୍ୟାଣ ବିଭାଗ ଅଧୀନରେ ଥିବା କାକଟପୁର ବ୍ଲକ୍ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପର ଅଧିକାରିଣୀ ଗତ ସେପ୍ଟେମ୍ବର ୩୦ରେ ଅବସର ଗ୍ରହଣ କରିଥିଲେ ମଧ୍ୟ ଅଦ୍ୟାବଧି ନିୟମିତ ଭାବରେ କୌଣସି ଅଧିକାରିଣୀଙ୍କୁ ଉକ୍ତ ପଦରେ ନିଯୁକ୍ତି କରାଯାଇନାହିଁ। ଫଳରେ ଉକ୍ତ କାର୍ଯ୍ୟାଳୟର କାର୍ଯ୍ୟରେ ଏକପ୍ରକାର ଅଚଳାବସ୍ଥା ସୃଷ୍ଟି ହୋଇଥିବା ଅଭିଯୋଗ ହେଉଛି। ୧୮୨ଟି ଅଙ୍ଗନବାଡ଼ି କେନ୍ଦ୍ର ପାଇଁ ୭ଟି ସେକ୍ଟରରେ ୭ଜଣ ସୁପରଭାଇଜର ନିଯୁକ୍ତି ପାଇଥିଲେ ମଧ୍ୟ ଗୁରୁବାର ଲକ୍ଷ୍ମୀପୂଜା ଅବସରରେ ଅଙ୍ଗନବାଡ଼ି କେନ୍ଦ୍ରଗୁଡ଼ିକର କାର୍ଯ୍ୟ ତଦାରଖ ଠିକ୍ ଭାବରେ ହେଉ ନ ଥିବା ଅଭିଯୋଗ ହେଉଛି। ପ୍ରାୟ ସୁପରଭାଇଜର ଉକ୍ତ ଦିନ ଛୁଟିରେ ରହିଥିବା ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଥିବା ଅସ୍ତରଙ୍ଗ ବ୍ଲକ୍ ଶିଶୁ କଲ୍ୟାଣ ଅଧିକାରିଣୀଙ୍କଠାରୁ ପ୍ରକାଶ। କେତେକ କେନ୍ଦ୍ରରେ ଉପସ୍ଥିତି ଜାହିର୍ କରିବା ପାଇଁ କର୍ମୀମାନେ ଅଙ୍ଗନବାଡ଼ି କେନ୍ଦ୍ରକୁ ଖୋଲା ରଖି ନିଜ ନିଜ ଘରେ ଲକ୍ଷ୍ମୀପୂଜାରେ ବ୍ୟସ୍ତ ରହିଥିବା ନାମଗୋପନ ରଖିବା ସର୍ତ୍ତରେ ଶିଶୁମାନଙ୍କ ଅଭିଭାବକଙ୍କଠାରୁ ପ୍ରକାଶ। କାକଟପୁର ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପରେ ଅଧିକାରିଣୀ ପଦ ସହିତ ଜୁନିୟର ରେଭିନ୍ୟୁ ଆସିଷ୍ଟାଣ୍ଟ ପଦ ଖାଲିପଡ଼ିଛି। ଅସ୍ତରଙ୍ଗ ବ୍ଲକ୍ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପର ଅଧିକାରିଣୀଙ୍କୁ କାକଟପୁର ବ୍ଲକ୍‌ର ଅତିରିକ୍ତ ଦାୟିତ୍ୱ ଦିଆଯିବା ଦ୍ୱାରା ସେ ଅସ୍ତରଙ୍ଗ ବ୍ଲକ୍ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧୀନରେ ଥିବା ୧୭୮ଟି କେନ୍ଦ୍ର, ୭ଟି ସେକ୍ଟରର ଦାୟିତ୍ୱ ସହିତ କାକଟପୁର ବ୍ଲକ୍ କଥା ବୁଝିବା କଷ୍ଟକର ହୋଇପଡୁଛି। ତେଣୁ ମହିଳା ଓ ଶିଶୁ କଲ୍ୟାଣ ବିଭାଗର ମନ୍ତ୍ରୀ ତଥା ରାଜ୍ୟର ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏଥିପ୍ରତି ଦୃଷ୍ଟି ଦେଇ କାକଟପୁର ବ୍ଲକ୍‌ର ଉକ୍ତ ପଦ ଦ୍ୱୟ ପୂରଣ କରିବାକୁ କାକଟପୁର ବ୍ଲକ୍‌ର ଜନସାଧାରଣ ଦାବି କରିଛନ୍ତି।

# ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା



ଡେଲାଙ୍ଗ,୨୭।୧୧(ସମିସ): ଡେଲାଙ୍ଗ ଉନ୍ନୀତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଅଭୟ ଚରଣ ସାହୁଙ୍କ ତତ୍ତ୍ୱାବଧାନରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ବ୍ଲକ୍ ଶିକ୍ଷା ଅଧିକାରୀ ଶତ୍ରୁଘ୍ନ ବେହେରା, ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ରାମଚନ୍ଦ୍ର ଦାଶ ପ୍ରଦର୍ଶିତ ବିଜ୍ଞାନ ପ୍ରକଳ୍ପଗୁଡ଼ିକର ମୂଲ୍ୟାଙ୍କନ କରିଥିଲେ। ଛାତ୍ରଛାତ୍ରୀମାନଙ୍କୁ ନିଉଟନ୍‌ଙ୍କ ଭଳି ବୈଜ୍ଞାନିକଙ୍କ ଉଦାହରଣ ଦେଇ ସମାଜରେ ବିଜ୍ଞାନର ମହତ୍ତ୍ୱ ଓ ଗୁରୁତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ବିଦ୍ୟାଳୟର ବିଜ୍ଞାନ ଶିକ୍ଷୟିତ୍ରୀ ପାପ୍ଲିନ୍ ପ୍ରଧାନ, ଶିକ୍ଷକ ଅଜୟ ପ୍ରଧାନ, ଶିକ୍ଷୟିତ୍ରୀ ରୋଜାଲିନ୍ ମହାରଣା, ସତ୍ୟଭାମା ବେହେରା, ଟିକେଇ ଦଳାଇଙ୍କ ସହଯୋଗରେ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ଏହି ଅବସରରେ ମୋଟ୍ ୧୫ଟି ପ୍ରକଳ୍ପ ପ୍ରଦର୍ଶିତ କରାଯାଇଥିଲା। ଏଥିରେ ଅଂଶଗ୍ରହଣ କରିଥିବା ସମସ୍ତ ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟ ପକ୍ଷରୁ ପୁରସ୍କୃତ କରାଯାଇଥିଲା।

# ଅର୍ଥଶାସ୍ତ୍ର ବିଭାଗ ପକ୍ଷରୁ ସେବାକର ସମ୍ପର୍କରେ ଆଲୋଚନାଚକ୍ର



କଣାସ,୨୭।୧୧(ସମସ): ଦୟାବିହାର ସ୍ନାତକ ମହାବିଦ୍ୟାଳୟରେ ଅର୍ଥଶାସ୍ତ୍ର ବିଭାଗ ଆନୁକୂଲ୍ୟରେ ନୂତନ ଦ୍ରବ୍ୟ ଓ ସେବାକର ସଂସ୍କାର ଓ ଭାରତୀୟ ଅର୍ଥ ବ୍ୟବସ୍ଥା ଉପରେ ଏହାର ପ୍ରଭାବ ଶୀର୍ଷକ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ଅଧକ୍ଷ ପ୍ରଶାନ୍ତ କୁମାର ବିଶ୍ୱାଳ ଏହି ଆଲୋଚନାଚକ୍ରକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଘାଟନୀ ସଭାରେ ଇଂରାଜୀ ବିଭାଗର ମୁଖ୍ୟ ଅଧାପକ ରବୀନ୍ଦ୍ର କୁମାର ସାହୁ ଆଲୋଚନାଚକ୍ରର ଆବଶ୍ୟକତା ଓ ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ ଏବଂ ଏ ଦିଗରେ ଅର୍ଥଶାସ୍ତ୍ର ବିଭାଗର ଛାତ୍ରଛାତ୍ରୀ ଓ ଅଧାପକମାନଙ୍କ ଉଦ୍ୟମକୁ ପ୍ରଶଂସା କରିଥିଲେ। ବିଭାଗୀୟ ମୁଖ୍ୟ ଅଜୟ କୁମାର ମହାପାତ୍ର ଏହି ଆଲୋଚନାଚକ୍ର ବିଷୟର ଗୁରୁତ୍ୱ ପରିସର ଓ ଲକ୍ଷ୍ୟ ବିଷୟରେ ବ୍ୟକ୍ତବ୍ୟ ରଖିଥିଲେ। ଅଧାପିକା ଦେବଶ୍ରୀ ପାଣିଗ୍ରାହୀଙ୍କ ତତ୍ତ୍ୱାବଧାନରେ ଯୋଗଦେଇଥିବା ଛାତ୍ରଛାତ୍ରୀମାନେ ନିଜ ନିଜର ଆଲେଖ୍ୟ ଉପସ୍ଥାପନ କରିଥିଲେ। ଏଥିରେ ନୂତନ ଦ୍ରବ୍ୟ ଓ ସେବାକର ସଂସ୍କାର ନୀତିର ସଫଳ ପ୍ରବର୍ତ୍ତନ ଏବଂ ଜନସଚେତନତା ଦ୍ରୁତ ଅର୍ଥନୈତିକ ବିକାଶରେ ସହାୟକ ହେବା ସହିତ ନିଯୁକ୍ତି ସୁଯୋଗ ସୃଷ୍ଟି, ଦରଦାମ୍ ନିୟନ୍ତ୍ରଣ, ସରକାରୀ ରାଜସ୍ୱ ବୃଦ୍ଧି ସହିତ ସାଧାରଣ ଉପଭୋକ୍ତାଙ୍କୁ ସହାୟକ ହୋଇପାରିବ ବୋଲି ମତପ୍ରକାଶ ପାଇଥିଲା। ବିଭାଗୀୟ ଛାତ୍ରୀ ରୂପଶ୍ରୀ ମହାରଣା ସ୍ୱାଗତ ଭାଷଣ ଦେଇଥିବାବେଳେ କ୍ଷୀରାବ୍ଧିତନୟା ବିଶ୍ୱାଳ ଧନ୍ୟବାଦ ଦେଇଥିଲେ।

# ସପ୍ତାହେ ହେଲା ୧୦୮ ଆମ୍ବୁଲାନ୍ସ ଅଚଳ



କୃଷ୍ଣପ୍ରସାଦ,୨୭।୧୧(ସମିସ): ଜରୁରୀକାଳୀନ ପରିସ୍ଥିତିରେ ରୋଗୀ ଓ ତାଙ୍କ ସମ୍ପର୍କୀୟମାନେ ଆମ୍ବୁଲାନ୍ସର ସହାୟତା ନେଉଥିବାବେଳେ କୃଷ୍ଣପ୍ରସାଦ ବ୍ଲକ୍ ଅଞ୍ଚଳରେ ୧୦୮ ଆମ୍ବୁଲାନ୍ସ ସେବା ପ୍ରହସନରେ ପରିଣତ ହୋଇଥିବା ଜଣାପଡ଼ିଛି। ସପ୍ତାହେ ହେଲା ଉକ୍ତ ଆମ୍ବୁଲାନ୍ସଟି ଅଚଳ ହୋଇ ପଡ଼ିଥିବାରୁ ରୋଗୀ ଓ ସମ୍ପର୍କୀୟ ଏହାର ସୁବିଧା ପାଇପାରୁନାହାନ୍ତି।

ପ୍ରାପ୍ତ ସୂଚନା ଅନୁଯାୟୀ, କୃଷ୍ଣପ୍ରସାଦ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏକ ଆମ୍ବୁଲାନ୍ସ ପ୍ରଦାନ କରାଯାଇଛି। ମାତ୍ର ଉକ୍ତ ଆମ୍ବୁଲାନ୍ସଟି ରୋଗୀ ଓ ତାଙ୍କ ସମ୍ପର୍କୀୟମାନଙ୍କୁ ଆନୁସଙ୍ଗିକ ସେବା ଯୋଗାଇଦେବାରେ ବିଫଳ ହୋଇଛି। ଆମ୍ବୁଲାନ୍ସଟି ପ୍ରାୟ ୧ ସପ୍ତାହ ହେବ ଅଚଳ ହୋଇଯାଇଥିବାରୁ ଜରୁରୀକାଳୀନ ପରିସ୍ଥିତିରେ ରୋଗୀମାନଙ୍କୁ ନେବାଆଣିବା କରିବାରେ ସମସ୍ୟା ସୃଷ୍ଟି ହେଉଛି। ସେହିପରି କୃଷ୍ଣପ୍ରସାଦ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରୁ ଡାକ୍ତରଙ୍କ ପରାମର୍ଶ କ୍ରମେ ରୋଗୀମାନଙ୍କୁ ବ୍ରହ୍ମପୁର ବଡ଼ ମେଡିକାଲକୁ ସଦାସର୍ବଦା ନିଆଯାଉଥିବା ବେଳେ ରୁଗ୍ଣ ଅବସ୍ଥାରେ ଥିବା ଆମ୍ବୁଲାନ୍ସଟି ଅଚଳ ଯୋଗୁଁ ଆନୁସଙ୍ଗିକ ସୁବିଧା ଉପଲବ୍ଧ ହେଉ ନ ଥିବାରୁ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଉଛି। ଫଳରେ ଜରୁରୀକାଳୀନ ପରିସ୍ଥିତିରେ ଉପଯୁକ୍ତ ଆମ୍ବୁଲାନ୍ସ ସେବା ପାଇବାରୁ କୃଷ୍ଣପ୍ରସାଦ ଅଞ୍ଚଳ ବାସିନ୍ଦା ବଞ୍ଚିତ ହେଉଥିବା ଜଣାପଡ଼ିଛି। ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ, ସ୍ୱାସ୍ଥ୍ୟ ବିଭାଗ ମନ୍ତ୍ରୀ, ପୁରୀ ସାଂସଦ, ବ୍ରହ୍ମଗିରି ବିଧାୟିକା ଏଥିପ୍ରତି ଦୃଷ୍ଟି ଦେଇ କୃଷ୍ଣପ୍ରସାଦ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଏକ ନୂତନ ଆମ୍ବୁଲାନ୍ସ ପ୍ରଦାନ କରିବାକୁ ପାଞ୍ଚ ମୌଜା ପରିଚାଳନା କମିଟି ସଭାପତି ଅଶୋକ କୁମାର ପଣ୍ଡା, ପୂର୍ବତନ ସରପଞ୍ଚ କୁମାର ସିଂହ, ସମାଜସେବୀ ନାଲୁ ପାହାଣ, ପ୍ରଶାନ୍ତ କୁମାର ନନ୍ଦ, ସୁବାସ ଚନ୍ଦ୍ର ସିଂହସାମନ୍ତ, ଗିରିଧାରୀ ବିଶ୍ୱାଳ, ବୋଇତ ବନ୍ଦାଣ କମିଟି ସଭାପତି ବାଉରୀବନ୍ଧୁ ଦଳେଇ, ରାଘବ କୁମାର ଗୁରୁ, ବିପିନ କୁମାର ନାୟକ, ଟିଲୁ ନାୟକଙ୍କ ସମେତ ବୁଦ୍ଧିଜୀବୀ ମହଲରୁ ଦାବି ହେଉଛି।

# ଘିମୁଦା ଘାଟରେ ଯାତ୍ରୀ ବିଶ୍ରାମାଗାର ନିର୍ମାଣ ଦାବି

କୃଷ୍ଣପ୍ରସାଦ,୨୭।୧୧(ସମିସ): ପୁରୀ ଜିଲ୍ଲା ଅନ୍ତର୍ଗତ କୃଷ୍ଣପ୍ରସାଦ ପଞ୍ଚାୟତର ଚିଲିକା କୂଳରେ ଅବସ୍ଥିତ ଘିମୁଦା ଘାଟ ପେଣ୍ଠ ବ୍ୟବସାୟର ମୁଖ୍ୟ ପେଣ୍ଠସ୍ଥଳୀ ପାଲଟିଛି। ଉକ୍ତ ଜେଟିଠାରୁ ଅଳ୍ପ ଦୂରରେ ଚିଲିକାର ଅଧିଷ୍ଠାତ୍ରୀ ଦେବୀ ମା' କାଳିଜାଇଙ୍କ ମନ୍ଦିର ଏବଂ ପକ୍ଷୀ ଅଭୟାରଣ୍ୟ ନଳବଣ ରହିଛି। ଦୈନିକ ଡଙ୍ଗା ଓ ଲଞ୍ଚ୍ ଯୋଗେ ଶହଶହ ଯାତ୍ରୀ ବାଲୁଗାଁକୁ ଯାତାୟାତ କରିଥା'ନ୍ତି। ଉକ୍ତ ଜନଗହଳିପୂର୍ଣ୍ଣ ସ୍ଥାନରେ ପ୍ରତ୍ୟହ ଶହଶହ ପର୍ଯ୍ୟଟକଙ୍କ ସମାଗମ ହୋଇଥାଏ। ଯାତ୍ରୀବାହୀ ଡଙ୍ଗାଗୁଡ଼ିକ ଉକ୍ତ ଜେଟିରେ ରହି ଜନସାଧାରଣଙ୍କୁ ଯାତାୟାତ କରାଇଥା'ନ୍ତି। ତତ୍‌ସହିତ ଆଖପାଖ ଏବଂ ବିଭିନ୍ନ ଜିଲ୍ଲାର ମତ୍ସ୍ୟଜୀବୀ ଡଙ୍ଗା ଜେଟି ନିକଟରେ ରଖି ରାତ୍ରିଯାପନ ମଧ୍ୟ କରିଥା'ନ୍ତି। ତେବେ ଉକ୍ତ ସ୍ଥାନରେ ଯାତ୍ରୀ ବିଶ୍ରାମାଗାର ଓ ଶୌଚାଳୟଟିଏ ନ ଥିବାରୁ ବିଭିନ୍ନ ସମୟରେ ଯାତ୍ରୀ ଓ ପର୍ଯ୍ୟଟକ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସର୍ବସାଧାରଣଙ୍କ ହିତକୁ ଦୃଷ୍ଟିରେ ରଖି ଘିମୁଦା ଘାଟ ପେଣ୍ଠଠାରେ ଏକ ଯାତ୍ରୀବାହୀ ବିଶ୍ରାମାଗାର ଓ ତତ୍‌ସଂଲଗ୍ନ ଶୌଚାଳୟ ନିର୍ମାଣ ନିମନ୍ତେ କୃଷ୍ଣପ୍ରସାଦ ଅଞ୍ଚଳବାସୀ ଦାବି କରିଛନ୍ତି। କୃଷ୍ଣପ୍ରସାଦ ବିଡିଓ, ପୁରୀ ଜିଲ୍ଲାପାଳ, ବ୍ରହ୍ମଗିରି ବିଧାୟିକା, ପୁରୀ ସାଂସଦ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

# ନାବାଳିକା ଛାତ୍ରୀକୁ ଅପହରଣ ଉଦ୍ୟମ

ପିପିଲି,୨୭।୧୧(ସମିସ): ପିପିଲି ପୌରାଞ୍ଚଳ ଅନ୍ତର୍ଗତ ଏକ ବିଦ୍ୟାଳୟରେ ଅଧ୍ୟୟନରତ ଜନୈକା ସପ୍ତମ ଶ୍ରେଣୀର ଛାତ୍ରୀକୁ ତିନିଜଣ ଯୁବକ ଅପହରଣ କରିନେବାକୁ ଉଦ୍ୟମ କରୁଥିଲେ। ଛାତ୍ରୀ ଜଣକ ଚିତ୍କାର କରିବାରୁ ଆଖପାଖର ଲୋକମାନେ ଘଟଣାସ୍ଥଳରେ ପହଞ୍ଚିଯିବାରୁ ସମ୍ପୃକ୍ତ ଯୁବକମାନେ ଘଟଣାସ୍ଥଳରୁ ଫେରାର୍ ହେବାରେ ସଫଳ ହୋଇଥିଲେ। ଉକ୍ତ ଛାତ୍ରୀ ଜଣକ ପିପିଲି ଦାନଗୋହିର ଅଞ୍ଚଳର ବୋଲି ଜଣାପଡ଼ିଛି। ତେବେ ଛାତ୍ରୀର ବାପା ଏ ସମ୍ପର୍କରେ ପିପିଲି ଥାନାରେ ଅଭିଯୋଗ କରିଛନ୍ତି। ଛାତ୍ରୀର ବାପା ଅଭିଯୋଗରେ ଦର୍ଶାଇଛନ୍ତି ଯେ, ତାଙ୍କ ଝିଅ ବିଦ୍ୟାଳୟକୁ ପାଠ ପଢ଼ିବାକୁ ସାଇକଲ ଯୋଗେ ଯାଉଥିବାବେଳେ ଆଶ୍ରମ ସାହିଠାରେ ତିନିଜଣ ଯୁବକ ତାଙ୍କ ସାଇକଲକୁ ଅଟକାଇ ଚାବି ପକାଇବା ସହ ଛାତ୍ରୀଙ୍କୁ ଅପହରଣ କରିନେବାକୁ ଉଦ୍ୟମ କରିଥିଲେ। କିନ୍ତୁ ସେ ଚିତ୍କାର କରିବାରୁ ଲୋକମାନେ ରୁଣ୍ଡ ହୋଇଯାଇଥିଲେ ଏବଂ ଯୁବକ ତିନିଜଣ ଘଟଣାସ୍ଥଳରୁ ଫେରାର୍ ହୋଇଯାଇଥିଲେ। ମାତ୍ର ଛାତ୍ରୀ ଜଣକ ସମ୍ପୃକ୍ତ ଯୁବକମାନଙ୍କୁ ଚିହ୍ନି ନ ଥିବାର ପ୍ରକାଶ କରିଛନ୍ତି। ଉକ୍ତ ଅଭିଯୋଗକୁ ଗ୍ରହଣ କରି ପିପିଲି ପୁଲିସ ଏକ ମାମଲା ରୁଜୁକରି ତଦନ୍ତ ଚଳାଇଛି।

# ଅର୍ବାନ ହାଟରୁ ବ୍ୟବସାୟୀଙ୍କ ମୃତଦେହ ଉଦ୍ଧାର



କୋଣାର୍କ,୨୭।୧୧(ସମିସ): ଗୁରୁବାର କୋଣାର୍କ ଅର୍ବାନ ହାଟରୁ ଜଣେ ବ୍ୟବସାୟୀଙ୍କ ମୃତଦେହକୁ କୋଣାର୍କ ପୁଲିସ ଉଦ୍ଧାର କରିଛି। ମୃତକ ଜଣକ ହେଲେ କୋଲକାତା ହୁଗୁଳି ବାବୁନାନ ଅଞ୍ଚଳର ମହମ୍ମଦ ମୁଷା(୭୩)। ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। କୋଣାର୍କ ଅର୍ବାନ ହାଟରେ ଗାନ୍ଧୀ ଶିଳ୍ପ ବଜାରରେ ଖୋଲାଯାଇଥିବା ୪୦ ଷ୍ଟଲ୍‌ରେ ମହମ୍ମଦ ମୁଷା ହସ୍ତଶିଳ୍ପ ସାମଗ୍ରୀ ଆଣି ଏଠାରେ ଏକ ଷ୍ଟଲ୍ ଖୋଲିଥିଲେ। ଗୁରୁବାର ସକାଳୁ ଷ୍ଟଲ୍ ଭିତରେ ତାଙ୍କର ମୃତ୍ୟୁ ହୋଇଥିବା ଖବରପାଇ କୋଣାର୍କ ପୁଲିସ ପହଞ୍ଚି ବ୍ୟବଚ୍ଛେଦ ନିମନ୍ତେ ଗୋପ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲା। ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇ ତଦନ୍ତ ଚାଲିଥିବା ପୁଲିସ କହିଛି। ଏହି ଘଟଣାକୁ ନେଇ ଅନ୍ୟ ବ୍ୟବସାୟୀମାନେ ଦୁଃଖ ପ୍ରକାଶ କରିଛନ୍ତି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar.
Contact Gadhwal Group.
9437015112

# ଶ୍ରୀକ୍ଷେତ୍ର ସିଟି

୨୭/୧୧/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୪,୩୭,୪୧୦/- ସୁନା: ୦୫.୪୦୦ ଗ୍ରାମ୍ ରୁପା: ୦୯.୪୦୦ ଗ୍ରାମ୍



## ୨୬୫ ଗ୍ରାମ୍ ବ୍ରାଉନ୍‌ସୁଗର ଜବତ, ଅଭିଯୁକ୍ତ ଗିରଫ

**ପୁରୀ/ପିପିଲି, ୨୭।୧୧(ସମିସ):** ବେଆଇନ ନିଶା କାରବାର କ୍ଷେତ୍ରରେ ପିପିଲି ପୁଲିସକୁ ମିଳିଛି ବଡ଼ ସଫଳତା। ୨୬୫ ଗ୍ରାମ୍‌ର ବ୍ରାଉନ୍‌ସୁଗର (ଯାହାର ଆନୁମାନିକ ମୂଲ୍ୟ ପ୍ରାୟ ୩୦ ଲକ୍ଷ ଟଙ୍କା ହେବ) ଜବତ କରିଥିବାବେଳେ ଜଣେ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତ ହେଉଛନ୍ତି ପିପିଲି ଥାନା ଅନ୍ତର୍ଗତ ଦାନଗୋହିରୀ ଗ୍ରାମର ଅବ୍‌ଦୁଲ କରିମ୍। ତାଙ୍କ ନିକଟରୁ ପୁଲିସ ବ୍ରାଉନ୍‌ସୁଗର ସମେତ ନଗଦ ୯୫୦୦ ଟଙ୍କା ମଧ୍ୟ ଜବତ କରାଯାଇଛି ବୋଲି ଗୁରୁବାର ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ଏସ୍‌ପି ପ୍ରତୀକ୍ ସିଂ। ସୂଚନା ଅନୁଯାୟୀ, ପୁରୀ ପୁଲିସ ପକ୍ଷରୁ ଅପରେସନ ଚକ୍ର ଅଭିଯାନ ଜାରି ରହିଛି। ଏହି ଅଭିଯାନରେ ପୁଲିସ ଅନେକ ଅପରାଧୀଙ୍କୁ ଗିରଫ କରିବା ସହ ନିଶା କାରବାର କରୁଥିବା ବ୍ୟକ୍ତିବିଶେଷଙ୍କୁ ଗିରଫ କରି କୋର୍ଟ ଚାଲାଣ କରୁଛି। ତେବେ ନିଜ ଘରେ ଅବ୍‌ଦୁଲ ବ୍ରାଉନ୍‌ସୁଗର ବିକ୍ରି କରୁଥିବା ନେଇ ପୁଲିସ ପାଖରେ ବିଶେଷ ସୂତ୍ରରୁ ଖବର ମିଳିଥିଲା। ପିପିଲି ଥାନାର ଏକ ଟିମ୍ ସେଠାରେ ଚଢ଼ଉ କରି ବ୍ରାଉନ୍‌ସୁଗର ବିକ୍ରି ଅଭିଯୋଗରେ ଗିରଫ କରିଥିଲା। ଏ ନେଇ ଏକ ମାମଲା ରୁଜୁ କରାଯାଇ ଅବ୍‌ଦୁଲଙ୍କୁ କୋର୍ଟ ଚାଲାଣ କରାଯାଇଛି। ଆଗକୁ ମଧ୍ୟ ପୁଲିସର ଏହି ସ୍ୱତନ୍ତ୍ର ଅଭିଯାନ ଜାରି ରହିବ ବୋଲି ଏସ୍‌ପି ଶ୍ରୀ ସିଂ ସୂଚନା ଦେଇଛନ୍ତି।



## ଜନ୍ମବେଦୀ ଓ ଶରଧାବାଲି ସୁରକ୍ଷିତ ରହୁ

**ପୁରୀ, ୨୭।୧୧(ସମିସ):** ଧର୍ମକୁ ରକ୍ଷା କଲେ, ଧର୍ମ ଆମକୁ ରକ୍ଷା କରେ। ଅଥଚ ଗୁଣ୍ଡିଚା ମନ୍ଦିର ନିଲାମ ହେବା ପରଠାରୁ ଗୁଣ୍ଡିଚା ଯାତ୍ରା ପ୍ରକ୍ରିୟା ପରେ ବ୍ରହ୍ମା ପ୍ରତିଷ୍ଠା କରିଥିବା ଓ ୧ ଲକ୍ଷ ଶାଳଗ୍ରାମ ଉପରେ ଥିବା ଠାକୁରଙ୍କ ଜନ୍ମବେଦୀ ଉପରେ ବସି ଆସୁଛନ୍ତି ଅବ୍ରାହ୍ମଣ ଓ ଅଣ ସେବାୟତ। ଏବେ ଏକ ଯୁଗାନ୍ତକାରୀ ପଦକ୍ଷେପ ନେଇ ଶ୍ରୀମନ୍ଦିର ପ୍ରଶାସନ ଏହାକୁ ନିଜେ ପରିଚାଳନା କରିବ। ଏଣୁ ଏ ଦିଗରେ ମୁଖ୍ୟ ପ୍ରଶାସକ ସଜାଗ ରହିବାକୁ ଓଡ଼ିଶା ଯୁବ ଚେତନା ସଂଗଠନ, ଶ୍ରୀଜଗନ୍ନାଥ ଧର୍ମ ସଂସ୍କୃତି ସୁରକ୍ଷା ସଂଗଠନ ଓଡ଼ିଶା, ନିର୍ମାଲ୍ୟ, ମିଶନ ଓଡ଼ିଶା ଓ ଭକ୍ତି ନିର୍ମାଲ୍ୟ ଅନୁଷ୍ଠାନ ପକ୍ଷରୁ ଦାବି କରାଯାଇଛି। ଏଥିସହିତ ଶ୍ରୀମନ୍ଦିର ପ୍ରଶାସନ ତରଫରୁ ପରିକ୍ରମା ପ୍ରକଳ୍ପ ଓ ଶରଧାବାଲିରେ କୌଣସି ରାଜନୈତିକ ଦଳର ସଭା ସମାବେଶ ନ ହୋଇ ଏହାର ପବିତ୍ରତା ଓ ମହାନତା ରକ୍ଷା ପାଇଁ ସଂଗଠନ ରାଜ୍ୟ ସଭାପତି ବଦ୍ରି ମିଶ୍ର, ସମ୍ପାଦକ ମଧୁସୂଦନ ମିଶ୍ର, ଦେବାଶିଷ ଦାସ, ଡ. ବିଶ୍ୱନାଥ ମିଶ୍ର, ଶିବରାମ ପ୍ରଧାନ ଓ ରାଜେନ୍ଦ୍ର ମିଶ୍ର ଜିଲ୍ଲା ପ୍ରଶାସନ ଓ ଶ୍ରୀମନ୍ଦିର ପ୍ରଶାସନଠାରେ ଦାବି କରିଛନ୍ତି।

### ରାଜ୍ୟ ଟେବୁଲ୍ ଟେନିସ୍ ପ୍ରତିଯୋଗିତା

## ପୁରୀ ଖେଳାଳିଙ୍କ କୃତିତ୍ୱ



**ପୁରୀ, ୨୭।୧୧(ସମିସ):** ଓଡ଼ିଶା ରାଜ୍ୟ ଟେବୁଲ୍ ଟେନିସ୍ ଆସୋସିଏସନ ଆନୁକୂଲ୍ୟରେ କଟକ ବିଜୁ ପଟ୍ଟନାୟକ ଇନ୍‌ଡୋର ହଲ୍‌ଠାରେ ଗତ ୨୧ରୁ ୨୫ ତାରିଖ ପର୍ଯ୍ୟନ୍ତ ୩୧ତମ ଆନ୍ତଃଜିଲ୍ଲା ତଥା ରାଜ୍ୟ ଟେବୁଲ୍ ଟେନିସ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ପୁରୀ ଜିଲ୍ଲା ତରଫରୁ ୧୬ ଜଣ ଖେଳାଳି ଅଂଶଗ୍ରହଣ କରିଥିଲେ। ଏଥିର ପୁରୁଷ ଆନ୍ତଃଜିଲ୍ଲା ଦଳଗତ ବର୍ଗରେ ଜିଜ୍ଞାସୁ ସାଇକିରଣ ପ୍ରଧାନ, ସବ୍ୟସାଚୀ ଦାସ ଓ ହିତେନ୍‌ଙ୍କୁ ନେଇ ଗଠିତ ପୁରୀ ଦଳ ପ୍ରଶଂସନୀୟ ପ୍ରଦର୍ଶନପୂର୍ବକ ଯୁଗ୍ମ ତୃତୀୟ ସ୍ଥାନ ଅଧିକାର କରିଥିବାବେଳେ ବାଳକ ବିଭାଗରେ ଏହି ଜିଲ୍ଲାର ଜିଜ୍ଞାସୁ ସାଇକିରଣ ପ୍ରଧାନ ୧୫ ବର୍ଷରୁ କମ୍ ବର୍ଗରେ ବିଜେତା, ୧୭ ବର୍ଷରୁ କମ୍ ବର୍ଗରେ ଉପ ବିଜେତା, ୧୯ ବର୍ଷରୁ କମ୍ ବର୍ଗରେ ଯୁଗ୍ମ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ସେହିପରି ୧୧ ବର୍ଷରୁ କମ୍ ବର୍ଗରେ ଆର୍ଯ୍ୟନ୍ ମହାନ୍ତି ଯୁଗ୍ମ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ବାଳିକା ବିଭାଗରେ ମଧ୍ୟ ଉତ୍ତମ ପ୍ରଦର୍ଶନପୂର୍ବକ ଏହି ଜିଲ୍ଲାର ଗାୟତ୍ରୀ ପଟ୍ଟନାୟକ ୧୧ ବର୍ଷରୁ କମ୍ ବର୍ଗରେ ବିଜେତା, ଶ୍ରୀତିଜା ଚୌଧୁରୀ ୧୩ ବର୍ଷରୁ କମ୍ ବର୍ଗରେ ଯୁଗ୍ମ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ପୁରୀ ଦଳ ସହିତ କୋଚ୍ ଭାବେ ଡା. କୁମାର ଅରୋଜ୍ୟୋତି ସାମିଲ୍ ଥିଲେ। ପୁରୀ ଜିଲ୍ଲାର ଖେଳାଳିମାନଙ୍କର ଏହି କୃତିତ୍ୱ ପାଇଁ କୋଚ୍ ଡି. ଦେବଦତ୍ତ ମହାନ୍ତି, କଲ୍ଲୋଳ ଗାଙ୍ଗୁଲି, ରଞ୍ଜିତ୍ ବାରିକ, ଦିବ୍ୟଶକ୍ତି ମହାନ୍ତି, ଜିଲ୍ଲା ଟେବୁଲ୍ ଟେନିସ୍ ଆସୋସିଏସନର ସାଧାରଣ ସମ୍ପାଦକ ଡ. ବିମଳ ପ୍ରସାଦ ମହାନ୍ତି, ଉପସଭାପତି ଦୁର୍ଗାପ୍ରସାଦ ଦାସ ମହାପାତ୍ର, ସଦସ୍ୟ ବିବେକାନନ୍ଦ ପ୍ରଧାନ, ଆଶିଷ ଚନ୍ଦ୍ରକା, ରାମ ନାରାୟଣ ଗୋଚ୍ଛିକାର, ବଦ୍ରି ମିଶ୍ର ପ୍ରମୁଖ ଖେଳାଳିମାନଙ୍କୁ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି।

### ବିପଦରେ ଚିତ୍ରା ହରିଣଙ୍କ ଅସ୍ତିତ୍ୱ

# ୯ ବର୍ଷ ହେବ ଗଣତି ହୋଇନି

**ପୁରୀ, ୨୭।୧୧(ସମିସ)**




ବାଲୁଖଣ୍ଡ ଅଭୟାରଣ୍ୟ। ଚିତ୍ରା ହରିଣଙ୍କ ପାଇଁ ଏହାର ପ୍ରସିଦ୍ଧି ରହିଛି। ହେଲେ ବିଡ଼ମ୍ବନାର ବିଷୟ ଏଠାରେ କେତେ ହରିଣ ଅଛନ୍ତି ତାହାର ତଥ୍ୟ ଜଙ୍ଗଲ ବିଭାଗ ପାଖରେ ନାହିଁ। କାରଣ ୨୦୧୬ ମସିହା ପରଠୁ ହରିଣ ଗଣନା ହୋଇନି। କେବେ ବି ଗଣତି ହେବ ସେ ନେଇ କିଛି ସ୍ପଷ୍ଟ ସୂଚନା ନ ଥିବାବେଳେ ପୁରୀ ବନ୍ୟପ୍ରାଣୀ ଡିଭିଜନର ଅବହେଳାକୁ ନେଇ ଅସନ୍ତୋଷ ବ୍ୟକ୍ତ କରିଛନ୍ତି ପରିବେଶ ପ୍ରେମୀ।

ବାଲୁଖଣ୍ଡ ଅଭୟାରଣ୍ୟ ପ୍ରକୃତିର ଅନନ୍ୟ ସୃଷ୍ଟି। ବଙ୍ଗୋପସାଗର କୂଳରେ ଏହି ଅଭୟାରଣ୍ୟ ସୃଷ୍ଟି ପଛରେ ଅନେକ ଲୋକଙ୍କ ଅବଦାନ ରହିଛି। ଭୌଗୋଳିକ ଦୃଷ୍ଟିକୋଣରୁ ତଥା ବନ୍ୟଜନ୍ତୁଙ୍କ ଚଳପ୍ରଚଳକୁ ଦୃଷ୍ଟିରେ ରଖି ୧୯୮୪ ମସିହାରେ ପୁରୀ ସମୁଦ୍ରକୂଳରେ ୮୭ ବର୍ଗ କି.ମି. ବ୍ୟାପ୍ତ ଏହି ଜଙ୍ଗଲକୁ ସରକାର ଘୋଷଣା କରିଥିଲେ। ପୁରୀରୁ କୋଣାର୍କ ପର୍ଯ୍ୟନ୍ତ ଲମ୍ବିଯାଇଛି ଏହି ଅଭୟାରଣ୍ୟ। ପ୍ରାଣୀ ବିଶେଷଜ୍ଞଙ୍କ ଗବେଷଣାରୁ ଜଣାପଡ଼େ ଏକାଦା ଏଠାରେ ୩୦୦ ପ୍ରଜାତିର ଉଦ୍ଭିଦ, ୩୦ରୁ ଅଧିକ ପ୍ରଜାତିର ବନ୍ୟଜନ୍ତୁ, ୨୦ ପ୍ରକାରର ସାପ, ୨୦୦ରୁ ଅଧିକ ପ୍ରଜାତିର ପକ୍ଷୀ (ବିଦେଶାଗତ ପକ୍ଷୀ ସମେତ) ରହୁଥିଲେ। ଏଠାରେ ଅତୀତରେ କୃଷ୍ଣସାର ମୃଗ, ଚିତ୍ରା ହରିଣ, ଫିସିଂ କ୍ୟାଟ୍, ଗାଡ଼ଭାଲୁ, ଓଧ, କୋକିଶିଆଳି, ଗଧିଆ, ଝିଙ୍କ ଆଦି ବିଭିନ୍ନ ପ୍ରଜାତିର ବନ୍ୟଜନ୍ତୁ ରହୁଥିଲେ। ଇତିମଧ୍ୟରେ ଅନେକ ବନ୍ୟଜନ୍ତୁ ଆଉ ଦେଖିବାକୁ ମିଳୁ ନ ଥିବାବେଳେ ୨୦୧୨ରୁ କୃଷ୍ଣସାର ମୃଗ ନିଶ୍ଚିହ୍ନ ହୋଇଯାଇଛନ୍ତି। ତେବେ ବାଲୁଖଣ୍ଡର ଆକର୍ଷଣ ଚିତ୍ରା ହରିଣ କେତେ ପରିମାଣରେ ରହିଛନ୍ତି ପ୍ରତିବର୍ଷ ସେମାନଙ୍କ ସଂଖ୍ୟା ଗଣତି କରାଯାଏ। ହେଲେ ୯ ବର୍ଷ ହେବ ଏମାନଙ୍କ ଗଣତି ବି ବନ୍ଦ ରହିଛି। ଅର୍ଥାତ୍ ୨୦୧୬ ପରଠୁ ହରିଣଙ୍କ ଗଣତି କରୁନି ବନ ବିଭାଗ। ବର୍ତ୍ତମାନ କେତେ ସଂଖ୍ୟକ ହରିଣ ଅଛନ୍ତି ତାହାର ତଥ୍ୟ ପୁରୀ ବନ୍ୟପ୍ରାଣୀ ଡିଭିଜନ ପାଖରେ ନାହିଁ, ଯାହାକୁ ନେଇ ପ୍ରାଣୀପ୍ରେମୀଙ୍କ ମହଲରେ ଉଦ୍‌ବେଗ ପ୍ରକାଶ ପାଇଛି।

ମିଳିଥିବା ତଥ୍ୟ ମୁତାବକ, ୨୦୧୨-୧୩ରେ ବାଲୁଖଣ୍ଡ ଅଭୟାରଣ୍ୟରେ ୫୨୮୦ଟି ଚିତ୍ରା ହରିଣ ଥିଲେ। ସେହିଭଳି ୨୦୧୩-୧୪ରେ ୪୫୫୫ଟି, ୨୦୧୪-୧୫ରେ ୪୪୦୫ଟି, ୨୦୧୫-୧୬ରେ ୪୪୦୫ଟି ଚିତ୍ରା ହରିଣ ବାଲୁଖଣ୍ଡ ଅଭୟାରଣ୍ୟରେ ଥିଲେ। ଶେଷଥର ୨୦୧୬-୧୭ରେ ଚିତ୍ରା ହରିଣଙ୍କ ସଂଖ୍ୟା ଗଣତି ହୋଇଥିଲା। ସେ ସମୟରେ ଅଭୟାରଣ୍ୟରେ ୪୩୧୫ଟି ହରିଣ ଥିବା ଜଣାପଡ଼ିଥିଲା। ତେବେ ୨୦୧୩-୧୪ରୁ ୨୦୧୬-୧୭ ମଧ୍ୟରେ ଅର୍ଥାତ୍ ୫ ବର୍ଷ ଭିତରେ ୯୬୫ଟି ହରିଣ କମ୍ ଥିଲେ। ସେ ସମୟରେ ଅଭିଯୋଗ ହୋଇଥିଲା ଖାଦ୍ୟାଭାବ ଯୋଗୁଁ ହରିଣ ଜନବସତି ଆଡ଼କୁ ଆସିବାରୁ ଅବାଧ ଶିକାର ହୋଇଥିଲେ। ସେଥିପାଇଁ ହରିଣଙ୍କ ସଂଖ୍ୟା ହ୍ରାସ ପାଇଥିଲା। ୨୦୧୯ରେ ପ୍ରଳୟଙ୍କରୀ ବାତ୍ୟା ଫନୀ ବାଲୁଖଣ୍ଡ ଅଭୟାରଣ୍ୟକୁ ସମ୍ପୂର୍ଣ୍ଣ ଧରାଶାୟୀ କରି ଦେଇଥିଲା। ଲକ୍ଷାଧିକ ଗଛ ଭାଙ୍ଗି ନଷ୍ଟ ହୋଇଯାଇଥିଲା। ହରିଣପଲ୍ଲ ଜୀବନ ରକ୍ଷା କରିବା ଲାଗି କିଏ କେଉଁଆଡ଼େ ପଳାଇଥିଲେ। ଅନେକ ହରିଣଙ୍କ ଜୀବନ ଯାଇଥିଲା। ଫନୀ ବାତ୍ୟାର କିଛିମାସ ପରେ ବାଲୁଖଣ୍ଡରେ ଚିତ୍ରା ହରିଣଙ୍କ ଉପସ୍ଥିତି ନଜରକୁ ଆସିଥିଲା। କିନ୍ତୁ ବର୍ତ୍ତମାନ କେତେ ପରିମାଣରେ ହରିଣ ଅଛନ୍ତି ତାହା ଜଣାପଡ଼ି ନାହିଁ। ମଝିରେ ମଝିରେ ହରିଣଙ୍କ ମୃତ୍ୟୁ ଖବର ସାମ୍ନାକୁ ଆସୁଛି। ବିଶେଷକରି ଅଭୟାରଣ୍ୟରେ ଖାଦ୍ୟାଭାବ ଓ ଶିକାର ଯୋଗୁଁ ହରିଣଙ୍କ ସଂଖ୍ୟା ହ୍ରାସ ପାଉଛି। କାଳେ ବନ ବିଭାଗର ଅବହେଳା ଧରାପଡ଼ିଯିବ ସେଥିପାଇଁ ହରିଣ ଗଣନାରେ ପୁରୀ ବନ୍ୟପ୍ରାଣୀ ଡିଭିଜନ ଅଧିକାରୀ ପଛଘୁଞ୍ଚା ଦେଉଥିବା ଅଭିଯୋଗ କରିଛନ୍ତି ପ୍ରାଣୀପ୍ରେମୀ। ରାଜ୍ୟ ସରକାର ତୁରନ୍ତ ବାଲୁଖଣ୍ଡ ଅଭୟାରଣ୍ୟରେ କେତେ ହରିଣ ଅଛନ୍ତି ତାହା ଗଣନା କରି ସାର୍ବଜନୀନ କରିବାକୁ ଦାବି ହୋଇଛି।

ପ୍ରକୃତି ବନ୍ଧୁ ସରୋଜ କୁମାର ଜେନା କହିଛନ୍ତି, ବନ କର୍ମଚାରୀଙ୍କ ଅବହେଳା ଯୋଗୁଁ ବାଲୁଖଣ୍ଡ ଅଭୟାରଣ୍ୟରେ ଚିତ୍ରା ହରିଣଙ୍କ ସଂଖ୍ୟା କମିବାରେ ଲାଗିଛି। ଜଙ୍ଗଲ ଭିତରେ ହରିଣଙ୍କ ପାଇଁ ପର୍ଯ୍ୟାପ୍ତ ଚାରଣ ଭୂମି ଏବଂ ଜଳାଶୟ ନାହିଁ। ଖରାଦିନେ ଅଧିକାଂଶ ଜଳାଶୟ ଶୁଖିଯାଉଛି। ଫଳରେ ଖାଦ୍ୟ ଏବଂ ପାନୀୟ ଅନ୍ୱେଷଣରେ ହରିଣ ଜନବସତିମୁହାଁ ହେଉଛନ୍ତି। ରାସ୍ତା ପାର୍ ହେବାବେଳେ ଗାଡ଼ି ଦୁର୍ଘଟଣା, କୁକୁର ଆକ୍ରମଣ, ଶିକାରୀଙ୍କ ଶିକାର ଯୋଗୁଁ ସେମାନଙ୍କର ମୃତ୍ୟୁ ଘଟୁଛି। ବାସ୍ତବରେ ଏବେ ବାଲୁଖଣ୍ଡରେ ହରିଣଙ୍କ ସ୍ଥିତି କ'ଣ ତାହା ଗଣତି କରାଯାଇ ସ୍ପଷ୍ଟ ହେବା ଦରକାର।

### ଖୋଲିବ ଗୁଣ୍ଡିଚା ମନ୍ଦିର

## ସ୍ଥିତି ଅନୁଧ୍ୟାନ କଲେ ପରିଚାଳନା କମିଟି ସଦସ୍ୟ

**ପୁରୀ, ୨୭।୧୧(ସମିସ):** ଆସନ୍ତା ଡିସେମ୍ବର ୧ ତାରିଖରୁ ଭକ୍ତଙ୍କ ପାଇଁ ଖୋଲିବ ଶ୍ରୀଗୁଣ୍ଡିଚା ମନ୍ଦିର। ଏଣିକି ଶ୍ରଦ୍ଧାଳୁମାନେ ମହାପ୍ରଭୁଙ୍କ ଜନ୍ମବେଦୀ ବୁଲିପାରିବେ। ଦୀର୍ଘ ୬ ବର୍ଷ ହେବ ଆଡ଼ପମଣ୍ଡପ ଭକ୍ତଙ୍କ ପାଇଁ ବନ୍ଦ ରଖାଯାଇଥିଲା। କରୋନା ପାଇଁ ୨୦୨୦ରୁ ଏହି କଟକଣା ଲଗାଯାଇଥିଲା। କୋଭିଡ୍ କଟକଣା ହଟିବା ପରେ ମରାମତି ପାଇଁ ଭକ୍ତଙ୍କୁ ଛଡ଼ାଯାଉ ନ ଥିଲା। ବର୍ତ୍ତମାନ ଗୁଣ୍ଡିଚା ମନ୍ଦିରରେ ଆବଶ୍ୟକ ମରାମତି ଏବଂ ସୌନ୍ଦର୍ଯ୍ୟକରଣ କାମ ଶେଷ ହୋଇଛି। ତେଣୁ ପରିଚାଳନା କମିଟି ନିଷ୍ପତ୍ତି ପ୍ରକାରେ ଆସନ୍ତା ଡିସେମ୍ବର ପହିଲାରୁ ଏହା ଖୋଲିବାକୁ ଯାଉଛି। ଏ ନେଇ ବୁଧବାର ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ପ୍ରମୁଖ ଅଧିକାରୀ ଗୁଣ୍ଡିଚା ମନ୍ଦିର ଭିତରକୁ ଯାଇ ସ୍ଥିତି ଅନୁଧ୍ୟାନ କରିଥିଲେ। ତେବେ ଗୁଣ୍ଡିଚା ମନ୍ଦିର ଖୋଲିବା ପୂର୍ବରୁ ଗୁରୁବାର ପରିଚାଳନା କମିଟିର ସଦସ୍ୟମାନେ ଭିତରକୁ ଯାଇ ଭକ୍ତଙ୍କ ଦର୍ଶନ କିଭଳି ଶୃଙ୍ଖଳିତ ହୋଇପାରିବ ସେ ନେଇ ସ୍ଥିତି ଅନୁଧ୍ୟାନ କରିଛନ୍ତି।



ଗୁଣ୍ଡିଚା ମନ୍ଦିରକୁ ଭକ୍ତଙ୍କ ପ୍ରବେଶ ନେଇ ନୂଆ ଏସ୍‌ଓପି ଜାରି ହୋଇଛି। ଏହି ଏସ୍‌ଓପି ମୁତାବକ ପ୍ରତ୍ୟେକ ଭକ୍ତଙ୍କୁ ପ୍ରବେଶ ପାଇଁ ୧୦ ଟଙ୍କା ମୂଲ୍ୟ ଦେବାକୁ ପଡ଼ିବ। କିନ୍ତୁ ୫ ବର୍ଷରୁ କମ୍, ୮୦ ବର୍ଷରୁ ଊର୍ଦ୍ଧ୍ୱ ଏବଂ ଦିବ୍ୟାଙ୍ଗ ଭକ୍ତଙ୍କ ପାଇଁ ଟିକଟ୍ ବ୍ୟବସ୍ଥା ଲାଗୁ ହେବ ନାହିଁ ବୋଲି ନିଷ୍ପତ୍ତି ହୋଇଛି। ଏ ସମ୍ପର୍କରେ ଜଣେ ପରିଚାଳନା କମିଟିର ସଦସ୍ୟ କହିଛନ୍ତି, ଭକ୍ତଙ୍କ ନିଃଶୁଳ୍କ ପ୍ରବେଶ ନେଇ ଶ୍ରୀମନ୍ଦିର ପ୍ରଶାସନ ସହ ଆଲୋଚନା ହେବ। କିନ୍ତୁ ଏତେ ଟଙ୍କା ଖର୍ଚ୍ଚ କରି ଆସୁଥିବା ଶ୍ରଦ୍ଧାଳୁଙ୍କ ପାଇଁ ୧୦ ଟଙ୍କା ସେମିତି କିଛି ବଡ଼ ନୁହେଁ।

## ଆୟୁଷ ଛାତ୍ରଛାତ୍ରୀଙ୍କ ପ୍ରତିବାଦ ପଦଯାତ୍ରା

**ପୁରୀ, ୨୭।୧୧(ସମିସ):** ହୋମିଓପାଥି ଓ ଆୟୁର୍ବେଦ ଚିକିତ୍ସା ପ୍ରତି ସରକାରଙ୍କ ବୈମାତୃକ ମନୋଭାବ ନେଇ ଚାଲିଥିବା ଆୟୁଷ ଛାତ୍ରଛାତ୍ରୀଙ୍କ ତାଲାବନ୍ଦ ଆନ୍ଦୋଳନ ଗୁରୁବାର ଚତୁର୍ଥ ଦିନରେ ପହଞ୍ଚିଛି। ନିଖିଳ ଓଡ଼ିଶା ଆୟୁଷ ଛାତ୍ରସଂଘ ପକ୍ଷରୁ ପ୍ରତିବାଦ ସ୍ୱରୂପ ଛାତ୍ରଛାତ୍ରୀମାନେ ବଡ଼ଦାଣ୍ଡରେ ପ୍ଲାକାର୍ଡ ଧରି ପଦଯାତ୍ରା କରିଛନ୍ତି। ଏଥିସହ ବିଭିନ୍ନ ଦାବି ସମ୍ବଳିତ ସ୍ମାରକପତ୍ର ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି।



ଛାତ୍ରଛାତ୍ରୀଙ୍କ କହିବା ଅନୁଯାୟୀ, ଆୟୁଷ ଚିକିତ୍ସା ପ୍ରତି ସରକାର ସମ୍ପୂର୍ଣ୍ଣ ଉଦାସୀନ ଅଛନ୍ତି। ସାମଗ୍ରିକ ଭାବେ ସ୍ୱାସ୍ଥ୍ୟ ପରିଚାଳନା, ସୁଲଭ ମୂଲ୍ୟରେ ଔଷଧ ଯୋଗାଣ, ପାର୍ଶ୍ୱ ପ୍ରତିକ୍ରିୟା ବିହୀନ ଚିକିତ୍ସା, ରୋଗର ମୂଳୋତ୍ପାଟନ କରିପାରୁଥିବା ଚିକିତ୍ସା ପଦ୍ଧତିର ସୁଫଳ ଜନସାଧାରଣଙ୍କ ନିକଟରେ ପହଞ୍ଚାଇବାରେ ସରକାର ବିଫଳ ରହିଛନ୍ତି। ସରକାରଙ୍କ ଉଦାସିନତା ବିରୋଧରେ ଛାତ୍ରଛାତ୍ରୀମାନେ ଅନେକଥର ଉଚ୍ଚ ପଦାଧିକାରୀ, ଆୟୁଷ ନିର୍ଦ୍ଦେଶକ, ସ୍ୱାସ୍ଥ୍ୟମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ହେଲେ କୌଣସି ସୁଫଳ ମିଳିନାହିଁ। ତେଣୁ ସମସ୍ତ ୭ଟି ସରକାରୀ ଆୟୁଷ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ପ୍ରଥମେ କଳାବ୍ୟାଜ୍ ପରିଧାନ କରି ପ୍ରତିବାଦ କରିଥିଲେ। ଏହାସତ୍ତ୍ୱେ ସରକାର ତାଙ୍କ ପ୍ରତି ଅଣଦେଖା କରିଆସୁଛନ୍ତି। ନୂଆ ଆୟୁଷ ଡାକ୍ତର ପଦ ସୃଷ୍ଟି, ଉଚ୍ଚଶିକ୍ଷା ସିଟ୍ ସଂଖ୍ୟା ବୃଦ୍ଧି, କଲେଜ ପରିଚାଳନା କମିଟିର ପୁନର୍ଗଠନ, କେନ୍ଦ୍ର ଆୟୁଷ ମନ୍ତ୍ରାଳୟର ସମସ୍ତ ନିୟମାବଳୀ ପାଳନ, ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ଯୋଜନାରେ ଆୟୁଷକୁ ଅନ୍ତର୍ଭୁକ୍ତ କରିବା ଆଦି ବିଭିନ୍ନ ଦାବି ନେଇ ଏହି ଆନ୍ଦୋଳନ ଚାଲିଛି। ଯଦି ଏହି ଦାବି ପ୍ରତି ଅଣଦେଖା କରାଯାଏ, ତେବେ ରାଜରାସ୍ତାକୁ ଓହ୍ଲାଇବା ସହ ଚରମ ପଦକ୍ଷେପ ନେବେ ବୋଲି ଚେତାବନୀ ଦେଇଛନ୍ତି।

### ଏନ୍‌ଏଚ୍‌ଆର୍‌ସିଙ୍କ ନିର୍ଦ୍ଦେଶ ପାଳନ କଲେନି

## ପୁରୀ ଜିଲ୍ଲାପାଳ ଓ ଟିପିସିଓଡିଏଲ୍ ମୁଖ୍ୟଙ୍କ ବିରୋଧରେ ୱାରେଣ୍ଟ ଜାରି

**ପୁରୀ, ୨୭।୧୧(ସମିସ):** ଜାତୀୟ ମାନବାଧିକାର କମିଶନ (ଏନ୍‌ଏଚ୍‌ଆର୍‌ସି) ପୁରୀ ଜିଲ୍ଲାପାଳ ଓ ଟିପିସିଓଡିଏଲ୍ ମୁଖ୍ୟ କାର୍ଯ୍ୟନିର୍ବାହୀଙ୍କ ବିରୋଧରେ ୱରେଣ୍ଟ ଜାରି କରିଛନ୍ତି। ପୁରୀ ଜିଲ୍ଲା ଗୋପ ବ୍ଲକ ସୋରିଷିଆପଦା ଗାଁର ଜଣେ ୩ ବର୍ଷର ଶିଶୁପୁତ୍ରର ହାତ ନଷ୍ଟ ହେବା ଘଟଣାରେ ଏହି ନିର୍ଦ୍ଦେଶ ଦିଆଯାଇଛି। ୩ ବର୍ଷ ତଳେ ମୁକୁଳା ଟ୍ରାନ୍ସଫର୍ମର ଶିଶୁପୁତ୍ରକୁ ବିକଳାଙ୍ଗ କରିଥିଲା। ଏନେଇ ଜାତୀୟ ମାନବାଧିକାର କମିଶନରେ ମାମଲା ରୁଜୁ ହୋଇଥିଲା। ୨୦୨୫ ଜୁଲାଇରେ କମିଶନ ପୀଡ଼ିତଙ୍କ ପରିବାରକୁ ୨ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ୧୫ ଦିନ ଭିତରେ କ୍ଷତିପୂରଣ ପ୍ରଦାନ ରିପୋର୍ଟ ପ୍ରମାଣ ସହ କମିଶନଙ୍କ ନିକଟରେ ଦାଖଲ ପାଇଁ ହୋଇଥିଲା ନିର୍ଦ୍ଦେଶ। ଏହାର ଉଲ୍ଲଙ୍ଘନ ହୋଇଥିବାରୁ କମିଶନ ଏହି ୱାରେଣ୍ଟ ଜାରି କରିଛନ୍ତି।

୩ ବର୍ଷ ତଳେ ସୋରିଷିଆପଦା ଗାଁର କାଳନ୍ଦୀ ଦାସଙ୍କ ୩ ବର୍ଷର ଶିଶୁପୁତ୍ର ଅଙ୍ଗନବାଡ଼ି କେନ୍ଦ୍ର ପାଖରେ ଥିବା ଏକ ମୁକୁଳା ବିଦ୍ୟୁତ୍ ଟ୍ରାନ୍ସଫର୍ମରକୁ ଖେଳଣା ଭାବି ଧରି ପକାଇଥିଲା। ଫଳରେ ତା'ର ବାମ ହାତ ପୋଡ଼ିଯିବା ସହ ମୁହଁ ଓ ଶରୀରର ଅଧା ଅଂଶ ମଧ୍ୟ ପୋଡ଼ିଯାଇଥିଲା। ଚିକିତ୍ସା ପରେ ହାତ କାଟିଦିଆଯାଇଥିଲା। ସେତେବେଳେ ଆର୍ଥିକ ସହାୟତା ପାଇଁ କାଳନ୍ଦୀ ବିଦ୍ୟୁତ୍ ବିଭାଗକୁ କାକୁତି ମିନତି ହୋଇଥିଲେ। ତେବେ ବିଦ୍ୟୁତ୍ ବିଭାଗ ରୋକ୍‌ଠୋକ୍ ମନା କରିଦେଇଥିଲେ। ସେ ଜମିବାଡ଼ି ବିକ୍ରି କରି ପୁଅର ଚିକିତ୍ସା ଅର୍ଥ ଭରଣା କରିଥିଲେ। ଏହି ଘଟଣା ନେଇ କଳାହାଣ୍ଡି ଭବାନୀପାଟଣାର ଆଇନଜୀବୀ ଦିଲ୍ଲୀପ କୁମାର ଦାସ ଜାତୀୟ ମାନବାଧିକାର କମିଶନଙ୍କ ନିକଟରେ ଅଭିଯୋଗ କରିଥିଲେ। ୨୦୨୫ ଜୁଲାଇ ୨୧ ତାରିଖରେ ଭୁବନେଶ୍ୱରରେ ଅନୁଷ୍ଠିତ କ୍ୟାମ୍ପ୍ କୋର୍ଟରେ ୧୫ ଦିନ ମଧ୍ୟରେ ୨ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ନିର୍ଦ୍ଧାରିତ ସମୟସୀମା ମଧ୍ୟରେ କ୍ଷତିପୂରଣ ରାଶି ନ ଦେବାରୁ କମିଶନ ପୁନର୍ବାର ଦୁଇଥର ଚିଠି କରିଥିଲେ। ଏହା ସତ୍ତ୍ୱେ ଜିଲ୍ଲାପାଳ ଓ ଟିପିସିଓଡିଏଲ୍ ମୁଖ୍ୟ କାର୍ଯ୍ୟନିର୍ବାହୀ ହାଜର ନ ହେବା କିମ୍ବା କ୍ଷତିପୂରଣ ଅର୍ଥରାଶି ପ୍ରମାଣ ସହ କମିଶନରଙ୍କ ନିକଟରେ ଦାଖଲ ନ କରିବାରୁ ଉଭୟଙ୍କ ବିରୋଧରେ ଜାମିନଯୁକ୍ତ ୱାରେଣ୍ଟ ଜାରି କରାଯାଉଛି। ଏଥିସହ ରାଜ୍ୟ ମୁଖ୍ୟ ଶାସନ ସଚିବ ଉଭୟଙ୍କୁ ୨୦୨୬ ଜାନୁଆରୀ ୧୪ରେ କମିଶନରଙ୍କ ନିକଟରେ ହାଜର ପାଇଁ ନିର୍ଦ୍ଦେଶ ଦିଆଯାଇଛି।

## ମଙ୍ଗଳା ନଦୀରେ ଚେକ୍‌ଡ୍ୟାମ୍ ନିର୍ମାଣର ଚୂଡ଼ାନ୍ତ ପ୍ରସ୍ତାବ ଗ୍ରହଣ



**ପୁରୀ, ୨୭।୧୧(ସମିସ)**

ସ୍ଥାନୀୟ ଓଁକାରଶ୍ୱର ନିକଟସ୍ଥ ଭାଗବତ ପାଟଣା ଗ୍ରାମ ନିକଟରେ ଏକ ଚେକ୍‌ଡ୍ୟାମ୍ ଯଥାଶୀଘ୍ର ନିର୍ମାଣ ହେବା ପାଇଁ ସରକାରଙ୍କ ତରଫରୁ ତତ୍ପରତା ପ୍ରକାଶ ପାଇଛି। ମଙ୍ଗଳା ନଦୀ ବୈଷୟିକ କମିଟିର ରିପୋର୍ଟକୁ କାର୍ଯ୍ୟକାରୀ କରିବା ପାଇଁ ଜଳସେଚନ ବିଭାଗର ମୁଖ୍ୟଯନ୍ତ୍ରୀ ଲିଙ୍ଗରାଜ ଗୌଡ଼ଙ୍କ ନିର୍ଦ୍ଦେଶକ୍ରମେ ପୁରୀ ଜଳସେଚନ ବିଭାଗର ଅମୀୟ କୁମାର ସେଠ୍, ଭାଗବତ ମଲ୍ଲିକ, ପ୍ରଧାନ ସୋର୍କା ଏବଂ ପୁରୀ ପିଡବ୍ଲ୍ୟୁଡିର ଅବିନାଶ ଲେଙ୍କା ପ୍ରସ୍ତାବିତ ସ୍ଥାନ ପରିଦର୍ଶନ କରି ସେହି ସ୍ଥାନରେ ଚେକ୍‌ଡ୍ୟାମ୍ ସ୍ଥାପନକୁ ଚୂଡ଼ାନ୍ତ ରୂପଦେଇଥିଲେ। ଫଳରେ ସମୁଦ୍ର ଜୁଆରରେ ଲୁଣି ପାଣିକୁ ରୋକାଯାଇପାରିବ। ମଙ୍ଗଳା ତଥା ଯମୁନା ନଦୀର ଜୈବବିବିଧତା, ପରିବେଶ ସୁରକ୍ଷା, ଭୂତଳ ଜଳର ସଂରକ୍ଷଣ ଓ ବର୍ଷତମାମ ଜଳ ପ୍ରବାହ ରହିବା ଫଳରେ କୃଷି କାର୍ଯ୍ୟ, ମାଛ ଚାଷ ଏବଂ ସେହି ନଦୀ ଉପରେ ପ୍ରତ୍ୟକ୍ଷ ନିର୍ଭର କରୁଥିବା ବ୍ୟକ୍ତି ଉପକୃତ ହୋଇପାରିବେ। ମଙ୍ଗଳା ନଦୀ ପୁନରୁଦ୍ଧାର କମିଟିର ଅଧ୍ୟକ୍ଷ ପ୍ରାକ୍ତନ ଅଧ୍ୟାପକ ସୁକାନ୍ତ କୁମାର ମହାନ୍ତିଙ୍କ ନେତୃତ୍ୱରେ ପୁରୀ ସହର, ଶ୍ରୀମନ୍ଦିର, ବିଭିନ୍ନ ଗାଁର ମୁଖିଆ ଉପସ୍ଥିତ ରହି ବୈଷୟିକ କମିଟିର ଇଞ୍ଜିନିୟରମାନଙ୍କୁ ଉପାଦେୟ ପରାମର୍ଶ ଦେଇଥିଲେ। ସେମାନଙ୍କ ମଧ୍ୟରେ ପୁରୀ ଗଜପତିଙ୍କ ତରଫରୁ ସୁଧାଂଶୁ ଶେଖର ରାଜଗୁରୁ, ଶ୍ରୀମନ୍ଦିର ତରଫରୁ ଶ୍ରୀମନ୍ଦିର ପୁରୋହିତ ତଥା ପରିଚାଳନା କମିଟି ସଦସ୍ୟ ଡ. ସିଦ୍ଧେଶ୍ୱର ମହାପାତ୍ର, ପ୍ରଫେସର ପ୍ରଭାତ ରଞ୍ଜନ ମହାପାତ୍ର, ଡ. ନାରାୟଣ ପତି, ପ୍ରାକ୍ତନ ପ୍ରାଧ୍ୟାପକ ବିଶ୍ୱଜିତ୍ ଦାସ, ଅଧ୍ୟାପକ ସୁଶାନ୍ତ ନାୟକ, କଣ୍ଟପୁର ଗାଁର ଘନଶ୍ୟାମ ଦଳାଇ, କାଶୀ ଜଗନ୍ନାଥପୁରର ଅନନ୍ତ ନାରାୟଣ ମିଶ୍ର, ଭାଗବତ ପାଟଣାର କୈଳାଶ ମଲ୍ଲିକ, ରେବତୀ ରମଣରୁ ରାଜେଶ ଭୋଇ, ସୁଦର୍ଶନ ଭୋଇ, ଖଡ଼ିପଦାର ବ୍ରଜ କିଶୋର ମହାନ୍ତି, ରମେଶ ସାହୁ, ମଙ୍ଗଳାଘାଟରୁ ହରିହର ସାହୁ ଓ ଶ୍ୟାମ ସୁନ୍ଦର ସାହୁ ଉପସ୍ଥିତ ଥିଲେ। ସୂଚନାଥାଉ କି, ଗତବର୍ଷ କମିଟି ଅଧ୍ୟକ୍ଷ ଅଧ୍ୟାପକ ମହାନ୍ତିଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କୁ ଦାବିପତ୍ର ଦେଇଥିଲେ। ଶ୍ରୀମତୀ ପରିଡ଼ା ପରିଦର୍ଶନ କରିବା ପରେ ଏକ ବୈଷୟିକ କମିଟି ଗଢ଼ାଯାଇଥିଲା।

## ମାହାରୀ ନୃତ୍ୟଶିଳ୍ପୀଙ୍କୁ ସମ୍ବର୍ଦ୍ଧନା

**ପୁରୀ, ୨୭।୧୧(ସମିସ):** ଶ୍ରୀମନ୍ଦିରରେ ପ୍ରଚଳିତ ମହାପ୍ରଭୁଙ୍କ ବିଭିନ୍ନ ସେବା ମଧ୍ୟରୁ ଅନେକ ସେବା ବନ୍ଦ ହୋଇଗଲାଣି। ଏଭଳି ଏକ ସେବା ହେଉଛି ଦେବଦାସୀ ସେବା। ଏହି ଦେବଦାସୀ ବା ମାହାରୀ ସେବାକୁ ବଞ୍ଚାଇ ରଖିଥିବା ପୁରୀର ରୁପଶ୍ରୀ ମହାପାତ୍ରଙ୍କୁ ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ନୃତ୍ୟଶିଳ୍ପୀ ଓ କଳାକାରଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଛି। ସେ ମାହାରୀ ନୃତ୍ୟକୁ କେବଳ ଓଡ଼ିଶା କି ଭାରତ ନୁହେଁ ସମଗ୍ର ବିଶ୍ୱରେ ପହଞ୍ଚାଇବାକୁ ଅକ୍ଲାନ୍ତ ପରିଶ୍ରମ ଓ ଅଧ୍ୟବସାୟ କରିଛନ୍ତି। ସେ ବିଭିନ୍ନ ସ୍ଥାନରୁ ସମ୍ମାନିତ ହୋଇଥିଲେ ହେଁ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର ସମ୍ମାନ ପାଇ ନିଜକୁ ଗର୍ବିତ ମନେ କରିଛନ୍ତି। ବିଜେତା ଶ୍ରୀମତୀ ମହାପାତ୍ର ଓ ଅନ୍ୟ ବରିଷ୍ଠ ମଞ୍ଚସଜ୍ଜା କଳାକାରଙ୍କୁ ଗୁରୁବାର ସିଂହଦ୍ୱାର ସମ୍ମୁଖରେ ନୃତ୍ୟଶିଳ୍ପୀମାନଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଛି। ମହାନ୍ ଶ୍ରୀଜଗନ୍ନାଥ ସଂସ୍କୃତି ଓ ପରମ୍ପରାକୁ ବଞ୍ଚାଇ ରଖିବା ପାଇଁ ସେ ଅବିରତ ଉଦ୍ୟମ କରିଆସୁଛନ୍ତି। ବିଶେଷକରି ମାହାରୀ ନୃତ୍ୟ ପ୍ରଦର୍ଶନ ସମୟରେ ସାଜସଜ୍ଜା, ଅଙ୍ଗଭଙ୍ଗି ଠିକ୍ ରହିବା ଆବଶ୍ୟକ। ଆଜିର ଯୁବପୀଢ଼ି, ନୃତ୍ୟଶିଳ୍ପୀମାନେ ଏହା ଅନୁକରଣ କରିବା ସହ ନିଷ୍ଠା, ଏକାଗ୍ରତା ଓ ଅଧ୍ୟବସାୟ ରଖିବା ଆବଶ୍ୟକ। ମାହାରୀ ନୃତ୍ୟ ପାଇଁ ଯଥେଷ୍ଟ ଶିକ୍ଷା ଓ ଗବେଷଣା ଆବଶ୍ୟକ ବୋଲି ଶ୍ରୀମତୀ ମହାପାତ୍ର କହିଛନ୍ତି।



ସକାଳ
THE SAKALA

# ସମ୍ପାଦକୀୟ



ଯଦି ଜନତାଙ୍କୁ ମତାଧିକାର ସାବ୍ୟସ୍ତ କରିବାର ପୂର୍ଣ୍ଣ କ୍ଷମତା ଦିଆଯାଏ, ତେବେ ଶାସନ ବ୍ୟବସ୍ଥା ଏକ ଉଚ୍ଚତର ସୋପାନରେ ପହଞ୍ଚିବ।

-ମାର୍କ ଜୁକରବର୍ଗ

## ପ୍ରଭାବହୀନ କୋପ୍ ୩୦

ବ୍ରାଜିଲ୍‌ର ବେଲମ୍‌ଠାରେ ଗତସପ୍ତାହରେ ସମାପ୍ତ ଜଳବାୟୁ ଶିଖର ସମ୍ମିଳନୀର ୩୦ତମ ଅଧିବେଶନ(କୋପ୍୩୦) ପୁଣି ଥରେ ଚକ୍ଷୁକୁଟା ପ୍ରହସନରେ ପରିଣତ ହୋଇଛି। ଜୀବାଶ୍ମ ଇନ୍ଧନର ବ୍ୟବହାର ହ୍ରାସ, କ୍ରମବର୍ଦ୍ଧିଷ୍ଣୁ ବିଶ୍ୱ ତାପମାନ ନିୟନ୍ତ୍ରଣ ଲକ୍ଷ୍ୟ ପ୍ରାୟତଃ ଗୁରୁତ୍ୱ ହରାଇଥିବା ବେଳେ କେବଳ ଉପରଦେଖାଣିଆ ଭାବରେ ଜଳବାୟୁ ପାଣ୍ଠି ପରିମାଣ ବୃଦ୍ଧି ଉପରେ ସକାରାତ୍ମକ ମତୈକ ପ୍ରକାଶ ପାଇଛି। ପରିବେଶ ପ୍ରଦୂଷଣରେ ସର୍ବାଧିକ ପ୍ରଭାବିତ ବିକାଶଶୀଳ ଓ ଅନୁନ୍ନତ ଦେଶମାନଙ୍କ ପ୍ରତି ସର୍ବାଧିକ ପ୍ରଦୂଷଣ ସୃଷ୍ଟିକାରୀ ବିକଶିତ ଦେଶମାନଙ୍କର ଉତ୍ତରଦାୟିତ୍ୱ ବୃଦ୍ଧି ନେଇ କୋପ୍୩୦ରେ ଘୋଷଣା ହୋଇପାରେ ବୋଲି ଆଶା କରାଯାଉଥିବା ବେଳେ ସେଥିରେ ମଧ୍ୟ ନିରାଶ ହେବାକୁ ପଡ଼ିଛି। ପ୍ରଦୂଷଣ ଓ ଜଳବାୟୁ ପରିବର୍ତ୍ତନର ମୁଖ୍ୟକାରଣ ଉପରେ ଧ୍ୟାନ କେନ୍ଦ୍ରିତ ନ କରି ସବୁଜ ଗୃହ ବାଷ୍ପ ସୃଷ୍ଟିକାରୀ ସାମଗ୍ରୀର ଆମଦାନୀ ଉପରେ ଅଧିକ ଶୁଳ୍କ ଲାଗୁ କରିବା ପାଇଁ କୋପ୍ ୩୦ରେ ସଂକଳ୍ପ ଆଗତ କରିବାକୁ ଯୋଜନା ଚୂଡ଼ାନ୍ତ ହୋଇଥିଲା। କିନ୍ତୁ ଭାରତ ଓ ଚୀନ୍ ସମେତ କେତେକ ବିକାଶଶୀଳ ରାଷ୍ଟ୍ର ଏଭଳି ପାତରଅନ୍ତର ନୀତିର ଘୋର ବିରୋଧ କରିବା ପରେ ତାହା ସ୍ଥଗିତ ରହିଲା। ଏଥିରୁ କୋପ୍୩୦ ଯେ ତାର ମୂଳ ଓ ମୌଳିକ ଲକ୍ଷ୍ୟରୁ ଦୂରେଇ ଯାଉଛି ଏହି ଅଭିଯୋଗ ନିରାଧାର ନୁହେଁ।

କୋପ୍ ୩୦ର ଏକମାତ୍ର ସକାରାତ୍ମକ ବାର୍ତ୍ତା ହେଲା ବ୍ୟାପକ ଶିଳ୍ପାୟନ ଓ ଜଳବାୟୁ ପରିବର୍ତ୍ତନରେ ପ୍ରଭାବିତ ବିକାଶଶୀଳ ଦେଶମାନଙ୍କର କ୍ଷତିଭରଣା ପାଇଁ ୨୦୩୫ ମସିହା ପର୍ଯ୍ୟନ୍ତ ବାର୍ଷିକ ୧.୩ ଲକ୍ଷ କୋଟି ଡଲାରର ଅନୁଦାନ ଦେବା ପାଇଁ ସଦସ୍ୟ ଦେଶମାନେ ସହମତ ହୋଇଛନ୍ତି। ସେହିପରି କୋପ୍୨୮ ରେ ଜଳବାୟୁ ପରିବର୍ତ୍ତନ ଜନିତ କ୍ଷୟକ୍ଷତି ଭରଣା ପାଇଁ ପ୍ରସ୍ତାବିତ 'ଲସ୍ ଆଣ୍ଡ ଡ୍ୟାମେଜ୍ ଫଣ୍ଡ' ଆରମ୍ଭ କରିବା ଏବଂ ପ୍ରସ୍ତାବିତ ପାଣ୍ଠି ରାଶିକୁ ତିନିଗୁଣା ବୃଦ୍ଧି କରିବା ଲାଗି ମଧ୍ୟ ସଂକଳ୍ପ ପାରିତ ହୋଇଛି। କିନ୍ତୁ ୨୦୧୯ ରୁ ଜଳବାୟୁ ପାଣ୍ଠି ପ୍ରତି ବିକଶିତ ଦେଶମାନଙ୍କର ପ୍ରତିଶ୍ରୁତି ଓ ଅଙ୍ଗୀକାରବଦ୍ଧତାରେ ଥିବା ଆକାଶପାତାଳ ତଫାତ୍‌ର ଅନୁଭବ ଦୃଷ୍ଟିରୁ ଉପରୋକ୍ତ ସଂକଳ୍ପର ରୂପାୟନରେ ସନ୍ଦେହ ସୃଷ୍ଟି ହେବା ସ୍ୱାଭାବିକ। ସେହିପରି ଆମେରିକା ଜଳବାୟୁ ଶିଖର ସମ୍ମିଳନୀରୁ ଓହରି ଆସିଥିବାରୁ ଜଳବାୟୁ ପାଣ୍ଠିର ଆକାର ଓ କାର୍ଯ୍ୟାନ୍ୱୟନକୁ ନେଇ ମଧ୍ୟ ପ୍ରଶ୍ନ ଉଠିଛି।

ଅପ୍ରିୟ ସତ୍ୟ ହେଉଛି, ବିକଶିତ ଦେଶମାନେ ଉତ୍ତରଦାୟିତ୍ୱ ନ ନେବା ପର୍ଯ୍ୟନ୍ତ ଜଳବାୟୁ ଶିଖର ସମ୍ମିଳନୀମାନ ଏଭଳି ଚକ୍ଷୁକୁଟା ପ୍ରହସନ ହୋଇଚାଲିଥିବ। କିନ୍ତୁ ଚେଇଁ ଶୋଇଥିବା ଲୋକକୁ ଉଠେଇବ କିଏ? ସାମ୍ପ୍ରତିକ ବିଶ୍ୱର ସର୍ବବୃହତ୍ ଆହ୍ୱାନ ହେଉଛି ଜନତାଙ୍କୁ ଜଳବାୟୁ ନ୍ୟାୟ ପ୍ରଦାନ। ସ୍ୱାର୍ଥସର୍ବସ୍ୱ ମାନସିକତାରେ ଏହି ଲକ୍ଷ୍ୟ ହାସଲ ସମ୍ଭବ ନୁହେଁ। ବୋଧହୁଏ ନିଜେ ପ୍ରଭାବିତ ଓ କ୍ଷତିଗ୍ରସ୍ତ ନ ହେବା ଯାଏଁ ବିକଶିତ ରାଷ୍ଟ୍ରମାନଙ୍କର ଚେତନା ଉଦୟ ହେବ ନାହିଁ। ସେପର୍ଯ୍ୟନ୍ତ ଅବଶିଷ୍ଟ ବିଶ୍ୱ ଜଳବାୟୁ ପରିବର୍ତ୍ତନର ବିଷ ପିଇବାକୁ ବାଧ୍ୟ। ବିଶେଷକରି ବିଶ୍ୱର ସର୍ବାଧିକ ଜନସଂଖ୍ୟା ବିଶିଷ୍ଟ ତଥା ଜଳବାୟୁ ପରିବର୍ତ୍ତନ ଜନିତ ସଙ୍କଟ ପ୍ରଭାବିତ ତାଲିକାରେ ନବମ ସ୍ଥାନରେ ଥିବା ଭାରତ ପାଇଁ ଏହି ଆହ୍ୱାନର ମୁକାବିଲା କରିବା ଆହୁରି ଅଧିକ କଠିନ।

ଏବେ ସମୟ ଆସିଛି ଜଳବାୟୁ ପରିବର୍ତ୍ତନ ଜନିତ ପ୍ରଭାବକୁ ହ୍ରାସ କରିବା ପାଇଁ ଜାତୀୟ ନୀତି ପ୍ରଣୟନ କରିବାର। ଭାରତକୁ ଖାଦ୍ୟାଭାବ, ବାତ୍ୟା, ବନ୍ୟା, ମରୁଡ଼ି, ସମୁଦ୍ର ପତ୍ତନ ବୃଦ୍ଧି, ଜଳାଭାବ, ଶସ୍ୟ ହାନି, ସ୍ୱାସ୍ଥ୍ୟସଙ୍କଟ, ଜୈବବିବିଧତା ହ୍ରାସ, ଅଂଶୁଘାତ, ଆଦି ଜଳବାୟୁର ଅସ୍ୱାଭାବିକ ପରିବର୍ତ୍ତନ ଜନିତ ଦୁଷ୍ପ୍ରଭାବରୁ ସୁରକ୍ଷା ଦେବାକୁ ହେଲେ ସଂକଳ୍ପ ନୁହେଁ, ଯୁଦ୍ଧକାଳୀନ ପଦକ୍ଷେପ ଆବଶ୍ୟକ। ଏଥିପାଇଁ ସରକାରୀ ଓ ରାଜନୈତିକ ନିଷ୍ଠା, ଗୋଷ୍ଠୀ ସହଭାଗିତା ଓ ପ୍ରଶାସନିକ ଆନ୍ତରିକତା ଅପରିହାର୍ଯ୍ୟ। ସେହିପରି ଜଳବାୟୁ ପରିବର୍ତ୍ତନ ଜନିତ ସମସ୍ୟା ସମାଧାନରେ ବୈଷୟିକ ଜ୍ଞାନକୌଶଳ ସହ ପାରମ୍ପରିକ ମୌଳିକ ଜ୍ଞାନକୁ ସମ୍ମିଳିତ ଭାବେ ପ୍ରୟୋଗ କରିବା ପାଇଁ ମାନସିକତାରେ ସକାରାତ୍ମକ ପରିବର୍ତ୍ତନ ମଧ୍ୟ ଜରୁରୀ।

## ଆପଣା ହସ୍ତେ ଜିହ୍ୱା ଛେଦି

ଯାନବାହନ ଓ ସେଗୁଡ଼ିକର ଚାଳିତ ଶକ୍ତି ଜୀବାଶ୍ମ ଇନ୍ଧନର ଉତ୍ପାଦନ ଓ ବିକ୍ରି ଉପରେ କଟକଣା ଜାରି କରିବା ଲାଗି ସରକାରଙ୍କୁ ଆବେଦନ କରିଛନ୍ତି କାରନିର୍ମାଣକାରୀ ସଂସ୍ଥାର ଜନୈକ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ। ଆବେଦନର କାରଣରେ ସେ ଦର୍ଶାଇଛନ୍ତି ଯେ କାର ମୋ ଜୀବିକାର୍ଜନର ମୁଖ୍ୟ ସହାୟକ ଏହା ନିଃସନ୍ଦେହ; କିନ୍ତୁ ତା'ଠାରୁ ଗୁରୁତ୍ୱପୂର୍ଣ୍ଣ ମୋ ପୂର୍ବ ଓ ଉତ୍ତର ପିଢ଼ିର ସ୍ୱାସ୍ଥ୍ୟ ଓ ଭବିଷ୍ୟତ। ଯାନବାହନ ଚଳାଚଳରେ କଟକଣା ନ ଲାଗିବା ପର୍ଯ୍ୟନ୍ତ ପରିବେଶ ପ୍ରଦୂଷଣରୁ ଯେ ମୁକ୍ତି ନାହିଁ ଏହି ଆପ୍ତବାକ୍ୟଟି ସମ୍ପୃକ୍ତ ସିଇଓଙ୍କ ଆବେଦନରୁ ସ୍ପଷ୍ଟ ଓ ନିଧାର୍ଯ୍ୟ।

ଏହା ଅସ୍ୱୀକାର କରିବାର ନାହିଁ ଯେ ଦ୍ରୁତ ସହରୀକରଣ ସହିତ କର୍ମସ୍ଥଳୀ, ବିପଣନ ଓ ମନୋରଞ୍ଜନ ବିକ୍ଷିପ୍ତ ହୋଇଛି ଏବଂ ଗମନାଗମନରେ ଯାନବାହନ ଏକ ଜରୁରୀ ଆବଶ୍ୟକତା ହୋଇପଡ଼ିଛି। ସେହି ଆଧାରରେ ଆଶାତୀତ ଭାବେ ଯାନବାହନ ଉତ୍ପାଦନ ଓ ବିକ୍ରି ବଢ଼ିବାରେ ଲାଗିଛି। ବ୍ୟାଙ୍କ ଓ ବିଭିନ୍ନ ଦେଶୀବିଦେଶୀ ଅର୍ଥଲଗାଣକାରୀ ସଂସ୍ଥାଙ୍କ ପ୍ରାବଲ୍ୟ ଯୋଗୁଁ ସହଜରେ ଋଣ ମିଳିଯାଉଛି। ତା' ସହିତ ଲୋକମାନଙ୍କର ଉପାର୍ଜନ ମଧ୍ୟ ବଢ଼ିଛି। ଆୟ ଓ ଋଣ ସମ୍ପର୍କର ସିଧାସଳଖ ପ୍ରଭାବ ଯାନବାହନ ସଂଖ୍ୟା ବୃଦ୍ଧିରେ ପ୍ରତିଫଳିତ ହେଉଛି। ପରିଣାମ ସ୍ୱରୂପ ବାୟୁ ପ୍ରଦୂଷଣ ଉତ୍କଟ ହେବାରେ ଲାଗିଛି। ବିଷାକ୍ତ ଓ ପ୍ରଦୂଷିତ ବାୟୁ ସମସ୍ୟା ଓ ପରିବେଶ ସଙ୍କଟ ଏବେ କେବଳ ଆଉ ଦେଶର ରାଜଧାନୀ ଦିଲ୍ଲୀରେ ସୀମିତ ହୋଇ ରହିନାହିଁ। ଆମ ରାଜ୍ୟର ଅନୁଗୁଳ ସହର ପ୍ରଦୂଷିତ ବାୟୁ ମାନରେ ଦିଲ୍ଲୀକୁ ମଧ୍ୟ ଟପିଯାଇଛି। ଧୀରେ ଧୀରେ ଦେଶର ବିଭିନ୍ନ ଜନାକୀର୍ଣ୍ଣ ସହରାଞ୍ଚଳ ଏଭଳି ପ୍ରଦୂଷିତ ବାୟୁର ପଞ୍ଝା ମଧ୍ୟକୁ ଚାଲିଯାଉଛି।

ଜଳବାୟୁ ପରିବର୍ତ୍ତନ, ପରିବେଶ ପ୍ରଦୂଷଣର କାରଣ ଓ ନିରାକରଣ ବିଷୟରେ ଜନତା ଆଉ ଅଜ୍ଞ ନୁହନ୍ତି। ତେଣୁ ସୂଚନା ଓ ସଚେତନତା ପ୍ରୟାସ ବୃଥା। କଥା କଥାକେ ଗାଡ଼ିଟିଏ ନ ହେଲେ ଘରୁ ଗୋଡ଼ ବାହାର କରିବାର କୁଣ୍ଠାକୁ ଆମେ ତ୍ୟାଗ କରିପାରୁନାହୁଁ। ସବୁଜାଣି ମଧ୍ୟ ଅଧିକ ସୁଖ, ସୁବିଧା ଲୋଡୁଥିବାର ପରିଣାମ ଆମକୁ ହିଁ ଭୋଗିବାକୁ ପଡୁଛି ଏବଂ ଆମର ଉତ୍ତରପିଢ଼ିଙ୍କୁ ମଧ୍ୟ ଭୋଗିବାକୁ ପଡ଼ିବ। ଓଡ଼ିଶାରେ ଏକ ପ୍ରବାଦ ଅଛି - ଆପଣାହସ୍ତେ ଜିହ୍ୱା ଛେଦି କେ ଅଛି ତା'ର ପ୍ରତିବାଦୀ। ବିଷବଳୟରୁ କେବଳ ଆମର ଆତ୍ମସଂଯମ ହିଁ ଉଦ୍ଧାର କରିପାରିବ। ନିଷ୍ପତ୍ତି ଆମମାନଙ୍କର।

## ଓଡ଼ିଆ ଅସ୍ମିତା ଓ ସ୍ୱାବଲମ୍ବନ

ଡ. ପ୍ରମୋଦ କୁମାର ପଣ୍ଡା



ଆଜିକାଲି ଆମେ ସମସ୍ତେ ଓଡ଼ିଆ ଅସ୍ମିତା ବୃଦ୍ଧି ପାଇଁ ଉଦ୍ୟମ କରୁଛନ୍ତି। ଏହା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। କିନ୍ତୁ ଆମ ଅସ୍ମିତା ଦେଶ ଓ ବିଦେଶରେ ସେତେବେଳେ ବୃଦ୍ଧି ପାଇବ ଯେତେବେଳେ ପ୍ରତି ଓଡ଼ିଆ ମୁଣ୍ଡ ଟେକି ଆଖିରେ ଆଖି ମିଳାଇ ଅନ୍ୟ ରାଜ୍ୟ ଓ ବିଦେଶର ଲୋକଙ୍କ ସହିତ କଥା ହୋଇପାରିବ କିମ୍ବା ନିଜ ଅଧିକାର ଜାହିର କରିପାରିବ। ଅନ୍ୟମାନେ ଯେତେବେଳେ ଆମକୁ ଦେଖିବେ ତୁରନ୍ତ ସମ୍ମାନ ଦେବାର ମାନସିକତା ପ୍ରଦର୍ଶନ କରିବେ ସ୍ୱତଃପ୍ରବୃତ୍ତ ଭାବରେ। ଏହା ସେତେବେଳେ ସମ୍ଭବ ହେବ, ଯେତେବେଳେ ଆମେ ନିଜକୁ ଧନୀ କରିପାରିବା।

ଇଂରାଜୀରେ ଏକ ପ୍ରବାଦ ଅଛି - 'ଭିକାରୀର ଇଚ୍ଛା ବାଛିବାର ଅଧିକାର ନାହିଁ, ଯିଏ ଯାହା ଦେଲା ସେଥିରେ ସନ୍ତୁଷ୍ଟ ହେବାକୁ ବାଧ୍ୟ।' ଏ ଦୁନିଆରେ ଅର୍ଥ ହିଁ ସମ୍ମାନର ଅଧିକାରୀ। ଆପଣଙ୍କ ପାଖରେ ପଇସା ଥିଲେ ସବୁକିଛି ମିଳିଯାଇପାରିବ। ସେଥିପାଇଁ ତ କୁହାଯାଇଛି - 'ଆବେ ପରଶୁ, ଯାବେ ପରଶୁ, ବାବୁ ପରଶୁରାମ; ପଇସା କ୍ୟା ନ କରେ କାମ।' ଏଠାରେ ପଇସା ଅର୍ଥ ନୁହେଁ କଳା ଟଙ୍କା ରୋଜଗାର କରିବା। ଏ ପୃଥିବୀରେ ସାଧୁ ଉପାୟରେ ପଇସା ରୋଜଗାର କରି ଧନୀ ହେବାର ଶହ ଶହ ରାସ୍ତା ଅଛି। କିନ୍ତୁ ଦୁଃଖ ଲାଗେ ଆମ ସ୍ଥିତି ଦେଖି। ବିକାଶର ସମସ୍ତ ଉପାଦାନ ଆମ ପାଖରେ ଥିବା ସତ୍ତ୍ୱେ ଆମେ ଏକ ଦରିଦ୍ର ଜାତି ହିସାବରେ ନିଜର ପରିଚୟ ସୃଷ୍ଟି କରିଛନ୍ତି।

ଓଡ଼ିଶା ଦେଶର ଅଷ୍ଟମ ବୃହତ୍ତମ ରାଜ୍ୟ। ପ୍ରାକୃତିକ ସମ୍ପଦରେ ଭରପୂର। ସମଗ୍ର ଦେଶରେ ବାର୍ଷିକ ହରାହାରି ୧୨୦୦ ମିଲିମିଟର ବର୍ଷା ହେଉଥିବା ସ୍ଥଳେ ଆମର ୧୫୦୦ ମିଲିମିଟର। ଦେଶରେ ଆଠପ୍ରକାର ମୃତ୍ତିକା ଥିବା ବେଳେ ଆମର ମଧ୍ୟ ଆଠପ୍ରକାର ମୃତ୍ତିକା ଅଛି। ସମୁଦ୍ର ପତ୍ତନଠୁ ଦେଓମାଳିର ଶିଖର ପର୍ଯ୍ୟନ୍ତ ସମସ୍ତ ପ୍ରକାର ଭୂମିରୂପ ଓ ଜଳବାୟୁ ଆମ ପାଖରେ ମହଜୁଦ ଅଛି। ଏହା ବର୍ଷସାରା ବିଭିନ୍ନ ପ୍ରକାର କୃଷିଜାତ ସାମଗ୍ରୀ ଉତ୍ପାଦନ ପାଇଁ ଭରପୂର ସୁଯୋଗ ଦେଇଛି। ଆମ ପାଖରେ ସମଗ୍ର ଦେଶର ଶତକଡ଼ା ୨୮ ଭାଗ ଲୁହାପଥର, ଶତକଡ଼ା ୨୪ ଭାଗ କୋଇଲା, ଶତକଡ଼ା ୫୯ ଭାଗ ଆଲୁମିନିୟମ (ବକ୍ସାଇଟ) ଓ ଶତକଡ଼ା ୯୮ ଭାଗ କ୍ରୋମାଇଟ ମହଜୁଦ ଅଛି। ତା' ଛଡ଼ା ଅନ୍ୟାନ୍ୟ ଖଣିଜ ପଦାର୍ଥ ମଧ୍ୟ ଅଜ୍ଞେବହୁତ ଅଛି। ପର୍ଯ୍ୟଟନ ବିକାଶ ପାଇଁ ମନ୍ଦିର, ନଦୀ, ହ୍ରଦ, ଘନ ଜଙ୍ଗଲ ଓ ୪୮୫ କିଲୋମିଟରର ସୁଦୀର୍ଘ ସମୁଦ୍ର ବେଳାଭୂମି ଅଛି। ୬୨ ପ୍ରକାର ପରିଶ୍ରମୀ ଜନଜାତି ମଧ୍ୟ ଅଛନ୍ତି। ଆମ ରାଜ୍ୟର ଶ୍ରମିକ ଅନ୍ୟ ରାଜ୍ୟରେ ପରିଶ୍ରମୀ ବୋଲି ପରିଚୟ ସୃଷ୍ଟି କରିଛନ୍ତି।

ଉପରୋକ୍ତ ବର୍ଣ୍ଣିତ ସମସ୍ତ ବିକାଶ ଉପାଦାନ ମହଜୁଦ୍ ଥିବା ସତ୍ତ୍ୱେ ଓଡ଼ିଶାର ମାସିକ କୃଷି ଆୟ (୫, ୧୧୨ଟଙ୍କା) ଦେଶର ରାଜ୍ୟମାନଙ୍କ ତୁଳନାରେ ତଳ ଆଡୁ ଦ୍ୱିତୀୟ, ଯାହା ଆଦୌ ଗ୍ରହଣୀୟ ନୁହେଁ। ସେହିପରି ବାର୍ଷିକ ମୁଣ୍ଡପିଛା ଆୟରେ ଆମ ରାଜ୍ୟ ଦେଶର ଅନ୍ୟ ରାଜ୍ୟମାନଙ୍କ ତାଲିକାରେ ୧୭ ତମ ସ୍ଥାନ (୧, ୬୩, ୧୦୧ଟଙ୍କା) ମଧ୍ୟ ଗ୍ରହଣୀୟ ନୁହେଁ। କିଛି କେନ୍ଦ୍ରଶାସିତ ଅଞ୍ଚଳକୁ ବିଚାର କଲେ ଆମ ସ୍ଥାନ ୨୨ରେ ଅଛି। ସିକିମର ମୁଣ୍ଡପିଛା ଆୟ ୫, ୪୭, ୬୪୦ ଟଙ୍କା ଦେଶର ସର୍ବୋଚ୍ଚ ହୋଇଥିବା ବେଳେ ତେଲଙ୍ଗାନା, କର୍ଣ୍ଣାଟକ, ତାମିଲନାଡୁ, ହରିୟାଣା ପ୍ରଭୃତି ରାଜ୍ୟର ବାର୍ଷିକ ମୁଣ୍ଡପିଛା ଆୟ ୩ ଲକ୍ଷ ଟଙ୍କାରୁ ଅଧିକ, ଯାହାକି ଆମଠୁ ଶତକଡ଼ା ୧୦୦ରୁ ଅଧିକ।

କେବେ କୌଣସି ପଞ୍ଜାବୀ, ମାରୁଆଡ଼ି କିମ୍ବା ଗୁଜରାଟୀ ମୁଲିଆ ବା ଚାକିରିଆ ହେବା ପାଇଁ ସ୍ୱପ୍ନ ଦେଖେନି। ସବୁବେଳେ ଧନକୁ ମୁଲିଆ ସଦ ଉପଯୋଗପୂର୍ବକ ମାଲିକ ହୋଇ ଅଧିକ ଧନ ଉପାର୍ଜନ କରିବାକୁ ଚେଷ୍ଟା କରେ। ମୁଁ ଆମର ଯୁବପିଢ଼ିଙ୍କୁ ଆହ୍ୱାନ ଦେଉଛି - ଆପଣ ସମସ୍ତେ ଧନୀ ହେବାକୁ ଚେଷ୍ଟା କରନ୍ତୁ, ତାହା ପୁଣି ସତ୍ ଉପାୟରେ। କାରଣ ଅସତ ଧନ ବେଶି ଦିନ ରହିବ ନାହିଁ। ସେଥିପାଇଁ ଉତ୍କଳମଣି ଗୋପବନ୍ଧୁ କହିଥିଲେ, ବାଲ୍ୟ କାଳୁ ଧନ ଓ ଧର୍ମ ସଂଚିବା କଥା। ଆମ ଯୁବବର୍ଗଙ୍କୁ କହିରଖେ, ଆମ ପାଇଁ ସିନା ପର୍ଯ୍ୟାପ୍ତ ଚାକିରି ନାହିଁ, ମାତ୍ର ପର୍ଯ୍ୟାପ୍ତ ରୋଜଗାର ଅଛି। ମନେରଖନ୍ତୁ ଆପଣଙ୍କ ପାଖରେ ଅର୍ଥବଳ ରହିଲେ ସମସ୍ତେ ସମ୍ମାନ ଦେବେ। ଏଥିପାଇଁ ତ କୁହାଯାଏ ଟଙ୍କା ସବୁକିଛି ନୁହେଁ। ମାତ୍ର ଭଗବାନଙ୍କଠୁ ବି କମ୍ ନୁହେଁ।

ପ୍ରତି ଓଡ଼ିଆ ଧନୀ ହେଲେ ଯାଇଁ ଓଡ଼ିଆ ଅସ୍ମିତା ପ୍ରତିଷ୍ଠା ହୋଇପାରିବ। ସେ କାହାପାଖରେ ହାତ ପାତିବ ନାହିଁ। ସେ ମଧ୍ୟ ଅନ୍ୟ ରାଜ୍ୟ ଲୋକଙ୍କୁ ନିଜ ଧନ୍ଦାରେ କାମ କରାଇବ। ଏଥିପାଇଁ ସରକାରଙ୍କ ଗୁରୁ ଦାୟିତ୍ୱବୋଧ ରହିଛି। ସବୁଯୁଗରେ ସବୁ ସରକାରଙ୍କର ବଡ଼ ଆହ୍ୱାନ ହେଉଛି ସମ୍ବଳ ସୀମିତତା। ମାତ୍ର ଯେଉଁ ସରକାର ସୀମିତ ସମ୍ବଳର ସଦୁପଯୋଗ କରିପାରେ ଉତ୍ପାଦକତା ବୃଦ୍ଧି ପାଇଁ, ସେ ରାଜ୍ୟ ବା ଦେଶ ପ୍ରଗତି କରେ। ମାତ୍ର ଓଡ଼ିଶାରେ ଦ୍ରବ୍ୟ ଓ ରୋଜଗାର ସୃଷ୍ଟି ଉଦ୍ଦେଶ୍ୟରେ ପୁଞ୍ଜି ନିବେଶ ନ ହୋଇ ଭୋଟ ପକ୍କା କରିବା ପାଇଁ ସରକାର ପରେ ସରକାର ପୁଞ୍ଜି ନିବେଶ କରି ଚାଲିଛନ୍ତି, ଯାହାର ଫଳସ୍ୱରୂପ ରାଜକୋଷରୁ ଅର୍ଥ ଯାଉଛି, ମାତ୍ର ବେରୋଜଗାରୀ ବଢୁଛି। କୃଷି ଆୟ କମୁଛି ଏବଂ ରାଜ୍ୟରେ ଫସଲ ସଘନତା ମାତ୍ରା ହ୍ରାସ ପାଉଛି। ଭୋଟ ରାଜନୀତିରେ ଟଙ୍କା ବାଣ୍ଟିଲେ ଭୋଟବ୍ୟାଙ୍କ ପକ୍କା ହୋଇଯିବ, ମାତ୍ର ଓଡ଼ିଆ ଧନୀ ହୋଇ ପାରିବ ନାହିଁ।

ଅତୀତରେ ଆମେ ବିଦେଶ ଯାଉଥିଲୁ। ଅନ୍ୟମାନେ ଆମଠୁ ଧନ ନେବା ପାଇଁ ଆମକୁ ଜୟ କରିବାକୁ ଚାହୁଁଥିଲେ। ବର୍ତ୍ତମାନ ପଞ୍ଜାବୀ ଓ କେରଳୀ ବିଦେଶ ଯିବାର ସ୍ୱପ୍ନ ଦେଖୁଥିବା ବେଳେ ଅଧିକାଂଶ ଓଡ଼ିଆ ଯୁବବର୍ଗ ବିପିଏଲ ମଦ୍ୟ ପାନରେ ନିଜର ଭବିଷ୍ୟତ ଖୋଜୁଛନ୍ତି। ଅତ୍ୟନ୍ତ ଦୁର୍ଭାଗ୍ୟଜନକ ସ୍ଥିତି। ଆମ ସରକାର, ଶିକ୍ଷାନୁଷ୍ଠାନ, ଗଣମାଧ୍ୟମ, ବୁଦ୍ଧିଜୀବୀ ସମସ୍ତେ ମିଶି ଆମ ଯୁବବର୍ଗଙ୍କର ଚାକିରି କରିବା ମନୋବୃତ୍ତିକୁ ପରିବର୍ତ୍ତନ କରି ରୋଜଗାର କରିବାରେ ମନୋନିବେଶ ପାଇଁ ସେମାନଙ୍କୁ ପ୍ରବର୍ତ୍ତାଇବାକୁ ପଡ଼ିବ। ସେଥିପାଇଁ ଏକ ବଡ଼ ସାମାଜିକ ପରିବର୍ତ୍ତନର ଆବଶ୍ୟକତା ରହିଛି।

ଭୁବନେଶ୍ୱର, ମୋ: ୮୯୧୭୪୨୬୪୪୦

## ପ୍ରଶ୍ୱାସରେ ବିଷ

ତୁଷାର ରଞ୍ଜନ ସାହୁ

ଶୀତଋତୁ ଆରମ୍ଭ ହୋଇଗଲାଣି। ବିବାହ ଓ ଅନ୍ୟାନ୍ୟ କାର୍ଯ୍ୟକ୍ରମ ପାଇଁ ବାଣ ଓ ତତ୍‌ଜନିତ ବିଭିନ୍ନ ସାମଗ୍ରୀର ବ୍ୟବହାର ବାୟୁରେ ବିଷାକ୍ତ କଣିକା ସବୁ ଆଚ୍ଛାଦିତ କରିଦେଲାଣି। ଏହିପରି ଏକ ସମୟରେ ଆମ ସମସ୍ତଙ୍କ ପାଇଁ ବିଶୁଦ୍ଧ ପବନ ଟିକିଏ ପାଇବା କାଠିକର ପାଠ ହୋଇଗଲାଣି କହିଲେ ଅତ୍ୟୁକ୍ତି ହେବନାହିଁ। କଟକ-ଭୁବନେଶ୍ୱର ଦ୍ୱୈତନଗରୀ ପ୍ରଦୂଷଣର ପାରଦରେ ସବୁଠୁ ଶୀର୍ଷରେ ରହିଛି। ଆମେ ସବୁ ଯେଉଁ ବାଣ ବ୍ୟବହାର କରିଥାଉ, ସେଥିରେ କପର, କ୍ୟାଡମିୟମ, ଜିଙ୍କ, ଲିଡ, ମାଗ୍ନେସିୟମ, ସୋଡିୟମ ଆଦି ରାସାୟନିକ (କେମିକାଲ) ବ୍ୟବହାର ହେଉଛି। ଏହି ବାଣ ପୋଡ଼ିଲେ ସେଥିରୁ ବାହାରୁଛି ବିଷାକ୍ତ ଅଙ୍ଗାରକାମ୍ଳ (କାର୍ବନ ଡାଇଅକ୍ସାଇଡ), ସଲଫର ଡାଇଅକ୍ସାଇଡ, ନାଇଟ୍ରୋଜେନ ଡାଇଅକ୍ସାଇଡ, କାର୍ବନ ମନୋକ୍ସାଇଡ, ହାଇଡ୍ରୋ କାର୍ବନ, ଚାରକୋଲ ବାଷ୍ପ। ଆକାଶକୁ ରଙ୍ଗୀନ କରିବା ପାଇଁ ବାଣରେ ବ୍ୟବହୃତ ରାସାୟନିକ ପଦାର୍ଥରୁ ନିର୍ଗତ ଗ୍ୟାସ କ୍ୟାନସର ଭଳି ଭୟଙ୍କର ରୋଗକୁ ବଢ଼ାଇଥାଏ। ଏସବୁ ବାଷ୍ପ ଧୂଳିକଣା ସହ ମିଶି ବାୟୁମଣ୍ଡଳରେ ଏକ ଅସୁସ୍ଥକର ବାତାବରଣ ସୃଷ୍ଟି କରିଥାଏ।

ଏହାର ପ୍ରଭାବ ଦ୍ୱାରା ଅଙ୍ଗାରକାମ୍ଳ ପରିମାଣ ବାୟୁମଣ୍ଡଳରେ ବଢ଼ିଲେ ମୁଣ୍ଡବ୍ୟଥା ସହ ଧଇଁସଇଁ, ମାନ୍ଦା ଲାଗିପାରେ। ବେଳେ ବେଳେ ଶରୀରରେ ଆକସ୍ମିକ ପୀଡ଼ା ଅନୁଭବ ହୁଏ। ଅଚାନକ ରକ୍ତଚାପ ବଢ଼ିଯାଏ। ଏମିତିକି କେବେ କେବେ କୋମା, ଆସଫିକ୍ସିଆ, କନଭୁଲସନ ହାତ, ଗୋଡ଼, ଆଙ୍ଗୁଠି ଯେମିତି ନିର୍ଦ୍ଦିଷ୍ଟ ଅବସ୍ଥାରେ ଅଟକିଯାଏ। କାର୍ବନ ମନୋକ୍ସାଇଡ ଗ୍ୟାସ ଉଭୟ ମଣିଷ, ପଶୁପକ୍ଷୀଙ୍କୁ ପ୍ରଭାବିତ କରେ। ଏହା ରକ୍ତରେ ଅମ୍ଳଜାନ ପ୍ରବାହର କ୍ଷମତାକୁ କମାଇଦିଏ। ଶରୀରର ବିଭିନ୍ନ କୋଷ, ହୃଦୟ, ମସ୍ତିଷ୍କ ସମେତ ବିଭିନ୍ନ ଅଙ୍ଗକୁ ଅମ୍ଳଜାନ ପ୍ରବାହ କମିଯାଏ। ଏଥିରେ ହୃଦରୋଗୀଙ୍କ ସ୍ଥିତି ସଙ୍କଟାପନ୍ନ ହୋଇପାରେ। ସଲଫର ଡାଇଅକ୍ସାଇଡ ଗ୍ୟାସ ସମ୍ପୂର୍ଣ୍ଣ ଶ୍ୱାସକ୍ରିୟାକୁ ପ୍ରଭାବିତ କରିଥାଏ। ବିଶେଷକରି ଫୁସଫୁସକୁ ଆକ୍ରାନ୍ତ କରେ। ଅଚାନକ କାଶ ବଢ଼ିପାରେ। ଛାତିରେ ଯନ୍ତ୍ରଣା ହୁଏ। ଆଜମା ଓ ଶ୍ୱାସଜନିତ ବିଭିନ୍ନ ରୋଗରେ ଆକ୍ରାନ୍ତଙ୍କ ସ୍ଥିତି ସଙ୍କଟାପନ୍ନ ହୋଇପାରେ। ବ୍ଲାକ ପାଉଡର ମଧ୍ୟ ବେଶ କ୍ଷତିକାରକ। ଛାତି ରୋଗ ସହ, ଆଜମା, ଫୁସଫୁସ କ୍ୟାନସର ରୋଗକୁ ଏହା ବଢ଼ାଏ। ପରିବେଶକୁ ବ୍ୟାପକ କ୍ଷତାକ୍ତ କରିଥାଏ।

ଦେଶରେ ସଡ଼କ ଦୁର୍ଘଟଣା ଓ ହୃଦରୋଗ ପରେ ସର୍ବାଧିକ ମୃତ୍ୟୁ କ୍ରୋନିକ ଅବଷ୍ଟ୍ରକଟିଭ ପଲମୋନାରି ଯୋଗୁଁ ହେଉଛି। ଏହା ଏକ ଶ୍ୱାସଜନିତ ରୋଗ। ଏଥିରେ ଫୁସଫୁସ କ୍ଷତିଗ୍ରସ୍ତ ହୋଇ ସଙ୍କଟାପନ୍ନ ସ୍ଥିତି ସୃଷ୍ଟି କରେ। ଧୂମପାନ ଓ ବାୟୁ ପ୍ରଦୂଷଣ ଏହାର ପ୍ରମୁଖ କାରଣ। ଧୂଆଁ ଶ୍ୱାସ ରୋଗୀଙ୍କ ପାଇଁ ସବୁବେଳେ ଖରାପ। ଅତ୍ୟଧିକ ନିର୍ମାଣ କାର୍ଯ୍ୟରୁ ନିର୍ଗତ ଧୂଳି, ଗୋଡ଼ି ମୋଟର ଧୂଆଁକୁ ମଣିଷ ପ୍ରତିଦିନ ପ୍ରଶ୍ୱାସରେ ଗ୍ରହଣ କରୁଛି। ଏହା ସ୍ୱାସ୍ଥ୍ୟକୁ ଖରାପ କରୁଥିବା ବେଳେ ଦୀପାବଳିର ପ୍ରବଳ ଆତସବାଜିକୁ ନିର୍ଗତ ଧୂଆଁ ଆହୁରି ସ୍ୱାସ୍ଥ୍ୟ ବିଗାଡ଼ିବ। ଦୀପାବଳିରେ ସାପବାଣ, ଚାଇନା ଲଙ୍କା ବାଣରୁ ବେଶି ଧୂଆଁ ଓ ପ୍ରଦୂଷଣ ସୃଷ୍ଟି ହୋଇଥାଏ। ସମୟ ଆସିଛି, ଆମକୁ ଚେତିବାକୁ ପଡ଼ିବ।

ସେହିପରି ଅନାବଶ୍ୟକ ଶବ୍ଦ ସୃଷ୍ଟି 'ଶବ୍ଦ ପ୍ରଦୂଷଣ'ର ବଡ଼ କାରଣ। ଏନଭାର୍ନମେଣ୍ଟ ପ୍ରୋଟେକ୍ସନ ରୁଲସ୍ - ୧୯୯୯ ଅନୁଯାୟୀ ଶବ୍ଦ ସ୍ତର ୧୨୫ ଡେସିବଲ ପର୍ଯ୍ୟନ୍ତ ଦୋଷାବହ ନୁହେଁ। ଅତି ଜୋରରେ ହେଉଥିବା ଶବ୍ଦ ପ୍ରଦୂଷଣ ଶିଶୁ, ବୃଦ୍ଧ, ରୁଗଣ ବ୍ୟକ୍ତିମାନଙ୍କର ବିଶେଷ କ୍ଷତି କରେ। ଉଚ୍ଚ ରକ୍ତଚାପ, ଅତ୍ୟଧିକ ମାନସିକ ଚାପ ବୃଦ୍ଧି ସହ ଏହା ନିଦ୍ରାହୀନତା, ଶ୍ରବଣଶକ୍ତି ହ୍ରାସ ବା ବଧିରତା ପରି ବହୁ ସମସ୍ୟା ସୃଷ୍ଟି କରିଥାଏ। ବଡ଼ ବଡ଼ ସହରରେ ଟ୍ରାଫିକ ବା ଯାନବାହନର ଶବ୍ଦ ଏଭଳି ପ୍ରଦୂଷଣର ଏକ ମୁଖ୍ୟ କାରଣ। ବିଭିନ୍ନ ଶିଳ୍ପସଂସ୍ଥା, କଳକାରଖାନା, ବସ୍, ଟ୍ରକ, ଟ୍ରାକ୍ଟର, ମୋଟର ସାଇକେଲର ଶବ୍ଦ, ଉଡ଼ାଜାହାଜ, ଘର ତିଆରି ଶବ୍ଦ, ବାଣ ଫୁଟାଇବା, ଡାକବାଜି ଯନ୍ତ୍ର ଇତ୍ୟାଦି ଏହି ପ୍ରଦୂଷଣ ସୃଷ୍ଟି କରିଥା'ନ୍ତି। ଘର ଭିତରେ ମଧ୍ୟ ରେଡିଓ, ଟିଭି, ମ୍ୟୁଜିକ ସିଷ୍ଟମ ଜୋରରେ ବଜାଇବା ଦ୍ୱାରା ଶବ୍ଦ ପ୍ରଦୂଷଣ ଘଟିଥାଏ। ଅବଶ୍ୟ ରାସ୍ତାଘାଟ, ଘର ତିଆରି ଶବ୍ଦ ନିର୍ଗମନ ସ୍ତର ଉପରେ ସରକାରୀ କଟକଣା ରହିଛି। କେନ୍ଦ୍ର ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ବିଭିନ୍ନ ସ୍ଥାନ ପାଇଁ ନିର୍ଦ୍ଦିଷ୍ଟ ଶବ୍ଦ ସ୍ତର ଅନୁମୋଦନ କରିଛନ୍ତି।

ସହରରେ ଗାଡ଼ିମୋଟର ଧୂଆଁ, ରାସ୍ତା ଖୋଳାତଡ଼ା, ନିର୍ମାଣ କାର୍ଯ୍ୟ ବୃଦ୍ଧି ଯୋଗୁଁ ବାୟୁ ପ୍ରଦୂଷଣ ଏବେ ବି ଚିନ୍ତାଜନକ ସ୍ଥିତିରେ ରହିଛି। ଦୀପାବଳି ଓ ବିବାହ କିମ୍ବା କୌଣସି ସାଂସ୍କୃତିକ କାର୍ଯ୍ୟକ୍ରମରେ ମନଇଚ୍ଛା ବାଣ ଫୁଟାଇଲେ ସ୍ଥିତି ଆହୁରି ବିଗିଡ଼ି ଯାଇଥାଏ। ଏହା ଫୁସଫୁସକୁ ଗଭୀର ଭାବେ ପ୍ରଭାବିତ କରିଥାଏ, ଯାହାଦ୍ୱାରା ଆଜମା ରୋଗୀଙ୍କ ସମସ୍ୟା ବଢ଼ିଥାଏ। ବାରୁଦ ଗନ୍ଧ ଓ ଧୂଆଁ ଯୋଗୁଁ ଆଖି, କାନ, ଚର୍ମରେ ଯନ୍ତ୍ରଣା, ଅସ୍ୱସ୍ତିକର ଲାଗିପାରେ। ଏହା ଗୃହପାଳିତ ପଶୁ, ପକ୍ଷୀଙ୍କ ପାଇଁ ମଧ୍ୟ ବିପଦ। ଗାଈଗୋରୁ, ବୁଲା କୁକୁର ମଧ୍ୟ ଆମ ପାଇଁ ଯନ୍ତ୍ରଣା ଭୋଗିବେ, ଅସୁସ୍ଥ ହେବେ। ବିଭିନ୍ନ ବାଣର ପ୍ରଚଣ୍ଡ ଶବ୍ଦ ବି ହୃଦଘାତ, ମସ୍ତିଷ୍କାଘାତର କାରଣ ହୋଇପାରେ। ବିଷାକ୍ତ ବାଷ୍ପ ଓ ଧୂଆଁ ସହ ପ୍ରଚଣ୍ଡ ଶବ୍ଦ ଗର୍ଭବତୀଙ୍କ ବିପଦ। ନବଜାତ, ଶିଶୁ, ବୟସ୍କଙ୍କ ପାଇଁ ଏହା ଅତି ମାରାତ୍ମକ। ଦୀପାବଳି ବାଣଫୁଟା ପରବର୍ତ୍ତୀ ଆବର୍ଜନା ଆଉ ଏକ ବଡ଼ ସମସ୍ୟା।

ତାପଜ ବିଦ୍ୟୁତକେନ୍ଦ୍ରଗୁଡ଼ିକରେ କୋଇଲା, ପେଟ୍ରୋଲିୟମ ଓ ପ୍ରାକୃତିକ ଗ୍ୟାସ ଆଦି ଜୀବାଶ୍ମ ଇନ୍ଧନକୁ ବ୍ୟବହାର କରି ତାପଶକ୍ତି ଉତ୍ପନ୍ନ କରାଯାଏ। ଜୀବାଶ୍ମ ଇନ୍ଧର ଦହନ ଯୋଗୁଁ ସେଥିରୁ ଅଙ୍ଗାରକାମ୍ଳ, କାର୍ବନ ମନୋକ୍ସାଇଡ, ନାଇଟ୍ରୋଜେନ ଅକସାଇଡ, ସଲଫର ଡାଇଅକସାଇଡ ଆଦି ଗ୍ୟାସ ଏବଂ ଅନେକ କ୍ଷୁଦ୍ରକଣିକା ନିର୍ଗତ ହୋଇଥାଏ। ଏସବୁ ସ୍ୱାସ୍ଥ୍ୟ ପାଇଁ ଅତ୍ୟନ୍ତ କ୍ଷତିକାରକ। ବାୟୁମଣ୍ଡଳରେ ଏହାକୁ ପରିମାଣ ବୃଦ୍ଧି ପାଇଲେ ଫୁସଫୁସରେ ସମସ୍ୟା, ଚର୍ମରୋଗ ଓ କର୍କଟ ରୋଗର କାରଣ ପାଲଟି ଥାଏ। ତାପଜ ବିଦ୍ୟୁତ କେନ୍ଦ୍ରରୁ ନିର୍ଗତ ପାଉଁଶ ଫୁସଫୁସକୁ ଆକ୍ରାନ୍ତ କରିଥାଏ। ପରିବେଶକୁ ପ୍ରଦୂଷିତ କରିଥାଏ। ଏକ ତଥ୍ୟ ମୁତାବକ ଆମ ଓଡ଼ିଶାରେ ଥିବା ସାତଟି ତାପଜ ବିଦ୍ୟୁତ କେନ୍ଦ୍ରରୁ ବାର୍ଷିକ ୨୫ ନିୟୁତ ମେଟ୍ରିକ ଟନ୍ ପାଉଁଶ ନିର୍ଗତ ହେଉଛି। ସେହିପରି ଅଙ୍ଗାରକାମ୍ଳ ହେଉଛି ଗ୍ଲୋବାଲ ୱାର୍ମିଂ ଏବଂ ତଜ୍ଜନିତ ଜଳବାୟୁ ପରିବର୍ତ୍ତନର ମୁଖ୍ୟ କାରଣ। ତେବେ ଜଳ ବିଦ୍ୟୁତ, ଆଣବିକ ବିଦ୍ୟୁତ୍ ସୌର ଶକ୍ତି ଓ ପବନ ଶକ୍ତି ଆଦିର ଉପଯୋଗ ହୋଇପାରିଲେ ପ୍ରଦୂଷଣର ମାତ୍ରା ହ୍ରାସ ପାଇପାରନ୍ତା।

ଏକଥା ନୁହେଁ ଯେ, ପ୍ରଦୂଷଣ ବାବଦରେ ଆମେ ଜାଣିନୁ। ଦିଲ୍ଲୀର ଭୟାନକ ପ୍ରଦୂଷଣ ସ୍ଥିତି ଜଳଜଳ ହୋଇ ଦିଶୁଛି। ତଥାପି ଆମର ଚିନ୍ତା ନାହିଁ। ଅନେକ ଭାବୁଛନ୍ତି, ଆମ ସ୍ଥିତି ଭଲ ଅଛି। ଆମର କିଛି ହେବନି। ଦିନକରେ କ'ଣ ପ୍ରଦୂଷଣ ମାଡ଼ିଯିବ ନା ଆକାଶ ଛିଣ୍ଡି ପଡ଼ିବ। ହେଲେ ମନେରଖିବା ଦରକାର ଆନନ୍ଦ ଦୁଃଖ ବା ବିପଦର କାରଣ ନ ହେଉ।

କଟକ, ମୋ: ୯୮୬୧୦୪୭୫୭୫

## ରାହୁ ମନ୍ଦିର

### ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ପୌରାଣିକ କଥାନୁସାରେ ସାଗର ମନ୍ଥନରୁ ବାହାରିଥିବା ଅମୃତ କଳସରୁ ଦେବତାମାନେ ଅମୃତ ପାନ କରିବା ସମୟରେ ଜଣେ ଦାନବ ଛଳପୂର୍ବକ ଦିବ୍ୟରୂପ ଧାରଣ କରି ଦେବତାଙ୍କ ନିକଟରେ ବସିଯାଇଥିଲା। ଶ୍ରୀବିଷ୍ଣୁ ମୋହିନୀ ରୂପରେ ଅମୃତ ପ୍ରଦାନ କରୁଥିବା ବେଳେ ଉକ୍ତ ଦାନବ ମଧ୍ୟ ଅମୃତ ପାନ କରିବାର ସୌଭାଗ୍ୟ ପ୍ରାପ୍ତ ହୋଇଥିଲା। କିନ୍ତୁ ଶ୍ରୀବିଷ୍ଣୁ ଏହା ଜାଣିପାରି ସୁଦର୍ଶନ ଚକ୍ରରେ ଉକ୍ତ ଦାନବର ମସ୍ତକ ଛିନ୍ନ କଲେ। ଅମୃତ ପାନ କରିଥିବାରୁ ଦାଦବର ମୃତ୍ୟୁ ହୋଇ ନଥିଲା। ତା'ର ମସ୍ତକ ରାହୁ ଓ ଶରୀର କେତୁ ନାମରେ ଗ୍ରହାକାରରେ ଆସୁରିକ ଶକ୍ତିର ପ୍ରତୀକ ଭାବେ ରହିଛି। ତେଣୁ ଜ୍ୟୋତିଷ ଶାସ୍ତ୍ର ଅନୁସାରେ ନବଗ୍ରହଙ୍କ ସହିତ ରାହୁ ଓ କେତୁଙ୍କୁ ମଧ୍ୟ ମହତ୍ତ୍ୱ ପ୍ରଦାନ କରାଯାଇଛି। ଜ୍ୟୋତିଷଶାସ୍ତ୍ରରେ ରାହୁ ଓ କେତୁଙ୍କୁ ଦୁଷ୍ଟ ଗ୍ରହ ଭାବେ ବିଚାର କରି ବ୍ୟକ୍ତିର ଜୀବନରେ ତା'ର କୁପ୍ରଭାବକୁ ନିଷ୍ଫଳ କରିବା ପାଇଁ ଜ୍ୟୋତିଷମାନେ ବିଭିନ୍ନ ପ୍ରକାର ପୂଜାବିଧି ଏବଂ ଯଜ୍ଞାନୁଷ୍ଠାନ କରିବା ପାଇଁ ପରାମର୍ଶ ଦେଇଥା'ନ୍ତି। ରାହୁ ଗ୍ରହଙ୍କ ନକାରାତ୍ମକ ପ୍ରଭାବକୁ କମ୍ କରିବା ପାଇଁ ଭାରତର ଅନେକ ସ୍ଥାନରେ ରାହୁଙ୍କ ମନ୍ଦିର ମଧ୍ୟ ନିର୍ମାଣ କରାଯାଇଛି।

ଭାରତରେ ଥିବା ସମସ୍ତ ରାହୁ ମନ୍ଦିର ମଧ୍ୟରୁ ଦେବଭୂମି ଉତ୍ତରାଖଣ୍ଡର ପାଉରି ଜିଲ୍ଲା ଅନ୍ତର୍ଗତ ପେଠାଣୀ ନାମକ ଗ୍ରାମର ମନ୍ଦିର ସର୍ବମାନ୍ୟ। ଏହି ମନ୍ଦିର ସ୍ୟୋଲିଗାଡ଼ ନଦୀ (ରଥବାହିନୀ) ଓ ନାଭାଲିକା (ପଶ୍ଚିମୀ ନୟାର୍) ନଦୀର ସଙ୍ଗମ ସ୍ଥଳରେ ଅବସ୍ଥିତ। ସ୍କନ୍ଦ ପୁରାଣର କେଦାରଖଣ୍ଡରେ ମଧ୍ୟ ଏହି ମନ୍ଦିର ସମ୍ପର୍କିତ ବର୍ଣ୍ଣନା ରହିଛି। ରାହୁଙ୍କର ଗୌତ୍ର 'ପେଠିନସୀ' ଅନୁସାରେ ଗ୍ରାମର ନାମ ପେଠାଣୀ ହୋଇଛି ବୋଲି ଅନେକ ପୌରାଣିକ କଥା ଓ ଲୋକକଥା ଶୁଣିବାକୁ ମିଳିଥାଏ। ଏହି ମନ୍ଦିର ସମ୍ପର୍କରେ ମାନ୍ୟତା ରହିଛି ଯେ, ଯଦି କୌଣସି କାରଣରୁ ରାହୁଙ୍କ ପୂଜା ଖଣ୍ଡିତ ହେଲା କିମ୍ବା କୌଣସି ଭକ୍ତ ରାହୁଙ୍କ ପୂଜା ଭକ୍ତି ଓ ଶ୍ରଦ୍ଧା ସହକାରେ ନକଲା, ତା'ହେଲେ ମହାଦେବଙ୍କ କୋପଦୃଷ୍ଟି ପଡ଼ିଥାଏ। ତେଣୁ ଏଠାରେ ପୂଜାରୀ ଓ ଭକ୍ତମାନେ ବିଧିବିଧାନର ସହିତ ରାହୁଙ୍କ ପୂଜାର୍ଚ୍ଚନା କରିଥା'ନ୍ତି। ପଶ୍ଚିମମୁଖୀ ଏହି ମନ୍ଦିର ଭିତରେ ଶିବଲିଙ୍ଗ ସହିତ ରାହୁଙ୍କ ମସ୍ତକ ପ୍ରତିମା ପୂଜା ପାଉଛନ୍ତି। ମନ୍ଦିରର ଭିତର କାନ୍ଥଗୁଡ଼ିକରେ ଶ୍ରୀବିଷ୍ଣୁଙ୍କ ଦ୍ୱାରା କିଭଳି ଭାବେ ରାହୁଙ୍କ ମସ୍ତକ ଛିନ୍ନ ହୋଇଥିଲା, ତାହାର ଚିତ୍ର ଖୋଦେଇ କରାଯାଇଛି। ଏଠାରେ ମୁଗ ଖେଚୁଡ଼ି ଭୋଗ ଲାଗି କରାଯାଇଥାଏ। ଦୈନିକ ଭୋଗ ଓ ଅନ୍ନଛତ୍ରରେ ଏହି ମୁଗ ଖେଚୁଡ଼ିକୁ ଭକ୍ତମାନେ ରାହୁଙ୍କ ପ୍ରସାଦ ଭାବେ ଶ୍ରଦ୍ଧାର ସହିତ ଗ୍ରହଣ କରିଥା'ନ୍ତି।

ଏହି ମନ୍ଦିର ଏକ ନିର୍ଦ୍ଦିଷ୍ଟ ସ୍ଥାନରେ ନିର୍ମାଣ ପଛରେ ଗୋଟିଏ ପୌରାଣିକ କଥା ରହିଛି। ସୁଦର୍ଶନ ଚକ୍ର ଦ୍ୱାରା ଦାନବର ଶିର ଛେଦନ ପରେ ଶିର ଏହି ସ୍ଥାନରେ ପତିତ ହୋଇଥିଲା। ତେଣୁ ଏଠାରେ ମନ୍ଦିର ନିର୍ମାଣ କରାଯାଇଛି। ବିଶ୍ୱାସ କରାଯାଏ ଯେ, ଏହି ସ୍ଥାନରେ ଥିବା ବଡ଼ ବଡ଼ ପଥର ଖଣ୍ଡ ଭିତରେ ଆଜି ପର୍ଯ୍ୟନ୍ତ ରାହୁଙ୍କ ଛିନ୍ନ ମସ୍ତକ ପୋତି ହୋଇ ରହିଛି। ତେଣୁ ଏହି ସ୍ଥାନରେ ରାହୁଙ୍କର ପୂଜାର୍ଚ୍ଚନା କରିବା ଦ୍ୱାରା ଜାତକରେ ଥିବା ରାହୁଦୋଷ ଖଣ୍ଡନ ହୋଇଥାଏ। ଅନ୍ୟ ଏକ ପୌରାଣିକ କଥା ଅନୁସାରେ ଏହି ମନ୍ଦିରକୁ ପାଣ୍ଡବମାନେ ନିର୍ମାଣ କରିଥିଲେ। ପାଣ୍ଡବମାନେ ସ୍ୱର୍ଗାରୋହଣ ଯାତ୍ରା ସମୟରେ ରାହୁ ଦୋଷରୁ ମୁକ୍ତ ହେବା ପାଇଁ ଏହି ସ୍ଥାନରେ ମହାଦେବଙ୍କ ସହିତ ରାହୁଙ୍କ ପୂଜା କରିବା ପାଇଁ ଏହି ମନ୍ଦିର ନିର୍ମାଣ କରିଥିଲେ। ମନ୍ଦିର ନିର୍ମାଣ ସମ୍ପର୍କିତ ଅନ୍ୟ ଏକ ତଥ୍ୟ ମିଳେ ଯେ, ଆଦିଗୁରୁ ଶଙ୍କରାଚାର୍ଯ୍ୟ ଏହି ସ୍ଥାନ ଦେଇ ହିମାଳୟକୁ ଯାତ୍ରା କରୁଥିବା ସମୟରେ ତାଙ୍କୁ ଏଠାରେ ରାହୁଙ୍କର ପ୍ରକୋପ ଅଧିକ ଅନୁଭୂତ ହୋଇଥିଲା। ତେଣୁ ଆଦିଗୁରୁ ଶଙ୍କରାଚାର୍ଯ୍ୟ ରାହୁଙ୍କ ଦୁଃପ୍ରଭାବ ଶାନ୍ତ କରିବା ପାଇଁ ଏଠାରେ ମନ୍ଦିର ନିର୍ମାଣ କରି ବିଧିବିଧାନର ସହିତ ପୂଜା କରିଥିଲେ। ଆଉ କେତେକ ପୁରାଣ ମତାନୁସାରେ ଦୁଇନଦୀର ସଙ୍ଗମସ୍ଥଳରେ ହଜାର ହଜାର ବର୍ଷ ପର୍ଯ୍ୟନ୍ତ ରାହୁ ମହାଦେବଙ୍କ ତପସ୍ୟାରେ ଲୀନ ଥିଲେ। ତେଣୁ ମହାଦେବଙ୍କ ଆଶିଷ ଲାଭ କରିଥିବା ଏହି ପୁଣ୍ୟସ୍ଥଳରେ ରାହୁଙ୍କ ମନ୍ଦିର ନିର୍ମାଣ କରାଯାଇଥିଲା।

ପେଠାଣୀରେ ଥିବା ରାହୁଙ୍କ ଏହି ମୁଖ୍ୟ ମନ୍ଦିର ବ୍ୟତୀତ ଭାରତର ଅନ୍ୟ ୧୪ଟି ମନ୍ଦିରରେ ରାହୁକେତୁଙ୍କର ପୂଜାର୍ଚ୍ଚନା କରାଯାଏ। ଯଥା - ଶ୍ରୀକାଳହସ୍ତିଶ୍ୱର ମନ୍ଦିର, ତିରୁନାଗେଶ୍ୱରମ୍ ନାଗନାଥର ମନ୍ଦିର, ଶ୍ରୀନାଗନାଥସ୍ୱାମୀ କେତୁ ମନ୍ଦିର, ରାହୁକେତୁ ମନ୍ଦିର, ଶ୍ରୀନୀଳକଣ୍ଠେଶ୍ୱର ମନ୍ଦିର, ରାହୁକେତୁ ମନ୍ଦିର ରାହୁରି, ଶ୍ରୀରାହୁମୁନେଶ୍ୱର ମନ୍ଦିର, ରାହୁକେତୁ ଆଥି ଈଶ୍ୱରନ୍ ମନ୍ଦିର, ରାହୁ ନବଗ୍ରହ ଦେବତା ମନ୍ଦିର, ପମ୍ପୁରନାଥ ମନ୍ଦିର, ନାଗେଶ୍ୱର ମନ୍ଦିର, କୁଦ୍ରାଥୁର ନାଗେଶ୍ୱର ମନ୍ଦିର ଓ ବିଶାରେଶ୍ୱର ମନ୍ଦିର।ପାଉଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୫୦ ● ପାଉଣ୍ଡ ୧୧୭.୦୩
- ୟୁରୋ ୧୦୨.୯୪ ● ୟେନ୍ ୦.୫୭

## ସୁନା, ରୁପା ଦର (ଟଙ୍କାରେ)




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୭,୧୦୦ (ନୂଆଦିଲ୍ଲୀ)
- ରୁପା : ୧,୭୭,୦୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୫,୭୨୦.୦୦
- ନିଫ୍ଟି ୨୬,୨୧୫.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ୭ ଦିନରେ ଅପ୍‌ଡେଟ୍ ହେବ କ୍ରେଡିଟ୍ ସ୍କୋର

**ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):** ଯେତେବେଳେ କୌଣସି ବ୍ୟାଙ୍କରେ ଋଣ ପାଇଁ ଆବେଦନ କରାଯାଏ, ସେତେବେଳେ ବ୍ୟାଙ୍କ ପ୍ରଥମେ 'ସିବିଲ୍' ସ୍କୋର ଯାଞ୍ଚ କରେ। ଏକ ଭଲ 'ସିବିଲ୍' ସ୍କୋର ସୁଧ ହାର କମ୍ କରିଥାଏ। 'ସିବିଲ୍' ସ୍କୋର ୭୫୦ ରୁ ଅଧିକ ହେଲେ ଜଣେ ଉପଯୁକ୍ତ ସୁଧ ହାରରେ ଋଣ ପାଇବା ଆଶା କରିପାରିବେ। ବର୍ତ୍ତମାନ, ସିଆର୍‌ଆଇଏଫ୍ ହାଇ ମାର୍କ ଏବଂ ଇକ୍ୱିଫାକ୍ସ ଭଳି 'ସିବିଲ୍' ଅପଡେଟ୍‌କାରୀ କମ୍ପାନୀଗୁଡ଼ିକ ପ୍ରତି ୧୫ ଦିନରେ ଆପଣଙ୍କର 'ସିବିଲ୍' ସ୍କୋର ଅପଡେଟ୍ କରିଥାନ୍ତି। ତଥାପି, ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ଏବେ ଏହି ବିଷୟରେ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇଛି। ଗତ ସେପ୍ଟେମ୍ବର ୨୯ ରେ ଜାରି ହୋଇଥିବା ଚିଠା ନିର୍ଦ୍ଦେଶାବଳୀ ଅନୁଯାୟୀ, ଏଣିକି କ୍ରେଡିଟ୍ ସ୍କୋର ୨୦୨୬ ଏପ୍ରିଲରୁ ସପ୍ତାହକ ମଧ୍ୟରେ ଅପଡେଟ୍ ହେବ। ନୂତନ ନିୟମ ଅନୁଯାୟୀ, ଆର୍‌ବିଆଇ କମ୍ପାନୀଗୁଡ଼ିକ ପ୍ରତି ମାସର ୭,୧୪,୨୧ ଏବଂ ୨୮ ତାରିଖ ଏବଂ ଶେଷ ଦୁଇ ଦିନ (୩୦ କିମ୍ବା ୩୧ ତାରିଖ) ଆପଣଙ୍କର ସମ୍ପୂର୍ଣ୍ଣ କ୍ରେଡିଟ୍ ଡାଟା ଅପଡେଟ୍ କରିବେ। ଏହାର ଅର୍ଥ ହେଉଛି ଆପଣଙ୍କର ସ୍କୋର ମାସକୁ ଅତି କମ୍‌ରେ ପାଞ୍ଚ ଥର ଅପ୍‌ଡେଟ୍ ହେବ। ଯଦି ବ୍ୟାଙ୍କ ଏବଂ କ୍ରେଡିଟ୍ ଡାଟା ଅପଡେଟ୍ କମ୍ପାନୀ ପ୍ରତି ତିନି କିମ୍ବା ଚାରି ଦିନରେ ଆପଣଙ୍କର ସ୍କୋର ଅପଡେଟ୍ କରିପାରିବେ, ତେବେ ଏହା ସପ୍ତାହ ପୂର୍ବରୁ କରାଯାଇପାରିବ।





**ଆର୍‌ବିଆଇର ନିର୍ଦ୍ଦେଶ**

**ପ୍ରତି ମାସ ୭, ୧୪, ୨୧ ଓ ୨୮ ତାରିଖରେ କ୍ରେଡିଟ୍ ଡାଟା ଅପଡେଟ୍**

**ବର୍ତ୍ତମାନ ୧୫ ଦିନ ଲାଗୁଛି**

**୨୦୨୬ ଏପ୍ରିଲରୁ ହେବ ଲାଗୁ**

**ସ୍କୋର ଅପ୍‌ଡେଟ୍ ପାଇଁ ଲମ୍ବା ଅପେକ୍ଷାର ହେବ ଅନ୍ତ**

ଏଥିପାଇଁ ବ୍ୟାଙ୍କଗୁଡ଼ିକ ପ୍ରତ୍ୟେକ ମାସର ଶେଷ ଦିନ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ତଥ୍ୟ ପରବର୍ତ୍ତୀ ମାସର ୩ ତାରିଖ ସୁଦ୍ଧା 'ସିବିଲ୍' କମ୍ପାନୀଗୁଡ଼ିକୁ ଦାଖଲ କରିବାକୁ ପଡିବ। ଉଦାହରଣ ସ୍ୱରୂପ, ଅକ୍ଟୋବର ୩୧ ପାଇଁ ସମସ୍ତ ତଥ୍ୟ ନଭେମ୍ବର ୩, ସୁଦ୍ଧା ଦାଖଲ କରିବାକୁ ପଡିବ। ତଥାପି, ବାକି ସପ୍ତାହଗୁଡ଼ିକ ପାଇଁ (୭, ୧୪, ୨୧ ଏବଂ ୨୮), କେବଳ ନୂତନ କିମ୍ବା ପରିବର୍ତ୍ତିତ ତଥ୍ୟ ଦାଖଲ କରିବାକୁ ପଡିବ। ଏହାକୁ "ବର୍ଦ୍ଧିତ ତଥ୍ୟ" କୁହାଯାଏ। ଏଥିରେ ନୂତନ ଭାବରେ ଖୋଲାଯାଇଥିବା ଆକାଉଣ୍ଟ, ବନ୍ଦ ପୁରୁଣା ଋଣ/କାର୍ଡ, ଇଏମ୍‌ଆଇ ପେମେଣ୍ଟ, ଠିକଣା ପରିବର୍ତ୍ତନ ଏବଂ ଋଣ ସ୍ଥିତି ପରିବର୍ତ୍ତନ ସହିତ ଜଡିତ ତଥ୍ୟ ଅନ୍ତର୍ଭୁକ୍ତ। ଏହି ତଥ୍ୟ ମାତ୍ର ଦୁଇ ଦିନ ମଧ୍ୟରେ ଦାଖଲ କରିବାକୁ ପଡିବ। ଏହାର ଅର୍ଥ ହେଉଛି ୭ ତାରିଖ ପାଇଁ ତଥ୍ୟ ୯ ସୁଦ୍ଧା ଏବଂ ୧୪ ତାରିଖ ପାଇଁ ତଥ୍ୟ ୧୬ ସୁଦ୍ଧା ଦାଖଲ କରିବାକୁ ପଡିବ।

ଯଦି କୌଣସି ବ୍ୟାଙ୍କ ସମୟସୀମା ମଧ୍ୟରେ ତଥ୍ୟ ଦାଖଲ କରିବାରେ ବିଫଳ ହୁଅନ୍ତି, ତେବେ 'ସିବିଲ୍' କମ୍ପାନୀକୁ ପ୍ରତି ୬ ମାସରେ (ମାର୍ଚ୍ଚ ୩୧ ଏବଂ ସେପ୍ଟେମ୍ବର ୩୦ରେ ଆର୍‌ବିଆଇର ଦକ୍ଷ ପୋର୍ଟାଲରେ ସେହି ବ୍ୟାଙ୍କ ବିରୁଦ୍ଧରେ ଅଭିଯୋଗ କରିବାକୁ ପଡିବ। ଏହାର ଅର୍ଥ ହେଉଛି ଯେ ବ୍ୟାଙ୍କ ଏବେ 'ସିବିଲ୍' ଡାଟା ଗୁରୁତ୍ୱ ଦେବ। ଏଥିରେ ଗୋଟିଏ ବଡ଼ ଲାଭ ହେଉଛି, ସମୟସୀମା ମଧ୍ୟରେ ଇଏମ୍‌ଆଇ ଦେବା ଦ୍ୱାରା ୭ଦିନ ମଧ୍ୟରେ ଜଣଙ୍କର ସ୍କୋର ବୃଦ୍ଧି ପାଇବ। ପୂର୍ବରୁ, ଏହାକୁ ଅପଡେଟ୍ କରିବାକୁ ୧୫-୩୦ ଦିନ ଲାଗୁଥିଲା। ପୁରୁଣା ଋଣ ବନ୍ଦ କରିବା ଦ୍ୱାରା ତୁରନ୍ତ ଲାଭ ମଧ୍ୟ ମିଳିବ, ଯାହା ଫଳରେ ନୂତନ ଋଣ ପାଇବା ସହଜ ହେବ। ଭୁଲ ଏଣ୍ଟ୍ରିଗୁଡ଼ିକ (ଯାହା ଆପଣଙ୍କର ନ ଥିଲା) ସଂଶୋଧନ କରିବା ଦ୍ୱାରା ଆପଣଙ୍କର ସ୍କୋର ଉନ୍ନତ ହେବ। ବ୍ୟାଙ୍କ ଜଣେ ଗ୍ରାହକଙ୍କ ସର୍ବଶେଷ ସ୍ଥିତି ଜାଣିବ, ପ୍ରତ୍ୟାଖ୍ୟାନର ସମ୍ଭାବନା ହ୍ରାସ ପାଇବ। ଠକେଇ କିମ୍ବା ଚୋରି ହୋଇଥିବା କାର୍ଡର ପ୍ରଭାବ ମଧ୍ୟ ଶୀଘ୍ର ଦୂର ହୋଇଯିବ।

ଏହି ବ୍ୟବସ୍ଥାରେ ବ୍ୟାଙ୍କଗୁଡ଼ିକ ପୂର୍ବରୁ ଜାଣିପାରିବେ ଯେ ଜଣେ ଗ୍ରାହକ ଅନ୍ୟତ୍ର ନୂତନ ଋଣ ନେଇଛନ୍ତି କିମ୍ବା ଡିଫଲ୍ଟ ହୋଇଛନ୍ତି। ଏହା ବିପଦ ହ୍ରାସ କରିବ ଏବଂ ସେମାନଙ୍କୁ ଉତ୍ତମ ଋଣ ନିଷ୍ପତ୍ତି ନେବାକୁ ଅନୁମତି ଦେବ। ସାମଗ୍ରିକ ଭାବରେ, ଋଣ ପ୍ରକ୍ରିୟାକରଣ ଦ୍ରୁତ ହେବ। ଆର୍‌ବିଆଇ ସମ୍ପ୍ରତି ନୂତନ ନିୟମର ଏକ ଚିଠା ପ୍ରକାଶ କରିଛି। ସମସ୍ତ ବ୍ୟାଙ୍କ, ଏନ୍‌ବିଏଫ୍‌ସି ଏବଂ ସିବିଲ୍ କମ୍ପାନୀଗୁଡ଼ିକଠାରୁ ମତାମତ ଲୋଡାଯାଇଛି। ନୂତନ ନିୟମଗୁଡ଼ିକ ଆସନ୍ତାବର୍ଷ ଏପ୍ରିଲରୁ କାର୍ଯ୍ୟକାରୀ ହେବାର ଆଶା କରାଯାଉଛି।

# ଓଡ଼ିଶାରେ ୧୦ ହଜାର କୋଟି ନିବେଶ କରିବ ଟାଟା ପାୱାର

## ପ୍ରତିଷ୍ଠା ହେବ ଇନ୍‌ଗଟ୍ ଓ ୱଫର ପ୍ଲାଣ୍ଟ

**ଭୁବନେଶ୍ୱର, ୨୭।୧୧(ସମିସ):** ଟାଟା ପାୱାର କମ୍ପାନୀ ଲିମିଟେଡ୍ ଓଡ଼ିଶାରେ ୧୦,୦୦୦ କୋଟି ନିବେଶ କରିବ। କମ୍ପାନୀ ରାଜ୍ୟରେ ଏକ ୧୦ ଗିଗାୱାଟ୍ କ୍ଷମତା ବିଶିଷ୍ଟ ଇନ୍‌ଗଟ୍ ଏବଂ ୱେଫର ଉତ୍ପାଦନ ପ୍ଲାଣ୍ଟ ସ୍ଥାପନ କରିବାକୁ ଯୋଜନା କରୁଛି। ଏ ନେଇ ସମ୍ପ୍ରତି କମ୍ପାନୀ ଓଡ଼ିଶା ସରକାରଙ୍କ ସହ ଆଲୋଚନା କରୁଥିବା ଜଣାପଡିଛି। ସୂଚନାଯୋଗ୍ୟ ଯେ, ଇଙ୍ଗଟ୍ସ ଏବଂ ୱଫରର୍ସ ହେଉଛି, ସେମିକଣ୍ଡକ୍ଟର ଚିପ୍ସ, ସୌର ସେଲ୍ ଏବଂ ମଡ୍ୟୁଲ୍ ଉତ୍ପାଦନରେ ବ୍ୟବହୃତ ପ୍ରମୁଖ କଞ୍ଚାମାଲ। ଟାଟା ପାୱାର ଏହି ଇଙ୍ଗଟ୍ସ ଏବଂ ୱଫର ପ୍ଲାଣ୍ଟ ଗୋପାଳପୁର ଏବଂ କଟକରେ ସ୍ଥାପନ କରିବାକୁ ବିଚାର କରୁଛି। କାରଣ ଉଭୟ ସ୍ଥାନ ବନ୍ଦର ନିକଟବର୍ତ୍ତୀ ହୋଇଥିବାରୁ କମ୍ପାନୀ ତାହା ଉପରେ ଗୁରୁତ୍ୱ ଦେଉଛି।

ବର୍ତ୍ତମାନ ଟାଟା ପାୱାରର ୪.୫୫ ଗିଗାୱାଟ୍ ସେଲ୍ ଏବଂ ମଡ୍ୟୁଲ୍ ଉତ୍ପାଦନ କ୍ଷମତା ରହିଛି। ଏହା ଘରୋଇ ବ୍ୟବହାର ଏବଂ ରପ୍ତାନି ବଜାର ଉଭୟ ପାଇଁ ଇନଗଟ୍ ଏବଂ ୱଫରକୁ ଏହାର ସୌର ସେଲ୍ ଏବଂ ପ୍ୟାନେଲ୍ ଉତ୍ପାଦନରେ ସଂଯୁକ୍ତ କରିବାକୁ ଲକ୍ଷ୍ୟ ରଖିଛି। ରିପୋର୍ଟ ଅନୁଯାୟୀ, ଟାଟା ପାୱାର ସୌର ମୂଲ୍ୟ ଶୃଙ୍ଖଳରେ କ୍ଷମତା ବିସ୍ତାର ଏବଂ ସମନ୍ୱୟକୁ ଗଭୀର କରିବା ପାଇଁ ଏହାର ଯୋଜନାର ଅଂଶ ସ୍ୱରୂପ, ଓଡ଼ିଶାରେ ଏକ ପ୍ରମୁଖ ଅପଷ୍ଟ୍ରିମ୍ ସୌର ଉତ୍ପାଦନ ପ୍ରକଳ୍ପର ମୂଲ୍ୟାଙ୍କନ କରୁଛି। ତେବେ ଏହି ପ୍ରସ୍ତାବିତ ପ୍ରକଳ୍ପ ଏ ପର୍ଯ୍ୟନ୍ତ ପ୍ରାରମ୍ଭିକ ପର୍ଯ୍ୟାୟରେ ରହିଥିବାବେଳେ ଉଭୟ ସ୍ଥାନ ଲଜିଷ୍ଟିକ୍ସ ପାଇଁ ରଣନୈତିକ ପ୍ରବେଶ ସୁବିଧା ପ୍ରଦାନ କରୁଛି। ଗୋପାଳପୁର ବିକଳ୍ପ ଟାଟା ଷ୍ଟିଲ୍ ସ୍ୱତନ୍ତ୍ର ଅର୍ଥନୈତିକ ଜୋନ୍‌ର ଗୋପାଳପୁର ଶିଳ୍ପ ପାର୍କର ବିକାଶ କରୁଛି। ଏହା କମ୍ପାନୀ ପାଇଁ ବେଶ ଗୁରୁତ୍ୱପୂର୍ଣ୍ଣ ରହିବ। ନିକଟରେ ଟାଟା ପାୱାରର ସିଇଓ ଏବଂ ପରିଚାଳନା ନିର୍ଦ୍ଦେଶକ ପ୍ରବୀର ସିହ୍ନା କହିଛନ୍ତି ଯେ କମ୍ପାନୀ ୧୦ ଗିଗାୱାଟ୍ ଇନଗଟ୍ ଏବଂ ୱେଫର ପ୍ଲାଣ୍ଟ ସ୍ଥାପନ କରିବାକୁ ଚାହୁଁଛି ଏବଂ ଏ ନେଇ ସ୍ଥାନ ଚୂଡ଼ାନ୍ତ କରୁଛି। ଟାଟା ପାୱାରର ୪.୫୫ ଗିଗାୱାଟ୍ ସେଲ୍ ଏବଂ ମଡ୍ୟୁଲ୍ କ୍ଷମତା ପରିଚାଳନା କରୁଛି, ଯେଉଁଥିରେ ତାମିଲନାଡୁର ତିରୁନେଲଭେଲିରେ ୪.୩ ଗିଗାୱାଟ୍ ଏବଂ ବେଙ୍ଗାଲୁରୁରେ ୨୫୦ ମେଗାୱାଟ୍ ଅନ୍ତର୍ଭୁକ୍ତ, ଯାହା ଏହାର ଘରୋଇ ଏବଂ ରପ୍ତାନି ମହତ୍ୱାକାଂକ୍ଷାକୁ ସମର୍ଥନ କରୁଛି।

**ଚୀନ୍‌କୁ ଟ୍ରମ୍ପ୍ ଆଶ୍ୱସ୍ତି**

# ୧୭୮ ଉତ୍ପାଦରେ ଶୁଳ୍କ ଛାଡ଼

**ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):** ଆମେରିକା ଚୀନ୍‌ରୁ ଆସୁଥିବା ୧୭୮ଟି ଶିଳ୍ପ ଏବଂ ଚିକିତ୍ସା ଉତ୍ପାଦ ଉପରେ ଲାଗୁ ହୋଇଥିବା ଶୁଳ୍କ ଛାଡ଼କୁ ପ୍ରାୟ ଆଉ ଗୋଟିଏ ବର୍ଷ ପାଇଁ ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି। ଏହି ଛାଡ଼ଗୁଡ଼ିକ ମୂଳତଃ ନଭେମ୍ବର ୨୯ରେ ଶେଷ ହେବାକୁ ସ୍ଥିର କରାଯାଇଥିଲା, କିନ୍ତୁ ବର୍ତ୍ତମାନ ଏହାକୁ ୨୦୨୬ ନଭେମ୍ବର ୧୦ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ବୁଧବାର ଆମେରିକା ବାଣିଜ୍ୟ ପ୍ରତିନିଧିଙ୍କ କାର୍ଯ୍ୟାଳୟ ପକ୍ଷରୁ ଏହି ସୂଚନା ଦିଆଯାଇଛି। ନଭେମ୍ବର ପ୍ରାରମ୍ଭରେ ଆମେରିକା ଏବଂ ଚୀନ୍ ବାଣିଜ୍ୟ ଏବଂ ଅର୍ଥନୈତିକ ପ୍ରସଙ୍ଗରେ ଏକ ଚୁକ୍ତିନାମାରେ ପହଞ୍ଚିବା ପରେ ଏହି ନିଷ୍ପତ୍ତି ଆସିଛି। ଏହି ଛାଡ଼ଗୁଡ଼ିକରେ ସୌର ପ୍ୟାନେଲ ନିର୍ମାଣ ଯନ୍ତ୍ରପାତି ସହିତ ଜଡିତ ୧୪ଟି ଉତ୍ପାଦ ଏବଂ ବୈଦ୍ୟୁତିକ ମୋଟର, ରକ୍ତଚାପ ମନିଟର, ପମ୍ପ ପାର୍ଟସ୍, ଅଟୋ ଏୟାର କମ୍ପ୍ରେସର ଏବଂ ପ୍ରିଣ୍ଟେଡ୍ ସର୍କିଟ୍ ବୋର୍ଡ ସମେତ ୧୬୪ଟି ଅନ୍ୟାନ୍ୟ ଶିଳ୍ପ ଏବଂ ଚିକିତ୍ସା ଉତ୍ପାଦ ଅନ୍ତର୍ଭୁକ୍ତ। ଏହି ଉତ୍ପାଦଗୁଡ଼ିକ ଏବେ ଆମଦାନୀ ଶୁଳ୍କରୁ ମୁକ୍ତ କିମ୍ବା ଯଥେଷ୍ଟ ହ୍ରାସ ପାଇବ, ଯାହା ଆମେରିକୀୟ କମ୍ପାନୀ ଏବଂ ଗ୍ରାହକମାନଙ୍କୁ ମୂଲ୍ୟ ଆଶ୍ୱସ୍ତି ପ୍ରଦାନ କରିବ। ଚୀନ୍ ପୂର୍ବରୁ ଧାରା ୩୦୧ ତଦନ୍ତକୁ ରାଜନୈତିକ ବୋଲି ସମାଲୋଚନା କରିଛି। ଚୀନର ବାଣିଜ୍ୟ ମନ୍ତ୍ରଣାଳୟର ଜଣେ ମୁଖପାତ୍ର କହିଛନ୍ତି ଯେ ଏହି ତଦନ୍ତ ମାଧ୍ୟମରେ ଆମେରିକା ସାଧାରଣ ବାଣିଜ୍ୟକୁ ରାଜନୀତିକରଣ କରୁଛି, ଯାହା ସମ୍ପୂର୍ଣ୍ଣ ଭୁଲ ଏବଂ ମନମୁଖୀ ନିଷ୍ପତ୍ତି। ବିଶ୍ୱ ବାଣିଜ୍ୟ ସଂଗଠନ (ଡବ୍ଲ୍ୟୁଟିଓ) ପୂର୍ବରୁ ମଧ୍ୟ ରାୟ ଦେଇଛି ଯେ ଆମେରିକା ଦ୍ୱାରା ଲାଗୁ କରାଯାଇଥିବା ଧାରା ୩୦୧ ଶୁଳ୍କ ଡବ୍ଲ୍ୟୁଟିଓ ନିୟମ ବିରୁଦ୍ଧରେ। ଆମେରିକାର ନିଷ୍ପତ୍ତି ସ୍ପଷ୍ଟ ଭାବରେ ସୂଚାଇ ଦିଏ ଯେ ଆମେରିକା ଏବଂ ଚୀନ୍ ମଧ୍ୟରେ ବାଣିଜ୍ୟ ଉତ୍ତେଜନା କିଛିଟା ହ୍ରାସ ପାଇଛି। ଆମେରିକୀୟ ଶିଳ୍ପଗୁଡ଼ିକ ଶସ୍ତା ଚୀନ୍ ଯନ୍ତ୍ରପାତି, ଚିକିତ୍ସା ଉପକରଣ ଏବଂ ପ୍ରଯୁକ୍ତିବିଦ୍ୟା ପାଇବା ଜାରି ରଖିବେ। ଏହି ପଦକ୍ଷେପ ସୌର ଶିଳ୍ପକୁ ଗୁରୁତ୍ୱପୂର୍ଣ୍ଣ ଆଶ୍ୱସ୍ତି ପ୍ରଦାନ କରିବ, କାରଣ ଉତ୍ପାଦନ ଖର୍ଚ୍ଚ କମ୍ ହେବ।

# ଏନବିବିଏଲର ବ୍ୟାଙ୍କିଙ୍ଗ କନେକ୍ଟ

**ମୁମ୍ବଇ,୨୭।୧୧:** ନ୍ୟାସନାଲ୍ ପେମେଣ୍ଟସ୍ କର୍ପୋରେସନ୍ ଅଫ୍ ଇଣ୍ଡିଆ (ଏନପିସିଆଇ)ର ସମ୍ପୂର୍ଣ୍ଣ ମାଲିକାନା ଥିବା ସହାୟକ କମ୍ପାନୀ ଏନପିସିଆଇ ଭାରତ ବିଲ୍ ପେ' ଲିମିଟେଡ୍ (ଏନବିବିଏଲ୍), ବ୍ୟାଙ୍କିଙ୍ଗ କନେକ୍ଟ ସହିତ ଏହାର ଡିଜିଟାଲ୍ ପେମେଣ୍ଟ ଦୃଷ୍ଟିକୋଣକୁ ଆଗକୁ ବଢାଇଛି, ଏହା ଏକ ନୂତନ ଅନ୍ତଃ-ପରିଚାଳିତ ପ୍ଲାଟଫର୍ମ ଯାହା ଇଣ୍ଟରନେଟ୍ ଏବଂ ମୋବାଇଲ୍ ବ୍ୟାଙ୍କିଙ୍ଗ ଅଭିଜ୍ଞତାକୁ ପୁନଃ ପରିଭାଷିତ କରିବାର ପ୍ରତିଶ୍ରୁତି ଦିଏ। ଆରବିଆଇ ଗଭର୍ଣ୍ଣର ସଞ୍ଜୟ ମାଲହୋତ୍ରାଙ୍କ ଉପସ୍ଥିତିରେ ଗ୍ଲୋବାଲ୍ ଫିନଟେକ୍ ଫେଷ୍ଟିଭାଲ୍ ୨୦୨୫ରେ ବ୍ୟାଙ୍କିଙ୍ଗ କନେକ୍ଟ ଆରମ୍ଭ କରାଯାଇଥିଲା। ଆଜିର ନେଟ୍ ବ୍ୟାଙ୍କିଙ୍ଗ କାର୍ଯ୍ୟପ୍ରଣାଳୀ ପାଇଁ ପ୍ରାୟତଃ ବହୁବିଧ ସମନ୍ୱୟ, ଜଟିଳ ଗ୍ରାହକ ପ୍ରମାଣପତ୍ର ଏବଂ ଅଣ-ମାନକିତ ସମାଧାନ ପ୍ରକ୍ରିୟା ଆବଶ୍ୟକ ହୁଏ।

**AFFIDAVIT**

By virtue of an affidavit sl. no.-6651, dtd.24.11.2025, in the court of the Executive Magistrate, Kendrapara, I, Pradipta Jena, S/o- Rabindranath Jena, R/o- Vill/Po- Harianka, Ps- Kendrapara Sadar, Dist.- Kendrapara, Odisha, Pin-754210 have changed my minor son's name from Pravat Jena to Pravas Jena. Henceforth he will be known as Pravas Jena instead of Pravat Jena for all purposes.

**Sd/- Pradipta Jena**

**AFFIDAVIT**

By virtue of an Affidavit before Notary Public, Malkangiri, **I, Ashis Kumar Bairagi,** aged about 26 years, S/o.: Rabin Bairagi resident of Village: Radhagabindapa Palli M.V. - 30, PO.: Kamwada, P.S.: Orkel, Dist.: Malkangiri, Odisha, declare by this Affidavit No.: 16008/2025, Dated: 27.11.2025 that I have changed my & my father name from **Asish Bairagi**, S/o.: Rabindra Bairagi to **Ashis kumar Bairagi**, **S/o.: Rabin Bairagi**. Henceforth I shall be known as **Ashis kumar Bairagi**, **S/o.: Rabin Bairagi** for all future purposes.

**AFFIDAVIT**

By virtue of an affidavit sworn before executive Magistrate Dhamnagar, dated 24/11/2025. I,Firdous Quadri Address At-Mustafapur, PO-Dobal, PS-Dhamnagar, Dist-Bhadrak, PIN-756117,State-Odisha declare that I have changed my name from Firdosh Kadri to Firdous Quadri. Henceforth, I shall be known as Firdous Quadri for all purposes.

**(Firdous Quadri)**

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, dated 26/11/2025, CF No.- 41/26.11.2025. I, Anirudha Nayak S/O Senapati Nayak, At- Tarini Nagar, Salia Sahi, Jaydev Vihar PO-R R L, PS-Maitri Vihar, Dist- Khordha, Pin-751013, declare that I have changed the name of my daughter from Nansi Nayak to Rincy Nayak. Henceforth, she shall be known as new name Rincy Nayak for all purposes.

**Anirudha Nayak**

**AFFIDAVIT**

By virtue of an affidavit CF No.50, sworn before Executive Magistrate, Bhubaneswar, dated 29.10.2025, I, Gati Prasad Rout, Plot No.Sd-3 Backside, VSS Nagar, Po-Rasulgarh, Ps.- Sahid Nagar, Bhubaneswar-751010, Dist.-Khordha, Odisha declare that I have changed the name of my daughter from Somya Priyadarsini to Soumya Priyadarshini Rout. Henceforth she shall be known as Soumya Priyadarshini Rout for all purposes.

**Gati Prasad Rout**

**AFFIDAVIT**

By virtue of an Affidavit Sworn before the Executive Magistrate, Nandapur, Dist.-Koraput vide no.-104 dtd.26/11/2025, I Smt. Purnimarani Das, W/o-Sri Milan Kumar Tikadar, resident of House no.-38, Main road, Banjalaput, Po.- Padwa, Dist.- Koraput, Odisha-764038 declare that, I have changed my name from **Purnima Tikadar** to **Purnimarani Das**. That, **Purnima Tikadar** and **Purnimarani Das** is one and the same person.

**ADMISSION NOTICE-2025-26**

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

*Campus:*
262, Puranpadhan, Balakati, Bhubaneswar

Mob. 7019799641, 7978608747
9853801459
Email: mdscnbbsr@gmail.com

- **B. Pharm** *Rs. 58,000/- P.A.* Eligibility: +2 Sc. (PCB/M & OJEE Appeared)
- **D. Pharm** *Rs. 48,000/- P.A.* Eligibility: +2 Sc. (PCB/M)
- **B.M.L.T.** *Rs. 58,000/- P.A.* Eligibility: +2 Sc. (PCB/M with 50 % Mark)
- **D.M.L.T.** *Rs. 48,000/- P.A.* Eligibility: +2 Sc. Pass (PCB/M)
- **M.P.H.** *Rs. 42,000/- P.A.* Eligibility: Any Graguate

ALL COURSE FEES ARE EXCLUDING HOSTEL

**LOST**

**I Prabodha Kumar Sahani, Proprietor of Premium Chicken House,** S/o.: Late Purna Chandra Sahani of Mahanadi Vihar, Declared by this Affidavit No.: 343803, dated 24.11.2025, my original prior sale deed executed by Labangalata Nayak in Favour of Biswabanita aich Document No.: 4047 vide Khata No.: 111/344, Plot No.: 109/2824, Area: Ac.0.040 Decimal, Unit No.: 6, Uttar deulasahi, Mouza: Cuttack Sahar, P.S.: Bidanasi, Dist.: Cuttack has been lost while I was travelling from Cuttack to Pipili by Bus. If somebody found the same please inform- **Mob- 9937068851**

**AFFIDAVIT**

I, **Tabasum Jahan Begum** wife of Gulam Moinuddin Khan, resident of Ward No.-25, Plot No.- N-1/316, IRC Village, P.O.- IRC Village, P.S.-Nayapalli, Bhubaneswar, Dist.-Khordha, Odisha-751015 declare by this affidavit No.-11 dated 04.11.2025 that now onwards I shall be known as **TABASUM JAHAN** for all future purposes.

**Sd/- Tabasum Jahan**

# ଜାଲ୍ ପତାକାରେ ରୁଷରୁ ତେଲ ଆମଦାନୀ

**ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):** ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ରୁଷରୁ ତେଲ ଆମଦାନୀକୁ ନେଇ ଭାରତ ଉପରେ ୨୫% ଟାରିଫ୍ ଲାଗୁ କରିଛନ୍ତି। ଟ୍ରମ୍ପ୍ ପ୍ରଶାସନର କ୍ରମାଗତ ଚାପ ଯୋଗୁ ଭାରତ ରୁଷରୁ ତେଲ ଆମଦାନୀ ହ୍ରାସ କରିବାରେ ଲାଗିଛି। ୟୁରୋପ ୟୁନିଅନ୍ (ଇୟୁ) ଥିଙ୍କ୍ ଟ୍ୟାଙ୍କ ସେଣ୍ଟର ଫର୍ ରିସର୍ଚ୍ଚ ଅନ୍ ଏନର୍ଜି ଆଣ୍ଡ କ୍ଲିନ୍ ଏୟାର (କ୍ରିଆ) ପକ୍ଷରୁ ପ୍ରକାଶିତ ଏକ ରିପୋର୍ଟରେ ଏହା ଦାବି କରିଛି। କ୍ରିଆର ରିପୋର୍ଟ ଅନୁଯାୟୀ, ଭାରତ ୩୦ଟି ମିଥ୍ୟା ଜାହାଜ ଜରିଆରେ ୫.୪ ନିୟୁତ ଟନ୍ ରୁଷୀୟ ଅଶୋଧିତ ତେଲ ଆମଦାନୀ କରିଛି। ଭାରତ ଚଳିତବର୍ଷ ଜାନୁଆରୀରୁ ସେପ୍ଟେମ୍ବର ମଧ୍ୟରେ ଏହି ତେଲ ଆମଦାନୀ କରିଛି। ଏହି ସମୟ ମଧ୍ୟରେ ଏପରି ମିଥ୍ୟା ଜାହାଜ ଭାରତ ପାଇଁ ତେଲ ପରିବହନ ନିମନ୍ତେ ସବୁଠାରୁ ବଡ଼ ଗନ୍ତବ୍ୟସ୍ଥଳ ପାଲଟିଛି।

**୩୦ ଜାହାଜରେ ଭାରତ ଆସିଛି ୫୪ ଲକ୍ଷ ଟନ୍**

ରିପୋର୍ଟରେ କୁହାଯାଇଛି ଯେ ୟୁକ୍ରେନ ଯୁଦ୍ଧ ପରେ ପାଶ୍ଚାତ୍ୟ ଦେଶମାନଙ୍କ ଦ୍ୱାରା ଲାଗୁ ହୋଇଥିବା ପ୍ରତିବନ୍ଧକ ଏଡାଇବା ପାଇଁ, ରୁଷ ତାର ଛାୟା ନୌବାହିନୀର ବ୍ୟବହାର ବୃଦ୍ଧି କରିଛି। ଚୀନ୍, ଭାରତ ଏବଂ ତୁର୍କୀ ସମେତ କିଛି କ୍ରେତାଙ୍କୁ ଅଶୋଧିତ ତେଲ ଯୋଗାଣ ପାଇଁ ରୁଷ ଅସ୍ୱଷ୍ଟ ମାଲିକାନା, ଜାଲ୍ ପଞ୍ଜିକରଣ ଏବଂ ଅକ୍ଷମ ଟ୍ରାକିଂ ସିଷ୍ଟମ ସହିତ ପୁରୁଣା ଟ୍ୟାଙ୍କର୍ ବ୍ୟବହାର କରି ତୈଳ ଯୋଗାଣ କରୁଥିବା ରିପୋର୍ଟରେ ଅଭିଯୋଗ ହୋଇଛି। ଏଥିରେ ୨୦୨୫ର ପ୍ରଥମ ୯ ମାସରେ, ମୋଟ ୧୧୩ଟି ରୁଷୀୟ ଜାହାଜ ମିଥ୍ୟା ପତାକା ଲଗାଇ ତୈଳ ଯୋଗାଣ କରିଥିଲା। ଏମିତି କରି ୨୧,୦୦୦ କୋଟି ଟଙ୍କା ମୂଲ୍ୟର ପ୍ରାୟ ୧୧ ନିୟୁତ ଟନ୍ ଅଶୋଧିତ ତେଲ ପରିବହନ କରାଯାଇଛି। ଏଥିମଧ୍ୟରୁ ପ୍ରାୟ ୧୦,୦୦୦ କୋଟି ଟଙ୍କା ମୂଲ୍ୟର ୫.୪ ନିୟୁତ ଟନ୍ ତେଲ କେବଳ ଭାରତରେ ପହଞ୍ଚିଥିଲା। ସୂଚନାଯୋଗ୍ୟ ଯେ, ୨୦୨୨ ମସିହାରେ ୟୁକ୍ରେନ ଯୁଦ୍ଧ ଆରମ୍ଭ ହେବା ପରେ, ରୁଷ ଉପରେ କଟକଣା ଲଗାଯାଇଥିଲା। ରୁଷିଆ ତା'ର ତେଲ ବହୁତ ଶସ୍ତାରେ ବିକ୍ରି କରିବା ଆରମ୍ଭ କରିଥିଲା। ପୂର୍ବରୁ, ଭାରତ ରୁଷିଆଠାରୁ ତେଲ କିଣୁ ନ ଥିଲା, କିନ୍ତୁ ବର୍ତ୍ତମାନ ରୁଷିଆ ଅଶୋଧିତ ତୈଳ ପ୍ରତି ବ୍ୟାରେଲ ୨୦-୩୦ ଡଲାର ରିଆତିରେ ଉପଲବ୍ଧ।

## ଅରୁଣ ଆଇସକ୍ରିମ୍ ପକ୍ଷରୁ ଆଇସ୍‌କ୍ରିମ ଡୋନଟ୍ସର ଶୁଭାରମ୍ଭ

**ଚେନ୍ନଇ, ୨୭।୧୧:** ଅରୁଣ ଆଇସକ୍ରିମ୍, ପ୍ରକୃତ କ୍ଷୀର ଏବଂ କ୍ରିମ ସହିତ ପ୍ରସ୍ତୁତ ଆଇସକ୍ରିମର ପରିସର ପାଇଁ ବହୁଳ ଭାବରେ ଲୋକପ୍ରିୟ ଏବଂ କାସାଟା ସ୍ଲାଇସ୍, ଆଇକୋନ୍, ଆବାର, ସ୍ୱାଇରାଲ୍, ବାଇଟ୍ସ, ବଲ୍ ଆଇସ୍‌କ୍ରିମ, ଆଇସକ୍ରିମ ସାଣ୍ଡୱିଚ୍ ଏବଂ ପୁସଅପ୍ କଟନ୍ କ୍ୟାଣ୍ଡି ଭଳି ଆଇକନିକ ଉତ୍ପାଦ ଶୁଭାରମ୍ଭ କରିବା ପାଇଁ ଜଣାଶୁଣା ଏକ କାଟେଗୋରି ଲିଡର ଏହାର ପ୍ରିୟ ଟ୍ରିଟ୍ସ ରେଞ୍ଜ - ଅରୁଣ ଆଇସକ୍ରିମ ଡୋନଟ୍ - ରେ ନୂତନତମ ଉତ୍ପାଦର ଶୁଭାରମ୍ଭ କରିଛି। ଏହି ଉଦ୍ଭାବନ ଆଇସକ୍ରିମ ଜଗତରେ ଏକ ନୂତନ ମୋଡ଼ ଆଣିଛି। ଏହି ବାଇଟ୍- ଆକାରର ଆନନ୍ଦ ଏକ ମଜାଦାର ମିଶ୍ରଣ ଯାହା ଗ୍ରାହକମାନଙ୍କୁ ସତେଜ, ରୋମାଂଚକର ଏବଂ ସ୍ୱାଦ ପାଇଁ ଉପଯୁକ୍ତ କିଛି ଖୋଜୁଥିବା ଲୋକଙ୍କୁ ଆକର୍ଷିତ କରିବା ପାଇଁ ଡିଜାଇନ୍ କରାଯାଇଛି। ଅରୁଣ ଆଇସକ୍ରିମ୍‌ର ନୂତନ ଶୁଭାରମ୍ଭ ସମସ୍ତ ବୟସ ଗୋଷ୍ଠୀକୁ ଆକର୍ଷିତ କରୁଥିବା କ୍ଲାସିକ୍ ଟ୍ରିଟ୍ ପ୍ରସ୍ତୁତ କରିବା ସହିତ ଏକ ଅତୁଳନୀୟ ସ୍ୱାଦ ପ୍ରଦାନ କରେ।

**IN THE COURT OF THE CIVIL JUDGE (SENIOR DIVISION), ANANDAPUR.**
**C.S. 115/2023**

Kanthia Sethy .......Plaintiff
Vrs.
Nachhu Sethy and others ..Defendants

**NOTICE U/O 5, RULE 20 OF C.P.C To**

Def. 4, 1) Mayadhar Sethy, aged about 57 yrs, Son of late Suka Sethy, of village/P.O- Keshadurapal,P.S- Ghasipura, Dist. Keonjhar.
Def. 5, 2) Tilottama Sethy, aged about 47 years,Wife of Baya Sethy of village-Chhualia, P.O- Dhenka, P.S- Soso, Dist. Keonjhar.
Def. 6, 3) Pramila Sethy, aged about 54 years, Wife of Daitari Sethy Daughter of Sya Sethy of village-Khalagadia,P.O- Dhenka, P.S- Soso, Dist. Keonjhar.
Def. 15, 4) Babuli Sethy, aged about 52 years,Son of late Bali Sethy of village/P.O Atapur, P.S- Sadar,Dist. Keonjhar.
Def. 18, 5) Sanju Sethy, aged about 49 years,Wife of Purna Chandra Behera of village/P.O-Pandirisilli,P.S- Raruan, Dist. Keonjhar.
Def. 20, 6) Pritimaya Sethy, aged about 28 years,Son of late Kulamani Sethy, Village- Sankhapata (Sabarsahi) P.O/P.S- Baripada, Dist. Mayurbhanj.

Take notice that the above-named plaintiff has filed the C.S no. 115/2023 for partition and permanent injunction against the Defendants and the service of summons could not be served against the aforesaid defendants in spite of repeated summons issued by the Court in either ways and the defendants avoided to receive the Court Summons.
So you all are noticed to appear in my Court on 23rd Dec 2025 at about 10.30 A.M in person or through advocate to put forth your claims as to why reliefs prayed by the plaintiff should not be granted.
Take notice that in case of default the suit will be heard or determined in your absence.
Given under my hand and seal of this Court day **30.10.2025.**

**Civil Judge (Sr. Divn.),**
**Anandapur.**

**NOTICE (FOR MINOR)**

By virtue of an affidavit sworn before the Notary Public, Bhubaneswar, dated 26.11.2025, I, Swami Sampurnananda Saraswati, At- Sitanath Nagar, Niladri Vihar, P.O. Sailashree Vihar, P.S. Chandrasekharpur, Bhubaneswar – 751021, Dist. Khordha declare that I have changed the name of my Adopted daughter from Jayashree Rath to Jayashree Saraswati Rath. Henceforth, she shall be known as Jayashree Saraswati Rath for all purposes.

**SWAMI SAMPURNANANDA SARASWATI**

**NOTICE**

By virtue of an affidavit sworn before Executive Magistrate, Dhenkanal, dated 27/11/2025, I Urmila Pati, Address At/PO-Bainsia, Block/PS-Gondia, Dist-Dhenkanal, Odisha-759014, declare that I have changed my name from Urmila Dash to Urmila Pati. Henceforth, I shall be known as Urmila Pati for all purposes.

**Urmila Pati**

# ଅଯୋଧ୍ୟାରେ ଜମି ମୂଲ୍ୟରେ ୫୦୦% ବୃଦ୍ଧି

**ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):** ଉତ୍ତର ପ୍ରଦେଶର ଅଯୋଧ୍ୟା ବିଶ୍ୱ ମାନଚିତ୍ରରେ ଆଧ୍ୟାତ୍ମିକତାର ଏକ ପ୍ରମୁଖ କେନ୍ଦ୍ର ଭାବରେ ଦ୍ରୁତ ଗତିରେ ଉଭା ହେଉଛି। ୨୦୨୪ରେ ରାମ ମନ୍ଦିର ପ୍ରତିଷ୍ଠା ହେବା ପରଠାରୁ ଏହି ସହରରେ ରିଅଲ୍ ଇଷ୍ଟେଟ୍ ବଜାର ଦ୍ରୁତ ଗତିରେ ବଢ଼ିବାରେ ଲାଗିଛି। ଗତ ପାଞ୍ଚ ବର୍ଷ ମଧ୍ୟରେ ଅଯୋଧ୍ୟାରେ ଜମି ମୂଲ୍ୟ ୩୦୦ ରୁ ୫୦୦ ପ୍ରତିଶତର ଐତିହାସିକ ବୃଦ୍ଧି ରେକର୍ଡ କରାଯାଇଛି। ଏହାର ଅର୍ଥ ହେଉଛି ଅଯୋଧ୍ୟା ଏବେ ଆଧ୍ୟାତ୍ମିକତା, ଆଧୁନିକ ଭିତ୍ତିଭୂମି ଏବଂ ଦୃଢ଼ ଆର୍ଥିକ ବିସ୍ତାରର ସଙ୍ଗମସ୍ଥଳ ଭାବେ ଉଭା ହୋଇଛି। ତେଣୁ ଏଥିରେ ଅଯୋଧ୍ୟାରେ ପ୍ରପର୍ଟି ବଜାରର ଅଭିବୃଦ୍ଧି ଖୁବ୍ ଦ୍ରୁତ ଗତିରେ ବଢ଼ିବାରେ ଲାଗିଛି।

ଇନଭେଷ୍ଟୋଏକ୍ସପର୍ଟ ଆଡଭାଇଜର୍ସର ପ୍ରତିଷ୍ଠାତା ଏବଂ ପରିଚାଳନା ନିର୍ଦ୍ଦେଶକ ବିଶାଲ ରାହେଜା କହିଛନ୍ତି ଯେ ଅଯୋଧ୍ୟା ଆଜି ଦେଶର ଏଣ୍ଡ ବାୟର୍ସ ଓ ଲଙ୍ଗ ଟର୍ମ ଇନଭେଷ୍ଟରଙ୍କ ପାଇଁ ସବୁଠାରୁ ବିଶ୍ୱାସ ଯୋଗ୍ୟ ବଜାର ମଧ୍ୟରୁ ଗୋଟିଏ ପାଲଟିଛି। ଏହା କ୍ରେତାଙ୍କ ସୁରକ୍ଷା, ମୂଲ୍ୟ ବୃଦ୍ଧି ଏବଂ ଦୀର୍ଘକାଳୀନ ଲାଭ ଦୃଷ୍ଟିରୁ ଏକ ଅନନ୍ୟ ସୁଯୋଗ ପ୍ରଦାନ କରୁଛି। ଯାହା ବର୍ତ୍ତମାନର ସମୟକୁ ନିବେଶ ପାଇଁ ଅତ୍ୟନ୍ତ ରଣନୈତିକ ସ୍ଥିତିକୁ ଦର୍ଶାଉଛି। ବିଶାଳଙ୍କ ଅନୁସାରେ, ଅନ୍ତର୍ଜାତୀୟ ବିମାନବନ୍ଦର, ଉନ୍ନତ ରେଳ ଷ୍ଟେସନ, ଚାରି ଲେନ୍ ରାସ୍ତା, ନଦୀକୂଳ ବିକାଶ ଏବଂ ହସ୍ପିଟାଲିଟି ଭିତ୍ତିଭୂମିରେ ମୋଟ ୬ ବିଲିୟନ ଡଲାରରୁ ଅଧିକ ନିବେଶ ଜାରି ରହିଛି। ଏହି ପ୍ରୟାସଗୁଡ଼ିକ ଅଯୋଧ୍ୟାକୁ ବର୍ଷ ସାରା ବିଶ୍ୱ ଆଧ୍ୟାତ୍ମିକ ପର୍ଯ୍ୟଟନ କେନ୍ଦ୍ରରେ ପରିଣତ କରୁଛି। ଏହି ନିବେଶ ପାଇଁ ଆଗାମୀ ବର୍ଷଗୁଡ଼ିକରେ ଅଯୋଧ୍ୟାର ସମ୍ପତ୍ତି ମୂଲ୍ୟ ଦ୍ରୁତ ଗତିରେ ବୃଦ୍ଧି ପାଇବା ସମ୍ଭାବନା ରହିଛି। ମନ୍ଦିର ପ୍ରତିଷ୍ଠା ପରେ ବିପୁଳ ଜନସମାଗମ ଯୋଗୁ ବ୍ୟବସାୟ, ବାସସ୍ଥାନ, ହୋଟେଲ ଏବଂ ଯାତ୍ରା ସୁବିଧାର ଚାହିଦା ଦ୍ରୁତ ଗତିରେ ବୃଦ୍ଧି ପାଇଛି।

O-1558 e-mail : rwd_gajapati@yahoo.co.in

GOVERNMENT OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISON GAJAPATI PARLAKHEMUNDI

**NATIONAL COMPETITIVE BIDDING THROUGH e-Procurement**

**Identification No. Online Tender- 09/GJP/2025-26**

| | | | |
|---|---|---|---|
| 1. | Name of the work | : | Building Works |
| 2. | Total No. Work | : | 07 (Seven) No. of Building Works |
| 3. | Estimated Cost | : | Rs. 4.20 lakhs to 43.58 lakhs |
| 4. | Class of Contractor | : | 'C' & 'D' Class Contractor 'B' Class Contractor |
| 5. | Period of Completion | : | Furnished in Annexure |
| 6. | Availability of Tender Online for bidding | : | 28.11.2025 at 10.00 A.M to 08.12.2025 up to 5.00 PM. |
| 7. | Date and Time of Opening of Tender | : | 09.12.2025 at 11.00 A.M |
| 8. | Place of Opening | : | As per Annexure |

Further details can be seen from the Website www.tenderorissa.gov.in

Executive Engineer
R.W. Division, Gajapati

OIPR-

**AFFIDAVIT**

I, Prasanta Samantaray, aged about 59 years, S/o- Pitambar Samantaray, resident of At- Plot No-44/1343, Pitambar Realm, Pokhariput, Bhubaneswar, Dist- Khurda, Pin-751020, Odisha declare by this affidavit No. 2407, dtd-27/11/2025, that now onwards I shall be known as **PRASANTA KUMAR SAMANTARAY** for all future purposes.

## ନାହିଁ ଅଗ୍ନି ନିରାପତ୍ତା ବ୍ୟବସ୍ଥା

# ବେଫିକର ମଲ୍, ଶୋ'ରୁମ୍ ଓ ହୋଟେଲ ମାଲିକ

**ନୟାଗଡ଼,୨୭।୧୧(ସମିସ)**

ନୟାଗଡ଼ ଜିଲ୍ଲା ମୁଖ୍ୟ ସଦର ମହକୁମାରେ ଦିନକୁ ଦିନ ଅନେକ ମଲ୍, ଶୋ'ରୁମ୍, କ୍ଲିନିକ୍ ଓ ହୋଟେଲ୍ ଗଢ଼ିଉଠୁଛି। ସହରୀ ସଭ୍ୟତାର ଅଭିବୃଦ୍ଧି ଘଟୁଥିବାବେଳେ ନୟାଗଡ଼ ସହର ଦିନକୁ ଦିନ ନୂଆରୂପ ନେଉଛି। ଏଭଳି ସ୍ଥିତିରେ ସହରରେ ବିଗତ କିଛି ବର୍ଷ ମଧ୍ୟରେ ଅନେକ ହୋଟେଲ, ମଲ୍, ଶୋ'ରୁମ୍ ଏବଂ ଅନ୍ୟାନ୍ୟ ବହୁତଳ ପ୍ରାସାଦରେ ବ୍ୟାବସାୟିକ ପ୍ରତିଷ୍ଠାନ ଖୋଲିଥିବାବେଳେ ଅନେକ ସ୍ଥାନରେ ଅଗ୍ନି ନିରାପତ୍ତା ନେଇ ବ୍ୟବସ୍ଥା ନ ଥିବା ଚିନ୍ତାର ବିଷୟ ସୃଷ୍ଟି କରିଛି। ବିଗତ ଦିନରେ ନୟାଗଡ଼ ସାମ୍‌ସଙ୍ଗ ଶୋ'ରୁମ୍‌ରେ ଘଟିଥିବା ଅଗ୍ନିକାଣ୍ଡ, ଖଣ୍ଡପଡ଼ା ରାସ୍ତାରେ ରହିଥିବା ଏକ ବସ୍ତ୍ରାଳୟ ଅଗ୍ନିକାଣ୍ଡ ଏହାର ଉଦାହରଣ। ନୟାଗଡ଼ ସହରରେ ରହିଥିବା ଅନେକ ବ୍ୟାବସାୟିକ ପ୍ରତିଷ୍ଠାନରେ ଅଗ୍ନି ନିରାପତ୍ତା ନେଇ କୌଣସି ସ୍ୱତନ୍ତ୍ର ବ୍ୟବସ୍ଥା ନ ଥିବାବେଳେ କିଭଳି ଭାବେ ଏହାକୁ ଖୋଲିବାକୁ ଅନୁମତି ମିଳୁଛି ତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ମୁଖ୍ୟତଃ ସହର ମଧ୍ୟରେ ରହିଥିବା ଅନେକ ହୋଟେଲ ଓ ଲଜ୍‌ରେ ଭୟାନକ ସ୍ଥିତିରେ ରହିଛି। ଏହା ମଧ୍ୟରେ ଅଗ୍ନିକାଣ୍ଡ ଘଟିଲେ ପରିସ୍ଥିତି ଭୟାବହ ହେବା ନିଶ୍ଚିତ ବୋଲି କୁହାଯାଉଛି। ଏହି ଲଜ୍ ଓ ହୋଟେଲ୍‌ଗୁଡ଼ିକରେ ଏକାଧିକ ଏସି ସମେତ ଅନେକ ବୈଦ୍ୟୁତିକ ସାମଗ୍ରୀ



ବ୍ୟବହାର କରାଯାଉଥିବା ବେଳେ ଆଦୌ ଅଗ୍ନି ନିରାପତ୍ତା ନେଇ ବ୍ୟବସ୍ଥା କରାଯାଉନାହିଁ। ଏହି ସ୍ଥାନରେ ନିଆଁ ଲାଗିଲେ ଅନେକ ଜୀବନ ହାନୀ ହେବାର ସମ୍ଭାବନା ରହିଛି। ସେହିଭଳି ଭାବେ ନୟାଗଡ଼ରେ ରହିଥିବା ଅନେକ ଶୋ'ରୁମ୍‌ରେ ମଧ୍ୟ ସମାନ ସମସ୍ୟା ଦେଖାଯାଇଛି। ନୟାଗଡ଼ର ବ୍ୟସ୍ତବହୁଳ ତଥା ଗାର୍‌ମେଣ୍ଟ୍‌ସ ବଜାର କୁହାଯାଉଥିବା ଜୁବୁଲି ମାର୍କେଟକୁ ଦିନକୁ ଦିନ ବୃଦ୍ଧି ଦିଆଯାଉଥିବା ବେଳେ ଅଗ୍ନିକାଣ୍ଡ ସମୟରେ ଏହାକୁ ରୋକିବାକୁ କୌଣସି ବ୍ୟବସ୍ଥା ନାହିଁ। ଦୁଇ ମହଲା ବିଶିଷ୍ଟ ଏହି ମାର୍କେଟ୍‌ରେ କୋଟି କୋଟି ଟଙ୍କାର ଲୁଗା, ପୋଷାକ ବ୍ୟବସାୟ ହୋଇଥାଏ। ଏହି ମାର୍କେଟ୍‌ରେ ଅନେକ ପର୍ବପର୍ବାଣୀ ସମୟରେ ଶହଶହ ସଂଖ୍ୟାରେ ଗ୍ରାହକଙ୍କ ଭିଡ଼ ଜମିଥାଏ। ନୟାଗଡ଼ ପୌର ପରିଷଦ ଅଧୀନରେ ରହିଥିବା ଏହି ମାର୍କେଟ୍ ସର୍ବଦା ଅଗ୍ନି ବିପଦପୂର୍ଣ୍ଣ ଅବସ୍ଥାରେ ରହିଛି। ଆଜି ପର୍ଯ୍ୟନ୍ତ ପୌର ପରିଷଦ ନା ବ୍ୟବସାୟୀ ଏଥିପ୍ରତି କେହି ଚିନ୍ତା ପ୍ରକଟ କରି ନ ଥିବା ଜଣାଯାଇଛି। ସେହିଭଳି ସହରରେ ରହିଥିବା ଅନେକ କ୍ଲିନିକ୍‌ରେ ମଧ୍ୟ ନାଁକୁ ମାତ୍ର ଅଗ୍ନି ନିରାପତ୍ତା ବ୍ୟବସ୍ଥା ଆପଣାଯାଇଥିବା ବେଳେ ଅନେକ କ୍ଲିନିକ୍‌ରେ ଅଗ୍ନି ନିରାପତ୍ତା ନେଇ ବ୍ୟବସ୍ଥା ନ ଥିବା ସ୍ପଷ୍ଟ ହୋଇଛି। ଜିଲ୍ଲା ପ୍ରଶାସନ ଓ ଅଗ୍ନିଶମ ବିଭାଗ ଏହା ଉପରେ ତଦାରଖ କରିବାର ଆବଶ୍ୟକତା ରହିଛି।

## ମାଟି ଅତଡ଼ା ଖସି ଶ୍ରମିକଙ୍କ ମୃତ୍ୟୁ

**ନୟାଗଡ଼,୨୭।୧୧(ସମିସ):** ଗୁରୁବାର ରାସ୍ତାକଡ଼ରେ କାମ କରୁଥିବାବେଳେ ମାଟି ଅତଡ଼ା ଖସି ଜଣେ ଶ୍ରମିକଙ୍କର ମୃତ୍ୟୁ ହୋଇଛି। ମୃତକ ଜଣକ ହେଲେ ପଶ୍ଚିମବଙ୍ଗ ମୁର୍ସିଦାବାଦ ଅଞ୍ଚଳର ସଫିକୁଲ୍ ସେଖ୍। ପ୍ରକାଶ ଯେ, ଗୁରୁବାର ପଶ୍ଚିମବଙ୍ଗ ଅଞ୍ଚଳର ୮ରୁ ଅଧିକ ଶ୍ରମିକ ନୟାଗଡ଼ ଜିଲ୍ଲା ଇଟାମାଟି ଥାନା ନିକଟ ୫୭ ନମ୍ବର ଜାତୀୟ ରାଜପଥ କଡ଼ରେ ମାଟି ତଳେ ଯାଉଥିବା ବିଦ୍ୟୁତ୍ ତାର ବିଛେଇବା କାମ କରୁଥିଲେ। ତେଜଶ୍ରୀ ଏଣ୍ଟରପ୍ରାଇଜର୍ସ ଅଧୀନରେ ଏହି କାମ କରୁଥିବା ଶ୍ରମିକମାନେ କହିଛନ୍ତି। ଅପରାହ୍ଣରେ ଜେସିବି ଦ୍ୱାରା ମାଟି ଖୋଳାଯାଉଥିବା ବେଳେ ସଫିକୁଲ୍ ମାଟି ତଳେ ପଶି କାମ କରୁଥିଲେ। ସେହି ସମୟରେ ହଠାତ୍ ମାଟି ଅତଡ଼ା ଖସିଯିବାରୁ ସଫିକୁଲ୍ ମାଟିରେ ପୋତି ହୋଇଯାଇ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ତାଙ୍କୁ ସେଠାରେ ମୃତ ଘୋଷଣା କରିଥିଲେ। ଇଟାମାଟି ଥାନା ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି।

## ସଡ଼କ ଦୁର୍ଘଟଣାରେ ଜଣେ ମୃତ

**ନୟାଗଡ଼,୨୭।୧୧(ସମିସ):** ନୟାଗଡ଼ ଜିଲ୍ଲା ଇଟାମାଟି ଥାନା ଅନ୍ତର୍ଗତ ଖୋର୍ଦ୍ଧା-ବଲାଙ୍ଗିର ଜାତୀୟ ରାଜପଥ ବଡ଼ପଣ୍ଡୁସର ନିକଟରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ବଡ଼ପଣ୍ଡୁସର ଗ୍ରାମର ଦିଲ୍ଲୀପ ଡାକୁଆ। ଦିଲ୍ଲୀପ ଜଣେ ବ୍ୟବସାୟୀ। ସେ ନିଜ ଦୋକାନ ଖୋଲି ଇଟାମାଟି ଅଭିମୁଖେ ବାଇକ୍ ଯୋଗେ ଜିନିଷ କିଣିବାକୁ ବାହାରିବା ସମୟରେ ଏକ ମାଲ୍‌ବୋଝେଇ ଟ୍ରକ୍ ତାଙ୍କୁ ଧକ୍କା ଦେଇଥିଲା। ଘଟଣାସ୍ଥଳରୁ ତାଙ୍କୁ ଗୁରୁତର ଅବସ୍ଥାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଅଣାଯାଇଥିଲା। ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି। ଇଟାମାଟି ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।

## ରାମଚଣ୍ଡୀ ଟି-୨୦: ସେମିରେ ମରିଚିଆ



**ଭାପୁର,୨୭।୧୧(ସମିସ):** ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍ ଗୋଳାପୋଖରୀ ପଞ୍ଚାୟତ ଗୋଳାପୋଖରୀ ଗ୍ରାମର ମା' ରାମଚଣ୍ଡୀ ଆସୋସିଏସନ୍ ତରଫରୁ ସପ୍ତମ ବାର୍ଷିକୀ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ ଗୁରୁବାର ଉଦ୍‌ଘାଟିତ ହୋଇଯାଇଛି। ଉଦ୍‌ଘାଟନୀ ମ୍ୟାଚ୍‌ରେ ମରିଚିଆ କ୍ରିକେଟ୍ ଟିମ୍ ବିଜୟୀ ହୋଇ ସେମିଫାଇନାଲରେ ପ୍ରବେଶ କରିଛି। ଉଦ୍‌ଘାଟନୀ ଲିଗ୍ ମ୍ୟାଚ୍‌ରେ ପରସ୍ପରକୁ ଭେଟିଥିଲେ ପିଠାଖାଇ କ୍ରିକେଟ୍ କ୍ଲବ୍ ଓ ମରିଚିଆ କ୍ରିକେଟ୍ କ୍ଲବ୍। ପିଠାଖାଇ ପ୍ରଥମେ ବ୍ୟାଟିଂ କରି ୮ ୱିକେଟ୍ ହରାଇ ୧୨୨ ରନ୍ କରିଥିଲା। ଜବାବରେ ମରିଚିଆ ୧୨.୧ ଓଭରରେ ୬ ୱିକେଟ୍ ହରାଇ ଆବଶ୍ୟକୀୟ ରନ୍ ସଂଗ୍ରହ କରି ବିଜୟୀ ହୋଇଥିଲା। ବିଜୟୀ ଦଳର ଖେଳାଳି ଦୀପକ ୩୫ ରନ୍ କରି ମ୍ୟାନ୍ ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଥିଲେ। ଏହି ମ୍ୟାଚ୍‌କୁ ମାୟାଧର ପଲେଇ ଓ ବିଜୟ ବାରିକ ପରିଚାଳନା କରିଥିବାବେଳେ ବିଭୁ ପ୍ରସାଦ ତାଡ଼ ଧାରାବିବରଣୀ ପ୍ରଦାନ କରିଥିଲେ। ସିପୁ ମଲ୍ଲିକ ଓ ଚନ୍ଦନ ରାଉତରାୟ ସ୍କୋର୍ ଦାୟିତ୍ୱରେ ଥିଲେ। ମୁଖ୍ୟ ଅତିଥି ଭାବରେ ସରପଞ୍ଚ ପ୍ରତିନିଧି ଅନିଲ କୁମାର ବୈରାଗୀ ରଞ୍ଜନ, ଗୋଳାପୋଖରୀ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ଅନିଲ କୁମାର ଦାଶ ପ୍ରମୁଖ ଯୋଗଦେଇଥିଲେ। ଶୁକ୍ରବାର ବାପୁଜୀ କ୍ରିକେଟ୍ କ୍ଲବ୍ ଏଲପଡ଼ା ସହିତ ବଡ଼ସହରା କ୍ରିକେଟ୍ କ୍ଲବ୍ ସହ ମ୍ୟାଚ୍ ଅନୁଷ୍ଠିତ ହେବ ବୋଲି ଆସୋସିଏସନର ସଦସ୍ୟ ଅଭିଲାଷ ଦଳବେହେରାଙ୍କଠାରୁ ସୂଚନା ମିଳିଛି।

## ଜାଣି ଅଜଣା ପୁଲିସ ପ୍ରଶାସନ

# ହୋଟେଲ ଓ ଲଜ୍‌ରେ ଖୁଲମ୍‌ଖୁଲା ଦେହ ବେପାର

**ନୟାଗଡ଼,୨୭।୧୧(ସମିସ):** ନୟାଗଡ଼ ସହରରେ ରହିଥିବା କିଛି ଲଜ୍ ଓ ହୋଟେଲରେ ଖୁଲମ୍‌ଖୁଲା ଦେହ ବେପାର ଚାଲୁଛି। ଦେହ ବ୍ୟବସାୟୀଙ୍କ ସହ ହୋଟେଲ କର୍ମଚାରୀ ଯୋଗାଯୋଗରେ ରହୁଥିବାବେଳେ ଗ୍ରାହକଙ୍କ ଆଗ୍ରହକୁ ଦେଖି ବ୍ୟବସ୍ଥା କରାଯାଉଛି। ଦେହ ବ୍ୟବସାୟୀ ଓ ଗ୍ରାହକଙ୍କ ଆଧାର କାର୍ଡ ରଖି ସେମାନଙ୍କୁ ସୁଯୋଗ ଦିଆଯାଉଛି। କାମ ସରିବା ପରେ ଆଧାର କାର୍ଡ ଫେରସ୍ତ କରାଯାଉଛି। ଏହି କ୍ଷଣସ୍ଥାୟୀ କାରବାରକୁ ହୋଟେଲ ରେଜିଷ୍ଟରରେ ଉଲ୍ଲେଖ କରାଯାଉନାହିଁ। ନୟାଗଡ଼ ସହରରେ ରହିଥିବା ଏକାଧିକ ହୋଟେଲରେ ଏହି କାରବାର ଚାଲୁଥିବାବେଳେ ନୟାଗଡ଼ ଜିଲ୍ଲା ଇଟାମାଟି ଥାନା ଅନ୍ତର୍ଗତ ଲାଠିପଡ଼ା ରାସ୍ତାରେ ରହିଥିବା ଏକ ଲଜ୍‌ରେ ଏହା ଖୁଲମ୍‌ଖୁଲା ଚାଲୁଛି। ସ୍ଥାନୀୟ ପୁଲିସଙ୍କ ସହ ଉତ୍ତମ ସମ୍ପର୍କରେ ରଖି ବ୍ୟବସାୟୀ କାରବାର କରୁଥିବା ଅଭିଯୋଗ ହେଉଛି। ଏପରିକି ବରିଷ୍ଠ ପୁଲିସ ଅଧିକାରୀଙ୍କୁ ମଧ୍ୟ ଏଥିପାଇଁ ମାସିକିଆ ଚାନ୍ଦା ଦିଆଯାଉଥିବା ଆଲୋଚନା ହେଉଛି। ବାଲେଶ୍ୱର ଅଞ୍ଚଳରୁ ନିୟମିତ ଭାବେ ବଙ୍ଗାଳି ଦେହ ବ୍ୟବସାୟୀମାନେ ଏହି ଲଜ୍‌କୁ ଆସୁଥିବାବେଳେ ପ୍ରତ୍ୟେକ ଦିନ ଅନେକ ଗ୍ରାହକ ସୁଯୋଗ ନେଉଛନ୍ତି। ଏଥିପାଇଁ ହୋଟେଲ ପକ୍ଷରୁ ଥାନାଠାରୁ ହୋଟେଲ ପର୍ଯ୍ୟନ୍ତ ରାସ୍ତାର ବିଭିନ୍ନ ସ୍ଥାନରେ ଜଗୁଆଳ ରଖାଯାଉଛି। ଥାନାର କିଛି ତଳିଆ କର୍ମଚାରୀଙ୍କୁ ମଧ୍ୟ ହୋଟେଲ ପକ୍ଷରୁ ଖବର ଦେବାକୁ ବ୍ୟବସ୍ଥା କରାଯାଇଛି। ଯଦି ପୁଲିସ ଚଢ଼ଉ ନେଇ ଯୋଜନା କରିବ, ତେବେ ସେମାନେ ସୁରକ୍ଷିତ ଭାବେ ଦେହ ବ୍ୟବସାୟୀଙ୍କୁ ଖସାଇବା ପାଇଁ ପ୍ରସ୍ତୁତି କରିବେ ବୋଲି ଜଣାପଡ଼ିଛି।

ନୟାଗଡ଼ର ଗରିମାକୁ ଏହି କାରବାର କ୍ଷୁର୍ଣ୍ଣ କରୁଥିବାବେଳେ ପୁଲିସ କାହିଁକି ନିରବଦ୍ରଷ୍ଟା ସାଜୁଛି ବୋଲି ଅଭିଯୋଗ ହେଉଛି। ଅନ୍ୟପକ୍ଷେ, ବିଭିନ୍ନ ହୋଟେଲରେ ଅବସ୍ଥାନ କରୁଥିବା ଯାତ୍ରୀ, ପର୍ଯ୍ୟଟକଙ୍କ ସମ୍ପର୍କରେ ସଠିକ୍ ସୂଚନା ରଖିବା ପୁଲିସର କର୍ତ୍ତବ୍ୟ ଓ ଦାୟିତ୍ୱ ହୋଇଥିବାବେଳେ ଏହାକୁ କେବଳ ଜାନୁଆରୀ ୨୬ ଓ ଅଗଷ୍ଟ ୧୫ ପୂର୍ବରୁ ପାଳନ କରାଯାଉଛି। ନିୟମିତ ଭାବେ ହୋଟେଲଗୁଡ଼ିକ ଯାଞ୍ଚ କରାଯାଉ ନାହିଁ। ନୟାଗଡ଼ ସହରର ବିଭିନ୍ନ ହୋଟେଲରେ ଅପରାଧୀମାନେ ଲୁଚି ରହୁଥିବା ପୂର୍ବରୁ ଦେଖାଯାଇଛି। ରାଜ୍ୟର କୌଣସି ସ୍ଥାନରେ ଅପରାଧ ଘଟାଇ ନୟାଗଡ଼ରେ ଲୁଚିବାକୁ ସୁଯୋଗ ସୃଷ୍ଟି କରାଯାଉଛି। ଦିନକୁ ଦିନ ନୟାଗଡ଼ ସହରରେ ଲଜ୍ ଓ ହୋଟେଲ୍ ବୃଦ୍ଧି ପାଉଥିବାବେଳେ ଏହା ଉପରେ ଦୃଷ୍ଟି ଦିଆଯିବା ଆବଶ୍ୟକ ବୋଲି ମତପ୍ରକାଶ ପାଇଛି।

## ଯୁବକଙ୍କ ସନ୍ଦେହଜନକ ମୃତଦେହ ଉଦ୍ଧାର

**ଦଶପଲ୍ଲା,୨୭।୧୧(ସମିସ):** ଗୁରୁବାର ରାସ୍ତାକଡ଼ରୁ ଜନୈକ ଯୁବକଙ୍କ ମୃତଦେହ ଉଦ୍ଧାର କରାଯାଇଛି। ସକାଳୁ ନୟାଗଡ଼ ଜିଲ୍ଲା ଦଶପଲ୍ଲା ଥାନା ପଙ୍କୁଆ-କଳସାଖମଣ ରାସ୍ତାର ଉଦୁଡ଼ା ଗ୍ରାମ ନିକଟରେ ଜଣେ ଯୁବକଙ୍କ କ୍ଷତାକ୍ତ ଅବସ୍ଥାରେ ମୃତଦେହ ଉଦ୍ଧାର ହୋଇଥିବା ଜଣାପଡ଼ିଛି। ମୃତ ଯୁବକ ଜଣକ ପୋଖରୀଗୋଛା ପଞ୍ଚାୟତ ଚିନାପହଁରା ଗ୍ରାମର ସୁବାସ ଥାଟୋଇଙ୍କ ୨୫ ବର୍ଷୀୟ ପୁଅ ହରି ଥାଟୋଇ ବୋଲି ଜଣାପଡ଼ିଛି। ହରି ବ୍ରହ୍ମପୁରରେ ରହି ପୁଲିସ ଟ୍ରେନିଂ ନେଉଥିବାବେଳେ ବୁଧବାର ସନ୍ଧ୍ୟାରେ ନିଜ ଗାଁ ଚିନାପହଁରାକୁ ଫେରୁଥିଲେ। ଗୁରୁବାର ତାଙ୍କର ମୃତଦେହ ଉଦ୍ଧାର ହୋଇଛି। ମୃତଦେହ ନିକଟରେ ହ୍ୟାଣ୍ଡବ୍ୟାଗ୍, ବାଇକ୍, ହେଲ୍‌ମେଟ୍ ପଡ଼ିଥିବାବେଳେ ଖବରପାଇ ଘଟଣାସ୍ଥଳରେ ଦଶପଲ୍ଲା ପୁଲିସ ପହଞ୍ଚି ମୃତଦେହ ଜବତ କରିବା ସହିତ ସମସ୍ତ ସାମଗ୍ରୀକୁ ଜବତ କରି ସବୁ ଦିଗକୁ ଅନୁଧ୍ୟାନ କରି ଘଟଣାର ଖୋଳତାଡ଼ କରୁଛି। ପ୍ରକୃତରେ ହରିଙ୍କ ଦୁର୍ଘଟଣାରେ ମୃତ୍ୟୁ ହୋଇଛି ନା ତାଙ୍କୁ କିଏ ହତ୍ୟା କରିଛି ସେ ଘଟଣା ଉପରେ ପୁଲିସର ତଦନ୍ତ ପରେ ହିଁ ପରଦା ହଟିବ ବୋଲି ସାଧାରଣରେ ଚର୍ଚ୍ଚା ହେଉଛି।

## ଚାକିରି ଦେବା ନାଁରେ ଠକେଇ; ଅଭିଯୁକ୍ତ ଗିରଫ

**ଦଶପଲ୍ଲା,୨୭।୧୧(ସମିସ):** ଦିନକୁ ଦିନ ରାଜ୍ୟରେ ବଢ଼ିବାରେ ଲାଗିଛି ଠକେଇ ମାମଲା। ଏଥି ମଧ୍ୟରେ ରାଜ୍ୟରେ ହଇଚଇ ସୃଷ୍ଟି କରୁଛି ଏସ୍‌ଆଇ କେଲେଙ୍କାରୀ କେସ୍। ଏଥି ମଧ୍ୟରେ ଗୁରୁବାର ସାମ୍ନାକୁ ଆସିଛି ଆଉ ଏକ ଘଟଣା। ନୟାଗଡ଼ ଜିଲ୍ଲା ଦଶପଲ୍ଲା ବ୍ଲକ୍ ଅନ୍ତର୍ଗତ ବାଣୀଗୋଛା ଥାନା ବୁରୁପାଲ ଗ୍ରାମର ସନ୍ତୋଷ ନାଏକ ନାମକ ଜଣେ ଯୁବକ ନିଜ ଗ୍ରାମର ବବୁଲ ନାଏକଙ୍କ ସମେତ ଆଉ ୩ ଜଣଙ୍କୁ ସରକାରୀ ଚାକିରି କରାଇଦେବାର



ପ୍ରଲୋଭନ ଦେଖାଇ ଜଣଙ୍କଠାରୁ ୧୫ ହଜାର ଲେଖାଏଁ ଟଙ୍କା ନେଇଯାଇଥିବା ବାଣୀଗୋଛା ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗକୁ ଆଧାର କରି ବାଣୀଗୋଛା ପୁଲିସ ସନ୍ତୋଷଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି।

## ୧୮ ଦଫା ଦାବି ନେଇ ଡାକ୍ତରଙ୍କ କଳାବ୍ୟାଜ୍ ପରିଧାନ

**ଭାପୁର,୨୭।୧୧(ସମିସ):** ରାଜ୍ୟ ସରକାର ସ୍ୱାସ୍ଥ୍ୟ ସେବାକୁ ଅଗ୍ରାଧିକାର ପ୍ରଦାନ କରୁଛନ୍ତି ବୋଲି କହୁଥିବାବେଳେ ଡାକ୍ତରଙ୍କ ଅନେକ ମୌଳିକ ସମାସ୍ୟାର ସମାଧାନ ପାଇଁ ସରକାର ଟାଳଟୁଳ ନୀତି ଆପଣେଇଥିବାରୁ ଡାକ୍ତରଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଛି। ଏପରି ଅଣଦେଖା ବିରୋଧରେ ସାରା ରାଜ୍ୟରେ ଡାକ୍ତରମାନେ କଳା ପୋଷାକ କିମ୍ବା କଳା ବ୍ୟାଜ୍ ପରିଧାନ କରି ନିରବ ପ୍ରତିବାଦ ଚାଲୁ କରିଥିବାବେଳେ ଏଥିରେ ସାମିଲ୍ ହୋଇଛନ୍ତି ଭାପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ସମୂହ। ସରକାର ଡାକ୍ତରମାନଙ୍କ ୧୮ ଦଫା ଦାବି ପୂରଣ ନେଇ କିଛି ପଦକ୍ଷେପ ନେଉ ନ ଥିବାରୁ ସାରା ରାଜ୍ୟରେ ଡାକ୍ତରମାନେ ଗତ ୨୦ ତାରିଖରୁ ଶାନ୍ତିପୂର୍ଣ୍ଣ ଆନ୍ଦୋଳନ ଜାରି ରଖିଛନ୍ତି। ଜିଲ୍ଲା ଓମ୍‌ସା ସମ୍ପାଦକ ଡ. ପ୍ରଦୀପ କୁମାର ପାଇକରାୟଙ୍କ ନେତୃତ୍ୱରେ ଭାପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଡ. ବିଶ୍ୱନାଥ ସାହୁ, ଡ. ସତ୍ୟପ୍ରିୟ ସାହୁ, ଡ. ଶୁଭଶ୍ରୀ ନାଥ, ଡ. ରଞ୍ଜନ କୁମାର ମଲ୍ଲିକ, ଡ. ଲଳିତ ମୋହନ ଟୁଡୁ ପ୍ରମୁଖ କଳା ବ୍ୟାଜ୍ ପିନ୍ଧି ରୋଗୀ ସେବା ଜାରି ରଖିବା ସହ ନିରବ ପ୍ରତିବାଦ କରିଛନ୍ତି।

## ପ୍ରଶାସନିକ ଅଣଦେଖା ଓ ଟାଳଟୁଳ ନୀତି

# ୧୫ ବର୍ଷ ହେଲା ଚାକିରି ପାଇଁ ସଂଗ୍ରାମ

### ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଯୁବକଙ୍କ ଆମରଣ ଅନଶନ

**ନୟାଗଡ଼,୨୭।୧୧(ସମିସ):** ନୟାଗଡ଼ ଜିଲ୍ଲା ପ୍ରଶାସନର ଅଣଦେଖା ଓ ଟାଳଟୁଳ ନୀତି ପାଇଁ ଜଣେ ଯୁବକ ଚାକିରି ପାଇବା ପାଇଁ ୧୫ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ସଂଗ୍ରାମ କରି ଆସୁଛନ୍ତି। ବାରମ୍ବାର ଏ ଅଫିସରୁ ସେ ଅଫିସ ଦୌଡ଼ିଦୌଡ଼ି ନିରାଶ ହେବା ପରେ ଉଚ୍ଚ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ମଧ୍ୟ ହୋଇଛନ୍ତି। ଉଚ୍ଚ ନ୍ୟାୟାଳୟ ତାଙ୍କୁ ନିଯୁକ୍ତି ଦେବାକୁ ନିର୍ଦ୍ଦେଶ ଦେଇଥିଲେ ମଧ୍ୟ ନୟାଗଡ଼ ଜିଲ୍ଲା ପ୍ରଶାସନ ଅଣଦେଖା କାରଣରୁ ଗୁରୁବାର ସେ ବେକାରୀ ଅବସ୍ଥାରେ ରହିଛନ୍ତି। ନିଜର ହକ୍ ପାଇଁ ଦୀର୍ଘ ୩ ଦିନ ଧରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଆମରଣ ଅନଶନରେ ବସିଛନ୍ତି। ନୟାଗଡ଼ ଜିଲ୍ଲା କାପ୍ତାପଲ୍ଲୀ ପଞ୍ଚାୟତ ବରକୋଳା ଗାଁର ଶୁରସେନ ନାୟକ। ୨୦୦୮ରେ ପ୍ରକାଶିତ ବିଜ୍ଞପ୍ତି



ଅନୁସାରେ ସେ ଜିଆର୍‌ଏସ୍ ପଦ ପାଇଁ ଆବେଦନ କରିଥିଲେ। ଶୁରସେନଙ୍କ ନାଁ ଚୂଡ଼ାନ୍ତ ତାଲିକାର ତୃତୀୟ ସ୍ଥାନରେ ରହିଥିଲା। ପ୍ରଥମ ଓ ଦ୍ୱିତୀୟ ସ୍ଥାନରେ ରହିଥିବା ପ୍ରାର୍ଥୀ ଚାକିରି ନ କରିବାରୁ ଶୁରସେନ୍ ଚାକିରି ପାଇବା ପାଇଁ ହକ୍‌ଦାର ରହିଥିଲେ। ଏହାକୁ ନେଇ ତତ୍କାଳୀନ କାପ୍ତାପଲ୍ଲୀ ସରପଞ୍ଚ ତାଙ୍କୁ ଅସ୍ଥାୟୀ ଭାବେ ମଧ୍ୟ ପଞ୍ଚାୟତରେ କାର୍ଯ୍ୟ କରାଇଥିଲେ। ଦୀର୍ଘ ୧୦ ମାସ ଧରି ସେ କାର୍ଯ୍ୟ କରିଥିଲେ ମଧ୍ୟ ତାଙ୍କୁ ନିଯୁକ୍ତି ମିଳିବା ବଦଳରେ ବାହାର କରି ଦିଆଯାଇଥିଲା। ଏହାକୁ ନେଇ ଶୁରସେନ୍ ଉଚ୍ଚ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହୋଇଥିଲେ। ଉଚ୍ଚ ନ୍ୟାୟାଳୟ ୨୦୧୧ରେ ତାଙ୍କୁ ନିଯୁକ୍ତି ଦେବାକୁ ଜିଲ୍ଲା ପ୍ରଶାସନ ତଥା ତତ୍କାଳୀନ ଜିଲ୍ଲା ପରିଷଦ ପ୍ରକଳ୍ପ ନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏହି ନିର୍ଦ୍ଦେଶ କାର୍ଯ୍ୟକାରୀ କରା ନ ଯିବାରୁ, ସେ ପୁଣି ରିଟ୍ ପିଟିସନ୍ ଦାଖଲ କରିଥିଲେ। ପୁନର୍ବାର ଉଚ୍ଚ ନ୍ୟାୟାଳୟ ପୂର୍ବ ନିର୍ଦ୍ଦେଶ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଦୀର୍ଘ ୧୪ ବର୍ଷ ଅତିକ୍ରାନ୍ତ କରିଥିଲେ ମଧ୍ୟ ଆଜିପର୍ଯ୍ୟନ୍ତ ଶୁରସେନଙ୍କୁ ନିଯୁକ୍ତି ମିଳିପାରି ନାହିଁ। ଅସହାୟ ଓ ଦଳିତ ହୋଇଥିବାରୁ ତାଙ୍କ କଥାକୁ କୌଣସି ପ୍ରଶାସନିକ ଅଧିକାରୀ କର୍ଣ୍ଣପାତ କରୁ ନ ଥିବା ଶୁରସେନ କହିଛନ୍ତି। ଫଳରେ ୩ ଦିନ ହେଲା ଶୁରସେନ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଆମରଣ ଅନଶନରେ ବସିଥିବା ଦେଖାଯାଇଛି। ଅମଶନରୁ ଉଠାଇବା ପାଇଁ କିଛି ବରିଷ୍ଠ ପ୍ରଶାସନିକ ଅଧିକାରୀଙ୍କ ଡ୍ରାଇଭର ତାଙ୍କୁ ଆକ୍ରମଣ କରୁଥିବା ଏବଂ ଗାଳିଗୁଲଜ କରୁଥିବା ଶୁରସେନ ଅଭିଯୋଗ କରିଛନ୍ତି। ଜିଲ୍ଲା ପ୍ରଶାସନ କି ପଦକ୍ଷେପ ଗ୍ରହଣ କରୁଛି ତାହା ଉପରେ ବୁଦ୍ଧିଜୀବୀମାନେ ନଜର ରଖିଛନ୍ତି।

## ଶିଖରପୁର ସଂରକ୍ଷିତ ଜଙ୍ଗଲରେ ହାତୀ ଆତଙ୍କ

**ଖଣ୍ଡପଡ଼ା,୨୭।୧୧(ସମିସ):** ଖଣ୍ଡପଡ଼ା ବ୍ଲକ୍ ସାପୁଆ ସଂରକ୍ଷିତ ଜଙ୍ଗଲ ଅଞ୍ଚଳରେ ୪ ଟିକିଆ ହାତୀପଲକୁ ନେଇ ଆତଙ୍କ ସୃଷ୍ଟି ହୋଇଥିବାବେଳେ ବୁଧବାର ଯୋଗିଆପଲ୍ଲୀ ପଞ୍ଚାୟତ ଅଧୀନ ଲକ୍ଷ୍ମୀପ୍ରସାଦ ଗ୍ରାମରେ ହାତୀପଲ ଅମଳ ହୋଇ ରହିଥିବା ଧାନ ଫସଲ ନଷ୍ଟ କରିଛନ୍ତି। ବିଳମ୍ବିତ ରାତିରେ ଲକ୍ଷ୍ମୀପ୍ରସାଦ ଗ୍ରାମର ଦୀନବନ୍ଧୁ ବରାଡ଼ଙ୍କ ବାଡ଼ିରେ ଅମଳ ନିମନ୍ତେ ରଖାଯାଇଥିବା ପ୍ରାୟ ୪୦୦ରୁ ଊର୍ଦ୍ଧ୍ୱ ଧାନ କଳେଇ ନଷ୍ଟ କରିଥିବା ନେଇ ଅଭିଯୋଗ ହୋଇଛି। ବୁଧବାର ରାତି ଏବଂ ଗୁରୁବାର ଭୋର୍ ସମୟରେ ଗାଁମୁହାଁ ହୋଇ ହାତୀପଲ ଏହି ଫସଲ ନଷ୍ଟ କରିଛନ୍ତି। ଫଳରେ ବର୍ଷକର ଖାଦ୍ୟ ହରାଇ ଚାଷୀମାନେ ବେସାହାରା ହୋଇଥିବାବେଳେ ହାତୀ ଘଉଡ଼ାଇବା ପାଇଁ ବନ ବିଭାଗ ଉଦ୍ୟମ କରୁ ନ ଥିବା ଅଭିଯୋଗ କରିଛନ୍ତି ଅଞ୍ଚଳବାସୀ। ହାତୀପଲଙ୍କ ଉପଦ୍ରବ ଫଳରେ ଯୋଗିଆପଲ୍ଲୀ ପଞ୍ଚାୟତ ବାସିନ୍ଦା ଆତଙ୍କିତ ହୋଇପଡ଼ିଥିବା ବେଳେ ସ୍ଥାନୀୟ ବନ ବିଭାଗ ଟିମ୍ ସକ୍ରିୟତା ଦେଖାଉ ନ ଥିବାରୁ ଅସନ୍ତୋଷ ପ୍ରକାଶ ପାଇଛି। ଏ ନେଇ ଖେଡ଼ପଡ଼ା ସେକ୍ସନ୍ ଫରେଷ୍ଟରଙ୍କ ସହ ଯୋଗାଯୋଗ କରିବାରେ ବନ ବିଭାଗ ସଜାଗ ଥିବା ନେଇ ପ୍ରତିକ୍ରିୟା ଦେଇଛନ୍ତି।

## ମନୋଜଙ୍କୁ ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର

**ନୟାଗଡ଼/ଶରଣକୁଳ, ୨୭।୧୧ (ସମିସ):** ଓଡ଼ଗାଁ ବ୍ଲକ୍ ଅନ୍ତର୍ଗତ ଗୋଡ଼ିପଡ଼ା ଗ୍ରାମର ପ୍ରତିଷ୍ଠିତ କଳାକାର, ଲୋକକଳା ଓ ପାଲା ସଂସ୍କୃତିର ବାର୍ତ୍ତାବହ ଗାୟକ କଳାନିଧି ମନୋଜ କୁମାର ମିଶ୍ରଙ୍କୁ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର ପ୍ରଦାନ କରାଯାଇଛି। ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ବୁଧବାର ଲୋକସେବା ଭବନ, ଭୁବନେଶ୍ୱରଠାରେ ଅନୁଷ୍ଠିତ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପକ୍ଷରୁ ୨୦୨୩, ୨୦୨୪ ଓ ୨୦୨୫ ବର୍ଷ ପାଇଁ ଏକାଡେମୀ ସମ୍ମାନ, ସମ୍ବର୍ଦ୍ଧନା ଓ ଉପାୟନ ପ୍ରଦାନ କରାଯାଇଥିଲା। ଏହି ଉତ୍ସବରେ ରାଜ୍ୟ




କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ବିଧାୟକ ସିଦ୍ଧାନ୍ତ ମହାପାତ୍ର, ଆକାଶ ଦାସ ନାୟକ, ସଙ୍ଗୀତ ନାଟକ ଏକାଡେମୀ ସଭାପତି ବିଜୟ କେତନ ଉପାଧ୍ୟାୟ, ଓଡ଼ିଶା ସାହିତ୍ୟ ଏକାଡେମୀ ସଭାପତି ଡ. ଚନ୍ଦ୍ରଶେଖର ହୋତା ଅତିଥି ରୂପେ ଯୋଗଦେଇ ଶ୍ରୀ ମିଶ୍ରଙ୍କୁ ୨୦୨୪ ବର୍ଷ ପାଇଁ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଲୋକକଳା ଲୋକ ସଂସ୍କୃତି ପାଲା ପୁରସ୍କାର ପ୍ରଦାନ କରିଥିଲେ।

## ଧର୍ମପ୍ରାଣ ମହିଳାଙ୍କ ପରଲୋକ



**ରଣପୁର,୨୭।୧୧(ସମିସ):** ନୟାଗଡ଼ ଜିଲ୍ଲା ରଣପୁର ବ୍ଲକ୍ ସିନ୍ଦୁରିଆ ଗ୍ରାମର ବେଣୁଧର ରଣାଙ୍କ ପତ୍ନୀ ସବିତା ରଣାଙ୍କ ୫୬ ବର୍ଷ ବୟସରେ ପରଲୋକ ଘଟିଛି। ଦୀର୍ଘଦିନ ଧରି ଅସୁସ୍ଥତା ଯୋଗୁଁ ତାଙ୍କର ମୃତ୍ୟୁ ହୋଇଛି। ମୃତ୍ୟୁଶଯ୍ୟା ନିକଟରେ ସ୍ୱାମୀ ବେଣୁଧର, ଭାଇ ରମାକାନ୍ତ, ଉମାକାନ୍ତ, ସୁରେଶ, ବଡ଼ ଭଉଣୀ ସାବିତ୍ରୀ, ଝିଅ ଜୁଲି, ମିଲି, ସିଲି, ଜ୍ୱାଇଁ ଦିଲ୍ଲୀପ, କିରଣଙ୍କ ସମେତ ବନ୍ଧୁ, ପରିବାର ବର୍ଗ ଓ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଛି। ପୁତୁରା ମନୋଜ ରଣା ମୁଖାଗ୍ନି ଦେଇଥିଲେ। ତାଙ୍କ ବିୟୋଗରେ ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି।

## ୧୪ରୁ ଊର୍ଦ୍ଧ୍ୱ ପଶ୍ଚିମବଙ୍ଗ ବେପାରୀଙ୍କ ପରିଚୟପତ୍ର ଯାଞ୍ଚ



- ଯାଞ୍ଚ ପରେ ହୋଇପାରେ କାର୍ଯ୍ୟାନୁଷ୍ଠାନ
- ଉଚିତ୍ ପରିଚୟପତ୍ର ବିନା ଘରଭଡ଼ା ନ ଦେବାକୁ ମାଲିକଙ୍କୁ ତାଗିଦ୍

**ଓଡ଼ଗାଁ,୨୭।୧୧(ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ଥାନା ଅଞ୍ଚଳରେ ଦୀର୍ଘଦିନ ଧରି ରହୁଥିବା ଅଜଣା ଲୋକଙ୍କ ସମ୍ପର୍କରେ ଅଭିଯୋଗ ହେବା ପରେ ଓଡ଼ଗାଁ ଥାନା ପକ୍ଷରୁ କାର୍ଯ୍ୟାନୁଷ୍ଠାନ ଆରମ୍ଭ ହୋଇଛି। ପ୍ରାଥମିକ ଭାବରେ ଗୁରୁବାର ଓଡ଼ଗାଁ ଏନ୍‌ଏସି ତଥା ଆଖପାଖ ଅଞ୍ଚଳର ୧୪ରୁ ଊର୍ଦ୍ଧ୍ୱ ଅଜଣା ଲୋକଙ୍କୁ ଥାନାକୁ ଡାକି ସେମାନଙ୍କ ପରିଚୟପତ୍ର ପରଖିବା କାର୍ଯ୍ୟ ଆରମ୍ଭ ହୋଇଛି। ପ୍ରାଥମିକ ଭାବେ ଓଡ଼ଗାଁ ଏନ୍‌ଏସି ସହାୟତାରେ ଓଡ଼ଗାଁ ପୁଲିସ ଦ୍ୱାରା ଏନ୍‌ଏସି ଅଞ୍ଚଳରେ ରହୁଥିବା ଅଜଣା ବାଂଲାଦେଶୀ ଲୋକଙ୍କୁ ଥାନାକୁ ଡାକି ସେମାନଙ୍କର ସମସ୍ତ ତଥ୍ୟ ସଂଗ୍ରହ କରାଯାଇଥିଲା। ଆଧାର କାର୍ଡ, ଭୋଟର କାର୍ଡ, ଫୋନ୍ ନମ୍ବର ସଂଗ୍ରହ କରାଯାଇଥିବା ବେଳେ ବିଶେଷ କରି ସେମାନଙ୍କ ଫୋନ୍ କଲ୍ ରେକର୍ଡ ଯାଞ୍ଚ କରାଯିବ ବୋଲି ଜଣାପଡ଼ିଛି। ଏ ସମସ୍ତ ତଥ୍ୟ ସଂଗ୍ରହ ପରେ ଯାଞ୍ଚ କରିବା ପାଇଁ ତଦନ୍ତକାରୀ ସଂସ୍ଥା ନିକଟକୁ ପଠାଇ ଦିଆଯିବ। ଯାଞ୍ଚ ପ୍ରକ୍ରିୟା ସରିବା ପରେ ପରବର୍ତ୍ତୀ ପଦକ୍ଷେପ ଗ୍ରହଣ କରାଯିବ ବୋଲି ଓଡ଼ଗାଁ ଥାନା ଆଇଆଇସି ଅଭୟ ବେହେରା କହିଛନ୍ତି ଏବଂ ଏନେଇ ଥାନା ଅଞ୍ଚଳରେ ତଦନ୍ତ ଚାଲୁ ରହିବ। ଏଥିସହ ଅଜଣା ଅପରିଚିତ ଲୋକମାନେ ଯେଉଁ ଘରେ ଭଡ଼ାରେ ରହିବାକୁ ଚାହିଁବେ ସେମାନଙ୍କର ଉଚିତ୍ ପ୍ରମାଣପତ୍ର ବିନା ଘରେ ନ ରଖିବାକୁ ଘର ମାଲିକମାନଙ୍କୁ ତାଗିଦ୍ କରାଯାଇଛି। ସୂଚନା ଥାଉକି, ଓଡ଼ଗାଁ ଅଞ୍ଚଳର କିଛି ସଂଗଠନଙ୍କ ଅଭିଯୋଗ କ୍ରମେ ପଶ୍ଚିମବଙ୍ଗର ମୁର୍ସିଦାବାଦରୁ ବେପାର ପାଇଁ ଆସି ଓଡ଼ଗାଁ ଖେଳପଡ଼ିଆ, ସିନେମା ହଲ୍ ଛକ ସହିତ ଅନ୍ୟାନ୍ୟ ସ୍ଥାନରେ ଦୀର୍ଘ ଦିନ ଧରି ରହିଆସୁଥିବା ୧୪ରୁ ଊର୍ଦ୍ଧ୍ୱ ଅଜଣା ବେପାରୀଙ୍କୁ ଡାକି ଓଡ଼ଗାଁ ପୁଲିସ ପ୍ରାଥମିକ ଅନୁସନ୍ଧାନ ଆରମ୍ଭ କରିଛନ୍ତି। ଯାଞ୍ଚ ଅଧିକାରୀଙ୍କ ସୂଚନା କ୍ରମେ ସେମାନଙ୍କ ପ୍ରକୃତ ପରିଚୟ ଜଣାପଡ଼ିବ।

## କୋମାରେ 'ଆଳୁ ମିଶନ'

# ଚଢ଼ା ଦର ଯୋଗୁଁ ବିହନ ନେବାକୁ ଚାଷୀ ଅମଙ୍ଗ

**ଖଣ୍ଡପଡ଼ା,୨୭।୧୧(ସମିସ)**

ଆଳୁ ପ୍ରତ୍ୟେକ ପରିବାର ପାଇଁ ଏକ ନିତ୍ୟ ବ୍ୟବହାର୍ଯ୍ୟ ଖାଦ୍ୟ ହୋଇଥିବାବେଳେ ବିଭିନ୍ନ ସମୟରେ ଓଡ଼ିଶାରେ ଆଳୁ ସଙ୍କଟ ଦୂର କରିବା ପାଇଁ ରାଜ୍ୟ ସରକାର ବିଭିନ୍ନ ଯୋଜନା କାର୍ଯ୍ୟକାରୀ କରୁଛନ୍ତି। ଆଳୁ ଚାଷ କରି ରାଜ୍ୟରୁ ଆଳୁ ସଂକଟ ଦୂର କରିବା ସହ ଚାଷୀଙ୍କୁ ସ୍ୱାବଲମ୍ବୀ କରିବା ପାଇଁ 'ଆଳୁ ମିଶନ' ମାଧ୍ୟମରେ ଆଳୁ ବିହନ ଯୋଗାଇ ଦେଉଥିବାବେଳେ ଏସବୁ ବିହନ ନେବାକୁ ଏବେ ଚାଷୀ ମୁହଁ ମୋଡୁଛନ୍ତି। ଆଳୁ ଚାଷ ପାଇଁ ଉଦ୍ୟାନ କୃଷି ବିଭାଗ ମାଧ୍ୟମରେ ଚାଷୀଙ୍କୁ ଆଳୁ ବିହନ ଯୋଗାଇ ଦିଆଯାଉଛି। ହେଲେ ବଜାର ମୂଲ୍ୟଠାରୁ ଏହାର ମୂଲ୍ୟ ଅଧିକ ରହୁଥିବା ହେତୁ ଚାଷୀ ଏହାକୁ ନେବାକୁ



ଅମଙ୍ଗ ହେଉଛନ୍ତି। ଏପଟେ ଏହି ଚାଷ ପାଇଁ କୌଣସି ସାର କିମ୍ବା ପିଢ଼ିଆ ଯୋଗାଣ ବ୍ୟବସ୍ଥା ନ ଥିବାରୁ ଅଧିକ ଦରରେ ଆଳୁ ବିହନ ନେବାକୁ ଚାଷୀ ମୁହଁ ଫେରାଉଛନ୍ତି।

ଚଳିତ ବର୍ଷ ଖଣ୍ଡପଡ଼ା ବ୍ଲକ୍‌ରେ ୭୦ ହେକ୍ଟର ଆଳୁ ଚାଷ ପାଇଁ ଲକ୍ଷ୍ୟଧାର୍ଯ୍ୟ କରାଯାଇଥିବା ବ୍ଲକ୍ ଉଦ୍ୟାନ କୃଷି ଅଧିକାରୀ ଶୁଭେନ୍ଦୁ କୁମାର ପାଣିଗ୍ରାହୀ କହିଛନ୍ତି। ପ୍ରଥମ କିସ୍ତିରେ ଏବେ ବ୍ଲକ୍‌କୁ ୬୯୦ ବସ୍ତା ବା ୩୪୫ କ୍ୱିଣ୍ଟାଲ ଆଳୁ ବିହନ ଯୋଗାଇ ଦିଆଯାଇଛି। ଏହି ବିହନ କେଜି ପ୍ରତି ୨୦ ଟଙ୍କା ରହିଥିବାବେଳେ ଚାଷୀ ଏହାକୁ ନେଇ ଚାଷ କରିବା ପରେ କେଜି ପ୍ରତି ୫୦ ପ୍ରତିଶତ ବା ୧୦ ଟଙ୍କା ସବ୍‌ସିଡି ପାଇବାର ନିୟମ ରହିଛି। ଆସିଥିବା ବିହନ ମଧ୍ୟରୁ ବିଭିନ୍ନ ପଞ୍ଚାୟତରେ ଏକାଧିକ ଚାଷୀଙ୍କୁ ୩୦୦ ବସ୍ତା ଆଳୁ ଯୋଗାଇ ଦିଆଯାଇଥିବା ସୂଚନା ମିଳିଛି। ବିଭାଗୀୟ ଜିଲ୍ଲା ପ୍ରଶାସନ ପକ୍ଷରୁ ଖଣ୍ଡପଡ଼ା ବ୍ଲକ୍‌ରେ ଆଳୁ ବିହନ କ୍ରୟ କରିବା ପାଇଁ ଚାଷୀଙ୍କୁ ବାଧ କରାଯାଉଛି ବୋଲି ଅନେକ ଚାଷୀ ଅଭିଯୋଗ କରିଛନ୍ତି। ଅନ୍ୟପକ୍ଷରେ ବଳକା ୩୯୦ ବସ୍ତା ଆଳୁ ବିହନ ଯଦି ଚାଷୀ ନ ନିଅନ୍ତି, ତାହେଲେ ଲକ୍ଷାଧିକ ଟଙ୍କା କ୍ଷତି ହେବାର ସମ୍ଭାବନା ରହିଛି। ଯଦି ଏହା ସତ୍ୟ ହୁଏ ତେବେ ଏଥିପାଇଁ କିଏ ଦାୟୀ ରହିବେ ବୋଲି ସାଧାରଣରେ ପ୍ରତିକ୍ରିୟା ପ୍ରକାଶ ପାଇଛି।

## ବାଲୁଗାଁରେ ସ୍ୱାସ୍ଥ୍ୟ ବିଭାଗର ଚଢ଼ଉ



ବାଲୁଗାଁ, ୨୭।୧୧(ସମିସ) : ରାଜ୍ୟ ତଥା ରାଜ୍ୟ ବାହାରୁ ନକଲି ଔଷଧ ଆଣି ଓଡିଶାରେ ବିକ୍ରୀ କରୁଥିବା ନେଇ ଧରପଗଡ ଚାଲିଥିବା ବେଳେ ସମଗ୍ର ଚିଲିକା ନିର୍ବାଚନ ମଣ୍ଡଳୀ ତଥା ବାଲୁଗାଁ-ବାଣପୁର ଅଞ୍ଚଳରେ ଛତୁ ଫୁଟିଲା ପରି ବେଆଇନ ଭାବେ ଔଷଧ ଦୋକାନ ଖୋଲା ଯାଇ ରୋଗୀ ମାନଙ୍କୁ ଜେନେରିକ ଓ ନାମୀ ଦାମୀ କମ୍ପାନୀର ମେଡ଼ିସିନି ବିକ୍ରୀ କରିବା ସହିତ ନକଲି ଔଷଧ ଓ ବିପୁଳ ପରିମାଣରେ ଗର୍ଭନିରୋଧକ ଔଷଧ ବିକ୍ରି ହେଉଥିବା ନେଇ ବାରମ୍ବାର ଅଭିଯୋଗ ହୋଇ ଆସୁଛି । ଜନସ୍ୱାସ୍ଥ୍ୟ ବିଭାଗ ଏହାକୁ ଗୁରୁତ୍ୱର ସହ ନେଇ ବିଭାଗ ପକ୍ଷରୁ ବିଭିନ୍ନ ସମୟରେ ଲୋକ ଦେଖାଣିଆ ଚଢାଉ କରୁଥିବା ବେଳେ ସଲାସୁତୁରାରେ ସବୁକିଛି ଚାଲିଛି । ଫଳରେ ବାଲୁଗାଁ ବାଣପୁର ତଥା ଚିଲିକା ଅଞ୍ଚଳରେ ଔଷଧ ବ୍ୟବସାୟୀ ବିଭାଗର କଟକଣାକୁ ବେଖାତିର କରି ବେଆଇନ ଭାବେ ବିପୁଳ ପରିମାଣରେ ଗର୍ଭନିରୋଧକ ଔଷଧ ସହ ନକଲି ଔଷଧ ଖୁଲମଖୁଲା ବିକ୍ରୀ କରି ଚାଲିଛନ୍ତି ।

ଏ ସମ୍ପର୍କରେ କୌଣସି ସୂତ୍ରରୁ ଖବର ପାଇ ଭେଷଜ ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ କ୍ରମେ ଅତିରିକ୍ତ ଜିଲ୍ଲା ଭେଷଜ ନିର୍ଦ୍ଦେଶକ ଶ୍ରୀ ବିଶ୍ୱାଳ ଓ ଜିଲ୍ଲା ଡ୍ରଗ୍ ଇନସ୍ପେକ୍ଟର ଅର୍ଦ୍ଧେନ୍ଦୁ ଶେଖର ମାନସିଂହ ଅଚାନକ ଭାବେ ବାଲୁଗାଁ ବାଣପୁର ଅଞ୍ଚଳର ବିଭିନ୍ନ ଔଷଧ ଦୋକାନ ଉପରେ ଚଢ଼ାଉ କରି କିଛି ପରିମାଣରେ ଗର୍ଭନିରୋଧକ ଔଷଧ ଜବତ କରିବା ସହ ଉକ୍ତ ଔଷଧ ବିକ୍ରି ନ କରିବା ପାଇଁ ଦୋକାନୀଙ୍କୁ ତାଗିଦ କରିଥିଲେ ।

# ଗ୍ରାମାଞ୍ଚଳ ପାଲଟିଲାଣି ବ୍ରାଉନ୍‌ସୁଗରର ପେଣ୍ଠସ୍ଥଳୀ

ଖୋର୍ଦ୍ଧା,୨୭।୧୧(ସମିସ)

ଖୋର୍ଦ୍ଧାରେ ଥମୁନି ବ୍ରାଉନସୁଗର କାରବାର । ଯେତିକି ଧରାହେଉଛି, ସେତିକି ବଢିଚାଲିଛି । ବାରମ୍ବାର ଧରପଗଡ ସତ୍ତ୍ୱେ ଏଥିରେ କୌଣସି ପ୍ରଭାବ ପଡୁନାହିଁ । ବରଂ କାୟା ବିସ୍ତାର କରିବାରେ ଲାଗିଛି । ସହରରେ ବିଭିନ୍ନ ସମୟରେ ଧରପଗଡ ପୁଲିସ ଓ ଅବକାରୀ ବିଭାଗ କରୁଥିବାବେଳେ ଗ୍ରାମାଞ୍ଚଳ ମୁହାଁ ହେଲେଣି ବେପାରୀ । ସଞ୍ଜ ନଇଁଲେ ଗ୍ରାମାଞ୍ଚଳର ବିଭିନ୍ନ ନିଛାଟିଆ ଛକ ସ୍ଥାନ, ମନ୍ଦିର ପାଖ ପ୍ରଭୃତି ଏବେ ଧଳାଜହର (ବ୍ରାଉନସୁଗର) କାରବାରର ଚରାଭୂଇଁ ପାଲଟିଛି । ନିଶା ବେପାରୀଙ୍କ ଷ୍ଟ୍ରାଟେଜି ଆଗରେ ଫେଲ ମାରୁଛି ପୁଲିସ ଓ ଅବକାରୀ ବିଭାଗର ପଦକ୍ଷେପ ।

ଅବକାରୀ ଏବଂ ଜିଲା ପୁଲିସ ପକ୍ଷରୁ ଚଢଉ ଜାରି ରହିଛି । ଜଣେ ଗିରଫ ହେଲେ ଆଉ ଦୁଇ ପୁଳେ ବାହାରି ପଡୁଛନ୍ତି । କଲିକତା, ବାଲେଶ୍ୱର, ଜଳେଶ୍ୱର ପ୍ରଭୃତି ଅଞ୍ଚଳରୁ ବିଭିନ୍ନ ଗଳାବାଟ ଦେଇ ଖୋର୍ଦ୍ଧା ସହରକୁ ପ୍ରବେଶ କରୁଥିବାବେଳେ ଏଠାରେ ମାଫିଆଙ୍କ ନିକଟରୁ ମାଲ ନେଇ ଏଜେଣ୍ଟମାନେ ଗ୍ରାମାଞ୍ଚଳରେ ନିଶା କାରବାର ବଢାଉଛନ୍ତି । ଯାହା ପୁଲିସ ଓ ଅବକାରୀ ଦ୍ୱାରା କିଛିଦିନ ମଧ୍ୟରେ ଗ୍ରାମାଂଚଳରୁ ଧରା ହୋଇଥିବା ବ୍ରାଉନସୁଗର ଘଟଣା ଏହାକୁ ସ୍ପଷ୍ଟ କରୁଛି ।

ସହର ଏବଂ ସହର ଉପକଣ୍ଠର ଏକାଧିକ ଯୁବକ, ଯୁବତୀ ଓ ମହିଳା ଏହାକୁ ରୋଜଗାରର ପନ୍ଥା ଭାବେ ଗ୍ରହଣ କରିନେଇଛନ୍ତି । ଫଳରେ ଧଳାଜହର ନିଶାସେବନକାରୀଙ୍କ ସଂଖ୍ୟା ବଢିବା ସହ ଅସମାଜିକ କାର୍ଯ୍ୟକଳାପ ମଧ୍ୟ ବଢୁଛି । ସ୍ୱଳ୍ପ ସମୟରେ ଅଧିକ ଟଙ୍କା ରୋଜଗାର ଆଶାରେ ଏଥିରେ ପାଦ ଥାପିଥିବା ଯୁବକ ମାନେ ଏଥିରୁ ବାହାରିବା ପରିବର୍ତ୍ତେ ଏହାକୁ ପେସା ଭାବେ ଗ୍ରହଣ କରିନେଇଛନ୍ତି । ପରିସ୍ଥିତି ଏପରି ହେଲାଣି ଯେ, କେତକ ଅଞ୍ଚଳରେ ସପରିବାର ଏହି କାରବାରରେ ଲିପ୍ତ ରହୁଥିବା ଜଣାପଡିଛି । ସବୁଠାରୁ ଚିନ୍ତାଜନକ

- ମୁଖ୍ୟ କାର୍‌ପଟଦାର ନିକଟରେ ପହଞ୍ଚିପାରୁନି ଅବକାରୀ ବିଭାଗ, ପୁଲିସ
- ନିଶା ବଳୟରେ ଯୁବସମାଜ, ବିଗୁଡୁଛି ଶୃଙ୍ଖଳା



ବିଷୟ ହେଉଛି, ପରିବାରରେ ମହିଳା ମାନେ ମଧ୍ୟ ଏଥିରେ ସାମିଲ ହୋଇ ଗ୍ରୋସରୀ ଦୋକାନ ଚଳାଇବା ଭଳି ବେପାରରେ ମାତିଛନ୍ତି ।

ଜିଲା ପୁଲିସ୍ ଓ ଅବକାରୀ ବିଭାଗର ମିଳିଥିବା ସୂଚନା ପ୍ରକାରେ ଜିଲାରେ ଧଳାଜହର ବ୍ରିକି ନେଇ ଗିରଫଙ୍କ ମଧ୍ୟରେ ଏକାଧିକ ଯୁବକ, ମହିଳା ଅଛନ୍ତି । ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ପ୍ରକାଶ ପାଇଛି । ଅବକାରୀ ବିଭାଗ ଓ ପୁଲିସ ହାତରେ ଛୋଟ ଛୋଟ ବେପାରୀ ଧରାପଡୁଥିବା ବେଳେ ମାଫିଆ ମାନେ ଆଜି ମଧ୍ୟ ଖୁଲମଖୁଲ୍ଲା ବୁଲୁଛନ୍ତି । ଅନେକ ସମୟରେ ଅବକାରୀ ବିଭାଗ ଓ ପୁଲିସ ଧରପଗଡ ବେଳେ ମାଷ୍ଟରମାଇଣ୍ଡ ଖସି ଯାଉଛନ୍ତି । ତେବେ ଧଳାଜହର କାରବାର ପଛର ମୁଖ୍ୟଖଳାନାୟକ ନିକଟରେ ପହଁଚି ପାରୁନି ଅବକାରୀ ବିଭାଗ ଓ ପୁଲିସ୍ । ଏହାର ଚେର କେଉଁ ସ୍ଥାନ ପର୍ଯ୍ୟନ୍ତ ଲମ୍ବିଛି । ଏମାନେ କେଉଁଠାରୁ ଧଳାଜହର ଆଣୁଛନ୍ତି । କିଏ ଏମାନଙ୍କୁ ଯୋଗାଣ କରୁଛି । ଏହାର ପଛର ମୁଖ୍ୟ କାପ୍ଟଟଦାର କିଏ, ଆଜି ପର୍ଯ୍ୟନ୍ତ ପୋଲିସ ରୁଟ କର୍ଣ୍ଣରରେ ପହଂଚି ପାରିନାହିଁ । ଖୋର୍ଦ୍ଧା ସହର ଧଳଜହର ପେଣ୍ଠସ୍ଥଳୀ ହୋଇଥିବାବେଳେ ଗ୍ରାମାଂଚଳ ବେପାର ଲାଗି ସୁରକ୍ଷିତ ହୋଇଛି । ପୁଲିସ ଓ ଅବକାରୀ ବିଭାଗ ର ଆଖି ସହରରେ ବୁଲୁଥିବାବେଳେ ଗ୍ରାମାଂଚଳ ମାର୍କେଟ କେତେକ ମହିଳା ଓ ଯୁବ ବେପାରୀଙ୍କୁ ବ୍ରାଉନସୁଗର ମାଫିଆ ଟେକିଦେଇଥିବା ଚର୍ଚ୍ଚା ହେଉଛି । ଏହାକୁ ମୂଳୋତ୍ପାଟନ ଲାଗି ଅବକାରୀ ବିଭାଗ ଓ ପୁଲିସ ର ସେଭଳି କୌଣସି ଷ୍ଟ୍ରାଟେଜି ନଥିବା ଭଳି ମନେ ହେଉଛି । ଫଳରେ ନିଶା ବେପାରୀ ମାନେ ଖୋଲା ବଜାରରେ ଖୁଲମଖୁଲା ଭାବେ ବେପାର କରୁଛନ୍ତି । ଅବକାରୀ ବିଭାଗ ଓ ପୁଲିସ ପକ୍ଷରୁ ସେଭଳି କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ, ଫଳରେ ମାଫିଆ, ନିଶା ବେପାରୀମାନେ ଏହାର ସୁଯୋଗ ନେଇ ନିଜ ସାମ୍ରାଜ୍ୟ ବୃଦ୍ଧି କରିବାରେ ଲାଗିଛନ୍ତି । ପାନ ଦୋକାନ, ମୋବାଇଲ ଦୋକାନ, ଗ୍ରୋସରୀ, ପରିବା ଦୋକାନ ଆଳରେ ନିଶା କାରବାର ଚାଲିଛି ।

ଅନ୍ୟପଟେ ବିଶେଷ ସୂତ୍ରରୁ ମିଳିଥିବା ଖବର ଅନୁସାରେ ଯେତିକି ପରିମାଣ ଧରାଯାଉଛି, ତାହାକୁ ଦେଖାଯାଉନାହିଁ, ଅଥବା ଜାଣିଶୁଣି କମ୍ ପରିମାଣର ଦେଖାଯାଉଥିବା ମଧ୍ୟ ଚର୍ଚ୍ଚା ହେଉଛି । କିଛି ସ୍ଥାନରେ ଅବକାରୀ ବିଭାଗ ଓ ପୁଲିସ ଅସାଧୁ କର୍ମଚାରୀଙ୍କ ଯୋଗୁ ଚଢଉ ପୂର୍ବରୁ ମଧ୍ୟ ଖବର ପହଞ୍ଚି ଯାଉଛି, ଫଳରେ ମାଫିଆ ସହଜରେ ଖସିଯାଉଛନ୍ତି । ଖସୁଛନ୍ତି ନା ଖସାଇ ଦିଆଯାଉଛି, ତାହାକୁ ନେଇ ମଧ୍ୟ ଏକ ପ୍ରକାରରେ ଚର୍ଚ୍ଚାର ବିନ୍ଦୁ ପାଲଟିଛି ।

### ୧୦୫ ଗ୍ରାମ୍ ବ୍ରାଉନ୍‌ସୁଗର ଜବତ; ୩ ଗିରଫ

ବେଗୁନିଆ, ୨୭।୧୧(ସମିସ): ବେଗୁନିଆ ଅବକାରୀ ଥାନା ଅନ୍ତର୍ଗତ କପାସିଆ ଗ୍ରାମ ପ୍ରାଥମିକ ବିଦ୍ୟାଳୟ ସମ୍ମୁଖରୁ ୩ ଜଣ ବ୍ରାଉନସୁଗର ବେପାରୀଙ୍କୁ ଅବକାରୀ ଟିମ୍ ଗିରଫ କରିଛି । ଗିରଫ ମାନେ ହେଲେ ସାନପଦର ଗ୍ରାମର ସୋନୁ ମାର୍ଥା, ପ୍ରକାଶ କୁମାର ସ୍ୱାଇଁ ଓ ନରେନ୍ଦ୍ରପୁର ଗ୍ରାମର ମନୋରଞ୍ଜନ ପାତ୍ର । ଏମାନଙ୍କ ଠାରୁ ୧୦୫ ଗ୍ରାମ ର ବ୍ରାଉନସୁଗର, ୩ଟି ମୋବାଇଲ, ୨ଟି ବାଇକ୍‌କୁ ଅବକାରୀ ବିଭାଗ ଜବତ କରିଛି । ଜବତ ବ୍ରାଉନସୁଗରର ମୂଲ୍ୟ ୧୦ଲକ୍ଷ ୫୦ହଜାର ହେବ ବୋଲି ବିଭାଗ ଆକଳନ କରିଛି । ଏତେ ପରିମାଣର ବ୍ରାଉନସୁଗର ଏମାନେ କାହାଠାରୁ ଆଣିଥିଲେ, ତାର ତଦନ୍ତ ବିଭାଗ କରୁଥିବା କହିଛି ।

## ମହିଳା ହିଂସା ବିରୋଧୀ ଅଭିଯାନ

ବାଣପୁର,୨୭ ।୧୧(ସମିସ) : ଅନ୍ତର୍ଜାତୀୟ ମହିଳା ହିଂସା ବିରୋଧୀ ଦିବସ ଅବସରରେ ବାଣପୁର ଏକତା ପରିଷଦ ଟ୍ରଷ୍ଟ ପକ୍ଷରୁ ଏକ ୧୬ ଦିନିଆ ସଚେତନତା ଅଭିଯାନ କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଯାଇଛି । ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ଅଭିଯାନର ମୁଖ୍ୟ ଉଦ୍ଦେଶ୍ୟ ହେଲା ମହିଳା ଓ କନ୍ୟାମାନଙ୍କୁ ଡିଜିଟାଲ ହିଂସା, ସାଇବର ଶୋଷଣ ସମେତ ଅନ୍ୟାନ୍ୟ ଅନଲାଇନ୍ ଅପରାଧରୁ ସୁରକ୍ଷା ପ୍ରଦାନ ଦିଗରେ ସଚେତନତା କରାଇବା । ଏହି ଉପଲକ୍ଷେ ପ୍ରଥମେ ଆଦିବାସୀ ଅଧ୍ୟୁଷିତ ମାଳ ଅଞ୍ଚଳ ବରବରା ପଞ୍ଚାୟତର କାନ୍ଦୁଲ ସାହିରୁ ସଚେତନତା ଅଭିଯାନ କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯାଇଛି । ଆୟୋଜିତ କାର୍ଯ୍ୟକ୍ରମରେ ଗାଁର ମହିଳା ସଂଗଠନ, କିଶୋରୀ ବାଳିକା ମଞ୍ଚ, ଅଙ୍ଗନବାଡ଼ି କର୍ମୀ, ଏକତା ପରିଷଦ ଟ୍ରଷ୍ଟର ସମସ୍ତ କର୍ମୀ ଯୋଗ ଦେଇଥିଲେ । ଏକତା ପରିଷଦର ମ୍ୟାନେଜିଂ ଟ୍ରଷ୍ଟି ସନ୍ଧ୍ୟା ଦେବୀ ଯୋଗଦେଇ ସାଇବର ଅପରାଧ, ଅନଲାଇନ୍ ହିଂସାର ବିଭିନ୍ନ ରୂପ ଓ ସୁରକ୍ଷା ପାଇଁ ଥିବା ବିଭିନ୍ନ ଆଇନ ସମ୍ପର୍କରେ ବିସ୍ତୃତ ଭାବେ ଉପସ୍ଥାପନା କରିଥିଲେ । ଏହି ଅବସରରେ ଆୟୋଜିତ ସଚେତନତା ସଭାରେ ଗାଁରେ ଭୂମିହୀନ ପରିବାରଙ୍କ ଜମି ଅଧିକାର, ମହିଳାଙ୍କ ରୋଜଗାର, ସ୍ୱାବଲମ୍ବନ ଓ ସାମାଜିକ ସୁରକ୍ଷା ପ୍ରସଙ୍ଗରେ ମଧ୍ୟ ଆଲୋଚନା କରାଯାଇଥିଲା । ୧୬ଦିନି ଧରି ବାଣପୁର ବ୍ଲକର ବିଭିନ୍ନ ଗାଁରେ ଅନୁଷ୍ଠିତ ହେବାକୁ ଥିବା ଏହି ଅଭିଯାନରେ ମହିଳା ଓ କନ୍ୟାମାନଙ୍କ ସୁରକ୍ଷା, ସମ୍ମାନ ଓ ସଶକ୍ତିକରଣ ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜିତ ହେବ ବୋଲି ଏକତା ପରିଷଦ ଟ୍ରଷ୍ଟ ପକ୍ଷରୁ କହାଯାଇଛି । ବୀରେନ୍ଦ୍ର ବେହେରା, ସଂଯୋଜକ ପ୍ରମୋଦ ଜେନା, କର୍ମୀ ରଞ୍ଜନ ପ୍ରଧାନ, ଅମ୍ବିକା ଯାନୀ, ସୁଶାନ୍ତ ଶବର, ସମୀକ୍ଷା ସାମନ୍ତରାୟ, ରିଙ୍କି ବେହେରା ଓ ଟୁନି ଦାସ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହାୟତା କରିଥିଲେ ।

## ବିଶ୍ୱନାଥ ରଥ ପାଇଲେ 'ସଙ୍ଗୀତ ନାଟକ ଏକାଡେମୀ ସମ୍ମାନ'



ନିରାକାରପୁର, ୨୭।୧୧ (ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଅଞ୍ଚଳର ବିଶିଷ୍ଟ ଶିକ୍ଷାବିତ୍ ବିଶ୍ୱନାଥ ରଥ ସଂସ୍କୃତି କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ରାଜ୍ୟ ସରକାରଙ୍କ ଓଡ଼ିଆ ଭାଷା- ସାହିତ୍ୟ ଓ ସଂସ୍କୃତି ବିଭାଗ ତରଫରୁ ମର୍ଯ୍ୟାଦାଜନକ 'ସଙ୍ଗୀତ ନାଟକ ଏକାଡେମୀ ସମ୍ମାନ' ଲାଭ କରିଛନ୍ତି । ଭୁବନେଶ୍ୱର ଲୋକସେବା ଭବନଠାରେ ରାଜ୍ୟ ଉଚ୍ଚଶିକ୍ଷା ଓ ଓଡ଼ିଆ ଭାଷା ସାହିତ୍ୟ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ବିଧାୟକ ତଥା ଅଭିନେତା ସିଦ୍ଧାନ୍ତ ମହାପାତ୍ର, ଯୁବ ନେତା ତଥା ଅଭିନେତା ଆକାଶ ଦାସ ନାୟକ, ସ୍ୱତନ୍ତ୍ର ସଚିବ ଦେବ ପ୍ରସାଦ ଦାଶ ଓ ଏକାଡେମୀ ସଚିବ ଡ. ଚନ୍ଦ୍ରଶେଖର ହୋତା ପଣ୍ଡିତ ବିଶ୍ୱନାଥ ରଥଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ । ଏକଲକ୍ଷଟଙ୍କା ଅର୍ଥରାଶି ସହ ଉପଯାନ ଓ ସ୍ମୃତିଫଳକ ଗ୍ରହଣ କରିଥିଲେ ଶିକ୍ଷାବିତ୍ ରଥ ।

ଜଣେ କୃତୀ ପ୍ରଧାନଶିକ୍ଷକ ଭାବେ ଜଣାଶୁଣା ପଣ୍ଡିତ ବିଶ୍ୱନାଥ ରଥ ଶତାଧିକ ମଞ୍ଚ ନାଟକ ଓ ଗୀତିନାଟ୍ୟରେ ସଙ୍ଗୀତ ସଂଯୋଜନା ସହ ଚମ୍ପୂ, ଛାନ୍ଦ, ଚଉପଦୀ, ଚଉତିଶା, ଶ୍ରୀଗୀତଗୋବିନ୍ଦ ଓ ଚର୍ଯ୍ୟାଗୀତିର ଉପସ୍ଥାପନାକୁ ଲୋକାଭିମୁଖୀ କରି ଆସିଛନ୍ତି । ସାରସ୍ୱତ ଜଗତରେ କବି ପାରିଜାତ ଭାବେ ପରିଚିତ ପଣ୍ଡିତ ରଥଙ୍କ ବହୁବିଧ କବିତା ବେତାର ଓ ଦୂରଦର୍ଶନରେ ପ୍ରସାରିତ ହୋଇ ଆସିଛି । ଏହି ସମ୍ମାନ ପାଇଁ ପଣ୍ଡିତ ରଥଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛା ଜଣାଇଛନ୍ତି ସାହିତ୍ୟ ଓ ସଙ୍ଗିତାନୁରାଗୀ ।

## ବାଂଲାଦେଶୀ ସନ୍ଦେହରେ ୪ ଅଟକ

ଖୋର୍ଦ୍ଧା,୨୭।୧୧(ସମିସ)

ଆଦର୍ଶଥାନା ପୁଲିସ ବାଂଲାଦେଶୀ ସନ୍ଦେହରେ ୪ଜଣଙ୍କୁ ଅଟକ ରଖିଛି । ଏସ୍‌ପି ବିବେକାନନ୍ଦ ଶର୍ମାଙ୍କ ନିର୍ଦ୍ଦେଶ କ୍ରମେ ଚାଲିଛି ତଦନ୍ତ । ଅଟକ ୪ଜଣଙ୍କର ପ୍ରମାଣପତ୍ର ଯାଞ୍ଚ ଚାଲିଛି । ପରେ ଜଣାପଡ଼ିବ ପ୍ରକୃତ ତଥ୍ୟ ବୋଲି ପୁଲିସ ସୂଚନା ଦେଇଛି । ଅଟକମାନେ ହେଲେ ପଶ୍ଚିମବଙ୍ଗ ପୂର୍ବବର୍ଦ୍ଧମାନ ଜିଲ୍ଲାର ପୂର୍ବସ୍ଥଳୀ ଥାନା ଅଞ୍ଚଳର ଶାହାଜାନ୍ ଶେଖ୍ (୨୭), ସାଗର ଶେଖ୍ (୩୪), ସୟଦ ଫଇଉଦ୍ଦିନ୍ ଶେଖ୍ (୩୫) ଏବଂ ଶେଖ୍ ସୋବର୍ (୨୬) ।

### ଚାଲିଛି ପ୍ରମାଣପତ୍ର ଯାଞ୍ଚ

ପୁଲିସ ସୂଚନା ଅନୁସାରେ, ଗତକାଲି ଏହି ୪ଜଣଙ୍କ ସହ ଆହୁରି ଅନେକ ଟ୍ରେନ୍ ଯୋଗେ ଭୁବନେଶ୍ୱର, ଜଟଣୀରେ ପହଁଚିବା ପରେ ସେଠାରୁ ବିଭିନ୍ନ ସ୍ଥାନକୁ ଆସି ବ୍ୟବସାୟ କରିବା ଆଳରେ ରହିଛନ୍ତି । ଏହିକ୍ରମରେ ଆଜି ଖୋର୍ଦ୍ଧା ସହରର ସ୍ଥାନୀୟ କୋର୍ଟ ଛକ ଠାରେ ଶାହାଜାନ୍, ସାଗର, ସୟଦ ଫଇଉଦ୍ଦିନ୍ ଏବଂ ସୋବର ଫୁଲ ଡାଲିଆ ଧରି ଫୁଲ ବିକ୍ରି କରୁଥିଲେ । ଏହି ସମୟରେ ସେମାନଙ୍କୁ ଦେଖି ତାଙ୍କ ଗତିବିଧି ଓ କଥାବାର୍ତ୍ତାରୁ ସ୍ଥାନୀୟ ଲୋକଙ୍କ ମନରେ ସନ୍ଦେହ ଉପୁଜିବାରେ ସେମାନେ ତାଙ୍କୁ ଧରି ପୁଲିସ ଜିମା ଦେଇଥିଲେ । ଘଟଣାସ୍ଥଳରୁ



୫ଜଣଙ୍କ ମଧ୍ୟରୁ ଜଣେ ଖସିଯାଇଥିବା ଜଣାପଡିଛି । ପୁଲିସ ସେମାନଙ୍କୁ ଥାନାରେ ଅଟକ ରଖି ତଦନ୍ତ ଜାରି ରଖିଛି । ସମସ୍ତଙ୍କ ଆଧାର କାର୍ଡରେ ପଶ୍ଚିମବଙ୍ଗ ବାସିନ୍ଦା ବୋଲି ଉଲ୍ଲେଖ ରହିଥିବା ପୁଲିସ ସୂଚନା ଦେଇଛି ।

ପ୍ରକାଶ ଥାଉକି, ଓଡ଼ିଶାରୁ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ହଟାଇବା ଲାଗି ସରକାରଙ୍କ ପକ୍ଷରୁ ପ୍ରକ୍ରିୟା ଆରମ୍ଭ ହୋଇଛି । ବାଂଲାଦେଶୀ ଚିହ୍ନଟ ପ୍ରକ୍ରିୟା ଆରମ୍ଭ ହୋଇଥିବାବେଳେ ଏନେଇ ନିର୍ଦ୍ଦେଶ ପରେ ଜିଲ୍ଲା ପ୍ରଶାସନ ତତ୍ପରତା ଦେଖାଇଛି । ବିଭିନ୍ନ ଥାନା ପୁଲିସ ପକ୍ଷରୁ ଯେଉଁଠି ଯେଉଁଠି ଅନୁପ୍ରବେଶକାରୀ ଅଛନ୍ତି ସେମାନଙ୍କୁ ଚିହ୍ନଟ କରାଯାଉଛି । ସେମାନଙ୍କ କାର୍ଯ୍ୟକୁ ତଦାରଖ କରାଯାଉଛି । ମୁକୁନ୍ଦପ୍ରସାଦ, ଶରଧାପୁର, ଏସ୍‌ପି ଅଫିସ ସମ୍ମୁଖ ପ୍ରଭୃତି ଅଞ୍ଚଳ ସମେତ ସହର ଉପକଣ୍ଠର ତୋଟାପଡା, ଶିଆଳିଆ ପ୍ରଭୃତି ବିଭିନ୍ନ ସ୍ଥାନରେ କିଛି ନ୍ୟସ୍ତସ୍ୱାର୍ଥୀ ବ୍ୟକ୍ତିଙ୍କ ସହାୟତାରେ ବାଂଲାଦେଶୀମାନେ ଫେରି ବ୍ୟବସାୟ ନାଁରେ ଟେଣ୍ଟ ପକାଇ ରହୁଥିବା ଅଭିଯୋଗ ହେଉଛି । ତେଣୁ ସେମାନଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରିବାକୁ ବିଭିନ୍ନ ମହଲରୁ ଦାବି ହେଉଛି ।

## ଚିଲିକା ବ୍ଲକ୍‌ସ୍ତରୀୟ ଯୁବ ମହୋତ୍ସବ

ବାଲୁଗାଁ,୨୭ ।୧୧(ସମିସ) : ଖୋର୍ଦ୍ଧା ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ କ୍ରମେ ଚିଲିକା ବ୍ଲକ ପ୍ରଶାସନ ପକ୍ଷରୁ ବ୍ଲକସ୍ତରୀୟ ଯୁବ ମହୋତ୍ସବ ବାଲୁଗାଁ ମହାବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି । ଚିଲିକା ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ ଦ୍ୱାରିକାନାଥ ବେହେରାଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବେ ଚିଲିକା ବ୍ଲକ ଅଧ୍ୟକ୍ଷା ଜ୍ୟୋସ୍ନା ବେହେରା, ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ଲକ୍ଷ୍ମୀଧର ସୁବୁଦ୍ଧି, ଅଧ୍ୟାପକ ସୁବାସ ଚନ୍ଦ୍ର ଶ୍ରୀଚନ୍ଦନ ଓ ସହ ଶିକ୍ଷାଧିକାରୀ ତଥା ମଣ୍ଡଳ ସାଧନ ସଂଯୋଜକ ନୀଳାଦ୍ରି ଭୂଷଣ ଦାଶ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ବିକଶିତ ଭାରତର ବଡ ବଡ ସ୍ୱପ୍ନ ଦେଖିବା ସହ ବିଫଳତାରେ ଭାଙ୍ଗି ନ ପଡ଼ିବାକୁ ପରାମର୍ଶ ଦେଇଥିଲେ । ଅନୁଷ୍ଠିତ ବ୍ଲକସ୍ତରୀୟ ଯୁବ ମହୋତ୍ସବରେ ଚିଲିକା ବ୍ଲକ ଅନ୍ତର୍ଗତ ବିଭିନ୍ନ ଉଚ୍ଚ ବିଦ୍ୟାଳୟ, ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ପ୍ରାୟ ୧୭୦ରୁ ଉର୍ଦ୍ଧ୍ୱ ପ୍ରତିଭାବାନ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ବାଗ୍ମିତା, କବିତା, ପ୍ରବନ୍ଧ, ଗଳ୍ପ, ଚିତ୍ରାଙ୍କନ, ବିଜ୍ଞାନ ପ୍ରକଳ୍ପ, ସମବେତ ସଂଗୀତ ଓ ଦଳଗତ ନୃତ୍ୟ ଆଦି ୭ ପ୍ରକାରର ପ୍ରତିଯୋଗିତାରେ ଅଂଶଗ୍ରହଣ କରି ସେମାନଙ୍କ ପ୍ରତିଭା ପ୍ରଦର୍ଶନ କରିଥିଲେ । ଅଧ୍ୟାପକ ଡ.କୈଳାସ ଚନ୍ଦ୍ର ମହାରଣା ମଞ୍ଚ ସଂଚାଳନ କରିଥିବା ବେଳେ ଅଧ୍ୟାପିକା ରୀନା ରାଉତ ବିଭିନ୍ନ ପ୍ରତିଯୋଗିତାର ସୁପରିଚାଳନା କରିଥିଲେ । ଚିତ୍ରାଙ୍କନ ପ୍ରତିଯୋଗିତାରେ କୃତି ଛାତ୍ର ଅଭି ଜାଲି, ଗଳ୍ପ ଲିଖନରେ ଛାତ୍ରୀ ପ୍ରତିଭା ଜାଲି, କବିତା ଲିଖନରେ ମନୀଷା ଦିହୁଡ଼ି, ବାଗ୍ମିତାରେ ଅର୍ପିତା ମହାପାତ୍ର ଏବଂ ବାଲୁଗାଁ ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଦଳଗତ ବିଜ୍ଞାନ ପ୍ରଦର୍ଶନୀ, ସମବେତ ସଂଗୀତ ଓ ନୃତ୍ୟରେ ଉଚ୍ଚକୋଟିର ପ୍ରଦର୍ଶନ କରି ଶ୍ରେଷ୍ଠ ପ୍ରତିଯୋଗୀ ଭାବେ ଜିଲ୍ଲା ସ୍ତରକୁ ଉତ୍ତିର୍ଣ୍ଣ ହୋଇଛନ୍ତି । ଚିଲିକା ବ୍ଲକ ସହ ଶିକ୍ଷାଧିକାରୀ ଗଗନ ବିହାରୀ ବେହେରା ଧନ୍ୟବାଦ ଦେଇଥିଲେ ।

## ନେହରୁ ସେବା ସଂଘରେ ସମ୍ବିଧାନ ଦିବସ ପାଳିତ

ବାଣପୁର,୨୭ ।୧୧(ସମିସ): ବାଣପୁର ସ୍ଥିତ ନେହରୁ ସେବା ସଂଘ ପରିସରରେ ସମ୍ବିଧାନ ଦିବସ ପାଳିତ ହୋଇଯାଇଛି । ସେବା ସଂଘର ସଂପାଦିକା ସରୋଜିନୀ ଦାଶଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ବାଣପୁର ଗୋଷ୍ଠୀ ଶିକ୍ଷା ଅଧିକାରୀ ସନାତନ ଜାଲି, ଚିଲିକା ସାହିତ୍ୟ ସମାଜର ସଭାପତି ବାଳମୁକୁନ୍ଦ ଦାସ, ଗୋଦାବରୀଶ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ଼.ସୁର ପ୍ରତାପ ନରେନ୍ଦ୍ରସିଂ ବର୍ମା, ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ସର୍ବେଶ୍ୱର ଷଡ଼ଙ୍ଗୀ, ଅଧ୍ୟାପକ ମନୋଜ ମହାପାତ୍ର, ସଂଘର କୋଷାଧ୍ୟକ୍ଷ ଓମପ୍ରକାଶ ଅଗ୍ରୱାଲ ଏବଂ ନାଟ୍ୟକାର ଭିକାରୀଚରଣ ପ୍ରଧାନ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ରଖିଥିଲେ । ବିରେନ୍ଦ୍ର ତ୍ରିପାଠୀ ସ୍ୱାଗତ ଭାଷଣ ଦେଇଥିବା ବେଳେ ସେବା ସଂଘର ଅନ୍ତେବାସୀ ଦୃଷ୍ଟିହୀନ, ମୂକ, ବଧିର ଛାତ୍ରଛାତ୍ରୀଙ୍କ ମଧ୍ୟରେ ସମ୍ବିଧାନ ସଂପର୍କିତ ଚିତ୍ରାଙ୍କନ ଓ ଅଭିଭାଷଣ ପ୍ରତିଯୋଗିତା ଆୟୋଜନ କରାଯାଇ କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା । ପ୍ରଶିକ୍ଷକ ପ୍ରଦୀପ କୁମାର ଦାସ ଧନ୍ୟବାଦ ଅର୍ପଣ କରିଥିଲେ ।



## ଗାର୍ଡୱାଲ ନିର୍ମାଣରେ ବିଳମ୍ବ ନେଇ ଅସନ୍ତୋଷ

ବେଗୁନିଆ,୨୭।୧୧(ସମିସ): ବାଙ୍କୀ-ସିମୋର ପୂର୍ତ୍ତ ବିଭାଗ ରାସ୍ତାର ଗାର୍ଡ ୱାଲ ନିର୍ମାଣ ସହ ନିର୍ମାଣ କାର୍ଯ୍ୟରେ ବିଳମ୍ବ ସାଧାରଣରେ ଅସନ୍ତୋଷ ବ୍ୟାପିବାରେ ଲାଗିଛି । ଏହି ପୂର୍ତ୍ତ ବିଭାଗ ରାସ୍ତାର ଭୋଗଡ଼ା ବାଲୁଙ୍କେଶ୍ୱର ଦେବ ମନ୍ଦିର ଠାରୁ ତୁଳସୀପୁର ଛକ ପର୍ଯ୍ୟନ୍ତ ୧ କିମି ୫ ଶହ ମିଟର ଭିତର ଉର୍ଚ୍ଚତା କମ ହୋଇ ଥିବାରୁ ବର୍ଷା ଦିନରେ ବନ୍ୟା ଜଳ ପ୍ରବାହିତ ହୋଇଥିବାର ଦେଖିବାକୁ ମିଳିଥାଏ । ଯାହାକି ଯାତାୟାତ କରୁଥିବା ଯାନବାହାନ, ମୋଟର ସାଇକେଲ ଆରୋହୀ ଓ ପଥଚାରୀ ମାନେ ବହୁ ଅସୁବିଧାର ସମ୍ମୁଖିନ ହୋଇଥାନ୍ତି । ଏପରିକି ସିମୋର ଠାରୁ ଭୋଗଡା ବାଲୁଙ୍କେଶ୍ୱର ଦେବ ମନ୍ଦିର ପର୍ଯ୍ୟନ୍ତ ରାସ୍ତା କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଥିବା ବେଳେ ଠିକାଦାର ଦେଢ଼ କିମି ରାସ୍ତା ନିର୍ମାଣରେ କାହିଁକି ବିଳମ୍ବ ହେଉ ଥିବାରୁ ତାହା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି । ଏପରିକି ଉଭୟ ପାଶ୍ୱର୍ରେ ଅନାବନା ଗଛ ରହି ଥିବାରୁ ବିଭିନ୍ନ ସମୟରେ ଛୋଟ ବଡ ଦୁର୍ଘଟଣା ଘଟୁ ଥିବାରୁ ପୂର୍ତ୍ତ ବିଭାଗ ଦୃଷ୍ଟି ଦେବାକୁ ଗଣ ମାଧ୍ୟମ ଆଗରେ ପ୍ରକାଶ କରିଛନ୍ତି । ଏହି ରାସ୍ତାରେ ଗାର୍ଡ ୱାଲ ଓ ଉର୍ଚ୍ଚତା ପାଇଁ ଅଧିକ ଅର୍ଥ ରାଶି ଆବଶ୍ୟକ କରୁଥିବାରୁ ତୁରନ୍ତ ପ୍ରଶାସନ ଦୃଷ୍ଟି ଦେବାକୁ ଗଣ ମାଧ୍ୟମ ଆଗରେ ପ୍ରକାଶ ଚନ୍ଦ୍ର ସାହୁ, କବିରାଜ ସାହୁ, ବିଜୟ ସାମନ୍ତରାୟ, ସନ୍ତୋଷ ସାମନ୍ତରାୟ, ଗୋକୁଳା ନନ୍ଦ ତ୍ରିପାଠୀ ଓ ସୁଚିତ ଚନ୍ଦ୍ର ଶେଖର ତ୍ରିପାଠୀଙ୍କ ସମେତ ଜନ ସାଧାରଣ ଦାବି କରିଛନ୍ତି । ଏ ନେଇ ପୂର୍ତ୍ତ ବିଭାଗ କନିଷ୍ଠ ଯନ୍ତ୍ରୀ ଫକୀର ଚରଣ ବେହେରାଙ୍କୁ ପଚାରିବାରୁ କିଛି କହି ପାରିବି ନାହିଁ ବୋଲି ପ୍ରକାଶ କରି ଫୋନ କାଟି ଦେଇଥିଲେ ।



## ରାଜ୍ୟସ୍ତରୀୟ ଗୟାବନ୍ଧ ଫୁଟବଲ: ଫାଇନାଲରେ ଏଜି କ୍ଲବ୍

ନିରାକାରପୁର,୨୭।୧୧ (ସମିସ): ଖୋର୍ଦ୍ଧା ଜିଲ୍ଲା ଗୟାବନ୍ଧ ଖେଳ ପଡିଆରେ ବାପୁଜୀ କ୍ଲବ ଆନୁକୂଲ୍ୟରେ ଚାଲିଥିବା ରାଜ୍ୟସ୍ତରୀୟ ଗୟାବନ୍ଧ ଫୁଟବଲ ଟୁର୍ଣ୍ଣାମେଣ୍ଟରେ ଆଜି ପ୍ରଥମ ସେମିଫାଇନାଲ ଏଜି କ୍ଲବ୍, ଖୋର୍ଦ୍ଧା ବନାମ ଏସ ଏସ ଏ ଫୁଟବଲ କ୍ଲବ୍, ଶରଧାପୁର ମଧ୍ୟରେ ଅନୁଷ୍ଠିତ ହୋଇଥିଲା । ଏଥିରେ ଏସ ଏସ ଏ ଫୁଟବଲ କ୍ଲବ୍, ଶରଧାପୁର କୁ ୨-୧ ଗୋଲ ରେ ଏ ଜି କ୍ଲବ୍ , ଖୋର୍ଦ୍ଧା ଫୁଟବଲ କ୍ଲବ୍ ହରାଇ ଫାଇନାଲରେ ପ୍ରବେଶ କରିଛି । ଖେଳକୁ ଶରତ ଛୋଟରାୟ, ଚିତ୍ତରଞ୍ଜନ ପରିଡ଼ା, ବୈକୁଣ୍ଠ ମହାପାତ୍ର ଓ ଲକ୍ଷ୍ମୀଧର ଚୌଧୁରୀ ପ୍ରମୁଖ ପରିଚାଳନା କରିଥିଲେ । ମୁଖ୍ୟଅତିଥି ଭାବେ ପୂର୍ବତନ ବିଧାୟକ ରାଜେନ୍ଦ୍ର କୁମାର ସାହୁ, ସମ୍ମାନିତ ଅତିଥି ଭାବେ ଟାଙ୍ଗୀ ବ୍ଲକ ଅଧ୍ୟକ୍ଷା ରିପ୍ନା ମାନ୍ଧାତା, ସମିତି ସଭ୍ୟ ନେତ୍ରାନନ୍ଦ ପ୍ରଧାନ, ଦୁର୍ଗାମାଧବ ରାୟ, ରଜାକ୍ ଖାଁ ଓ ନବକିଶୋର ଭୁଜବଳ ପ୍ରମୁଖ ଯୋଗ ଦେଇ ଖେଳାଳିଙ୍କୁ ଉତ୍ସାହିତ କରିଥିଲେ । କ୍ଲବର ସଭ୍ୟ ସୁଶାନ୍ତ ଶ୍ରୀଚନ୍ଦନ, ଅଜୟ ଭୁଜବଳ, ଆନନ୍ଦ ଭୁଜବଳ, ମଧୁସୂଦନ ଶ୍ରୀଚନ୍ଦନ, କୃତିବାସ ଭୁଜବଳ ଓ କାଲୁ ଖାଁ, ରହିମ ଖାଁ ପ୍ରମୁଖ ସହଯୋଗ କରିଥିଲେ । ଆସନ୍ତା କାଲି ଦ୍ୱିତୀୟ ସେମିଫାଇନାଲ ମ୍ୟାଚ ଯଦୁମଣି ସ୍ପୋର୍ଟସ କ୍ଲବ୍, ଇଟାମାଟି ଓ ବୋଲଗଡ଼ ଫୁଟବଲ କ୍ଲବ୍ ମଧ୍ୟରେ ଅନୁଷ୍ଠିତ ହେବ ।





ବିଧାନସଭା ଶୀତ ଅଧିବେଶନର ପ୍ରଥମ ଦିନରେ ଉପସ୍ଥିତ ରାଷ୍ଟ୍ରପତିଙ୍କ ଗହଣରେ ବାଚସ୍ପତି, ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ବିରୋଧୀ ଦଳ ନେତା ଏବଂ ପୂର୍ବତନ ଓ ବର୍ତ୍ତମାନର ଜନ ପ୍ରତିନିଧିଗଣ

### ଏମ୍‌କେସିଜି ହସ୍ପିଟାଲ ଇତିହାସରେ ପ୍ରଥମ

# ସଫଳ ହେଲା ଓପନ୍ ହାର୍ଟ ବାଇପାସ୍ ସର୍ଜରୀ

## ନୂତନ ଜୀବନ ପାଇଲେ ଗଞ୍ଜାମର ଶାନ୍ତିଲତା

ବ୍ରହ୍ମପୁର,୨୭।୧୧(ସମିସ): ଏମ୍‌କେସିଜି ମେଡିକାଲର କାର୍ଡିଓ ଥୋରାସିସ୍ ଏବଂ ଭାସ୍କୁଲାର୍ (ସିଟିଭିଏସ୍) ବିଭାଗ ବିରଳ ଅସ୍ତ୍ରୋପଚାର କରି ଚର୍ଚ୍ଚାକୁ ଆସିଥିବା ବେଳେ ଏବେ ଏଥିରେ ଆଉ ଏକ ଅଧ୍ୟାୟ ଯୋଡ଼ି ହୋଇଛି। ଜଣେ ୫୫ ବର୍ଷୀୟ ମହିଳାଙ୍କ ସଫଳ ଓପନହାର୍ଟ ବାଇପାସ୍ ସର୍ଜରୀ କରାଯାଇଛି। ଏମ୍‌କେସିଜି ମେଡ଼ିକାଲରେ ଏଭଳି ବିରଳ ଅସ୍ତ୍ରୋପଚାର ପ୍ରଥମଥର ପାଇଁ ହୋଇଥିବା ବିଭାଗ ମୁଖ୍ୟ ତଥା ଆସୋସିଏଟ୍ ପ୍ରଫେସର୍ ଡା. ସାରଦା ପ୍ରସନ୍ନ ସାହୁ ଦାବି କରିଛନ୍ତି।

ରୋଗୀଙ୍କ କରୋନାରି ଆର୍ଟେରୀ ବାଇପାସ୍ ଗ୍ରାଫ୍ଟିଂ(ସିଏବିଜି) ପଦ୍ଧତିରେ ଏହି ଅସ୍ତ୍ରୋପଚାର କରାଯାଇଥିଲା। ଯେଉଁଥିରେ ହୃତ୍‌ପିଣ୍ଡ କାମ କରୁଥିବା ସମୟରେ ଏହି ଅସ୍ତ୍ରୋପଚାର କରାଯାଇଛି। ଅସ୍ତ୍ରୋପଚାର ପରେ ରୋଗୀ ଶାନ୍ତିଲତା ବର୍ତ୍ତମାନ ଡାକ୍ତରୀ ଟିମର ସ୍ୱତନ୍ତ୍ର ତଦାରଖରେ ଆଇସିୟୁରେ ଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟବସ୍ଥା ସ୍ଥିର ରହିଥିବା ଡା. ସାହୁ କହିଛନ୍ତି।



ସୂଚନାଯୋଗ୍ୟ, ଗଞ୍ଜାମ ଜିଲ୍ଲା କଞ୍ଝୁରୁ ଗ୍ରାମର ଶାନ୍ତିଲତା ନାୟକ (୫୫) କିଛିଦିନ ତଳେ ଛାତିରେ ଯନ୍ତ୍ରଣା ଅନୁଭବ କରିଥିଲେ। ପରିବାରଲୋକ ତାଙ୍କୁ ଏମ୍‌କେସିଜି ମେଡିକାଲରେ ଭର୍ତ୍ତି କରାଇଥିଲେ। ପରୀକ୍ଷାନିରୀକ୍ଷା ପରେ ରୋଗୀଙ୍କ ଧମନୀରେ ବ୍ଲକେଜ୍ ଥିବା ଜଣାପଡ଼ିଥିଲା। ହୃତ୍‌ପିଣ୍ଡରେ ଥିବା ୩ଟି ଧମନୀ ମଧ୍ୟରୁ ଗୋଟିଏ ସମ୍ପୂର୍ଣ୍ଣ ବ୍ଲକ୍ ହୋଇ ରକ୍ତ ସଞ୍ଚାଳନର ପ୍ରବାହରେ ବାଧକ ସାଜିଥିଲା। ତେଣୁ, ରୋଗୀଙ୍କୁ ହୃଦ୍‌ଘାତର ଆଶଙ୍କା ଥିଲା। ବିଳମ୍ବ ନକରି ରୋଗୀଙ୍କ ଉତ୍ତମ ଚିକିତ୍ସା ନିମନ୍ତେ ସିଟିଭିଏସ୍ ବିଭାଗକୁ ପଠାଇ ଦିଆଯାଇଥିଲା। ରୋଗୀଙ୍କ ତୁରନ୍ତ ଅସ୍ତ୍ରୋପଚାର କରିବାକୁ ବିଭାଗ ପକ୍ଷରୁ ନିଷ୍ପତ୍ତି ନିଆଯାଇଥିଲା। ବିଭାଗୀୟ ମୁଖ୍ୟ ଡା. ସାହୁଙ୍କ ନେତୃତ୍ୱରେ ଆସିଷ୍ଟାଣ୍ଟ ପ୍ରଫେସର ଡା. ବେରିୟନ ସ୍ୱାଇଁ, ଏସଆର ଡା. ପ୍ରଦୀପ୍ତ କୁମାର ସାହୁ, ନିଶ୍ଚେତକ ବିଭାଗର ଆସୋସିଏଟ୍ ପ୍ରଫେସର ଡା. ଏସ୍ ସଞ୍ଜୀବ ପାତ୍ର, ଡା. ଜଗଦୀପ ନାୟକ, ଡା. ନିବେଦିତା ଓ ନର୍ସିଂ ଅଫିସର୍ ପ୍ରମୁଖଙ୍କ ସହଯୋଗରେ ଶାନ୍ତିଲତାଙ୍କ ଅସ୍ତ୍ରୋପଚାର କରାଯାଇଥିଲା। ଏମ୍‌କେସିଜି ମେଡିକାଲରେ ଗତ ୫ମାସ ମଧ୍ୟରେ ୧୦ଟି ଓପନ୍‌ହାର୍ଟ ସର୍ଜରୀ ସଫଳତାର ସହ ଅସ୍ତ୍ରୋପଚାର କରାଯାଇଥିବା ଜଣାଯାଇଛି।

■ ଆରମ୍ଭ ହେଲା ଶୀତ ଅଧିବେଶନ

## ଗୃହରେ ଦିବଂଗତଙ୍କୁ ଶ୍ରଦ୍ଧାଞ୍ଜଳି

ଭୁବନେଶ୍ୱର,୨୭।୧୧(ସମିସ): ସପ୍ତଦଶ ବିଧାନସଭାର ପଞ୍ଚମ ତଥା ଶୀତ ଅଧିବେଶନ ଗୁରୁବାର ଆରମ୍ଭ ହୋଇଛି। ଗୃହକାର୍ଯ୍ୟ ପ୍ରାରମ୍ଭରେ ଦିବଂଗତ ସଦସ୍ୟମାନଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା। ଗୃହର ନେତା ତଥା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦିବଂଗତ ପୂର୍ବତନ ସଦସ୍ୟ ହେମେନ୍ଦ୍ର ପ୍ରସାଦ ମହାପାତ୍ର, କୃଷ୍ଣଚନ୍ଦ୍ର ମଲ୍ଲିକ ଏବଂ ଓଡ଼ିଶା ପୁଲିସର ପୂର୍ବତନ କନେଷ୍ଟବଳ ସରୋଜ କୁମାର ପ୍ରଧାନଙ୍କ ଉଦ୍ଦେଶ୍ୟରେ ଶୋକ ପ୍ରସ୍ତାବ ଆଗତ କରିଥିଲେ। ପରେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ, କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡ଼ାମ, ସିପିଆଇଏମ୍ ବିଧାୟକ ଲକ୍ଷ୍ମଣ ମୁଣ୍ଡା ପ୍ରମୁଖ ଶୋକ ପ୍ରସ୍ତାବକୁ ସମର୍ଥନ କରି ଦିବଂଗତ ସଦସ୍ୟଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଶେଷରେ ବାଚସ୍ପତି ସୁରମା ପାଢ଼ୀ ଦିବଂଗତ ସଦସ୍ୟଙ୍କ ଉଦ୍ଦେଶ୍ୟରେ ଶୋକବ୍ୟକ୍ତ କରିବା ପରେ ଏକ ମିନିଟ ନୀରବ ପ୍ରାର୍ଥନା କରାଯାଇ ଗୃହକୁ ଅପରାହ୍ନ ୪ଟା ଯାଏଁ ମୁଲତବୀ ରଖାଯାଇଥିଲା। ଏହାପରେ ରାଷ୍ଟ୍ରପତି ଗୃହକୁ ସମ୍ବୋଧନ କରିଥିଲେ।

# ରାଜଭବନରେ ନବନିର୍ମିତ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କଲେ ରାଷ୍ଟ୍ରପତି

ଭୁବନେଶ୍ୱର,୨୭।୧୧(ସମିସ): ଦୁଇ ଦିନିଆ ଗସ୍ତରେ ଓଡ଼ିଶା ଆସିଥିବା ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଗୁରୁବାର ରାଜଭବନ ପରିସରରେ ନବନିର୍ମିତ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କରିଛନ୍ତି। ଉଦ୍‌ଘାଟନ ଉତ୍ସବରେ ରାଜ୍ୟପାଳ ଡ. ହରି ବାବୁ କମ୍ଭମପାଟି, ରାଜ୍ୟପାଳଙ୍କ ସହଧର୍ମିଣୀ ଜୟଶ୍ରୀ କମ୍ଭମପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ, ବାଚସ୍ପତି ସୁରମା ପାଢ଼ୀଙ୍କ ସମେତ ଅନ୍ୟାନ୍ୟ ମନ୍ତ୍ରୀ ଏବଂ ଉଚ୍ଚ ପଦାଧିକାରୀମାନେ ଯୋଗ ଦେଇଥିଲେ। ରାଜଭବନର ସବୁଜ ପରିବେଶ ମଧ୍ୟରେ ଅବସ୍ଥିତ କଳିଙ୍ଗ ଅତିଥି ନିବାସରେ ଓଡ଼ିଶାର ସମୃଦ୍ଧ ସାଂସ୍କୃତିକ ଐତିହ୍ୟ ଏବଂ ପାରମ୍ପରିକ ସ୍ଥାପତ୍ୟର ପ୍ରତିଫଳନ ହୋଇଛି। କଳିଙ୍ଗ ଅତିଥି ନିବାସରେ ବାହ୍ୟ ଏବଂ ଭିତରପାର୍ଶ୍ୱ ଉଭୟ ଶାସ୍ତ୍ରୀୟ ଓଡ଼ିଆ କାରିଗରୀ ଆଧାରିତ ମୋଟିଫ୍, ଭାସ୍କର୍ଯ୍ୟ ଏବଂ ଡିଜାଇନ୍ ପ୍ରଦର୍ଶିତ କରାଯିବା ସହ ପ୍ରତ୍ୟେକ କୋଠରିକୁ ଓଡ଼ିଶାର ପରିଚୟ ଏବଂ ସାଂସ୍କୃତିକ ଐତିହ୍ୟକୁ ପ୍ରତିଫଳିତ କରିବା ପାଇଁ ଚିନ୍ତନଶୀଳ ଭାବେ ଡିଜାଇନ୍ କରାଯାଇଛି। ପୂର୍ବରୁ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ଏହି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ।



# ଏସସିବିରେ ଓପନ୍ ହାର୍ଟ ସର୍ଜରୀ ମୃତ୍ୟୁହାର ହ୍ରାସ ପାଇଁ ପଦକ୍ଷେପ ନିଅ: ହାଇକୋର୍ଟ

## ଜାତୀୟ ହାର ୭ ପ୍ରତିଶତ ସ୍ଥଳେ ଏସସିବିରେ ୧୭ ପ୍ରତିଶତ

କଟକ,୨୭ ।୧୧(ସମିସ): ଏସ୍‌ସିବି ମେଡିକାଲ କଲେଜ ଓ ହସ୍ପିଟାଲର କାର୍ଡିଓ ଥେରାସିସ୍ ଭସ୍କୁଲାର ସର୍ଜରୀ ବିଭାଗରେ ରୋଗୀମାନଙ୍କର ହୋଇଥିବା ଓପନ ହାର୍ଟ ସର୍ଜରୀ ସମ୍ପର୍କିତ ସମସ୍ୟାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରି ଶୁଣାଣି କରିଆସୁଛନ୍ତି। ଏଠାରେ ଓପନହାର୍ଟ ସର୍ଜରୀ ମୃତ୍ୟୁହାର ଜାତୀୟ ହାରଠାରୁ ଯଥେଷ୍ଟ ଅଧିକ ରହିଥିବାରୁ ହାଇକୋର୍ଟ ଉଦ୍‌ବେଗ ପ୍ରକାଶ କରିବା ସହ ଏହାକୁ କିଭଳି ହ୍ରାସ କରାଯାଇପାରିବ, ସେ ଦିଗରେ ଆବଶ୍ୟକ ପଦକ୍ଷେପ ନେବାକୁ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗକୁ ନିର୍ଦ୍ଦେଶ ଦେଇଛନ୍ତି। କଟକ ସହର ସମସ୍ୟା ଶୁଣାଣି ବେଳେ ଜଷ୍ଟିସ୍ ସଂଗମ କୁମାର ସାହୁ ଓ ଜଷ୍ଟିସ୍ ଭି.ନରସିଂହଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ମାମଲାର ପରବର୍ତ୍ତୀ ଶୁଣାଣି ସମୟରେ ଏ ସମ୍ପର୍କିତ ପଦକ୍ଷେପ ସଂକ୍ରାନ୍ତରେ ଜଣାଇବାକୁ କହିଛନ୍ତି ଖଣ୍ଡପୀଠ।

ମାମଲା ଶୁଣାଣି ବେଳେ ଏସ୍‌ସିବି ମେଡିକାଲ ଅଧୀକ୍ଷକଙ୍କ ପକ୍ଷରୁ ଦାଖଲ ରିପୋର୍ଟ ଉପସ୍ଥାପନ ହୋଇଥିଲା। ସେଥିରେ, ଗତ ଜାନୁଆରିରୁ ଅଗଷ୍ଟ ମାସ ମଧ୍ୟରେ ଏସ୍‌ସିବି ମେଡିକାଲ କଲେଜ ଓ ହସପିଟାଲର କାର୍ଡିଓ ଥେରାସିସ୍ ଭସ୍କୁଲାର ସର୍ଜରୀ ବିଭାଗରେ ରୋଗୀମାନଙ୍କର ହୋଇଥିବା ଓପନ ହାର୍ଟ ସର୍ଜରୀ ମୃତ୍ୟୁହାର ୩୧ ପ୍ରତିଶତ ଥିଲା। ତେବେ ସେପ୍ଟେମ୍ବର-ଅକ୍ଟୋବରରେ ଏହା ୧୭ ପ୍ରତିଶତକୁ ହ୍ରାସ ପାଇଥିବା କୁହାଯାଇଥିଲା। ଏହି ସମୟରେ ମୋଟ ୨୯ଜଣଙ୍କ ସର୍ଜରୀ ହୋଇଥିବା ବେଳେ ୫ଜଣ ମୃତ୍ୟୁବରଣ କରିଥିବା କୁହାଯାଇଥିଲା।

ଜାତୀୟସ୍ତରରେ ଏଭଳି ଓପନ୍‌ହାର୍ଟ ସର୍ଜରୀ ମୃତ୍ୟୁ ହାର ମାତ୍ର ୫ରୁ୭ ପ୍ରତିଶତ ଥିବା ବେଳେ ଏଠାରେ ୧୭ ପ୍ରତିଶତ ରହିବା ନେଇ ଅଦାଲତ ଉଦବେଗ ପ୍ରକାଶ କରିଥିଲେ। ତେବେ, ଏସ୍‌ସିବି ମେଡିକାଲରୁ ୭ଦିନିଆ ପ୍ରଶିକ୍ଷଣ ନିମନ୍ତେ ଦିଲ୍ଲୀ ଏମ୍ସକୁ ଡାକ୍ତର ଓ ପାରାମେଡିକାଲ କର୍ମଚାରୀ ଯିବେ ଓ ଏମ୍ସରୁ କେତେକ ବିଶେଷଜ୍ଞ ଏଠାକୁ ଆସି ମାର୍ଗଦର୍ଶନ କରିବେ ବୋଲି ସରକାରଙ୍କ ପକ୍ଷରୁ ଅବଗତ କରାଯାଇଥିଲା। ଏ ସମ୍ପର୍କରେ ଏମ୍ସ ନିର୍ଦ୍ଦେଶକଙ୍କୁ ମଧ୍ୟ ଚିଠି ହୋଇଥିବା କୁହାଯାଇଥିଲା। ସେହିଭଳି ବିଭାଗୀୟ ମୁଖ୍ୟଙ୍କ ତରଫରୁ ଓପନହାର୍ଟ ସର୍ଜରୀ ପାଇଁ ବିଶେଷଜ୍ଞ ହୃଦ୍‌ରୋଗ ନିଶ୍ଚେତକଙ୍କ ଆବଶ୍ୟକତା ରହିଥିବା ନେଇ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। ଏହି ପ୍ରସଙ୍ଗରେ ମଧ୍ୟ ପରବର୍ତ୍ତୀ ଶୁଣାଣି ସମୟରେ ତଥ୍ୟ ଉପସ୍ଥାପନ ପାଇଁ କହିଛନ୍ତି ହାଇକୋର୍ଟ।

ପ୍ରକାଶଥାଉକି, ଗତ ୨୦୨୩ରେ ଓପନ୍‌ହାର୍ଟ ସର୍ଜରୀ ହୋଇଥିବା ୧୬୫ଜଣଙ୍କ ମଧ୍ୟରୁ ୧୫ଜଣଙ୍କର ମୃତ୍ୟୁ ହୋଇଥିବା ଦର୍ଶାଯାଇଥିଲା। ସେହିଭଳି ୨୦୨୪ରେ ୧୩୫ଜଣଙ୍କ ମଧ୍ୟରୁ ୨୪ଜଣ ଓ ୨୦୨୫ ଜାନୁଆରିରୁ ଅଗଷ୍ଟ ମଧ୍ୟରେ ମାତ୍ର ୮୫ ଜଣଙ୍କ ମଧ୍ୟରୁ ୨୬ଜଣ ରୋଗୀଙ୍କ ଓପନ୍‌ହାର୍ଟ ସର୍ଜରୀ ପରେ ମୃତ୍ୟୁ ଘଟିଥିଲା ବୋଲି ପୂର୍ବ ସତ୍ୟପାଠରେ କୁହାଯାଇଥିଲା।

■ ଅଭିଯୋଗ ସମାଧାନରେ ଅବହେଳା

## ୩୬ ଅଧିକାରୀଙ୍କ ଦରମା ବନ୍ଦ ନିର୍ଦ୍ଦେଶ

କଟକ, ୨୭ ।୧୧(ସମିସ): ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠକୁ ଯାଇଥିବା ଅଭିଯୋଗଗୁଡ଼ିକୁ ନିର୍ଦ୍ଦିଷ୍ଟ ସମୟସୀମା ଭିତରେ ସମାଧାନ ନକରିବା କଟକ ଜିଲ୍ଲାର ୩୬ଜଣ ଅଧିକାରୀଙ୍କ ପାଇଁ ମହଙ୍ଗା ପଡ଼ିଛି। ଅଭିଯୋଗ ସମାଧାନରେ ଅବହେଳା ପାଇଁ କଟକ ଜିଲ୍ଲାର ୩୬ଜଣ ଅଧିକାରୀଙ୍କ ନଭେମ୍ବର ମାସର ଦରମା ବନ୍ଦ ପାଇଁ କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ଜିଲ୍ଲା ଟ୍ରେଜେରି ଅଫିସର, ସ୍ୱତନ୍ତ୍ର ଟ୍ରେଜେରି ଅଫିସର ଓ ଜିଲ୍ଲାର ସମସ୍ତ ସବ୍ ଟ୍ରେଜେରି ଅଫିସରଙ୍କୁ ଚିଠି ଲେଖିଛନ୍ତି। ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ଖିଲାପି ଅଧିକାରୀଙ୍କ ଦରମା ସ୍ଥଗିତ ରହିବ ବୋଲି କୁହାଯାଇଛି। ଏହି ୩୬ଜଣ ଅଧିକାରୀଙ୍କ ମଧ୍ୟରେ କଟକ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ(ସିଡିଏମ୍‌ଓ), କଟକ ଉପ-ଜିଲ୍ଲାପାଳ, ଆଠଗଡ଼ ଉପ ଜିଲ୍ଲାପାଳ, କଟକ ଜିଲ୍ଲା ଶିକ୍ଷା ଅଧିକାରୀ(ଡିଇଓ), ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ(ସିଡିଭିଓ), ଡିଆରଡିଏ ପ୍ରକଳ୍ପ ନିର୍ଦ୍ଦେଶକ, ଡିଏସ୍‌ଡବ୍ଲୁଓଙ୍କ ସମେତ ୧୧ ଜଣ ବିଡିଓ ଓ ୮ଜଣ ତହସିଲଦାର ପ୍ରମୁଖ ରହିଛନ୍ତି। ଜନଶୁଣାଣି ପୋର୍ଟାଲ୍ ମାଧ୍ୟମରେ ପ୍ରାପ୍ତ ଅଭିଯୋଗଗୁଡ଼ିକର ସମାଧାନ ସମୟସୀମା ମଧ୍ୟରେ କରାଯାଉ ନଥିବା ନେଇ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ ବାରମ୍ବାର ସମୀକ୍ଷା କରୁଛନ୍ତି। ଏହାସତ୍ତ୍ୱେ ସମାଧାନର ଅଗ୍ରଗତି କ୍ଷେତ୍ରରେ କଟକ ଜିଲ୍ଲାର ସ୍ଥାନ ଉତ୍ସାହଜନକ ନଥିବାରୁ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ ଘୋର୍ ଅସନ୍ତୋଷ ପ୍ରକାଶ କରିଛି। ଏହାକୁ ନେଇ ଜିଲ୍ଲାପାଳ ସମ୍ପୃକ୍ତ ଅଧିକାରୀମାନଙ୍କ ଦରମା ବନ୍ଦ ପାଇଁ ଚିଠି ଲେଖିଛନ୍ତି। ତେବେ ପ୍ରଥମେ ୯୧ଜଣ ଅଧିକାରୀଙ୍କ ତାଲିକା ପ୍ରସ୍ତୁତ କରାଯାଇଥିବା ବେଳେ ପରେ ଏହାକୁ ସଂଶୋଧନ କରି ୩୬ଜଣଙ୍କ ତାଲିକା ପ୍ରକାଶ ପାଇଛି।

■ ଅନ୍ୟ ଜାତିରେ ବିବାହ

## ଅତିରିକ୍ତ ତହସିଲଦାର ବାସନ୍ଦ

ଛତ୍ରପୁର, ୨୭ ।୧୧(ସମିସ): ଆସିକାର ଅତିରିକ୍ତ ତହସିଲଦାର ସୌଦାଗର ବେହେରା ଅନ୍ୟ ଜାତିର ଝିଅକୁ ବିବାହ କରିବାରୁ ତାଙ୍କୁ ଏବଂ ତାଙ୍କ ପରିବାରକୁ କୈବର୍ତ୍ତ ସମାଜ କୁଳରୁ ବାସନ୍ଦ କରାଯାଇଥିବା ଅଭିଯୋଗ ହୋଇଛି। ଏନେଇ ଗୁରୁବାର ଅତିରିକ୍ତ ତହସିଲଦାରଙ୍କ ବାପା ବିଜୟ ବେହେରା ଛତ୍ରପୁର ଥାନାରେ ଅଭିଯୋଗ କରିଛନ୍ତି।



ଅତିରିକ୍ତ ତହସିଲଦାର ଶ୍ରୀ ବେହେରାଙ୍କ ଘର ଛତ୍ରପୁର ଥାନା ଅଧୀନ ମୁନିଷିପେଣ୍ଠ ଗ୍ରାମରେ। ସେ ଗତ ଫେବୃଆରୀରେ ଅନ୍ୟ ଏକ ଜାତିର ଝିଅକୁ ବିବାହ କରିଥିବାରୁ କୈବର୍ତ୍ତ ସମାଜ ପକ୍ଷରୁ ତାଙ୍କ ପରିବାରକୁ ବାସନ୍ଦ କରାଯାଇଥିଲା। ଚଳିତ ମାସ ୨୩ ତାରିଖରେ ତାଙ୍କ ବାପା ବିଜୟ ଗାଁରେ ଏକ ବିବାହ ଭୋଜି ଖାଉଥିବା ବେଳେ ତାଙ୍କ ଖଲିପତ୍ର ଝିଙ୍କି ନେଇ ତାଙ୍କୁ ଅପମାନିତ କରାଯାଇଥିଲା। ତେଣୁ, ଏ ସଂପର୍କରେ ସେ ଛତ୍ରପୁର ଥାନାର ଦ୍ୱାରସ୍ଥ ହୋଇଥିଲେ। ଅନ୍ୟପକ୍ଷରେ କୈବର୍ତ୍ତ ସମାଜ ପକ୍ଷରୁ ତାଙ୍କ ପରିବାରକୁ କୁଳରୁ ବାସନ୍ଦ କରାଯାଇନାହିଁ ବୋଲି କହିଥିଲେ। ଛତ୍ରପୁର ଥାନାରେ ଉଭୟ ପକ୍ଷକୁ ନେଇ ଗୁରୁବାର ଆଲୋଚନା ହୋଇଛି। ଦୀର୍ଘ ସମୟ ଆଲୋଚନା ପରେ ମଧ୍ୟ ସମାଧାନର ବାଟ ଫିଟିନଥିଲା। ପରବର୍ତ୍ତୀ ସମୟରେ କୈବର୍ତ୍ତ ସମାଜ ମହାସଭାର କର୍ମକର୍ତ୍ତାଙ୍କ ଉପସ୍ଥିତିରେ ଘଟଣା ସମ୍ପର୍କରେ ଆଲୋଚନା କରାଯିବ ବୋଲି ସୂଚନା ମିଳିଛି। ସେହିପରି ଛତ୍ରପୁର ଥାନାରେ ଏ ସଂକ୍ରାନ୍ତରେ କୌଣସି ମାମଲା ରୁଜୁ ହୋଇ ନଥିବା ଥାନାଧିକାରୀ ସବ୍ୟସାଚୀ ମଲ୍ଲ କହିଛନ୍ତି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଉଚ୍ଚାରଣ, ଆଚରଣରେ...

ଭାଷାଭିତ୍ତିକ ରାଜ୍ୟ ପୁନର୍ଗଠନ ପାଇଁ ପ୍ରେରଣାର ଉତ୍ସ ହୋଇଥିଲା। ଦେଶୀୟ ରାଜ୍ୟ ଗୁଡ଼ିକର ମିଶ୍ରଣ ପ୍ରକ୍ରିୟା ଓଡ଼ିଶାରୁ ଆରମ୍ଭ ହୋଇଥିବା ବେଳେ ଏହାର ନେତୃତ୍ୱ ଉତ୍କଳ କେଶରୀ ଡ. ହରେକୃଷ୍ଣ ମହାତାବ ନେଇଥିଲେ। ବରେଣ୍ୟ ଜନନେତା ବିଜୁ ପଟ୍ଟନାୟକଙ୍କ ସାହସ ଓ ସଂଗ୍ରାମ ଦେଶବାସୀଙ୍କ ସ୍ମୃତିରେ ସର୍ବଦା ଜୀବନ୍ତ ହୋଇ ରହିବ। ନେତାଜୀ ସୁଭାଷ ଚନ୍ଦ୍ର ବୋଷଙ୍କୁ ଜନ୍ମଦେଇ ଓଡ଼ିଶା ଧନ୍ୟ ହୋଇଛି। ଭାରତ ନିର୍ମାଣରେ ଓଡ଼ିଶାର ଅବଦାନ କାଳେକାଳେ ରହି ଆସିଛି। ଓଡ଼ିଶାରେ ନାରୀ ସଶକ୍ତିକରଣର ଏକ ପ୍ରାଚୀନ ପରମ୍ପରା ରହି ଆସିଛି। ରମାଦେବୀ, ସରଳା ଦେବୀ, କୁନ୍ତଳା କୁମାରୀ ସାବତ, ପାର୍ବତୀ ଗିରି ଏବଂ ଅନେକ ନେତ୍ରୀଙ୍କର ସ୍ୱାଧୀନତା ସଂଗ୍ରାମରେ ଯୋଗଦାନ ରହିଥିଲା। ୧୫ ଜଣ ମହିୟସୀ ମହିଳା ଭାରତର ସମ୍ବିଧାନ ସଭାରେ ସଦସ୍ୟ ଥିବାବେଳେ ଏଥିରେ ଓଡ଼ିଶାର ମାଳତୀ ଦେବୀ ରହିଥିଲେ। ଓଡ଼ିଶା ବିଧାନସଭାରେ ମହିଳା ପ୍ରତିନିଧିତ୍ୱର ଦୀର୍ଘ ଇତିହାସ ରହିଛି। ସ୍ୱାଧୀନତା ପୂର୍ବବର୍ତ୍ତୀ ଏବଂ ପରବର୍ତ୍ତୀ ଏପରି କୌଣସି ବିଧାନସଭା ଗଠନ ହୋଇନାହିଁ, ଯେଉଁଥିରେ ମହିଳା ନାହାନ୍ତି। ନନ୍ଦିନୀ ଶତପଥୀ ଭାରତର ଦ୍ୱିତୀୟ ମହିଳା ମୁଖ୍ୟମନ୍ତ୍ରୀ ଭାବେ ଜଣାଶୁଣା ବୋଲି ରାଷ୍ଟ୍ରପତି କହିଛନ୍ତି।

ସେ କହିଛନ୍ତି ଯେ ଓଡ଼ିଶାରେ ପ୍ରକୃତି ସବୁ ପ୍ରକାରର ପ୍ରାଚୁର୍ଯ୍ୟ ଅଜାଡ଼ି ଦେଇଛି। ବିପୁଳ ଖଣିଜ ସମ୍ପଦ, ଜଙ୍ଗଲ ଓ ଜଳ ସମ୍ପଦରେ ରାଜ୍ୟ ପରିପୂର୍ଣ୍ଣ ସବୁ ବର୍ଗର ମାନ ସମ୍ବଳରେ ଓଡ଼ିଶା ସମୃଦ୍ଧ। ଓଡ଼ିଶାରେ ସୁଦୀର୍ଘ ବେଳାଭୂମି ଓ ଉର୍ବର ଚାଷଜମି ରହିଛି। କୃଷି, ଶିଳ୍ପ ଏବଂ ବାଣିଜ୍ୟର ବିକାଶ ପାଇଁ ଓଡ଼ିଶାର ପରିବେଶ ଖୁବ ଅନୁକୂଳ। ଏସବୁ ସମ୍ପଦର ସଦୁପଯୋଗ କରାଯାଇ ଓଡ଼ିଶାକୁ ଦେଶର ଅଗ୍ରଣୀ ପ୍ରଦେଶରେ ପରିଣତ କରାଯାଇପାରିବ। ୨୦୪୭ ମସିହା ବେଳକୁ ଭାରତ ବିକଶିତ ଦେଶରେ ପରିଣତ ହୋଇ ସାରିଥିବ ବୋଲି ଆମ ସଭିଙ୍କର ବିଶ୍ୱାସ। ୨୦୩୬ ମସିହାରେ ଓଡ଼ିଶା ଗଠନର ଶତବାର୍ଷିକ ପୂରଣ ହେବ। ଆପଣମାନେ ସମ୍ମିଳିତ ଭାବରେ ୨୦୩୬ ମସିହା ସୁଦ୍ଧା ଏକ ସମୃଦ୍ଧ ଓଡ଼ିଶା ଗଠନ କରିପାରିଲେ ତାହା ବିକଶିତ ଭାରତ ଗଠନ ପାଇଁ ଓଡ଼ିଶାର ଶ୍ରେଷ୍ଠ ଅବଦାନ ହେବ।ସେ ଆହୁରି ମଧ୍ୟ କହିଥିଲେ ଯେ ଗଣତନ୍ତ୍ରର ଭିତ୍ତି ହେଉଛନ୍ତି ଜନ ସାଧାରଣ। ଗଣ ବିନା ଗଣତନ୍ତ୍ର କିମ୍ବା ଗଣରାଜ୍ୟ ନାହିଁ। ଭାରତୀୟ ସଂସ୍କୃତିରେ ଲୋକଶକ୍ତିକୁ ସର୍ବଦା ଗୁରୁତ୍ୱାରୋପ କରାଯାଇଛି। ଜନମତକୁ ସର୍ବଦା ସମ୍ମାନ ଦିଆଯାଇଛି। ଆପଣମାନେ ହେଉଛନ୍ତି ଜନଗଣର ପ୍ରତିନିଧି। ସେମାନଙ୍କର ସେବକ। କେତେ ଆଶା, ବିଶ୍ୱାସ, ଭରସା ନେଇ ଆପଣଙ୍କ ହାତରେ ସେମାନେ କ୍ଷମତା ଅର୍ପଣ କରିଛନ୍ତି। ସେମାନଙ୍କର ଆଶା ପୂରଣ କରିବା, ସେମାନଙ୍କର ସ୍ୱପ୍ନକୁ ସାକାର କରିବା ଏବଂ ସେମାନଙ୍କ ମୁହଁରେ ହସ ଫୁଟାଇବା ଆପଣମାନଙ୍କର କର୍ତ୍ତବ୍ୟ। ଆପଣମାନେ ଏପରି କାର୍ଯ୍ୟ କରିବେ ଯାହା ସାଧାରଣ ଲୋକଙ୍କ ହିତ ପାଇଁ ଉଦ୍ଦିଷ୍ଟ। ଦେଶର ଦରିଦ୍ରତମ ଲୋକଙ୍କ ପାଇଁ କାମ କରିବାକୁ ସେ ଏହି ଅବସରରେ ଆହ୍ୱାନ ଦେଇଛନ୍ତି।

## ରାଷ୍ଟ୍ରପତିଙ୍କ ସାମଗ୍ରିକ...

ତଥା ପ୍ରଥମ ନାଗରିକ ଭାବେ ସେବା କରିବା ପାଇଁ ଦ୍ରୌପଦୀ ମୁର୍ମୁଙ୍କୁ ଏବଂ ମୁଖ୍ୟମନ୍ତ୍ରୀ ଭାବେ ରାଜ୍ୟର ସେବା କରିବା ପାଇଁ ସୁଯୋଗ ମିଳିବା କେବଳ ଆମ ଭାରତୀୟ ସମ୍ବିଧାନ ପାଇଁ ସମ୍ଭବ ହୋଇପାରିଛି। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଆଜି ରାଷ୍ଟ୍ରପତିଙ୍କ ଅଭିଭାଷଣ କେବଳ ଏହି ପବିତ୍ର ଗୃହର ନୀତି ଆଦର୍ଶକୁ ମାର୍ଗଦର୍ଶନ କରିବ ନାହିଁ; ବରଂ ସାଢ଼େ ଚାରି କୋଟି ଓଡ଼ିଆ'ଙ୍କ ଅଦମ୍ୟ ଭାବନାକୁ ପ୍ରୋତ୍ସାହିତ କରିବ। ଶାନ୍ତି, ମୈତ୍ରୀ, ସମତା ଓ ସଦ୍‌ଭାବନା, ଏକତାର ମନ୍ତ୍ରରେ ସମୃଦ୍ଧ ଓଡ଼ିଶା ଓ ବିକଶିତ ଓଡ଼ିଶା ଗଠନ ହୋଇପାରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ।

## ରାଷ୍ଟ୍ରପତି ଏ ମାଟିର...

ସୁଦୃଢ଼ କରିବାରେ ବିଭିନ୍ନ ଭାଷା, ଜୀବନଶୈଳୀ, ରୀତିନୀତି, ସଂସ୍କୃତି ଏବଂ ଚିନ୍ତାଧାରାର ଉଲ୍ଲେଖନୀୟ ଯୋଗଦାନ ରହିଛି। ସ୍ୱାଧୀନତା ପରେ ଦେଶୀୟ ରାଜ୍ୟଗୁଡ଼ିକର ମିଶ୍ରଣ ଏକ ବଡ଼ ରାଜନୈତିକ ଆହ୍ୱାନ ଥିଲା। ୧୯୪୭ ମସିହା ନଭେମ୍ବର ୧୪ ତାରିଖରେ ନୀଳଗିରି ଏବଂ ଅନ୍ୟରାଜ୍ୟଗୁଡ଼ିକ ଭାରତରେ ଯୋଗଦେବା ସହିତ ଭାରତର ଦେଶୀୟ ରାଜ୍ୟଗୁଡ଼ିକର ମିଶ୍ରଣ ପ୍ରଥମେ ଓଡ଼ିଶାରେ ଆରମ୍ଭ ହୋଇଥିଲା। ଏପରି କରି ଓଡ଼ିଶା ଅବଶିଷ୍ଟ ରାଜ୍ୟଗୁଡ଼ିକୁ ଏକତ୍ର କରି ଭାରତୀୟ ରାଷ୍ଟ୍ରକୁ ଏକଜୁଟ ଏବଂ ସୁଦୃଢ଼ କରିବା ପାଇଁ ନେତୃତ୍ୱ ନେଇଥିଲା।

ନବୀନ ଆହୁରି କହିଛନ୍ତି ଯେ ଭାଷା ଆଧାରରେ ଭାରତର ପ୍ରଥମ ରାଜ୍ୟ ଭାବେ ଓଡ଼ିଶା ଗଠନ ହୋଇଥିଲା। ଓଡ଼ିଶା ପ୍ରଦେଶ ସୃଷ୍ଟି କରିବାରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଅବଦାନକୁ ଏଠାରେ ସ୍ମରଣ କରିବାର ଆବଶ୍ୟକତା ରହିଛି। ସାମ୍ବିଧାନିକ ପଦ୍ଧତି ଅବଲମ୍ବନ କରି ସେ ଅନ୍ୟ ଜାତୀୟସ୍ତରର ନେତାଙ୍କ ସହ ମିଶି ଏହି ଐତିହାସିକ ଲକ୍ଷ୍ୟ ହାସଲ କରିଥିଲେ। ଏହି ମହାନ ଦେଶର ରାଷ୍ଟ୍ରପତି ଭାବେ ଆପଣ ଭାରତ ସମ୍ବିଧାନର 'ସଂରକ୍ଷଣ, ସୁରକ୍ଷା ଏବଂ ପ୍ରତିରକ୍ଷା' କରନ୍ତି, ଯାହାର ୭୫ ତମ ବାର୍ଷିକୀ ନିକଟରେ ପାଳନ କରାଯାଇଛି। ଭାରତର ଆତ୍ମାକୁ ବଞ୍ଚାଇ ରଖିବାରେ ପ୍ରେରଣା ଏବଂ ମାର୍ଗଦର୍ଶନ ପାଇଁ ସମଗ୍ର ଦେଶ ରାଷ୍ଟ୍ରପତିଙ୍କ ଆଡ଼କୁ ଚାହିଁ ରହିଛି। ଗତ ଦୁଇ ଦଶନ୍ଧି ମଧ୍ୟରେ ଓଡ଼ିଶା ଅନେକ କ୍ଷେତ୍ରରେ ଇତିହାସ ରଚିଛି। ବିପର୍ଯ୍ୟୟ ପରିଚାଳନା, ଖାଦ୍ୟ ଉତ୍ପାଦନ, ମହିଳା ସଶକ୍ତିକରଣ, ଦାରିଦ୍ର୍ୟ ଦୂରୀକରଣ, ଭିତ୍ତିଭୂମି ବିକାଶ, ସ୍ୱାସ୍ଥ୍ୟ ଓ ଶିକ୍ଷା କ୍ଷେତ୍ରରେ ପରିବର୍ତ୍ତନ ଏବଂ ଶିଳ୍ପ ଅଭିବୃଦ୍ଧିର ପରିବେଶ ସୃଷ୍ଟି କ୍ଷେତ୍ରରେ ଓଡ଼ିଶା ଏକ ପ୍ରେରଣାଦାୟୀ କାହାଣୀ ସୃଷ୍ଟି କରିଛି। ଏଭଳି ଅଭୂତପୂର୍ବ ଅଭିବୃଦ୍ଧିର ସମସ୍ତ ଶ୍ରେୟ ଓଡ଼ିଶାର ଜନସାଧାରଣଙ୍କ ଅତୁଟ ସମର୍ଥନ ଏବଂ ଆଶୀର୍ବାଦ ଯୋଗୁଁ ସମ୍ଭବ ହୋଇପାରିଛି। ଓଡ଼ିଶାର ବିପର୍ଯ୍ୟୟ ପରିଚାଳନା ନୀତି ସମଗ୍ର ଦେଶ ପାଇଁ ଏକ ଆଦର୍ଶ ପାଲଟିଛି। ବିପର୍ଯ୍ୟୟ ପରିଚାଳନାରେ ଉତ୍ତମ କାର୍ଯ୍ୟ ପାଇଁ ଓଡ଼ିଶାକୁ ଅନ୍ତର୍ଜାତୀୟ ସ୍ତରରେ ସ୍ୱୀକୃତି ମିଳିଛି। ସମୃଦ୍ଧ ପ୍ରାକୃତିକ ସମ୍ବଳ ଏବଂ କୁଶଳୀ ଶ୍ରମଶକ୍ତି ସହିତ ଓଡ଼ିଶାରେ ଅଭିବୃଦ୍ଧିର ବିପୁଳ ସମ୍ଭାବନା ରହିଛି। ଓଡ଼ିଶାକୁ ଗୌରବର ନୂତନ ଶିଖରରେ ପହଞ୍ଚାଇବା ପାଇଁ ଆମେ ସମସ୍ତେ ପ୍ରୟାସ କରିବା ଉଚିତ ବୋଲି ନବୀନ କହିଛନ୍ତି।

## ୪ ସପ୍ତାହ ମଧ୍ୟରେ...

ଆଶା। ପାଣ୍ଠି ସଂଗ୍ରହର ଦାୟିତ୍ୱ କୋର୍ଟ ହାସ୍ୟ ଅଭିନେତାଙ୍କୁ ଦେଉଛନ୍ତି। ଏହା କୌଣସି ଦଣ୍ଡ ନୁହେଁ, ବରଂ ଏକ ସାମାଜିକ ଦାୟିତ୍ୱ।

ସମୟ ରୈନାଙ୍କ ଶୋ'ରେ ଅଶ୍ଳୀଳ ବିଷୟବସ୍ତୁକୁ ପ୍ରୋତ୍ସାହନ ଦିଆଯାଉଛି। ଗତ ଫେବୃଆରୀରେ ମୁକ୍ତିଲାଭ କରିଥିବା ଏହାର ଦୁଇଟି ଶୋ'କୁ ନେଇ ବିବାଦ ହୋଇଥିଲା। ମହିଳା ଏବଂ ଦିବ୍ୟାଙ୍ଗଙ୍କୁ ନେଇ ଏଭଳି ଅଭଦ୍ର ଟିପ୍ପଣୀ ଦିଆଯାଇଥିଲା ଯାହାକୁ ନେଇ ସାରା ଦେଶରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ଏହାକୁ ନେଇ ସମୟ ରୈନା, ରଣବୀର ଆହ୍ଲାବାଦିଆ ଓ ଅନ୍ୟମାନଙ୍କ ବିରୋଧରେ ଅନେକ ରାଜ୍ୟରେ ଏତଲା ରୁଜୁ କରାଯାଇଥିଲା। ଏହି ସବୁ ଏତଲା ରଦ୍ଦ କରିବାକୁ ରଣବୀର ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ତେବେ କୋର୍ଟ ଏହା ଉପରେ କୌଣସି ଆଶ୍ୱସ୍ତି ଦେଇ ନାହାନ୍ତି। କିନ୍ତୁ କେନ୍ଦ୍ର ସରକାରଙ୍କୁ କଠୋର ନିୟମ ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଶୁଣାଣି ସମୟରେ ଜଷ୍ଟିସ ଜୟମାଲ୍ୟ ବାଗଚୀ କହିଥିଲେ ଯେ ଅଶ୍ଳୀଳ ବିଷୟବସ୍ତୁକୁ ବନ୍ଦ କରିବା ପୂର୍ବରୁ ଏହା ଭାଇରାଲ ହୋଇ ଲକ୍ଷ ଲକ୍ଷ ଲୋକ ଦେଖି ସାରୁଛନ୍ତି। ତେଣୁ ଏହାର ସମାଧାନ କରିବା ପାଇଁ ସୁପ୍ରିମକୋର୍ଟ ବିଚାରବିମର୍ଶ କରିଛନ୍ତି।

ଶୁଣାଣି ସମୟରେ ସଲିସିଟର ଜେନେରାଲ (ଏସଜି) ତୁଷାର ମେହେଟା କହିଥିଲେ ଯେ ଏହି ମାମଲା କେବଳ ଅଶ୍ଳୀଳତା ନୁହେଁ, ବରଂ ଅପବ୍ୟବହାର ସମ୍ବନ୍ଧିତ ମଧ୍ୟ। ବ୍ୟବହାରକାରୀଙ୍କ ପାଇଁ ଉଦ୍ଦିଷ୍ଟ ବିଷୟବସ୍ତୁରେ ଏହି ସବୁ ସମସ୍ୟା ରହିଛି। ମତ ପ୍ରକାଶ ହେଉଛି ଏକ ଅମୂଲ୍ୟ ଅଧିକାର, କିନ୍ତୁ ଖରାପ କାମ ପାଇଁ ଏହାକୁ ବ୍ୟବହାର କରାଯାଇପାରିବ ନାହିଁ। ଉତ୍ତରରେ ସିଜେଆଇ କହିଥିଲେ ଯେ ଏହା ହିଁ ସମସ୍ୟା। ଯଦି ମୁଁ ନିଜର ଚ୍ୟାନେଲ ଖୋଲୁଛି ତେବେ ବି କାହା ପାଇଁ ଉତ୍ତରଦାୟୀ ନୁହେଁ। କେହି ତ ଜଣେ ଉତ୍ତରଦାୟୀ ହେବା ଦରକାର।

ଏହି ମାମଲାକୁ ଦେଶ ବିରୋଧୀ ଭାବେ ମଧ୍ୟ ଦେଖାଯାଉଛି। ଏହାକୁ ନେଇ ଜଷ୍ଟିସ ବାଗଚୀ କହିଥିଲେ ଯେ ବିଷୟବସ୍ତୁ ଦେଶବିରୋଧୀ ହୋଇଥିଲେ ଏହାକୁ ପ୍ରସ୍ତୁତ କରିଥିବା ବ୍ୟକ୍ତି ଦାୟୀ ହେବେ କି? ଅଶ୍ଳୀଳ ବିଷୟବସ୍ତୁକୁ କେମିତି ରୋକିବେ ବୋଲି ସେ ଏସ୍‌ଜିଙ୍କୁ ପଚାରି ଥିଲେ। ଏହା ଉପରେ ରୋକ୍ ଲଗାଇବା ପାଇଁ ସ୍ୱୟଂଶାସିତ ସଂଗଠନ ଗଠନ କରିବାକୁ ସିଜେଆଇ ପ୍ରସ୍ତାବ ଦେଇଥିଲେ। ଏହି ସମାଜରେ ଶିଶୁଙ୍କର ବି ମୌଳିକ ଅଧିକାର ରହିଛି ବୋଲି କହିଥିଲେ। ସଲିସିଟର ଜେନେରାଲଙ୍କୁ ସିଜେଆଇ ପଚାରି ଥିଲେ ଯେ ଯଦି ସବୁ କିଛି ପ୍ରସାରଣ କରିବାକୁ ଦିଆଯିବ ତେବେ ସରକାର କ'ଣ କରିବେ। ନିରୀହ ଲୋକେ ନିଜେ ନିଜକୁ ସୁରକ୍ଷା ଯୋଗାନ୍ତୁ ବୋଲି ଆପଣ ଚାହୁଁଛନ୍ତି କି? ସମସ୍ତଙ୍କୁ କୋର୍ଟ ଆସିବାକୁ ସୁଯୋଗ ମିଳିବ ନାହିଁ। ତେଣୁ ଏହାର ସମାଧାନ ଲାଗି କୋର୍ଟ ନୂଆ ବ୍ୟବସ୍ଥା ଆଣିବାକୁ କେନ୍ଦ୍ରକୁ କହିଥିଲେ। ଏଥିପାଇଁ ଚାରି ସପ୍ତାହ ସମୟ ଦେଇଛନ୍ତି।

## ରେକର୍ଡ ଭାଙ୍ଗିଲା...

ଦାରିଙ୍ଗବାଡି ୯.୫, ଅନୁଗୁଳ ୧୦, କେନ୍ଦୁଝର ୧୦.୩, ସୁନ୍ଦରଗଡ ୧୦.୬, ଭୁବନେଶ୍ୱର ୧୩.୫ ଏବଂ କଟକରେ ପାରଦ ୧୩.୪ ଡିଗ୍ରୀ ରେକର୍ଡ ହୋଇଛି।

ପାଣିପାଗ କେନ୍ଦ୍ର ସୂଚନା ଅନୁସାରେ ଆସନ୍ତା ୭ ଦିନ ପର୍ଯ୍ୟନ୍ତ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବ। ଏହାସହିତ ଆସନ୍ତା ୨ ଦିନ ମଧ୍ୟରେ ରାଜ୍ୟରେ ତାପମାତ୍ରା ଆହୁରି ୨-୩ ଡିଗ୍ରୀ ତଳକୁ ଖସିବ। ଏଥିପାଇଁ ରାଜ୍ୟରେ ଜାରି ରହିଥିବା ଶୀତର ସ୍ଥିତି ଜାରି ରହିବ। ବର୍ତ୍ତମାନ ରାଜ୍ୟକୁ ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କ ଓ ଥଣ୍ଡା ବାୟୁର ପ୍ରବାହ ଅଧିକ ରହୁଛି। ଏହି ସ୍ଥିତି ଆହୁରି ପ୍ରାୟ ୨-୩ ଦିନ ପର୍ଯ୍ୟନ୍ତ ଲାଗି ରହିବାର ସମ୍ଭାବନା ଥିବା ବେଳେ ଏହି ସମୟରେ କିଛି ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହେବାର ସମ୍ଭାବନା ରହୁଛିଏ

ଅନ୍ୟପଟେ ବଙ୍ଗୋପସାଗରରେ ପୁଣି ଏକ ବାତ୍ୟା ସୃଷ୍ଟି ହୋଇଛି। ଦକ୍ଷିଣପଶ୍ଚିମ ବଙ୍ଗୋପସାଗର ପାଶ୍ୱର୍ବର୍ତ୍ତୀ ଶ୍ରୀଲଙ୍କା ଉପକୂଳରେ ଏହି ବାତ୍ୟା ଆଜି ସୃଷ୍ଟି ହୋଇଛି। ବାତ୍ୟାର ନାମ 'ଡିଟୱା' ରହିଛି। ଏହି ବାତ୍ୟାଟି ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ଉତ୍ତର-ଉତ୍ତରପଶ୍ଚିମ ଦିଗରେ ଗତିକରି ଉତ୍ତର ୩୦ ତାରିଖ ସୁଦ୍ଧା ତାମିଲନାଡୁ-ପୁଡୁଚେରୀ ଏବଂ ଦକ୍ଷିଣ ଆନ୍ଧ୍ରପ୍ରଦେଶ ମୁହାଁ ହେବ। ଓଡ଼ିଶା ଉପରେ ଏହାର କୌଣସି ସିଧାସଳଖ ପ୍ରଭାବ ପଡ଼ିବ ନାହିଁ। ବାତ୍ୟାଟି ଆନ୍ଧ୍ର ନିକଟବର୍ତ୍ତୀ ହେବା ପୂର୍ବରୁ ଦୁର୍ବଳ ହୋଇଯିବାର ଯଥେଷ୍ଟ ସମ୍ଭାବନା ରହିଛି। ମାତ୍ର ଯଦି ଏହା ଆନ୍ଧ୍ର ନିକଟବର୍ତ୍ତୀ ହୁଏ ତେବେ ୧ ତାରିଖ ବେଳକୁ ଦକ୍ଷିଣ ଓଡ଼ିଶାର କିଛି କାଁ ଭାଁ ଜିଲ୍ଲାରେ ବର୍ଷା ହେବାର ଆଶଙ୍କା କରାଯାଉଛି।

## ଆଜିର ରାଶିଫଳ

**ମେଷ:** ଦିନଟି ଶୁଭଫଳ ପ୍ରଦାନ କରିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଜୀବନସାଥୀଙ୍କ ବ୍ୟବହାରରେ ଖୁସି ହେବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ।

**ବୃଷ:** ବିବାହ ପ୍ରସ୍ତାବ ସ୍ଥିର ହେବ। ସମାଜରେ ପ୍ରତିଷ୍ଠା ବଢ଼ିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। କୋର୍ଟ ମାମଲାରେ ସଫଳତା ହାସଲ କରିବେ। ମହିଳାମାନେ କିଣାକିଣିରେ ଅଧିକ ଖର୍ଚ୍ଚ କରିବେ।

**ମିଥୁନ:** ରାଜନୀତିରେ ସଫଳତା ମିଳିବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ବାଦବିବାଦ ତଥା ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ଏକାଗ୍ରତାର ସହ କାମ କରିବେ। ସନ୍ତାନ ସୁଖ ପ୍ରାପ୍ତ ହେବ।

**ସିଂହ:** ବନ୍ଧୁ ମିଳନ ଯୋଗ ଅଛି। ଘରେ ପୂଜାପାଠ ଆୟୋଜନ କରିବେ। ପ୍ରେମ ସମ୍ବନ୍ଧରେ ତିକ୍ତତା ଦେଖା ଦେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ। କାର୍ଯ୍ୟକ୍ଷେତ୍ରରେ ସମସ୍ୟା ଦୂର ହେବ।

**କନ୍ୟା:** ଭାଇଭଉଣୀଙ୍କ ମଧ୍ୟରେ ଭୁଲ ବୁଝାମଣା ଦୂର ହେବ। ସକାରାତ୍ମକ ଚିନ୍ତାଧାରାରେ କାର୍ଯ୍ୟ କରିବେ। ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଛାତ୍ରଛାତ୍ରୀଙ୍କୁ ପରିଶ୍ରମର ଉଚିତ ଫଳ ମିଳିବ।

**ତୁଳା:** ବୁଝିବିଚାରି ନିଷ୍ପତ୍ତି ନିଅନ୍ତୁ। କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସରକାରୀ ଚାକିରି ପାଇଁ ସମୟ ଲାଗିବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଦାମ୍ପତ୍ୟ ଜୀବନରେ ମତଭେଦ ସୃଷ୍ଟି ହେବ।

**ବିଛା:** ଅଫିସ୍ କାର୍ଯ୍ୟ ଠିକ୍ ସମୟରେ ପୂରା କରିବେ। ବରିଷ୍ଠ ଅଧିକାରୀ କାମ ପାଇଁ ପ୍ରଶଂସା କରିବେ। ଗରିବ ଲୋକଙ୍କୁ ସାହାଯ୍ୟ କରିବେ। ତୈଳାକ୍ତ ଖାଦ୍ୟ ପଦାର୍ଥରୁ ଦୂରେଇ ରହିବେ।

**ଧନୁ:** ଶାନ୍ତ ମନରେ କାର୍ଯ୍ୟ କରିବେ। ବ୍ୟବସାୟରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ଆର୍ଥିକ ସ୍ଥିତି ମଜଭୁତ ହେବ। ପରିବାର ସଦସ୍ୟଙ୍କୁ ସମୟ ଦେବେ।

**ମକର:** ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ବନ୍ଧୁଙ୍କ ସହ ଆଲୋଚନା କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଧାର୍ମିକ ସ୍ଥାନକୁ ଯାତ୍ରା କରିବେ।

**କୁମ୍ଭ:** ଇଚ୍ଛା ପୂରଣ ହେବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ବିରୋଧୀଙ୍କଠାରୁ ଦୂରେଇ ରହିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

**ମୀନ:** ମନ ପ୍ରସନ୍ନ ରହିବ। ନୂଆ ଯୋଜନା ସହ କାମ ଆରମ୍ଭ କରିବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୬୬୦: ଲଣ୍ଡନରେ ଦ ରୟାଲ ସୋସାଇଟିର ଗଠନ।
- ୧୮୧୪: ଦ ଟାଇମ୍ସ ଅଫ୍ ଲଣ୍ଡନକୁ ପ୍ରଥମଥର ସ୍ୱଚାଳିତ ପ୍ରିଣ୍ଟିଂ ମେସିନ୍‌ରେ ଛପାଗଲା।
- ୧୮୯୦: ସମାଜସେବୀ ଜ୍ୟୋତିବା ଫୁଲେଙ୍କ ପରଲୋକ।
- ୧୯୪୫: ସାହିତ୍ୟିକ ଅମର ଗୋସ୍ୱାମୀଙ୍କ ଜନ୍ମ।
- ୧୯୯୬: ଏୟାରବସ୍ ଏ-୩୦୦ ବିମାନକୁ କମାଣ୍ଡ କରିବା ପ୍ରଥମ ମହିଳା ହେଲେ କ୍ୟାପ୍ଟେନ୍ ଇନ୍ଦ୍ରାଣି ସିଂହ।

# ମେସିନ୍ କାଟୁଛି କେଶ



ସାମାଜିକ ଗଣମାଧ୍ୟମରେ ଏବେ ଏକ ଭିଡିଓ ଖୁବ୍ ଭାଇରାଲ ହେଉଛି। ଏଥିରେ ଦେଖିବାକୁ ମିଳିଛି, ରାସ୍ତାକଡ଼ରେ ଏକ ମେସିନ୍ ଲୋକଙ୍କର ଖୁବ୍ କମ୍ ସମୟ ମଧ୍ୟରେ କେଶ କାଟି ଦେଉଛି। ଭିଡିଓରେ ଦେଖା ଯାଇଛି, ଜଣେ ଯୁବକ ମେସିନ୍‌କୁ ଟେପର୍ଡ ଫେଡ୍ ହେୟାରକଟ୍ କରିବାକୁ କହିଛନ୍ତି। ମେସିନ୍ ଉତ୍ତରରେ ଯୁବକଙ୍କୁ ମୁଣ୍ଡ ରଖିବାକୁ କହିଛି। ବହୁତ କମ୍ ସମୟ ମଧ୍ୟରେ ସମ୍ପୃକ୍ତ ଯୁବକ ଜଣକ ଯେତେବେଳେ ନିଜ ମୁଣ୍ଡକୁ ମେସିନ୍‌ରୁ ବାହାର କରିଛନ୍ତି, ତାଙ୍କୁ ସଂପୂର୍ଣ୍ଣ ଭାବେ ଏକ ନୂଆ ଲୁକ୍‌ରେ ଦେଖିବାକୁ ମିଳିଛି। ଭିଡିଓରେ ଦାବି କରାଯାଇଛି ଯେ, ଏହି ମେସିନ୍ ନରୱେ ରାଜଧାନୀ ଓସ୍‌ଲୋରେ ଲାଗିଛି। ଭିଡିଓରେ ତିନି ଜଣ ଯୁବକ ଜଣକ ପରେ ଜଣେ କେଶ କାଟିଥିବା ଦେଖାଯାଇଛି। ଅନ୍ୟପଟେ ଭିଡିଓର ଶୀର୍ଷକରେ ଲେଖାଯାଇଛି, 'ଆଉ ଅପେକ୍ଷା କରନ୍ତୁ ନାହିଁ। ଏବେ ରାସ୍ତାକଡ଼ରେ କେଶ କାଟିବା ସୁବିଧା ଅଟୋପାଇଲଟ୍ ପର୍ଯ୍ୟାୟରେ ଅଛି। ସେହିପରି ଲୋକଙ୍କୁ ହେୟାର ଷ୍ଟାଇଲିଷ୍ଟ ବିନା ରାସ୍ତାକଡ଼ରେ କେଶ କାଟିବା ସୁଯୋଗ ମିଳିପାରିବ।' ତେବେ ଏହି ଭିଡିଓ ଅସଲି ନୁହେଁ, ବରଂ ଏହାକୁ ଏଆଇ ଦ୍ୱାରା ପ୍ରସ୍ତୁତ କରାଯାଇଛି ବୋଲି କୁହାଯାଉଛି। ଇନ୍‌ଷ୍ଟାଗ୍ରାମ ପେଜ୍ ଆକ୍ସ ଡ୍ରପ୍ ଏକ୍ସ ଏଆଇ ଏହାକୁ ତିଆରି କରିଛି। ଏହା ଏଭଳି ଭବିଷ୍ୟବାଦୀ ଏବଂ କାଳ୍ପନିକ ଭିଡିଓ ପୋଷ୍ଟ କରିଥାଏ। ଏହି ଭିଡିଓ ମାଧ୍ୟମରେ ଲୋକଙ୍କ କଳ୍ପନାକୁ ବାସ୍ତବରେ ଦେଖାଇବାକୁ ପ୍ରୟାସ କରାଯାଇଛି। ସେହିପରି ଲୋକେ ବି ଚିନ୍ତା କରୁଛନ୍ତି କ'ଣ ସତରେ ଭବିଷ୍ୟତରେ ଏମିତି ମେସିନ୍ ଆସିବା ସମ୍ଭବ, ଯାହା ମଣିଷଙ୍କ ଭଳି କେଶ କାଟିବ। ଅନ୍ୟପଟେ ଭିଡିଓଟି ସତ ନ ହେଲେ ବି ଏହା ଏକ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି ଯେ, କ'ଣ ଆଗାମୀ ଦିନରେ ମଣିଷର କାମ ମେସିନ୍ କରିବ? ଯଦି ଏଆଇର ପ୍ରଗତି ଏମିତି ଚାଲିବ, ତେବେ ଭବିଷ୍ୟତରେ ମେସିନ୍ ହେୟାର ଷ୍ଟାଇଲିଷ୍ଟଙ୍କ ସ୍ଥାନ ନେବ ଏଥିରେ ଦ୍ୱିମତ ନାହିଁ। ଅନ୍ୟପଟେ ଏହି ଭିଡିଓରେ ଲୋକେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।



# 'ବର୍ଡର ୨'
## ନୂଆ ରୂପରେ ଆସିବ 'ସନ୍ଦେଶେ ଆତେ ହେଁ'

ବଲିଉଡ୍ ଅଭିନେତା ସନ୍ନି ଦେଓ୍ୱଲ ତାଙ୍କ ଆଗାମୀ ଫିଲ୍ମ 'ବର୍ଡର ୨'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ଏବେ ଫିଲ୍ମର ପ୍ରଯୋଜକ ମୂଳ ଫିଲ୍ମର ଆଇକନିକ୍ ଗୀତ 'ସନ୍ଦେଶେ ଆତେ ହେଁ'କୁ ରିକ୍ରିଏଟ୍ କରିବା ପାଇଁ ଯୋଜନା କରିଛନ୍ତି। ପୂର୍ବରୁ ଏହି ଗୀତକୁ ସୋନୁ ନିଗମ୍ ଓ ଅରିଜିତ୍ ସିଂହ ଗାଇବେ ବୋଲି କୁହାଯାଉଥିଲା। ଏବେ ଏଥିରେ ଆଉ ଜଣେ ଜଣାଶୁଣା ଗାୟକଙ୍କ ଏଣ୍ଟ୍ରି ହୋଇଛି। ପଞ୍ଜାବୀ ଅଭିନେତା ତଥା ଗାୟକ ଦିଲଜିତ୍ ଦୋସାଞ୍ଜ ଏଥିରେ ଗୀତ ଗାଇବେ। ତେବେ ଫିଲ୍ମ ନିର୍ମାତା ଏପରି ଜଣେ ଗାୟକ ଚାହୁଁଥିଲେ ଯାହାଙ୍କଠାରେ ଆଧୁନିକ ଓ ପୁରୁଣା ଗୀତ ସୁଟ୍ କରୁଥିବ। ଏଥିପାଇଁ ଦିଲଜିତ୍‌ଙ୍କୁ ବଛାଯାଇଥିଲା। ଏହି ଗୀତକୁ ବେଶ୍ ବଡ଼ ଆକାରରେ ପ୍ରମୋଟ୍ ମଧ୍ୟ କରାଯିବ। 'ବର୍ଡର ୨'ରେ ସନ୍ନି ଦେଓ୍ୱଲଙ୍କ ସହ ବରୁଣ ଧଓ୍ୱନ, ଦିଲଜିତ୍ ଦୋସାଞ୍ଜ, ଅହାନ୍ ସେଟ୍ଟୀ, ସୋନମ୍ ବାଜଓ୍ୱା, ମେଘା ରାଣା ପ୍ରମୁଖ ନଜର ଆସିବେ। ଏହା ଆସନ୍ତା ଜାନୁୟାରୀ ୨୩ରେ ମୁକ୍ତିଲାଭ କରିବ।

# ଛିଙ୍କ ରୋକିବା ଉଚିତ

କିଛି ଲୋକ ସର୍ବସାଧାରଣ ସ୍ଥାନ ତଥା ଆଖପାଖରେ ଲୋକ ଥିଲେ ଛିଙ୍କ ରୋକିବାକୁ ଚେଷ୍ଟା କରିଥାନ୍ତି। ହେଲେ ଏଭଳି କରିବା ବିପଜ୍ଜନକ। କାରଣ ଛିଙ୍କ ଆସିବା ହେଉଛି ଶରୀରକୁ ଜୀବାଣୁ କିମ୍ବା ଧୂଳିକଣିକାରୁ ଶ୍ୱାସନଳୀକୁ ରକ୍ଷା କରିବାର ଏକ ଉପାୟ। ଏହା ଏକ ସ୍ୱାଭାବିକ ପ୍ରକ୍ରିୟା। ହେଲେ ଛିଙ୍କକୁ ରୋକି ବ୍ରିଟେନ୍‌ର ଜଣେ ଯୁବକଙ୍କୁ ଅସହ୍ୟ ଯନ୍ତ୍ରଣା ଭୋଗିବାକୁ ପଡ଼ିଛି। ଏହି ଘଟଣା ଦୁଇ ବର୍ଷ ପୂର୍ବରୁ ଅର୍ଥାତ୍ ୨୦୨୩ ମସିହାରେ ଘଟିଥିଲା। ଜଣେ ୩୦ ବର୍ଷୀୟ ଯୁବକ କାର୍ ଚଳାଉ ଥିଲେ। ଏହି ସମୟରେ ଆଲର୍ଜି ଯୋଗୁଁ ତାଙ୍କୁ ଛିଙ୍କ ଆସିଥିଲା। ହେଲେ ଲଜ୍ୟା ଓ ଭୟ ଯୋଗୁଁ ନ ଛିଙ୍କି ତାକୁ ରୋକିବାକୁ ଚେଷ୍ଟା କଲେ। ଏପରିକି ନାକକୁ ବନ୍ଦ କରିବା ସହିତ ପାଟି ମଧ୍ୟ ଖୋଲିଲେ ନାହିଁ। ଏହାପରେ ସେ ଭାବିଲେ ଛିଙ୍କ ଅଟକିଗଲା। ହେଲେ ଗଳାରେ ତାଙ୍କର ଅଚାନକ ଯନ୍ତ୍ରଣା ହେଲା। ତାଙ୍କୁ ଲାଗୁଥିଲା ଯେମିତି ଗଳାରେ କିଛି ଫାଟିଗଲା। ଏହି ସମୟରେ ଶ୍ୱାସକ୍ରିୟାରେ ବି ତାଙ୍କୁ ସମସ୍ୟା ସାମ୍ନା କରିବାକୁ ପଡ଼ିଲା। ସେ ତୁରନ୍ତ ଡାକ୍ତରଙ୍କ ପାଖରେ ପହଞ୍ଚିବାରୁ ସେଠାରେ ସିଟି ସ୍କାନ କରାଯିବାରୁ ଯୁବକଙ୍କ ଶ୍ୱାସନଳୀରେ ଛେଦ ହୋଇଯାଇଥିବା ଜଣାପଡ଼ିଲା। ଛିଙ୍କ ଆସିବାରୁ ଯେଉଁ ପବନ ପାଟି ଓ ନାକରୁ ବାହାରକୁ ଆସିବାର ଥିଲା, ତାହା ତାଙ୍କ ଛାତି ଓ ଫୁସ୍‌ଫୁସ୍‌ରେ ଜମା ହୋଇଯାଇଥିଲା। ଛିଙ୍କ ରୋକିବାରୁ ଶ୍ୱାସନଳୀରେ ବାୟୁର ଚାପ ୨୦ ଗୁଣ ଅଧିକ ହେଲା। ଫଳରେ ତାଙ୍କ ଗଳାରେ ଛେଦ ହୋଇଯାଇଥିଲା। ସେହିପରି ଏହି ଛେଦ ଯଦି ବଡ଼ ହୋଇଥାନ୍ତା, ତେବେ ରକ୍ତସ୍ରାବ, ସଂକ୍ରମଣ ନଚେତ ଶ୍ୱାସକ୍ରିୟା ବନ୍ଦ ହୋଇ ଜୀବନ ଯାଇଥାନ୍ତା। ଏହି ଘଟଣା ପରେ ବ୍ୟକ୍ତିଙ୍କୁ ପେନକିଲର ଦିଆଯାଇ ଅବଜରଭେସନରେ ରଖାଯାଇଥିଲା। ସୌଭାଗ୍ୟରୁ ତାଙ୍କ ଶ୍ୱାସନଳୀର ଛେଦ ଆପେ ଆପେ ଭରିଗଲା। ଏହି ଘଟଣା ପରେ ଛିଙ୍କ ନ ରୋକିବାକୁ ଡାକ୍ତର ଲୋକଙ୍କୁ ଚେତାବନୀ ଦେଇଛନ୍ତି। ଅନ୍ୟପଟେ ଛିଙ୍କକୁ ନେଇ ଏହା ଥିଲା ବିଶ୍ୱର ପ୍ରଥମ ଘଟଣା। ଯାହାକି ବିଏମ୍‌ଜେ କେସ୍ ରିପୋର୍ଟ ଜର୍ଣ୍ଣାଲରେ ପ୍ରକାଶିତ।






# ଶୀତଦିନେ ହୃଦ୍‌ରୋଗୀଙ୍କ ପାଇଁ ସତର୍କତା



**ଶୀତଋତୁରେ ବାୟୁମଣ୍ଡଳର ତାପମାତ୍ରା କମିଯାଏ। ଏହି ପରିବର୍ତ୍ତନ ମନୁଷ୍ୟର ଶରୀର ଉପରେ ପ୍ରଭାବ ପକାଇଥାଏ। ତାପମାତ୍ରା ସର୍ବାଧିକ ହ୍ରାସ ପାଇଲେ, ଧମନୀ ସଙ୍କୁଚିତ ହୁଏ। ଏହାଦ୍ୱାରା ରକ୍ତଚାପସ୍ତର ବଢ଼ିଯାଇଥାଏ। ରକ୍ତଚାପ ବଢ଼ିଲେ ହୃଦୟ ଉପରେ ପ୍ରଭାବ ପଡ଼ିପାରେ। ତେଣୁ ଉଚ୍ଚରକ୍ତଚାପରେ ପୀଡ଼ିତ ଓ ହୃଦ୍‌ରୋଗୀ ଥଣ୍ଡା ସମୟରେ ସତର୍କ ରହିବା ଜରୁରି।**

ଶୀତଋତୁରେ ବୟସ୍କ ବ୍ୟକ୍ତି, ମଧୁମେହ, ଉଚ୍ଚରକ୍ତଚାପ, କୋଲେଷ୍ଟ୍ରଲରେ ପୀଡ଼ିତ, ହୃଦ୍‌ଜନିତ ସମସ୍ୟାରେ ପୀଡ଼ିତ ବ୍ୟକ୍ତି ଥଣ୍ଡା ପବନରେ ବୁଲିବା ଅନୁଚିତ। ଏହା ଦ୍ୱାରା ରକ୍ତ ଜମାଟ ବାନ୍ଧିଥାଏ। ରକ୍ତସଞ୍ଚାଳନରେ ବାଧାପ୍ରାପ୍ତ ହୋଇ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହୋଇପାରେ। ତେଣୁ ବାହାରକୁ ଯାଉଥିଲେ, ଗରମ ପୋଷାକ, ମୋଜା, ଟୋପି, ହ୍ୟାଣ୍ଡ ଗ୍ଲୋବ୍‌ସ ଆଦି ପିନ୍ଧନ୍ତୁ। ଏହାଦ୍ୱାରା ରକ୍ତଚାପ ନିୟନ୍ତ୍ରଣ ରହିପାରେ।

**କଠିନ ବ୍ୟାୟାମ ଅନୁଚିତ:** ନିୟମିତ ୨୦ରୁ ୩୦ ମିନିଟ୍ ଚାଲିବା, ବ୍ୟାୟାମ ଓ ଯୋଗ ଦ୍ୱାରା ରକ୍ତଚାପ ନିୟନ୍ତ୍ରଣ ହୁଏ। ମାଂସପେଶୀରେ ରକ୍ତସଞ୍ଚାଳନ ହୋଇଥାଏ। ଏହା ହୃଦୟ ପାଇଁ ଭଲ। ତେବେ ହୃଦ୍‌ରୋଗୀ ଥଣ୍ଡା ସମୟରେ ଅଧିକ କଠିନ ବ୍ୟାୟାମ କରିବା ଅନୁଚିତ।

**ଜୀବନଶୈଳୀରେ ପରିବର୍ତ୍ତନ :** ଶୀତଦିନେ ଶରୀରରେ ଜଳୀୟ ଅଂଶ କମ୍ ହୁଏ। ଦିନକୁ ୩ଲିଟର ପାଣି ପିଇ ହୃଦ୍‌ପିଣ୍ଡକୁ ସୁସ୍ଥ ରଖିପାରିବେ। ମାସ୍କ ଲଗାଇବା ଉଚିତ। ଧୂମପାନଠାରୁ ଦୂରେଇ ରୁହନ୍ତୁ। କମ୍ ଲୁଣଯୁକ୍ତ ସନ୍ତୁଳିତ ଖାଦ୍ୟ ଗ୍ରହଣ ସହ ଖାଦ୍ୟରେ ଓମେଗା-୩ଯୁକ୍ତ ଖାଦ୍ୟ, ଫାଇବର, ଭିଟାମିନ୍ ଡି ଆଦି ସାମିଲ କରିପାରିବେ। ମୁଣ୍ଡବିନ୍ଧା, ଛାତିରେ ଯନ୍ତ୍ରଣା ଆଦି ଲକ୍ଷଣ ଦେଖିବା ମାତ୍ରେ ତୁରନ୍ତ ଡାକ୍ତରଙ୍କ ପରାମର୍ଶ ନେବା ଜରୁରି। ନିୟମିତ ଉଚ୍ଚରକ୍ତଚାପସ୍ତର, ରକ୍ତ ଶର୍କରା, କୋଲେଷ୍ଟ୍ରଲ ଆଦିକୁ ପରୀକ୍ଷା କରାଇ ଚିକିତ୍ସକଙ୍କ ପରାମର୍ଶ ଅନୁସାରେ ଔଷଧ ସେବନ କରିବା ଜରୁରି।

'ସକାଳ'ର ସ୍ୱାସ୍ଥ୍ୟ

# ଚକ୍ଷୁ କର୍କଟ



**ଆଖି ମନୁଷ୍ୟ ଶରୀରର ସବୁଠୁ ସୂକ୍ଷ୍ମ ଅଙ୍ଗ। ହେଲେ ଜୀବନଶୈଳୀ, ବଂଶାନୁଗତ ଆଦି କାରଣରୁ ଚକ୍ଷୁଜନିତ କର୍କଟ ଦେଖାଯାଉଛି। ଆଖି ଭିତରେ କିମ୍ବା ଏହାର ଆଖପାଖରେ ଅସାମାନ୍ୟ ଭାବେ କୋଷ ବୃଦ୍ଧି ପାଇ ଏହା ଟ୍ୟୁମରର ରୂପ ନିଏ। ସଠିକ୍ ସମୟରେ ଟ୍ୟୁମରର ଚିହ୍ନଟ ହୋଇ ନ ପାରିଲେ ଏହା ଲିମ୍ଫ ନୋଡ୍‌ସ ଯାଏଁ ବ୍ୟାପିପାରେ। ତେବେ ଚକ୍ଷୁ କର୍କଟର କାରଣ, ଲକ୍ଷଣ ଓ ପ୍ରତିକାର ବିଷୟରେ ଜାଣିବା।**

ବୟସ୍କ, ସମ୍ବେଦନଶୀଳ ତ୍ୱଚା, ବଂଶାନୁଗତ, ଅତି ବାଇଗଣୀ ରଶ୍ମୀ ସମ୍ପର୍କରେ ଅଧିକ ଆସିବା ଯୋଗୁଁ ଏହି ଚକ୍ଷୁ କର୍କଟ ହୋଇଥାଏ। ଚକ୍ଷୁ କର୍କଟ ଇଣ୍ଟ୍ରାଅକୁଲାର ମେଲାନୋମା, କଞ୍ଜକ୍ଟିଭାଲ ମେଲାନୋମା, ଅରବିଟାଲ କ୍ୟାନସ୍‌ର, ରେଟିନୋବ୍ଲାଷ୍ଟମା (ପିଲାଙ୍କଠାରେ), ଇଣ୍ଟ୍ରାଅକୁଲାର ଲିମ୍ଫୋମା (ବୟସ୍କ ଏବଂ ଦୁର୍ବଳ ରୋଗପ୍ରତିରୋଧକ ଶକ୍ତି ବ୍ୟକ୍ତିଙ୍କୁ ବିପଦ) ପ୍ରକାରର ରହିଛି। କର୍କଟ ଆଖିର ଡୋଳା, ପଲକ, ଚକ୍ଷୁର ଅନ୍ୟାନ୍ୟ ଅଂଶରେ ହୋଇଥାଏ। ପ୍ରାରମ୍ଭିକ ଅବସ୍ଥାରୁ କିଛି ଲକ୍ଷଣ ଜଣାପଡ଼େ ନାହିଁ। ଚକ୍ଷୁ କର୍କଟକୁ ଆରମ୍ଭରୁ ଚିହ୍ନଟରେ ସମସ୍ୟା ହୁଏ। ଯାହାଫଳରେ ଏହା ଧୀରେ ଧୀରେ ଶରୀରର ଅନ୍ୟ ଅଙ୍ଗକୁ ବ୍ୟାପି ସମସ୍ୟା ସୃଷ୍ଟି କରେ।

**ଲକ୍ଷଣ:** ଆଖିକୁ ଝାପ୍‌ସା ଦିଶିବା, ଧୀରେ ଧୀରେ ଦୃଷ୍ଟିଶକ୍ତି ହ୍ରାସ ପାଇବା ଆଦି ଚକ୍ଷୁ କର୍କଟର ସଙ୍କେତ। ବିନା କାରଣରେ ଆଖି ଭିତରେ ପରିବର୍ତ୍ତନ, ଆଖି ବାହାରକୁ ବାହାରିବା ପରି ଦିଶିବା, କୁଣ୍ଡାଇ ହୋଇ ଜଳାପୋଡ଼ା ଏହି ରୋଗର ଲକ୍ଷଣ।

**ପ୍ରତିକାର:** ଏହି କର୍କଟ ଅଧିକ ବିପଜ୍ଜନକ। ଆଖିରେ ଅସ୍ୱାଭାବିକ ପରିବର୍ତ୍ତନ ଓ ଉପରୋକ୍ତ ଲକ୍ଷଣ ଦେଖିଲେ ଚକ୍ଷୁ ବିଶେଷଜ୍ଞଙ୍କ ପରାମର୍ଶରେ ଚକ୍ଷୁ ପରୀକ୍ଷା କରିବା ଆବଶ୍ୟକ। ଏହି କର୍କଟ ପାଇଁ ବିକିରଣ ଥେରାପି, ଲେଜର ଥେରାପି, ଇମ୍ୟୁନୋଥେରାପି, ଟାରଗେଟେଡ୍ ଥେରାପି, ଅସ୍ତ୍ରୋପଚାର ଆଦି ସୁବିଧା ରହିଛି। ସଠିକ୍ ସମୟରେ ରୋଗ ଚିହ୍ନଟ ଏବଂ ଚିକିତ୍ସା ଦ୍ୱାରା ଦୃଷ୍ଟିଶକ୍ତି ଏବଂ ଜୀବନ ଉଭୟ ବଞ୍ଚିପାରିବ।

# ଦିବ୍ୟାଙ୍ଗଙ୍କ ପାଇଁ ବରଦାନ ୱାଇଡି ୱାନ୍



ରୋଗାଗ୍ରସ୍ତ ବ୍ୟକ୍ତି, ବୟସ୍କ କିମ୍ବା ଆଘାତ ଲାଗି ଚାଲିବାକୁ ଅସମର୍ଥ ଲୋକ ହ୍ୱିଲ୍‌ଚେୟାର ବ୍ୟବହାର କରିଥାନ୍ତି। ଦିବ୍ୟାଙ୍ଗଙ୍କ ପାଇଁ ହ୍ୱିଲ୍‌ଚେୟାର ସାହାରା ସଦୃଶ ହୋଇଥାଏ। ଏହି କ୍ରମରେ ଏବେ ଆଇଆଇଟି ମାଡ୍ରାସ ସବୁଠୁ ହାଲୁକା ଓ ସକ୍ରିୟ ହ୍ୱିଲଚେୟାର ବିକଶିତ କରିଛନ୍ତି। ଏହାର ନାଁ ହେଉଛି 'ୱାଇଡି ୱାନ୍'। ଓଜନ ମାତ୍ର ୯ କିଲୋ। ଏହାକୁ ପରିଚାଳନା କରିବା ସହଜ। ଏହାକୁ କାର୍, ଅଟୋ, ସାଧାରଣ ଯାନବାହନରେ ଗୋଟିଏ ସ୍ଥାନରୁ ଅନ୍ୟ ସ୍ଥାନକୁ ସହଜରେ ନେଇ ହେବ। ବ୍ୟବହାରକାରୀଙ୍କ ଶରୀର, ଅଙ୍ଗଭଙ୍ଗୀ ଏବଂ ଗତିଶୀଳତାର ଆବଶ୍ୟକ ଅନୁଯାୟୀ ଏହାକୁ କଷ୍ଟମାଇଜ୍ କରାଯାଇଛି। ଏହା ୧୨୦ କେଜି ଭାର ଉଠାଇ ପାରିବ। ଏହା ମୋନୋ ଟ୍ୟୁବ୍ ରିଜିଡ ଡିଜାଇନ୍ ଫ୍ରେମ୍ ହ୍ୱିଲଚେୟାର। ଏୟରୋସ୍ପେସ-ଗ୍ରେଡ ସାମଗ୍ରୀରୁ ବନାଯାଇଛି। ଏହି ହ୍ୱିଲଚେୟାରଟି ସ୍ୱତନ୍ତ୍ରତା, ଆତ୍ମ-ସମ୍ମାନ ଏବଂ ସାମାଜିକ ଭାଗୀଦାରିର ପ୍ରତୀକ ହୋଇଥାଏ। ଆଇଆଇଟି ମାଡ୍ରାସର ନିର୍ଦ୍ଦେଶକ ପ୍ରଫେସର ବି କମକୋଟି ଏହି ନୂତନ ଚେୟାରଟି ଦୁର୍ବଳ, ଅସୁସ୍ଥ, ଦିବ୍ୟାଙ୍ଗଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବ ବୋଲି ମତ ରଖିଛନ୍ତି। ଏହି ହ୍ୱିଲ୍‌ଚେୟାରକୁ ତାଙ୍କର ଟିମ୍ ଏବଂ ଆଇଆଇଟି ମାଡ୍ରାସ- ଇନ୍‌କ୍ୟୁବେଟେଡ୍ ଷ୍ଟାର୍ଟଅପ୍ ଥ୍ରଭ୍ ମୋବିଲିଟି ସହଯୋଗରେ ପ୍ରସ୍ତୁତ କରାଯାଇଛି।

# ସ୍ୱାସ୍ଥ୍ୟକୁ ପ୍ରଭାବିତ କରିପାରେ ଅଦା



**ଅଦା ସ୍ୱାସ୍ଥ୍ୟ ପାଇଁ ଲାଭଦାୟକ। ଏଥିରେ ଆଣ୍ଟିଅକ୍ସିଡାଣ୍ଟ, ଭିଟାମିନ୍-ସି, ବି୬ ଆଦି ରହିଛି। ଅଦାରେ ଥିବା ଔଷଧୀୟ ଗୁଣ ଥଣ୍ଡା, କାଶ, ପେଟଜନିତ ସମସ୍ୟା ଦୂର କରେ। ଓଜନ ହ୍ରାସ, ରକ୍ତଚାପ ନିୟନ୍ତ୍ରଣ, ମୁଣ୍ଡବିନ୍ଧା ପାଇଁ ମଧ୍ୟ ଅଦା ହିତକର। ହେଲେ ଅଦାକୁ ସଠିକ୍ ମାତ୍ରାରେ ବ୍ୟବହାର କରା ନ ଗଲେ, ସ୍ୱାସ୍ଥ୍ୟ ପ୍ରଭାବିତ ହୋଇପାରେ।**

**ଅଦାକୁ ଅଧିକ ଫୁଟାନ୍ତୁନି:** ଅଦା ଖଣ୍ଡକୁ ଉଷୁମ ପାଣିରେ ଫୁଟାଇ ପିଇଲେ ଚର୍ବି ହ୍ରାସ ହୁଏ। ହେଲେ ଅଦାକୁ ଅଧିକ ସମୟ ଫୁଟାଇବା ଅନୁଚିତ। ଏହାଦ୍ୱାରା ଅଦାର ପୋଷକତତ୍ତ୍ୱ ହ୍ରାସ ପାଏ। ଏହା ପାଚନତନ୍ତ୍ର ଉପରେ କୁପ୍ରଭାବ ପକାଏ। ଛାତି ଜଳାପୋଡ଼ା, ପେଟ ଗ୍ୟାସ୍ ହେବା ସହ ପେଟ ଯନ୍ତ୍ରଣା ମଧ୍ୟ ହୋଇପାରେ।

**ସଠିକ୍ ମାତ୍ରା ବ୍ୟବହାର:** କାଶ, ଥଣ୍ଡା ଆଦି ପାଇଁ ଦିନକୁ ମାତ୍ର ୨ ଗ୍ରାମ୍ ଅଦା ସେବନ ଜରୁରି। ଅଧିକ ମାତ୍ରାର ଅଦା ଖାଇଲେ ରକ୍ତ ପତଳା ହୋଇପାରେ। ରକ୍ତଚାପ, ଗ୍ଲୁକୋଜ୍ କମିଯାଇ ପାରେ। ତେଣୁ ଚିକିତ୍ସକଙ୍କ ପରାମର୍ଶରେ ଅଦା ସେବନ କରିବା ନିହାତି ଜରୁରି।

ଅଦାକୁ ଦୁଗ୍ଧ, ଦହି କିମ୍ବା ଦୁଗ୍ଧଜାତୀୟ ଉତ୍ପାଦ ସହିତ ମିଶାଇ ଖାଇବା ଅନୁଚିତ। ଅଦାକୁ ଖାଇବା ପରେ କିମ୍ବା ଖାଇବା ସହିତ ଅଳ୍ପ ଲୁଣ ମିଶାଇ ଚୋବାଇ ଖାଇଲେ ହଜମଶକ୍ତି ସକ୍ରିୟ ରୁହେ। ଅଦାର ପୋଷକତତ୍ତ୍ୱ ଶରୀରକୁ ଭଲ କାମ ଦିଏ।

### ସୁଲତାନ ଆଜଲାନ ଶାହ କପ୍ ହକି

## ଭାରତର ତୃତୀୟ ବିଜୟ

ଇପୋ,୨୭।୧୧(ଏଜେନ୍ସି): ନ୍ୟୁଜିଲାଣ୍ଡକୁ ୩-୨ ଗୋଲରେ ପରାସ୍ତ କରି ଭାରତ ଏଠାରେ ଚାଲିଥିବା ସୁଲତାନ ଆଜଲାନ ଶାହ କପ୍ ହକି ପ୍ରତିଯୋଗିତାରେ ତୃତୀୟ ବିଜୟ ହାସଲ କରିଛି। ଏହି ବିଜୟ ଫଳରେ ଭାରତ ୪ର୍ଥ ମ୍ୟାଚ୍‌ରୁ ତୃତୀୟ ବିଜୟ ସହ ୯ ପଏଣ୍ଟ ସଂଗ୍ରହ କରି ପ୍ରଥମ ବେଲଜିୟମ ପଛକୁ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛି। କାନାଡା ସହ ଦଳ ଶେଷ ଲିଗ୍ ମ୍ୟାଚ୍ ଖେଳିବ। ଆସନ୍ତାକାଲିର ସମସ୍ତ ୩ଟି ଯାକ ଲିଗ୍ ମ୍ୟାଚ୍ ଶେଷ ହେବା ପରେ କେଉଁ ଦୁଇ ଦଳ ଫାଇନାଲକୁ ଉନ୍ନୀତ ହେବେ ତାହା ଜଣାପଡ଼ିବ। କିନ୍ତୁ ନ୍ୟୁଜିଲାଣ୍ଡ ବିପକ୍ଷରେ ଭାରତ ବିଜୟୀ ହେବା ପରେ ଫାଇନାଲ ଖେଳିବା ରାସ୍ତା ଏକପ୍ରକାର ପରିଷ୍କାର ହୋଇଯାଇଛି। ଭାରତ ପକ୍ଷରୁ ଅମିତ ରୋହିଦାସ, ଅଧିନାୟକ ସଞ୍ଜୟ ଓ ସେଲଭାମ କାର୍ତ୍ତି ଗୋଟିଏ ଲେଖାଏଁ ଗୋଲ ଦେଇଥିଲେ। ନ୍ୟୁଜିଲାଣ୍ଡର ଜର୍ଜ ବାକର ୨ଟି ଯାକ ଗୋଲ ଶୁଝାଇଥିଲେ। ଆଜିର ଅନ୍ୟ ମ୍ୟାଚ୍‌ରେ କାନାଡା ୩-୨ ଗୋଲରେ ଦକ୍ଷିଣ କୋରିଆକୁ ଓ ବେଲଜିୟମ ୯-୧ ଗୋଲରେ ମାଲେସିଆକୁ ପରାସ୍ତ କରିଛି। ବେଲଜିୟମ, ଭାରତ, ମାଲେସିଆ ଓ କାନାଡା ପ୍ରଥମ ୪ଟି ସ୍ଥାନରେ ରହିଛନ୍ତି।

## କେଆଇୟୁଜିରେ ଓଡ଼ିଶାକୁ ୪ ପଦକ

ଭୁବନେଶ୍ୱର, ୨୭।୧୧ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା(କେଆଇୟୁଜି)ର ୪ର୍ଥ ଦିବସରେ ଗୁରୁବାର ଓଡ଼ିଶା ମୋଟ୍ ୪ଟି ପଦକ ମିଳିଛି। ଯେଉଁଥିରେ ଉତ୍କଳ ବିଶ୍ୱବିଦ୍ୟାଳୟର ଛାତ୍ରୀ ପ୍ରତ୍ୟାଶା ରାୟ ମହିଳା ସନ୍ତରଣ ୨୦୦ ମିଟର ଫ୍ରିଷ୍ଟାଇଲରେ ରୌପ୍ୟ ବିଜୟୀ ହୋଇଛନ୍ତି। ପ୍ରତିଯୋଗିତାରେ ପ୍ରତ୍ୟାଶାଙ୍କ ଏହା ୪ର୍ଥ ପଦକ। ଅପରପକ୍ଷରେ କିଟ୍ ବିଶ୍ୱବିଦ୍ୟାଳୟର କ୍ରୀଡ଼ାବିତ୍ ଗୁରୁବାର ସନ୍ତରଣରେ ୩ଟି କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ ମହିଳା ୨୦୦ ମିଟର ବଟରଫ୍ଲାଏରେ, ନୀଳବଜା ଘୋଷ ୧୦୦ ମିଟର ବଟରଫ୍ଲାଏରେ ଏବଂ ୪ ଗୁଣା ୧୦୦ ମିଟର ମିଡଲେ ରିଲେରେ କିଟ୍ ଦଳ ଏହି ପଦକ ଜିତିଥିଲେ।

### ମହିଳା ପ୍ରିମିୟର ଲିଗ୍ ମେଗା ନିଲାମ

# ୩.୨ କୋଟିରେ ଦୀପ୍ତି ସବୁଠୁ ଦାମୀ

ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):

ବିସିସିଆଇ ପକ୍ଷରୁ ମହିଳା ପ୍ରିମିୟର ଲିଗ୍‌ର ପ୍ରଥମ ମେଗା ନିଲାମ ଆଜି ଏଠାରେ ଆରମ୍ଭ ହୋଇଛି। ଦୁଇଦିନ ଧରି ହେବାକୁ ଥିବା ଏହି ଅକ୍ସନର ପ୍ରଥମ ଦିନରେ ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ଭାରତର ତାରକା ଅଲରାଉଣ୍ଡର ଦୀପ୍ତି ଶର୍ମା ସବୁଠୁ ଦାମି ଖେଳାଳି ବିବେଚିତ ହୋଇଛନ୍ତି। ୟୁପି ୱାରିୟର୍ଜ ତାଙ୍କୁ ୩.୨ କୋଟି ଟଙ୍କାରେ କିଣିଛି। ଦୀପ୍ତିଙ୍କ ବ୍ୟତୀତ ନ୍ୟୁଜିଲାଣ୍ଡର ଆମେଲିଆ କେରଙ୍କୁ ୩ କୋଟି ଟଙ୍କାରେ କିଣିଛି ମୁମ୍ବଇ ଇଣ୍ଡିଆନ୍ସ। ନ୍ୟୁଜିଲାଣ୍ଡର ଅନ୍ୟତମ ଖେଳାଳି ସୋଫି ଡିଭାଇନ୍‌ଙ୍କୁ ଗୁଜରାଟ ଜାଏଣ୍ଟସ ୨ କୋଟି ଓ ଅଷ୍ଟ୍ରେଲିଆର ମେଗ୍ ଲାନିଙ୍ଗ୍‌ଙ୍କୁ ୟୁପି ୱାରିୟର୍ଜ ୧.୯ କୋଟି ଟଙ୍କାରେ କିଣିଛି। ଏହି ୪ ଖେଳାଳିଙ୍କ ବେସ୍ ପ୍ରାଇସ୍ ୫୦ ଲକ୍ଷ ଟଙ୍କା ରହିଥିଲା। ଫ୍ରାଞ୍ଚାଇଜ୍‌ଗୁଡିକ ଯେଉଁ ଖେଳାଳିଙ୍କୁ ରିଟେନ କରିଛି, ସେମାନଙ୍କ ଦାମ୍ ପ୍ରକାଶ ପାଇନାହିଁ। ହରମନପ୍ରୀତ୍ କୌର ଓ ସ୍ମୃତି ମନ୍ଧାନାଙ୍କ ପରି ଖେଳାଳି କୋଟିପତି ତାଲିକାରେ ରହିଛନ୍ତି।

ଦିଲ୍ଲୀ କ୍ୟାପିଟାଲ୍ସ ୧.୩ କୋଟି ଲେଖାଏଁ ଟଙ୍କାରେ ଦକ୍ଷିଣ ଆଫ୍ରିକାର ଚିନେଲେ ହେନରୀ ଓ ଭାରତର ସ୍ପିନର ଶ୍ରୀଚରଣିଙ୍କୁ ଦଳରେ ସାମିଲ କରିଛି। ଅଷ୍ଟ୍ରେଲିଆର ଫୋଏବି ଲିଚ୍‌ଫିଲ୍ଡଙ୍କୁ ୧.୨ କୋଟି ଓ ଆଶା ଶୋଭନାଙ୍କୁ ୧.୧ କୋଟି ଟଙ୍କାରେ ୟୁପି ୱାରିୟର୍ଜ, ଦକ୍ଷିଣ ଆଫ୍ରିକାର ଲୌରା ୱଲଭାର୍ଟଙ୍କ ୧.୧ କୋଟି ଟଙ୍କାରେ ଦିଲ୍ଲୀ କ୍ୟାପିଟାଲ୍ସ, ଇଂଲଣ୍ଡର ଫାଷ୍ଟ ବୋଲର ଲୌରେନ ବେଲ୍‌ଙ୍କୁ ୯୦ ଲକ୍ଷ ଟଙ୍କାରେ ଆର୍‌ସିବି କିଣିଛି। କିନ୍ତୁ ପ୍ରଥମ ଦିନରେ ଅଷ୍ଟ୍ରେଲିଆ ଅଧିନାୟିକା ଆଲିସା ହିଲୀଙ୍କୁ କେହି କିଣି ନାହାନ୍ତି। ସୋଫି ଇକ୍ଲେଷ୍ଟନଙ୍କୁ ୮୫ ଲକ୍ଷ ଟଙ୍କାରେ ୟୁପି, ଭାରତୀ ଫୁଲମାଲିଙ୍କୁ ୭୦ ଲକ୍ଷ ଟଙ୍କାରେ ଗୁଜରାଟ, ଦ. ଆଫ୍ରିକାର ନାଦିନ ଡି କ୍ଲର୍କ ଓ ଭାରତର ରାଧା ଯାଦବଙ୍କୁ ୬୫ ଲକ୍ଷ ଲେଖାଏଁ ଟଙ୍କାରେ ଆର୍‌ସିବି, ରେଣୁକା ସିଂ ଠାକୁରଙ୍କୁ ଗୁଜରାଟ, ଜର୍ଜିଆ ଭୋଲଙ୍କୁ ଆର୍‌ସିବି, କିରଣ ନାଗଭିରେଙ୍କୁ ୟୁପି, ଦକ୍ଷିଣ ଆଫ୍ରିକାର ସବ୍‌ନିମ ଇସ୍‌ମାଏଲଙ୍କୁ ମୁମ୍ବଇ ୬୦ ଲକ୍ଷ ଲେଖାଏଁ ଟଙ୍କା ଦେଇ ଦଳରେ ସାମିଲ କରିଛି। ୫୦ ଲକ୍ଷ ଲେଖାଏଁ ଟଙ୍କାରେ ୩ଜଣ ଖେଳାଳି ଯଥା ସ୍ନେହ ରାଣାଙ୍କୁ ଦିଲ୍ଲୀ, ହର୍ଲିନ ଦେଓଲ ଓ କ୍ରାନ୍ତି ଗୌଡ଼ଙ୍କୁ ୟୁପି ଟିମ୍‌ରେ ସାମିଲ କରିଛି।




ମହିଳା ପ୍ରିମିୟର ଲିଗ୍‌ର ଚତୁର୍ଥ ସଂସ୍କରଣ ନଭି ମୁମ୍ବଇ ଓ ଭଦୋଦରାରେ ଆସନ୍ତାବର୍ଷ ଜାନୁଆରୀ ୯ରୁ ଆରମ୍ଭ ହୋଇ ଫେବୃଆରୀ ୭ରେ ଶେଷ ହେବ। ନଭି ମୁମ୍ବଇରେ ଉଦ୍‌ଘାଟନୀ ସହ ପ୍ରଥମ ପର୍ଯ୍ୟାୟ ଓ ଭଦୋଦରାରେ ଦ୍ୱିତୀୟ ପର୍ଯ୍ୟାୟ ସହ ଫାଇନାଲ ମୁକାବିଲା ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

## ୨୦୨୭ ବିଶ୍ୱକପ୍ ପର୍ଯ୍ୟନ୍ତ ଗମ୍ଭୀର କୋଚ୍

ମୁମ୍ବଇ, ୨୭।୧୧ (ଏଜେନ୍ସି): ଦକ୍ଷିଣ ଆଫ୍ରିକା ବିପକ୍ଷ ଟେଷ୍ଟ ସିରିଜକୁ ଲଜ୍ଜାଜନକ ଭାବେ ୨-୦ ହାରିବା ପରେ ଭାରତୀୟ କ୍ରିକେଟ୍ ଦଳର ମୁଖ୍ୟ କୋଚ୍ ଗୌତମ ଗମ୍ଭୀର ନିଶାଣକୁ ଆସିଯାଇଛନ୍ତି। ଗମ୍ଭୀରଙ୍କୁ ତୁରନ୍ତ କୋଚ୍ ପଦରୁ ହଟାଯାଉ ବୋଲି ସାମାଜିକ ଗଣମାଧ୍ୟମରେ ଦାବି ହୋଇଛି। ତେବେ ବିସିସିଆଇ ବର୍ତ୍ତମାନ ଗମ୍ଭୀରଙ୍କ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ନେବନି ବୋଲି ଜଣାପଡ଼ିଛି। ଆଗାମୀ ଦୁଇ ବର୍ଷ ମଧ୍ୟରେ ଦୁଇ ଦୁଇଟି ବିଶ୍ୱକପ୍ ମୁଣ୍ଡ ଉପରେ ରହିଛି। ତେଣୁ ଚୁକ୍ତି ଅନୁସାରେ ୨୦୨୭ ପର୍ଯ୍ୟନ୍ତ ଗମ୍ଭୀର ତାଙ୍କ ପଦ ବଜାୟ ରଖିବେ ବୋଲି ଜଣାପଡ଼ିଛି। ଏକ ଜାତୀୟ ଗଣମାଧ୍ୟମକୁ ନାମ ଗୋପନ ରଖିବା ସର୍ତ୍ତରେ ବିସିସିଆଇର ଜନୈକ ଅଧିକାରୀ କହିଛନ୍ତି, 'ଦଳ ବର୍ତ୍ତମାନ ଏକ ପରିବର୍ତ୍ତନ ପର୍ଯ୍ୟାୟରେ ରହିଛି। ତେଣୁ ବିସିସିଆଇ କୌଣସି ନିଷ୍ପତ୍ତି ତରତର ଭାବେ ନେବନାହିଁ। ମୁଖ୍ୟ ପ୍ରଶିକ୍ଷକ ଗମ୍ଭୀରଙ୍କ ଭବିଷ୍ୟତ ସମ୍ପର୍କ କୌଣସି ନିଷ୍ପତ୍ତି ନେବୁ ନାହିଁ। କାରଣ ବିଶ୍ୱକପ୍ ପାଖେଇ ଆସୁଛି ଏବଂ ତାଙ୍କ ଚୁକ୍ତି ୨୦୨୭ ବିଶ୍ୱକପ୍ ପର୍ଯ୍ୟନ୍ତ ରହିଛି। ବିସିସିଆଇ ଚୟନକର୍ତ୍ତା ଓ ଟିମ୍ ମ୍ୟାନେଜମେଣ୍ଟ ସହ ଆଲୋଚନା କରିବ, କିନ୍ତୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯିବନି।' ଏହି ବୟାନରୁ ଗମ୍ଭୀରଙ୍କ ପଦ ବର୍ତ୍ତମାନ ସୁରକ୍ଷିତ ରହିଥିବା ସ୍ପଷ୍ଟ ହୋଇଛି।

## ଧୋନିଙ୍କ ଘରେ ଡିନର୍ କଲେ କୋହଲି

ରାଞ୍ଚି, ୨୭।୧୧ (ଏଜେନ୍ସି): ଟେଷ୍ଟ ସିରିଜକୁ ହାରିବା ପରେ ଏବେ ଘରୋଇ ଭାରତୀୟ ଦଳ ଦକ୍ଷିଣ ଆଫ୍ରିକା ବିପକ୍ଷରେ ୩ ମ୍ୟାଚବିଶିଷ୍ଟ ଦିନିକିଆ ସିରିଜ ଖେଳିବ। ନଭେମ୍ବର ୩୦ରୁ ରାଞ୍ଚିରେ ସିରିଜର ପ୍ରଥମ ମ୍ୟାଚ୍ ଖେଳାଯିବ। ଏଥିଲାଗି ଭାରତୀୟ କ୍ରିକେଟ୍ ଦଳର ଦୁଇ ତାରକା ଖେଳାଳି ବିରାଟ କୋହଲି ଓ ରୋହିତ୍ ଶର୍ମା ଦୁଇ ଦିନ ହେବ ରାଞ୍ଚିରେ ପହଞ୍ଚି ସାରିଛନ୍ତି। ଏପରିକି ଗୁରୁବାର ଉଭୟ କୋହଲି ଓ ରୋହିତ ରାଞ୍ଚିର ଜେଏସ୍‌ସିଏ ଷ୍ଟାଡିୟମରେ ଜୋରଦାର ଅଭ୍ୟାସ କରିଛନ୍ତି। ଯେହେତୁ ମହେନ୍ଦ୍ର ସିଂ ଧୋନିଙ୍କ ଘରୋଇ ସହର ରାଞ୍ଚି ତେଣୁ କୋହଲି ଏହି ଅବସରରେ ନିଜ ପୂର୍ବତନ ଅଧିନାୟକଙ୍କ ଘରକୁ ଯିବାକୁ ଭୁଲି ନ ଥିଲେ। ଗୁରୁବାର ରାତିରେ ଧୋନିଙ୍କ ଘରେ ଡିନର୍ କରିଥିଲେ କୋହଲି। କଡ଼ା ସୁରକ୍ଷାବଳୟ ମଧ୍ୟରେ କୋହଲି ହୋଟେଲରୁ ଏକ କାର ଯୋଗେ ଧୋନିଙ୍କ ଘରକୁ ଯାଇଥିଲେ। କୋହଲିଙ୍କ ଝଲକ ଟିକେ ପାଇବାକୁ ରାସ୍ତାରେ କ୍ରିକେଟ୍‌ପ୍ରେମୀଙ୍କ ମଧ୍ୟରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା।

### ଉତ୍ତରପୂର୍ବ-ଅସ୍ମିତା ଭାରୋତ୍ତୋଳନ

## ୧ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୫ ପଦକ

ଭୁବନେଶ୍ୱର, ୨୭।୧୧ (ସମିସ): କୋଲକାତାରେ ଆଜି ଆରମ୍ଭ ହୋଇଛି ଉତ୍ତର-ପୂର୍ବାଞ୍ଚଳ ଅସ୍ମିତା ଭାରୋତ୍ତୋଳନ ଚାମ୍ପିଅନସିପ୍। ପ୍ରତିଯୋଗିତାର ପ୍ରଥମ ଦିନରେ ବନିତା ନାଏକ ୩ଟି ପଦକ ଜିତିଛନ୍ତି। ସେ ୪୮ କିଲୋଗ୍ରାମ୍ ଶ୍ରେଣୀରେ ଭାଗନେଇ ଯୁବବର୍ଗରେ ସ୍ୱର୍ଣ୍ଣ, କନିଷ୍ଠ ବର୍ଗରେ ରୌପ୍ୟ ଓ ବରିଷ୍ଠ ବର୍ଗରେ କାଂସ୍ୟ ପଦକ ହାସଲ କରିଛନ୍ତି। ମିନା ସିଂ ଉଭୟ କନିଷ୍ଠ ଓ ବରିଷ୍ଠ ବିଭାଗ ୫୩ କେଜିରେ ୨ଟି କାଂସ୍ୟ ପଦକ ହାସଲ କରିଛନ୍ତି। ଏହି ପ୍ରତିଯୋଗିତାରେ ୧୦୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରୁଛନ୍ତି।


ବନିତା ନାଏକ


ମିନା ସିଂ

ଉଭୟ ବନିତା ଓ ମିନା କଳିଙ୍ଗ ଷ୍ଟାଡିୟମ୍ ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ ପ୍ରଶିକ୍ଷଣ ନେଉଛନ୍ତି। ଏହି ସଫଳତା ଲାଗି ଉଭୟଙ୍କୁ ଓଡ଼ିଶା ଭାରୋତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁ ଓ ଅନ୍ୟ କର୍ମକର୍ତ୍ତାମାନେ ଅଭିନନ୍ଦନ ଜଣାଇଛନ୍ତି।

## ଦିବ୍ୟାଙ୍ଗ ହ୍ୱିଲ୍‌ଚେୟାର କ୍ରିକେଟ: ଓଡ଼ିଶା ଚାମ୍ପିଅନ

ଭୁବନେଶ୍ୱର, ୨୭।୧୧ (ସମିସ): ଗୁଜରାଟରେ ଖେଳାଯାଇଥିବା ପ୍ରଥମ ଦିବ୍ୟାଙ୍ଗ ହ୍ୱିଲଚେୟାର ଟି-୧୦ କ୍ରିକେଟ ଟୁର୍ଣ୍ଣାମେଣ୍ଟ। ଏହି ଟୁର୍ଣ୍ଣାମେଣ୍ଟର ଫାଇନାଲରେ ଆୟୋଜକ ଗୁଜରାଟକୁ ହରାଇ ଓଡ଼ିଶା ଦଳ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଖରାପ ହ୍ୱିଲଚେୟାର ସତ୍ତ୍ୱେ ଏହି ବିଭାଗରେ ବିତ୍ତ ଓ ଶକ୍ତିଶାଳୀ ଗୁଜରାଟକୁ ହରାଇ ଓଡ଼ିଶା ଚାମ୍ପିଅନ ହେବା ନିଶ୍ଚିତଭାବେ ଏକ ଉଲ୍ଲେଖନୀୟ ପ୍ରଦର୍ଶନ ବୋଲି କନ୍ଧମାଳର ମାଧବ ବଡ଼ସେଠ କହିଛନ୍ତି। କଳାହାଣ୍ଡିର ସରୋଜକାନ୍ତ କୁମାର ଉପଅଧିନାୟକ ରହିଥିଲେ। ସୁରେଶ କୁମାର ନାଗଙ୍କ ତତ୍ତ୍ୱାବଧାନରେ ଏହି ଦଳ ଗୁଜରାଟ ଯାଇଥିଲା।




## ଆଇକନିକ୍ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ୩୦ରୁ




ଭୁବନେଶ୍ୱର, ୨୭।୧୧ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚଳିତ ମାସ ୩୦ ତାରିଖରୁ ଆଇକନିକ ଇଣ୍ଡିଆ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେବ। ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ଓ ଭାରତୀୟ ଗେଟ୍‌ବଲ ୟୁନିୟନ (ଆଇଜିୟୁ)ର ମିଳିତ ସହଯୋଗରେ ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୪୦୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିବେ। ଯେଉଁଥିରେ ଜାପାନ, ଥାଇଲାଣ୍ଡ, ଇଣ୍ଡୋନେସିଆ ଓ ତାଇୱାନର ୩୦ଜଣ ଖେଳାଳି ରହିଛନ୍ତି। ସେହିଭଳି ଆୟୋଜକ ଓଡ଼ିଶା ସମେତ ୧୮ ଟି ରାଜ୍ୟର ଖେଳାଳି ମଧ୍ୟ ଏହି ଦୁଇଦିନିଆ ପ୍ରତିଯୋଗିତାରେ ଭାଗନେବେ ବୋଲି ଆଇଜିୟୁ ତଥା ଆୟୋଜକ କମିଟିର ଦ୍ୱୀପାୟନ ପଟ୍ଟନାୟକ ଗୁରୁବାର ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏହି ଅବସରରେ ଟ୍ରଫି ଓ ଜର୍ସି ଉନ୍ମୋଚନ କରାଯାଇଥିଲା। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଆଇଏସ୍‌ଏଫ୍‌ର ଡିରେକ୍ଟର ସଞ୍ଜୟ ଚୌଧୁରୀ, ଚିଦାତମିକା ଖଟୁଆ, ଶେଖ ଅବଦୁଲ ସମିସ, ଆୟୋଜକ କମିଟିର ଅଧ୍ୟକ୍ଷ ତାରିଣୀ ପ୍ରସାଦ ମହାନ୍ତି, ଆଇଜିୟୁ ସଭାପତି ଉମାକାନ୍ତ ପାଣି ପ୍ରମୁଖ ଉପସ୍ଥିତ ରହିଥିଲେ।

## ଶୁଭଶ୍ରୀଙ୍କୁ ଡବଲ ସ୍ୱର୍ଣ୍ଣ

ଭୁବନେଶ୍ୱର,୨୭।୧୧(ସମିସ): ଅଡଶପୁରଠାରେ ଆଜି ଶେଷ ହୋଇଥିବା ଉତ୍କଳ ବିଶ୍ୱବିଦ୍ୟାଳୟ ଆନ୍ତଃବିଶ୍ୱବିଦ୍ୟାଳୟ ଆଥଲେଟିକ ମିଟ୍‌ରେ ଏକାମ୍ର କଲେଜ୍‌ରେ ଶୁଭଶ୍ରୀ ପରିଡ଼ା ଡବଲ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ସେ ମହିଳା ୧୦୦ ଓ ୪୦୦ ମିଟର ଦୌଡ଼ରେ ସ୍ୱର୍ଣ୍ଣ, ୨୦୦ ମିଟର ଦୌଡ଼ରେ ରୌପ୍ୟ ପଦକ ଜିତିଛନ୍ତି। ସେହିପରି କୃଷ୍ଣପ୍ରିୟା ବରିସାଲ ୧୦୦ ଓ ୨୦୦ ମିଟର ଦୌଡ଼ରେ କାଂସ୍ୟ ପଦକ ହାସଲ କରିଛନ୍ତି। ଖେଳ ଶିକ୍ଷକ ମନୋଜ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଉଭୟ ପ୍ରତିଯୋଗୀ ସଫଳ ହୋଇଛନ୍ତି।



## 'ସଟଲ୍'ରେ ୧ରୁ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ

ଭୁବନେଶ୍ୱର,୨୭।୧୧(ସମିସ):

ଆଇକନିକ୍ କଳିଙ୍ଗ ଷ୍ଟାଡିୟମ୍ 'ସଟଲ'ରେ ଡିସେମ୍ବର ୧ରୁ ୬ ତାରିଖ ଯାଏ ୧୫ ଓ ୧୭ ବର୍ଷରୁ କମ୍ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍ ଆୟୋଜିତ ହେବ। କ୍ରମାଗତ ୨ ବର୍ଷରେ କଳିଙ୍ଗ ୨ଟି ଜାତୀୟ ଚାମ୍ପିଅନସିପ୍ ଆୟୋଜନ କରିବାର ଅଧିକାର ପାଇଛି। ଏଥର ସବ୍‌ଜୁନିଅର ଚାମ୍ପିଅନସିପ୍‌ରେ ୩୨ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରୁ ରେକର୍ଡ ସଂଖ୍ୟକ ପ୍ରତିଯୋଗୀ ଅଂଶଗ୍ରହଣ କରିବାର ସୂଚନା ମିଳିଛି। ଏହା ମଧ୍ୟରୁ ବାଳିକା ବିଭାଗରେ ୨୫୬ ଓ ବାଳକ ବିଭାଗରେ ୩୨୪ ଜଣ ପ୍ରତିଯୋଗୀ ଭାଗ ନେବାର ସମ୍ଭାବନା ରହିଛି।

### ନଜରରେ ତନ୍‌ଭୀ ପତ୍ରୀ

ଓଡ଼ିଶାର ଜୁନିଅର ସୁପରଷ୍ଟାର ତନ୍‌ଭୀ ପତ୍ରୀଙ୍କୁ ଏହି ଟୁର୍ଣ୍ଣାମେଣ୍ଟର ବାଳିକା ବିଭାଗରେ ଫେବରାଇଟ୍ ବିବେଚନା କରାଯାଇଛି। ଉଭୟ ର୍‍ୟାଙ୍କିଙ୍ଗ ଓ ଫର୍ମକୁ ଦେଖିଲେ ବାଲେଶ୍ୱରର ଏହି ଖେଳାଳି ଜଣଙ୍କ ଉଭୟ ୧୫ ଓ ୧୭ ବର୍ଷରୁ କମ୍ ବିଭାଗରେ ଏକକ ଟାଇଟଲ ଜିତିବାର ଦୃଢ଼ ଦାବିଦାର ରହିଛନ୍ତି। ଗତ ୬ ମାସରେ ସେ ୬ଟି ଟୁର୍ଣ୍ଣାମେଣ୍ଟରେ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ୩୫ତମ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍‌ରେ ସେ ଉଭୟ ୧୩ ଓ ୧୫ ବର୍ଷରୁ କମ୍ ବିଭାଗରେ ଏକକ ଟାଇଟଲ ଜିତିଥିଲେ। ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେବା ପୂର୍ବରୁ କ୍ରୀଡ଼ାମନ୍ତ୍ରୀ ତାଙ୍କୁ ସମ୍ବର୍ଦ୍ଧିତ କରିବା ସହ ମନୋବଳ ବଢ଼ାଇବାକୁ ଉତ୍ସାହ ଦେଇଛନ୍ତି। ଆନ୍ଧ୍ରପ୍ରଦେଶର ପି. ରାମକ୍ରିଷ୍ଣା ଚିଫ୍ ରେଫରୀ ଭାବେ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବେ।



## ଓଡ଼ିଶା ମାଷ୍ଟର୍ସରେ ୨୨ ଦେଶ

ଡିସେମ୍ବର ୯ରୁ ୧୪ ତାରିଖଯାଏ କଟକର ଇଣ୍ଡୋର ଷ୍ଟାଡିୟମ୍‌ରେ ଖେଳାଯିବ ଓଡ଼ିଶା ମାଷ୍ଟର୍ସ ବିଡବ୍ଲ୍ୟୁଏଫ୍ ଟୁର ସୁପର ୧୦୦ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ। ବିଶ୍ୱ ଓ ଭାରତୀୟ ବ୍ୟାଡମିଣ୍ଟନ ସଂଘ ଦ୍ୱାରା ଅନୁମୋଦିତ ଏହି ଟୁର୍ଣ୍ଣାମେଣ୍ଟର ଚତୁର୍ଥ ସଂସ୍କରଣରେ ଏଥର ୨୨ଟି ଦେଶ ଅଂଶଗ୍ରହଣ କରିବେ। ବିଶ୍ୱ ବ୍ୟାଡ୍‌ମିଣ୍ଟନରେ ପ୍ରାଧାନ୍ୟ ବିସ୍ତାର କରିଥିବା ଏସୀୟ ଖେଳାଳିମାନେ ଏଥିରେ ଅଂଶଗ୍ରହଣ କରିବେ ବୋଲି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଓ ଆୟୋଜକ ଓଡ଼ିଶା ବ୍ୟାଡମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ ଏକ ସମ୍ବାଦିକ ସମ୍ମିଳନୀରେ ପ୍ରକାଶ କରିଛନ୍ତି। ଏହି ଟୁର୍ଣ୍ଣାମେଣ୍ଟ ଓଡ଼ିଶାକୁ ଅନ୍ତର୍ଜାତୀୟ ସ୍ତରରେ ପରିଚିତ କରାଇଥିବାରୁ ରାଜ୍ୟ ସଂଘ ଓ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟ ଏହାକୁ ସମ୍ମାନର ସହ ଆୟୋଜନ କରିବାକୁ ସମସ୍ତ ପ୍ରକାର ଯୋଜନା କରିଛନ୍ତି।







PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS